


ଆଜିର 'ସକାଳ' ସହ 'ସିନ୍ଦୂରା' ପଢ଼ନ୍ତୁ


RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

♦VOLUME- 43 ♦ISSUE-154 ♦SUNDAY ♦30 NOVEMBER 2025 ♦PAGE-12 ♦₹ 6.00 | BHUBANESWAR | ♦ବର୍ଷ-୪୩ ♦ସଂଖ୍ୟା-୧୫୪ ♦ରବିବାର ♦୩୦ ନଭେମ୍ବର ୨୦୨୫ ♦ପୃଷ୍ଠା-୧୨ ♦ଟ.୬.୦୦ (ସିନ୍ଦୂରା ସହ)


## ୬୨ ବର୍ଷରେ ବିବାହ କଲେ ଅଷ୍ଟ୍ରେଲିଆ ପ୍ରଧାନମନ୍ତ୍ରୀ



■ କାନବେରା, ୨୯ ।୧୧ (ଏଜେନ୍ସି): ଅଷ୍ଟ୍ରେଲିଆ ପ୍ରଧାନମନ୍ତ୍ରୀ ଆନ୍ଥୋନୀ ଆଲବାନିଜ ୬୨ ବର୍ଷ ବୟସରେ ବିବାହ କରିଛନ୍ତି । ଦାୟିତ୍ୱରେ ରହିଥିବା ବେଳେ ବିବାହ କରିବାରେ ସେ ହେଉଛନ୍ତି ପ୍ରଥମ ଅଷ୍ଟ୍ରେଲୀୟ ପ୍ରଧାନମନ୍ତ୍ରୀ । ସେ ଆଜି ତାଙ୍କର ୪୬ ବର୍ଷୀୟା ବାନ୍ଧବୀ ଜୋଡି ହେଡନଙ୍କୁ କାନବେରାସ୍ଥିତ ପ୍ରଧାନମନ୍ତ୍ରୀ କର୍ଯ୍ୟାଳୟରେ ବିବାହ କରିଛନ୍ତି । ଜୋଡି ଆର୍ଥ ବିଭାଗରେ କାର୍ଯ୍ୟ କରନ୍ତି । ୨୦୨୪ରେ ଦୁହିଁଙ୍କର ନିର୍ବନ୍ଧ ହୋଇଥିଲା । ଅଲବାନୀଜ ସାମାଜିକ ଗଣମାଧ୍ୟମରେ ଗୋଟିଏ ଶବ୍ଦ 'ମ୍ୟାରେଡ୍' ବୋଲି ଉଲ୍ଲେଖ କରି ସମସ୍ତଙ୍କୁ ବିବାହ ନେଇ ସୂଚିତ କରିଛନ୍ତି । ସୋମବାରରୁ ଶୁକ୍ରବାର ଦୁହେଁ ହନିମୁନରେ ଯିବେ । ସୂଚନାଯୋଗ୍ୟ ଯେ ୨୦୨୦ରେ ଦୁହେଁ ମେଲବୋର୍ଣ୍ଣରେ ଏକ ବ୍ୟବସାୟିକ ନୈଶ୍ୟ ଭୋଜିରେ ପରସ୍ପରକୁ ଭେଟିଥିଲେ । ଆଲବାନିଜ ଓ ହେଡନ ଦ୍ୱିତୀୟଥର ପାଇଁ ବିବାହ କରିଛନ୍ତି । ପୂର୍ବରୁ ଆଲବାନିଜ ୨୦୧୯ରେ ତାଙ୍କ ପୂର୍ବତନ ପତ୍ନୀ କାର୍ମେଲ ଟେବୁଟ୍‌ଙ୍କଠାରୁ ଛାଡ଼ପତ୍ର ନେଇଥିଲେ । ଦୁହେଁ ୧୯ ବର୍ଷ ଏକାଠି ରହିବା ପରେ ଅଲଗା ହୋଇଥିଲେ । ଉଭୟଙ୍କର ଜଣେ ପୁଅ ନାଥନ ଅଛନ୍ତି । ତେବେ ହେଡନଙ୍କ ପ୍ରଥମ ବିବାହ ଓ ବିଚ୍ଛେଦ ସମ୍ପର୍କରେ ଅଧିକ କିଛି ସୂଚନା ଦିଆଯାଇନାହିଁ । ଆଲବାନିଜ ୨୦୨୨ ମେ ୨୩ରେ ୩୧ତମ ପ୍ରଧାନମନ୍ତ୍ରୀ ଭାବେ ଦାୟିତ୍ୱ ଗ୍ରହଣ କରିଥିଲେ ।

## ଏୟାରବସ୍ 'ଏ-୩୨୦'କୁ ସୌର ବିକିରଣ ଭୟ



ବିଶ୍ୱବ୍ୟାପୀ ୬ ହଜାର ଉଡ଼ାଣ ବାତିଲ

■ ନୂଆଦିଲ୍ଲୀ, ୨୯।୧୧ (ଏଜେନ୍ସି): ବିମାନ ନିର୍ମାତା କମ୍ପାନୀ ଏୟାରବସ୍‌ର ବିମାନ ପ୍ରତି ବଡ଼ ବିପଦ ସୃଷ୍ଟି ହୋଇଛି । ଏହି କମ୍ପାନୀର ଏ୩୨୦ ସିରିଜ ବିମାନଗୁଡ଼ିକରେ ଯାନ୍ତ୍ରିକ ତ୍ରୁଟି ଦେଖାଯାଇଛି । ସୌର ବିକିରଣ ଯୋଗୁଁ ଏଭଳି ବିପଦ ଦେଖାଦେଇଛି । ଏହାକୁ ଦୃଷ୍ଟିରେ ରଖି ବିଶ୍ୱରେ ପ୍ରାୟ ୬ ହଜାର ଏ-୩୨୦ ବିମାନର ଉଡ଼ାଣକୁ ବାତିଲ କରିଦିଆଯାଇଛି । ଗତ ୫୫ ବର୍ଷ ମଧ୍ୟରେ ପ୍ରଥମ ଥର ପାଇଁ କମ୍ପାନୀ ଏତେ ବିମାନର ସେବାକୁ ବନ୍ଦ କରିଦେଇଛି । ସଫ୍ଟୱେର ଅପଗ୍ରେଡ କରି ଯାନ୍ତ୍ରିକ ତ୍ରୁଟି ସୁଧାରିବା ପାଇଁ ବିମାନଗୁଡ଼ିକୁ ପ୍ରତ୍ୟାହାର କରାଯାଇଛି । ଏହି ସମସ୍ୟା ପାଇଁ ସଫ୍ଟୱେର ଭର୍ସନ ଏଲ୧୦୪ର ଏଲାଭେଟର ଏଲେରନ କମ୍ପ୍ୟୁଟର (ଇଏଲଏସି ବି) ପ୍ରଭାବିତ ହୋଇଛି । ଏହା ଫ୍ଲାଇଟ କଣ୍ଟ୍ରୋଲ ଡାଟା ଖରାପ କରିପାରେ । ବିମାନର ଉଚ୍ଚତା, ଦିଗ ଏବଂ ନିୟନ୍ତ୍ରଣକୁ ନେଇ ଦେଉଥିବା ଗୁରୁତ୍ୱପୂର୍ଣ୍ଣ ସୂଚନା ଭୁଲ୍ ସାବ୍ୟସ୍ତ ହୋଇପାରେ । ତେବେ ଆଶ୍ଚର୍ଯ୍ୟର ବିଷୟ ଏହି କି ଯେ ଏୟାରବସ୍ ଉଡ଼ାଣ ବନ୍ଦ କରିବା ନେଇ ଶୁକ୍ରବାର ଘୋଷଣା କରିଥିଲା । ଏହି ସମୟରେ ୩୫୦ ଏୟାର ଲାଇନ୍ସର ପ୍ରାୟ ୩ ହଜାର ଏ-୩୨୦ ବିମାନ ଆକାଶରେ ଉଡ଼ୁଥିଲେ । ଏହି ସମସ୍ୟା ଯୋଗୁଁ ଭାରତ ସମେତ ସାରା ବିଶ୍ୱ ପ୍ରଭାବିତ ହୋଇଛି । ବିମାନ ▶ପୃଷ୍ଠା-୭

# 'ଦିତ୍ୱା' ତାଣ୍ଡବ

# ଶ୍ରୀଲଙ୍କାରେ ୧୫୩ ମୃତ

## ତାମିଲନାଡୁରେ ପ୍ରବଳ ବର୍ଷା, ବିମାନ ବାତିଲ

■ ଚେନ୍ନାଇ, ୨୯ ।୧୧ (ଏଜେନ୍ସି): ଶ୍ରୀଲଙ୍କାରେ ଧ୍ୱଂସର ତାଣ୍ଡବ ରଚିଛି ଘୂର୍ଣ୍ଣିବାତ୍ୟା 'ଦିତ୍ୱା' । ଏହି ବାତ୍ୟା କାରଣରୁ ପ୍ରବଳ ବର୍ଷା, ବନ୍ୟା ଓ ଭୂସ୍ଖଳନ ଫଳରେ ୧୫୩ ଜଣ ବ୍ୟକ୍ତି ପ୍ରାଣ ହରାଇଥିବା ବେଳେ ଅନ୍ୟ ୧୩୦ଜଣ ନିଖୋଜ ଅଛନ୍ତି । ଏବେ ଏହି ବାତ୍ୟା ଭାରତ ଆଡ଼କୁ ଦ୍ରୁତଗତିରେ ମାଡିଆସୁଛି । ବାତ୍ୟା ପ୍ରଭାବରେ ତାମିଲନାଡୁ, ଆନ୍ଧ୍ରପ୍ରଦେଶ ଓ ପୁଡୁଚେରୀର ଉପକୂଳବର୍ତ୍ତୀ ଅଞ୍ଚଳଗୁଡିକରେ ପ୍ରବଳ ବର୍ଷା ସହିତ ଜୋରରେ ପବନ ବହିବା ଆରମ୍ଭ ହୋଇଛି । ଏହା ଆହୁରି ଭୟଙ୍କର ରୂପ ନେବ ବୋଲି ଆଶଙ୍କା କରାଯାଉଛି । ତାମିଲନାଡୁରେ ରେଡ ଆଲର୍ଟ ଜାରି କରାଯାଇଛି ।

**ଶ୍ରୀଲଙ୍କାରେ ଫସି ରହିଛନ୍ତି ୩୦୦ରୁ ଊର୍ଦ୍ଧ୍ୱ ଭାରତୀୟ**

ତାମିଲନାଡୁରେ ପ୍ରବଳ ବର୍ଷା କାରଣରୁ ବନ୍ୟା ପରିସ୍ଥିତି ସୃଷ୍ଟି ହୋଇଛି । ପୁଡୁଚେରୀ ଓ ତାମିଲନାଡୁରେ ସମସ୍ତ ଶିକ୍ଷାନୁଷ୍ଠାନରେ ସୋମବାର ପର୍ଯ୍ୟନ୍ତ ଛୁଟି ଘୋଷଣା କରାଯାଇଛି । ବିଭିନ୍ନ ସ୍କୁଲ ଓ କଲେଜରେ ହେବାକୁ ଥିବା ପରୀକ୍ଷାକୁ ମଧ୍ୟ ବାତିଲ କରାଯାଇଛି । ବାତ୍ୟାର ପ୍ରକୋପ ଭୟଙ୍କର ହେଉଥିବାରୁ ୫୪ଟି ବିମାନର ଉଡାଣକୁ ବାତିଲ କରାଯାଇଛି । ଚେନ୍ନାଇରୁ ବିମାନ ଉଡ଼ାଣ ବାତିଲ ହେବା କାରଣରୁ କଲମ୍ବୋ ବିମାନ ବନ୍ଦରରେ ୩୦୦ ଭାରତୀୟ ଯାତ୍ରୀ ଗତ ତିନି ଦିନ ହେବ ଫସି ରହିଛନ୍ତି । ଏମାନେ ସମସ୍ତେ ଦୁବାଇରୁ କଲମ୍ବୋ ଦେଇ ଭାରତ ଆସିବାର କର୍ଯ୍ୟକ୍ରମ ଥିଲା । ନଭେମ୍ବର ୩୦ ଅର୍ଥାତ ରବିବାର ଏହି ବାତ୍ୟା 'ଦିତ୍ୱା' ତାମିଲନାଡୁ ଓ ପୁଡୁଚେରୀର ଉପକୂଳ ଅତିକ୍ରମ କରିବ । ଏହି କାରଣରୁ ରାଜ୍ୟରେ ଆହୁରି ପ୍ରବଳ ବର୍ଷା ହେବାର ସମ୍ଭାବନା ରହିଛି । ତାମିଲନାଡୁ ସମେତ ପୁଡୁଚେରୀ ଓ ଆନ୍ଧ୍ରରେ ବନ୍ୟା ଆସିବା ଆଶଙ୍କା କରାଯାଉଛି ।

ସେହିପରି ପାହାଡିଆ ଅଞ୍ଚଳରେ ଭୂସ୍ଖଳନ ହେବାର ସମ୍ଭାବନା ରହିଛି । ବାତ୍ୟାର ଭୟାବହତାକୁ ଦୃଷ୍ଟିରେ ରଖି ତାମିଲନାଡୁ ଉପକୂଳରେ ଥିବା ବିଭିନ୍ନ ସମ୍ବେଦନଶୀଳ ଉପକୂଳବର୍ତ୍ତୀ ଅଞ୍ଚଳରେ ନେସନାଲ ଡିଜାଷ୍ଟର ରେସପନ୍ସ ଫୋର୍ସ (ଏନ୍‌ଡିଆରଏଫ)ର ୧୪ଟି ଟିମ୍‌କୁ ନିୟୋଜିତ କରାଯାଇଛି ।



ଇତିମଧ୍ୟରେ ଶ୍ରୀଲଙ୍କାକୁ ସହାୟତା କରିବାକୁ ଭାରତ 'ଅପରେସନ ସାଗର ବନ୍ଧୁ' ଆରମ୍ଭ କରିଛି । ଭାରତୀୟ ବାୟୁସେନାର ବିମାନ ଆଇଏଲ୍-୭୬ ବିମାନ କଲମ୍ବୋରେ ପହଞ୍ଚିଛି । ଏନ୍‌ଡିଆରଏଫ୍‌ର ୮୦ ଜଣିଆ ଟିମ୍ ସହିତ ବିମାନ ଓ ସମୁଦ୍ର ମାର୍ଗ ଦେଇ ପାଖାପାଖି ୨୭ ଟନ୍ ରିଲିଫ୍ ସାମଗ୍ରୀ ଶ୍ରୀଲଙ୍କାରେ ପହଞ୍ଚିଛି ।

### ଅତିରିକ୍ତ ବଜେଟ୍‌କୁ ନେଇ ନବୀନଙ୍କ ପ୍ରତିକ୍ରିୟା

## ରାଜକୋଷୀୟ ନିଅଣ୍ଟ ଆଡ଼କୁ ବଢ଼ୁଛି ଓଡ଼ିଶା



■ ଭୁବନେଶ୍ୱର, ୨୯।୧୧ (ସମିସ): ବିଧାନସଭାରେ ମୁଖ୍ୟମନ୍ତ୍ରୀଙ୍କ ଦ୍ୱାରା ଉପସ୍ଥାପିତ ଅତିରିକ୍ତ ବଜେଟ ଦୂରଦୃଷ୍ଟିହୀନ ଏବଂ ଏହା ଓଡ଼ିଶାବାସୀଙ୍କ ଅନେକ ଆଶାକୁ ଧୂଳିସାତ୍ କରିଛି । ଏହା ଆମକୁ ରାଜକୋଷୀୟ ନିଅଣ୍ଟ ଆଡ଼କୁ ବଢ଼ାଉଛି ବୋଲି ବିରୋଧୀ ଦଳ ନେତା ତଥା ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ କହିଛନ୍ତି ।

ଶୁକ୍ରବାର ବିଧାନସଭାରେ ମୁଖ୍ୟମନ୍ତ୍ରୀଙ୍କ ଦ୍ୱାରା ଉପସ୍ଥାପିତ ଅତିରିକ୍ତ ବଜେଟ ଉପରେ ପ୍ରତିକ୍ରିୟା ରଖି ସାମାଜିକ ଗଣମାଧ୍ୟମ ଏକ୍ସରେ ନବୀନ ଉଲ୍ଲେଖ କରିଛନ୍ତି, ନୂତନ ବିଜେପି ସରକାରର ପ୍ରଥମ ପୂର୍ଣ୍ଣ ବର୍ଷରୁ ଆଶା କରାଯାଉଥିବା କୌଣସି ବଡ଼ ଭିତ୍ତିଭୂମି ଯୋଜନା କିମ୍ବା ନୂତନ ଦୂରଦୃଷ୍ଟି ଏଥିରେ ଦେଖିବାକୁ ମିଳିନାହିଁ । ପ୍ରଶାସନିକ ବ୍ୟୟ ସଙ୍କୁଚିତ ହେଉଛି । ଓଡ଼ିଶାର ସୁଧ ବୋଝ ବଢ଼ୁଛି । ବଜେଟରେ ପୂର୍ତ୍ତ ବିଭାଗର ୯୦୦ କୋଟି ଏବଂ କିଛି ସହରାଞ୍ଚଳ ଭିତ୍ତିଭୂମିକୁ ଛାଡ଼ିଦେଲେ ଆଉ କିଛି ବି ନାହିଁ ।

**ବଜେଟରେ ଦୂରଦୃଷ୍ଟି ନାହିଁ; ଓଡ଼ିଶାବାସୀଙ୍କ ଆଶାକୁ ଧୂଳିସାତ୍ କରୁଛି**

**ଅପାରଗତା ଲୁଚାଇବା ପାଇଁ ଅତିରିକ୍ତ ବଜେଟ ଆଣିଛନ୍ତି ସରକାର**

ହ୍ରାସ ପାଉଥିବା କେନ୍ଦ୍ରୀୟ ଅନୁଦାନ ଓ ନିଜସ୍ୱ ଅପାରଗତା ଲୁଚାଇବା ପାଇଁ ଏହି ଅତିରିକ୍ତ ବଜେଟ୍ ପ୍ରସ୍ତୁତ ହୋଇଛି । ରାଜ୍ୟବାସୀଙ୍କ ସ୍ୱାର୍ଥ ପାଇଁ ନୁହଁ; ବରଂ ସେମାନଙ୍କୁ ଭ୍ରମିତ କରିବାର ଏହା ଏକ ପ୍ରୟାସ ବୋଲି ନବୀନ କହିଛନ୍ତି ।



## ଗୁଣ୍ଡିଚା ମନ୍ଦିରରେ ପଶିଲା ଜେସିବି

**ପ୍ରଶ୍ନ ଉଠାଇଲେ ସାଧାରଣ ବୁଦ୍ଧିଜୀବୀ ଓ ଶ୍ରଦ୍ଧାଳୁ**

**ପରିକ୍ରମା ପ୍ରକଳ୍ପ ବେଳେ ଚିତ୍କାର କରୁଥିବା ବୁଦ୍ଧିଜୀବୀ ଗଲେ କୁଆଡ଼େ?**

■ ପୁରୀ, ୨୯।୧୧ (ସମିସ): ଡିସେମ୍ବର ୧ରୁ ଗୁଣ୍ଡିଚା ମନ୍ଦିର ଭକ୍ତଙ୍କ ପାଇଁ ଖୋଲାଯିବ ବୋଲି ପରିଚାଳନା କମିଟି ବୈଠକରେ ନିଆଯାଇଥିଲା ନିଷ୍ପତ୍ତି । ଏ ସମ୍ପର୍କରେ ଗଣମାଧ୍ୟମ ସମ୍ମୁଖରେ ପ୍ରତିକ୍ରିୟା ରଖିଥିଲେ ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଏବଂ ଜିଲ୍ଲାପାଳ । ହେଲେ ଭକ୍ତଙ୍କ ପାଇଁ ମନ୍ଦିର ଖୋଲାଯିବାକୁ ଅଚାନକ ସାମୟିକ ଭାବେ ସ୍ଥଗିତ ରଖାଯାଇଥିବା ମନ୍ଦିର ପ୍ରଶାସନ ପକ୍ଷରୁ ଶୁକ୍ରବାର ଘୋଷଣା କରାଯାଇଛି । କାରଣ କୁହାଯାଇଛି ଶ୍ରୀଗୁଣ୍ଡିଚା ମନ୍ଦିର ମରାମତି ତଥା ସଂରକ୍ଷଣ କାମ ପାଇଁ ଆହୁରି ଅଧିକ ସମୟ ଲାଗିବ । ମନ୍ଦିର ମଧ୍ୟରେ ଷ୍ଟିଲ୍ ବିମ୍ ଏବଂ ଖଣ୍ଡୋଲାଇଟ୍ ପଥର ଲଗାଇବା କାମ ବାକି ଅଛି । ପରିସର ଉଦ୍ୟାନଗୁଡ଼ିକ ଭକ୍ତଙ୍କ ସୁରକ୍ଷା ଦୃଷ୍ଟିରୁ ସଫେଇ ଏବଂ ଉନ୍ନତୀକରଣ କରାଯିବ । ଏଭଳି ସ୍ଥିତିରେ ଶନିବାର ଗୁଣ୍ଡିଚା ମନ୍ଦିର ଭିତରେ ମନ୍ଦିରର ସୁରକ୍ଷାକୁ ନେଇ ପ୍ରଶ୍ନ ଉଠିବା ଭଳି ଦୃଶ୍ୟ ଦେଖିବାକୁ ମିଳିଛି । ଅର୍ଥାତ୍ ମନ୍ଦିର ଭିତରେ ପଶି ▶ପୃଷ୍ଠା-୭

### ତୃତୀୟ ସୋଆ ସାହିତ୍ୟ ଉତ୍ସବ ଉଦ୍‌ଘାଟିତ

## ସଂସ୍କୃତିକୁ ଆମେ ପଛରେ ଛାଡ଼ି ଦେଇଛୁ: ଜାଭେଦ ଅଖତର୍



**ଜାଭେଦ ଅଖତରଙ୍କୁ ପ୍ରଥମ ସୋଆ ସାହିତ୍ୟ ସମ୍ମାନ**

■ ଭୁବନେଶ୍ୱର, ୨୯।୧୧ (ସମିସ): ଭାଷା, ସଂସ୍କୃତି, ପୁରାଣ, କବିତା ଏବଂ କଳା ଆମର ମହାନ ସଂସାଧନ । ଭାରତ ଯେତେବେଳେ ସ୍ୱାଧୀନତା ଲାଭ କଲା, ସେତେବେଳେ ଦେଶର ଗୋଟିଏ ଛୁଞ୍ଚି ମଧ୍ୟ ପ୍ରସ୍ତୁତ କରିବାର କ୍ଷମତା ନଥିଲା । କିନ୍ତୁ ବର୍ତ୍ତମାନ ଏହା ବିଶ୍ୱର ଅନ୍ୟତମ ଶିଳ୍ପ ସମୃଦ୍ଧ ରାଷ୍ଟ୍ର । ଏହି ସଫଳତା ଭିତରେ ଆମେ ଆମର କିଛି ବସ୍ତୁକୁ ବ୍ୟବହାରଯୋଗ୍ୟ ନୁହେଁ ବୋଲି ଭାବି ପ୍ଲାଟଫର୍ମରେ ଛାଡ଼ି ଦେଇ ଆସିଛୁ । ଆମେ ଭାବିବା ଆରମ୍ଭ କରିଦେଇଛୁ ଯେ ଆମେ ଆମ ସହ ସବୁ କିଛି ସାଙ୍ଗରେ ନେଇ ଚାଲିପାରିବୁ ନାହିଁ । ଏହା ମଧ୍ୟରୁ ଆମ ସଂସ୍କୃତି ▶ପୃଷ୍ଠା-୭

## ବିଧାନସଭାରେ ରାସନ କାର୍ଡ ଝଡ଼

### ଲୋକଙ୍କ ଖାଦ୍ୟ ସୁରକ୍ଷା ଅଧିକାରକୁ ଛଡ଼ାଇ ନେଉଛନ୍ତି ସରକାର: ବିରୋଧୀ

**ରାସନ କାର୍ଡ ସର୍ଭେ ପାଇଁ ଧାର୍ଯ୍ୟ ମାନଦଣ୍ଡ ଗ୍ରହଣୀୟ ନୁହେଁ: ବିଜେଡି**


**ଯୋଗ୍ୟ ହିତାଧିକାରୀଙ୍କ କାର୍ଡ କାଟିବା ଆମ ଉଦ୍ଦେଶ୍ୟ ନୁହେଁ: ମନ୍ତ୍ରୀ**

■ ଭୁବନେଶ୍ୱର, ୨୯।୧୧ (ସମିସ): କେୱାଇସି ଅପ୍‌ଡେଟ୍ ଆଳରେ ଲୋକଙ୍କ ରାସନ କାର୍ଡ କଟାଯିବା ନେଇ ବିଧାନସଭାରେ ଆଜି ମୁଲତବୀ ଆଲୋଚନାରେ ବିରୋଧୀ ସଦସ୍ୟମାନେ ସରକାରଙ୍କୁ ଘେରିଛନ୍ତି । ରାଜ୍ୟ ସରକାର ଲୋକଙ୍କ ଖାଦ୍ୟ ସୁରକ୍ଷା ଅଧିକାରକୁ ଛଡ଼ାଇ ନେଉଛନ୍ତି ବୋଲି ବିରୋଧୀ ଅଭିଯୋଗ କରିଛନ୍ତି ।

ମୁଲତବୀ ଆଲୋଚନାରେ ଭାଗ ନେଇ ବିଜୁ ଜନତା ଦଳର ସଦସ୍ୟମାନେ କହିଥିଲେ, ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଖାଦ୍ୟ ସୁରକ୍ଷା ଯୋଜନାରେ ଜଣେ ବି ଯୋଗ୍ୟ ହିତାଧିକାରୀ ଯେପରି ବାଦ୍ ନ ପଡ଼ିବେ, ସେନେଇ ନିର୍ଦ୍ଦେଶ ଦେଇଥିଲେ । ରାଜ୍ୟରେ ପୂର୍ବ ସରକାରଙ୍କ ପିଡିଏସ, ଧାନ ସଂଗ୍ରହ ପ୍ରକ୍ରିୟାକୁ କେନ୍ଦ୍ର ସରକାରଙ୍କଠାରୁ ଆରମ୍ଭ କରି ମିଳିତ ଜାତିସଂଘ ପର୍ଯ୍ୟନ୍ତ ପ୍ରଶଂସା କରିଥିଲା । ମାତ୍ର ଏବର ବିଜେପି ସରକାର ରାସନ କାର୍ଡ ନାମରେ ଆତଙ୍କ ସୃଷ୍ଟି କରୁଛନ୍ତି । ଗରିବ ଲୋକଙ୍କ ମନରେ କାର୍ଡ କଟିବା ନେଇ ଆତଙ୍କ ଖେଳିଯାଇଛି । ହିତାଧିକାରୀଙ୍କୁ ବାଦ୍ ଦେବା ପାଇଁ ସରକାର ଯେଉଁ ମାନଦଣ୍ଡ ନିର୍ଦ୍ଧାରଣ କରିଛନ୍ତି, ତାହା ଆଶ୍ଚର୍ଯ୍ୟଜନକ । ସରକାର ଲୋକଙ୍କ ଖାଦ୍ୟ ସୁରକ୍ଷା ଅଧିକାରକୁ ଛଡ଼ାଇ ନେବାକୁ ବସିଛନ୍ତି ବୋଲି ଅଭିଯୋଗ କରିଛନ୍ତି ବିରୋଧୀ । ଅପରପକ୍ଷେ ଶାସକ ଦଳର ବିଧାୟକମାନେ ପାଲଟା ▶ପୃଷ୍ଠା-୭

## ୬୮୦୧ ପଞ୍ଚାୟତରେ ପିଅନ ନିଯୁକ୍ତ ହେବେ

■ ଭୁବନେଶ୍ୱର, ୨୯ ।୧୧ (ସମିସ): ପ୍ରତି ପଞ୍ଚାୟତରେ ନିଯୁକ୍ତ ହେବେ ପିଅନ । ସରକାରୀ ଯୋଜନାର ସଫଳ ରୂପାୟନ କରିବାପାଇଁ ସରକାର ଏହି ନୂତନ ପଦ ସୃଷ୍ଟି କରିଛନ୍ତି । ପଞ୍ଚାୟତିରାଜ ଓ ପାନୀୟ ଜଳ ବିବାଗ ପକ୍ଷରୁ ପ୍ରକାଶିତ ବିଜ୍ଞପ୍ତିରେ କୁହାଯାଇଛି ଯେ, ପଞ୍ଚାୟତ ସ୍ତରରେ ସେମାନେ କାର୍ଯ୍ୟ କରିବେ । ମାସକୁ ୧୩,୧୬୦ ଟଙ୍କା ଲେଖାଏଁ ଦରମା ପ୍ରଦାନ କରାଯିବ । ସେମାନଙ୍କ ପ୍ରଦର୍ଶନକୁ ଭିତ୍ତି କରି ଦରମା କମ୍ ବା ବେଶି କରାଯାଇପାରେ । ସୂଚନାଯୋଗ୍ୟ, ରାଜ୍ୟରେ ମୋଟ୍ ୬୮୦୧ଟି ପଞ୍ଚାୟତ ଥିବାବେଳେ ନୂତନ ନିଯୁକ୍ତି ପାଇଁ ସମାନ ସଂଖ୍ୟକ ପଦ ସୃଷ୍ଟି ହେବ ।

## ପହିଲାରୁ ସଂସଦ, ଆଜି ସର୍ବଦଳୀୟ ବୈଠକ

ନୂଆଦିଲ୍ଲୀ, ୨୯।୧୧: ଆସନ୍ତା ଡିସେମ୍ବର ପହିଲା ତାରିଖରୁ ସଂସଦର ଶୀତକାଳୀନ ଅଧିବେଶନ ଆରମ୍ଭ ହେବାକୁ ଯାଉଛି। ଏହାପୂର୍ବରୁ ସର୍ବଦଳୀୟ ବୈଠକ ଡାକିଛନ୍ତି ସରକାର। ଆସନ୍ତାକାଲି ସବୁ ଦଳର ସଂସଦୀୟ ଦଳର ନେତାମାନଙ୍କ ବୈଠକ ହେବ ଏବଂ ସଂସଦୀୟ ବ୍ୟାପାର ମନ୍ତ୍ରୀ କିରଣ ରିଜିଜୁ ଏହି ବୈଠକରେ ଉପସ୍ଥିତ ରହିବେ। ଉଭୟ ଲୋକସଭା ଏବଂ ରାଜ୍ୟସଭାରେ କାର୍ଯ୍ୟ ପରିଚାଳନାରେ ସରକାରଙ୍କୁ ସହଯୋଗ କରିବା ଲାଗି ସେ ସମସ୍ତ ଦଳର ନେତାଙ୍କୁ ଅନୁରୋଧ କରିବେ ବୋଲି ଜଣାପଡ଼ିଛି। ୧୯ ତାରିଖ ପର୍ଯ୍ୟନ୍ତ ଚାଲିବାକୁ ଥିବା ଏହି ଅଧିବେଶନରେ ସରକାର ୧୦ଟି ଗୁରୁତ୍ୱପୂର୍ଣ୍ଣ ବିଲ୍ ଆଗତ କରିବାର କାର୍ଯ୍ୟକ୍ରମ ରହିଛି। ଏହା ଉପରେ ଆଲୋଚନା କରିବା ଲାଗି ସେ ସମସ୍ତ ଦଳର ନେତାଙ୍କୁ ଅନୁରୋଧ କରିଛନ୍ତି। ସେ ଆହୁରି କହିଛନ୍ତି ଯେ ସମସ୍ତ ପ୍ରସଙ୍ଗରେ ଆଲୋଚନା କରିବାକୁ ସରକାର ପ୍ରସ୍ତୁତ ଅଛନ୍ତି। ତେବେ ସ୍ୱତନ୍ତ୍ର ଭୋଟର ତାଲିକା ସଂଶୋଧନ ବା ଏସଆଇଆର୍ ଏବଂ ଦିଲ୍ଲୀ ପ୍ରଦୂଷଣ ପ୍ରସଙ୍ଗ ଉଠାଇ ବିରୋଧୀ ଦଳ ସଂସଦରେ ଅଚଳାବସ୍ଥା ସୃଷ୍ଟି କରିପାରନ୍ତି ବୋଲି କୁହାଯାଉଛି। ସରକାର 'ବନ୍ଦେ ମାତରମ' ପ୍ରସଙ୍ଗରେ ମଧ୍ୟ ଆଲୋଚନା କରିବାକୁ ଯୋଜନା କରିଛନ୍ତି ଏବଂ ଏହାକୁ ନେଇ ପରିସ୍ଥିତି ସରଗରମ ରହିବ ବୋଲି ସୂଚନା ମିଳିଛି। ସୂଚନାରଯୋଗ୍ୟ ଯେ ସରକାର ସଂସଦର ଏହି ଶୀତକାଳୀନ ଅଧିବେଶନକୁ ସଂକ୍ଷିପ୍ତ ସମୟ ପାଇଁ ଡାକିଥିବାରୁ ବିରୋଧୀ ଦଳ ଏହାର ସମାଲୋଚନା କରିଛନ୍ତି।

## ପଶ୍ଚିମବଙ୍ଗ: ବିରୋଧ ପରେ ୱାକଫ୍ ଆଇନ ଲାଗୁ

କୋଲକାତା, ୨୯।୧୧(ଏଜେନ୍ସି): ପଶ୍ଚିମବଙ୍ଗରେ ମମତା ବାନାର୍ଜୀ ସରକାର ୮ ମାସ ଧରି ବିରୋଧ କରିବା ପରେ ଶେଷରେ ୱାକଫ୍ ସଂଶୋଧାନ ଆଇନ ଲାଗୁ କରିବାକୁ ରାଜି ହୋଇଛନ୍ତି। ରାଜ୍ୟର ୮୦୬୩ ୱାକଫ ସମ୍ପତ୍ତିର ସୂଚନା ୨୦୨୫ ଡିସେମ୍ବର ସୁଦ୍ଧା କେନ୍ଦ୍ର ସରକାରଙ୍କ ୟୁଏମ୍ଆଇଡି ୱେବ୍ସାଇଟ୍‌ରେ ଅପଲୋଡ୍ କରିବାକୁ ରାଜ୍ୟ ସରକାର ସବୁ ଜିଲ୍ଲା ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଛନ୍ତି। ୱାକଫ ସଂଶୋଧନ ଆଇନ୍ ଚଳିତବର୍ଷ ଏପ୍ରିଲ ୪ରେ ସଂସଦର ଦୁଇଟି ଗୃହରେ ପାରିତ ହୋଇଥିଲା। ସେତେବେଳେ ଏହି ଆଇନ୍‌କୁ ଲାଗୁ କରିବି ନାହିଁ ବୋଲି ପଶ୍ଚିମବଙ୍ଗ ସରକାର କହିଥିଲେ। ମୁଖ୍ୟମନ୍ତ୍ରୀ ମମତା ବାନାର୍ଜୀ ଏପ୍ରିଲ ୮ରେ ଏକ ରାଲିରେ କହିଥିଲେ ଯେ, ଯେପର୍ଯ୍ୟନ୍ତ ମମତା ଦିଦି ଅଛି, ସେପର୍ଯ୍ୟନ୍ତ ରାଜ୍ୟରେ ମୁସ୍‌ଲିମ ସମ୍ପ୍ରଦାୟର ସମ୍ପତ୍ତିକୁ ରକ୍ଷା କରିବ। ଏଥିପାଇଁ ଆବଶ୍ୟକ ହେଲେ ଗୁଳି ଖାଇବାକୁ ପ୍ରସ୍ତୁତ ଅଛି। ଏକତାରୁ ମୋତେ ଅଲଗା କରାଯାଇପାରିବ ନାହିଁ। ପଶ୍ଚିମବଙ୍ଗରେ ଧର୍ମ ନାମରେ ଭାଗବଣ୍ଟା ହୋଇପାରିବ ନାହିଁ ବୋଲି ସେ କହିଥିଲେ। ଏହି ଆଇନ୍ ନେଇ କୋର୍ଟରେ ଚ୍ୟାଲେଞ୍ଜ କରାଯାଇଥିଲା। କିନ୍ତୁ ସୁପ୍ରିମକୋର୍ଟ ଏହି ଆଇନ୍ ଲାଗୁ ହେବା ନେଇ କୌଣସି ରୋକ ଲଗାଇ ନାହାନ୍ତି। ଫଳରେ ମମତା ଶେଷରେ ଏହି ନିୟମ ଲାଗୁ କରିବାକୁ ରାଜି ହେବାକୁ ବାଧ୍ୟ ହୋଇଛନ୍ତି ବୋଲି କୁହାଯାଇଛି।

## ମୁନୀରଙ୍କ ଶକ୍ତିବୃଦ୍ଧି ନେଇ ଚିନ୍ତା ପ୍ରକଟ କଲା ଜାତିସଂଘ

ନ୍ୟୁୟର୍କ, ୨୯।୧୧(ଏଜେନ୍ସି): ପାକିସ୍ତାନରେ ହୋଇଥିବା ସମ୍ବିଧାନ ସଂଶୋଧନ ଓ ସେନାଧ୍ୟକ୍ଷ ଆସିମ ମୁନୀରଙ୍କ ଶକ୍ତିବୃଦ୍ଧି ନେଇ ଜାତିସଂଘ ତରଫରୁ ଚିନ୍ତା ପ୍ରକଟ କରାଯାଇଛି। ପାକିସ୍ତାନରେ ହୋଇଥିବା ୨୭ତମ ସମ୍ବିଧାନ ସଂଶୋଧନ ନ୍ୟାପାଳିକା ତଥା କୋର୍ଟଙ୍କ କ୍ଷମତାକୁ ସଙ୍କୁଚିତ ଓ ଦୁର୍ବଳ କରିବ ବୋଲି ଜାତିସଂଘ ମାନିବକ ଅଧିକାର ଏଜେନ୍ସି (ୟୁଏନ୍‌ଏଚ୍ଆର) ହାଇ କମିଶନର ଭୋଲକର ଟର୍କ ସତର୍କ କରାଇଛନ୍ତି। ଏହି ସମ୍ବିଧାନିକ ପରିବର୍ତ୍ତନ ଅତ୍ୟାବଶକୀୟ ଆଇନ୍ ଓ ନିୟମକୁ ଆହୁରି ଦୁର୍ବଳ କରିବ। ଫଳରେ ପାକିସ୍ତାନରେ ଆଇନ ବ୍ୟବସ୍ଥା ପ୍ରଭାବିତ ହେବାର ଯଥେଷ୍ଟ ଆଶଙ୍କା ରହିଛି ବୋଲି ସେ କହିଛନ୍ତି। ନଭେମ୍ବର ୧୨ରେ ସେନାର ଶକ୍ତି ବୃଦ୍ଧି କରିବାକୁ ଓ ସୁପ୍ରିମକୋର୍ଟର କ୍ଷମତା କମ୍ କରିବାକୁ ୨୭ତମ ସମ୍ବିଧାନ ସଂଶୋଧନକୁ ସଂସଦରେ ଅନୁମୋଦନ କରାଯାଇଥିଲା। ଏହିକ୍ରମରେ ସମ୍ବିଧାନର ୪୮ତମ ଅନୁଚ୍ଛେଦରେ ପରିବର୍ତ୍ତନ କରାଯାଇଥିଲା। ଏହା ଦ୍ୱାରା କୋର୍ଟ ଓ ଆଇନ୍ ବ୍ୟବସ୍ଥା ଉପରେ ରାଜନୀତିର ପ୍ରଭାବ ବୃଦ୍ଧିପାଇବ। ସମ୍ବିଧାନ ସଂଶୋଧନ ନେଇ ପୁଣି ଥରେ ବିଚାର କରିବାକୁ ଟର୍କ ଅପିଲ କରିଛନ୍ତି। ଉଲ୍ଲେଖଥାଉ କି, ନଭେମ୍ବର ୨୭ରେ ମୁନୀର ଚିଫ୍ ଅଫ୍ ଡିଫେନ୍ସ ଷ୍ଟାଫ୍ ଭାବେ ଦାୟିତ୍ୱ ବହନ କରିଥିଲେ। ଏବେ ତାଙ୍କ ହାତରେ ପରମାଣୁ ଅସ୍ତ୍ର ରହିଛି।

## ତେଜସ୍ୱୀ ବିହାର ବିଧାନସଭା ବିରୋଧୀ ନେତା

ପାଟନା, ୨୯।୧୧(ଏଜେନ୍ସି): ରାଷ୍ଟ୍ରୀୟ ଜନତା ଦଳ (ଆରଜେଡି) ବିଧାୟକ ତେଜସ୍ୱୀ ଯାଦବ ବିହାର ବିଧାନସଭାରେ ବିରୋଧୀ ମେଣ୍ଟର ନେତା ନିର୍ବାଚିତ ହୋଇଛନ୍ତି। ଆରଜେଡି ଓ ମହାମେଣ୍ଟ ବିଧାୟକ ଦଳ ବୈଠକରେ ଏ ନେଇ ସର୍ବସମ୍ମତିକ୍ରମେ ନିଷ୍ପତ୍ତି ନିଆଯାଇଛି। ଆରଜେଡି, କଂଗ୍ରେସ ଓ ବାମଦଳଗୁଡ଼ିକର ବିଧାୟକମାନେ ତେଜସ୍ୱୀଙ୍କ ନାମକୁ ଅନୁମୋଦନ କରିଥିଲେ। ଗୃହରେ ସଭ୍ୟ ସଂଖ୍ୟା କମ୍ ହୋଇଥିଲେ ମଧ୍ୟ ଜନ କଲ୍ୟାଣ ଦୃଷ୍ଟିକୁ ଦୃଷ୍ଟିରେ ରଖି ଏକାଠି ହୋଇ ମେଣ୍ଟ ଦୃଢ଼ତାର ସହ ସ୍ୱର ଉତ୍ତୋଳନ କରିବ ବୋଲି ସମସ୍ତେ ଏକ ସ୍ୱରରେ ବୈଠକରେ କହିଥିଲେ। ଡିସେମ୍ବର ୧ରେ ବିଧାନସଭାବର ଅଧିବେଶନ ଆରମ୍ଭ ହେବ। ଏହାପୂର୍ବରୁ ତେଜସ୍ୱୀ ଯାଦବଙ୍କ ବାସଭବନରେ ମହାମେଣ୍ଟର ବୈଠକ ଅନୁଷ୍ଠିତ ହୋଇଥିଲା। ଏଥିରେ ଯୋଗ ଦେବାକୁ ତେଜସ୍ୱୀ ଶନିବାର ଦିଲ୍ଲୀରୁ ପାଟନା ପହଞ୍ଚିଥିଲେ। ବିଧାନ ସଭାବେ ଶାସକ ଏନ୍‌ଡିଏର ୨୦୨ ବିଧାୟକ ଥିବା ବେଳେ ବିରୋଧୀ ମେଣ୍ଟର ୩୫ ଜଣ ବିଧାୟକ ରହିଛନ୍ତି। ଏଥିରେ ଆରଜେଡିର ୨୫, କଂଗ୍ରେସର ୬ ଓ ବାମ ଦଳର ୪ ଜଣ ବିଧାୟକ ସାମିଲ ରହିଛନ୍ତି।

## ୨୫ ଲକ୍ଷ ଜଙ୍ଗଲୀ ବିଲେଇଙ୍କୁ ମାରିବ ନ୍ୟୁଜିଲାଣ୍ଡ



ନୂଆଦିଲ୍ଲୀ, ୨୯।୧୧(ଏଜେନ୍ସି): ନ୍ୟୁଜିଲାଣ୍ଡ ସରକାର ୨୦୫୦ ପର୍ଯ୍ୟନ୍ତ ଦେଶର ପାଖାପାଖି ୨୫ ଲକ୍ଷ ଜଙ୍ଗଲୀ ବିଲେଇଙ୍କୁ ମାରିବା ପାଇଁ ନିଷ୍ପତ୍ତି ନେଇଛନ୍ତି। ଅନ୍ୟ ଦୁର୍ବଳ ଜୀବ- ଜନ୍ତୁ ଓ ପକ୍ଷୀଙ୍କୁ ବଞ୍ଚାଇବା ପାଇଁ ଏହି ନିଷ୍ପତ୍ତି ନିଆଯାଇଛି ବୋଲି କୁହାଯାଇଛି। ବିଲେଇମାନେ ଏମାନଙ୍କର ଶିକାର କରୁଛନ୍ତି। ଏହି ଜଙ୍ଗଲୀ ବିଲେଇଗୁଡିକ ବେଶ୍ ଘାତକ ବୋଲି ନ୍ୟୁଜିଲାଣ୍ଡ ସଂରକ୍ଷଣ ମନ୍ତ୍ରୀ ତାମା ପୋଟାକା କହିଛନ୍ତି। ଏହି ବିଲେଇଗୁଡିକୁ ଏବେ 'ପ୍ରିଡେଟର ଫ୍ରି ୨୦୫୦' ପ୍ରୋଗ୍ରାମ୍‌ରେ ସାମିଲ କରାଯାଇଛି। ଏହି କାର୍ଯ୍ୟକ୍ରମ ୨୦୧୬ରେ ପକ୍ଷୀ, ବାଦୁଡି, ଝଟିପିଟି ଓ କିଡାଙ୍କୁ ପ୍ରତି ବିପଦ ସୃଷ୍ଟିକରୁଥିବା ଆକ୍ରମଣାତ୍ମକ ପ୍ରଜାତିକୁ ଶେଷ କରିବା ପାଇଁ ଆରମ୍ଭ କରାଯାଇଛି। ଏହି ଜଙ୍ଗଲୀ ବିଲେଇ ପୋଷା ବିଲେଇମାନଙ୍କଠାରୁ ସମ୍ପୂର୍ଣ୍ଣ ଭିନ୍ନ। ଏମାନେ ଶିକାର କରି ବଞ୍ଚି ରହିଥାନ୍ତି। ଏହି ବିଲେଇଗୁଡିକ ନ୍ୟୁଜିଲାଣ୍ଡର ଜଙ୍ଗଲ ଓ ଦୂର ଦୂରାନ୍ତ ସ୍ଥାନରେ ରହିଥାନ୍ତି। ଏମାନଙ୍କ ସଂଖ୍ୟା ଏବେ ୨୫ ଲକ୍ଷରୁ ଊର୍ଦ୍ଧ୍ୱ ବୋଲି ପୋଟାକା କହିଛନ୍ତି। ଏହି ବିଲେଇଗୁଡିକର ଲମ୍ବ ୧ ମିଟର ହୋଇଥିବା ବେଳେ ଓଜର ୭ କେଜି। ଏହି ବିଲେଇମାନଙ୍କ ଯୋଗୁଁ ବହୁ ଜୀବଜନ୍ତୁଙ୍କ ଅସ୍ତିତ୍ୱ ବିପଦରେ ପଡ଼ିଛି। ଷ୍ଟିୱାର୍ଟ ଦୀପରେ ରହୁଥିବା ଦକ୍ଷିଣୀ ଡୋଟେରେଲ ପକ୍ଷୀ ଏବେ ବିଲୁପ୍ତ ହେବାକୁ ବସିଲେଣି ବୋଲି ସେ କହିଛନ୍ତି। ପୁଣି ଏହି ବିଲେଇଙ୍କ କାରଣରୁ ଟୋକ୍ସୋପ୍ଲାସମୋସିସ୍ ଭଳି ରୋଗ ବ୍ୟାପୁଛି ଓ ଏହି କାରଣରୁ ଡଲଫିନ୍, ମଣିଷ ଓ ଅନ୍ୟ ଜୀବଜନ୍ତୁ ବିପଦରେ ପଡୁଛନ୍ତି।

## ଶାହିନ୍ ଫ୍ଲାଟ୍‌ରୁ ମିଳିଲା ୧୮.୫୦ ଲକ୍ଷ ଟଙ୍କା



ଫରିଦାବାଦ୍, ୨୯।୧୧(ଏଜେନ୍ସି): ଦିଲ୍ଲୀର ଲାଲ୍‌କିଲ୍ଲାରେ ହୋଇଥିବା ବୋମା ବିସ୍ଫୋରଣର ଯାଞ୍ଚ ନ୍ୟାସନାଲ ଇନଭେଷ୍ଟିଗେସନ ଏଜେନ୍ସି (ଏନ୍‌ଆଇଏ) କରୁଛି। ଏହି ମାମଲାରେ ଆତଙ୍କବାଦ ମଡ୍ୟୁଲ୍‌ରେ ସାମିଲ ଥିବା ମହିଳା ଡାକ୍ତର ଶାହିନ ସହିଦର ଫରିଦାବାଦ୍‌ସ୍ଥିତ ଅଲ- ଫଲାହ ବିଶ୍ୱବିଦ୍ୟାଳୟର ଫ୍ଲାଟ୍‌ରୁ ୧୮.୫୦ ଲକ୍ଷ ଟଙ୍କାସହ ସୁନାର ବିସ୍କୁଟ ଓ ଗହଣା ମିଳିଛି। ତାଙ୍କ ଆଲମାରୀରୁ ଆରବ ଦେଶରେ ମୁଦ୍ରା ମଧ୍ୟ ମିଳିଛି। ଗୁରୁବାର ରାତିରେ ଏନ୍‌ଆଇଏ ଶାହିନଙ୍କୁ ନେଇ ଅଲ-ଫଲହା ବିଶ୍ୱବିଦ୍ୟାଳୟ ପହଞ୍ଚିଥିଲା। ଟିମ ସେଠାରେ ଶାହିନର ଗତିବିଧିକୁ ନେଇ ଯାଞ୍ଚ କରିଥିଲେ। ବିଶ୍ୱବିଦ୍ୟାଳୟ ଭିତରେ ଶାହିନର ଫ୍ଲାଟ୍ ନଂ ୨୨ ଥିଲା ବୋଲି ଏନ୍‌ଆଇଏ ଜାଣିବାକୁ ପାଇଛି। ଏହି ଫ୍ଲାଟ୍‌ରେ ବହୁ ସମୟ ଧରି ରହୁଥିଲା। ଫ୍ଲାଟ୍‌ର ଆଲମାରୀ ଖୋଲିବା ପରେ ଭିତରେ ଏକ ସିକ୍ରେଟ ଲକର ମିଳିଥିଲା। ତାଙ୍କୁ ଖୋଲାଯାଇଥିଲା ଓ ସେଥିରେ ଏକ ପକେଟ ରଖାଯାଇଥିଲା ଓ ଏଥିରେ ୫୦୦ ଟଙ୍କିଆ ନୋଟ ଥିଲା। ଗଣିବା ପରେ ଏହା ୧୮.୫୦ ଲକ୍ଷ ଟଙ୍କା ବୋଲି ଜଣାପଡ଼ିଥିଲା। ଅଲମାରୀର ଦ୍ୱିତୀୟ ଲକରରୁ ସୁନାର ଦୁଇଟି ବିସ୍କୁଟ ଓ ୩୦୦ ଗ୍ରାମର ସୁନା ଗହଣା ମିଳିଥିଲା। ଏହି ଆଲମାରୀରେ ଆରବ ଦେଶର ମୁଦ୍ରା ମଧ୍ୟ ମିଳିଥିଲା। ଏଥିସହ ବିଶ୍ୱବିଦ୍ୟାଳୟର ଆଡମିଶନ ବ୍ଲକରୁ ଶାହିନର କିଛି କାଗଜପତ୍ରକୁ ମଧ୍ୟ ଏଜେନ୍ସି ଜବତ କରିଥିଲା। ଏଜେନ୍ସି ଶାହିନକୁ କେବିନ ଓ କ୍ଲାସରୁମ ନେଇ ପହଞ୍ଚିଥିଲା। ବିଶ୍ୱବିଦ୍ୟାଳୟର ଭାଇସ ଚାନ୍ସଲରଙ୍କ ନିକଟକୁ ମଧ୍ୟ ତାଙ୍କୁ ନିଆଯାଇଥିଲା। ଉଲ୍ଲେଖଥାଉ କି, ଲାଲକିଲ୍ଲା ବିସ୍ଫୋରଣରେ ଶାହିନ ସମେତ ୭ ଜଣ ଆତଙ୍କବାଦୀଙ୍କୁ ଗିରଫ କରାଯାଇଛି ଓ ଏମାନଙ୍କ ମଧ୍ୟରେ ୩ ଜଣ ଡାକ୍ତର ସାମିଲ ରହିଛନ୍ତି।

# ତୁଟୁନି କର୍ଣ୍ଣାଟକ ଅଡୁଆ



■ ଏକାଠି ଜଳଖିଆ କଲେ ସିଦ୍ଧରମେୟା-ଶିବକୁମାର
■ ଯୁଗ୍ମ ସାମ୍ବାଦିକ ସମ୍ମିଳନୀରେ ମତଭେଦ ନ ଥିବା କହିଲେ

ବେଙ୍ଗାଲୁରୁ, ୨୯।୧୧ (ଏଜେନ୍ସି): କର୍ଣ୍ଣାଟକରେ କଂଗ୍ରେସ ସରକାରକୁ ଅଢ଼େଇ ବର୍ଷ ପୂରଣ ହେବା ପରେ ମୁଖ୍ୟମନ୍ତ୍ରୀ ପଦକୁ ନେଇ ଆରମ୍ଭ ହୋଇଥିବା କଳି ତୁଟିବାର ନା ଧରୁନି। ମୁଖ୍ୟମନ୍ତ୍ରୀ ଚୌକିକୁ ନେଇ ଲାଗିଥିବା ଏହି ଟଣା ଓଟରା ଖୋଲାଖୋଲି ଭାବେ ସାମ୍ନାକୁ ଆସି ଯାଇଛି। ଜଣେ ମୁଖ୍ୟମନ୍ତ୍ରୀ ହେବାକୁ ଚାହୁଁଥିବାବେଳେ ଆଉ ଜଣେ ଚୌକି ନ ଛାଡ଼ିବାକୁ ଅଡ଼ି ବସିଛନ୍ତି। ଏହି ବିବାଦ ସାଇବର ସହରରୁ ରାଜଧାନୀ ଦିଲ୍ଲୀ ପର୍ଯ୍ୟନ୍ତ ପହଞ୍ଚି ଯାଇଛି। ମୁଖ୍ୟମନ୍ତ୍ରୀ ସିଦ୍ଧରମେୟା ଏବଂ ଉପ-ମୁଖ୍ୟମନ୍ତ୍ରୀ ଡିକେ ଶିବକୁମାରଙ୍କ ମଧ୍ୟରେ ପଦବୀ ବିବାଦ ଏତେ ବଢ଼ି ଯାଇଥିଲା ଯେ କଂଗ୍ରେସ ହାଇକମାଣ୍ଡଙ୍କୁ ହସ୍ତକ୍ଷେପ କରିବାକୁ ପଡ଼ିଛି। ଉଭୟ ଗୋଷ୍ଠୀର କର୍ମୀ ନିଜ ନିଜ ନେତାଙ୍କୁ ମୁଖ୍ୟମନ୍ତ୍ରୀ କରିବାକୁ ଦାବି କରନ୍ତି। ଅଢ଼େଇ ବର୍ଷ ପୂରଣ ହୋଇଥିବାରୁ ଗାଦି ଛାଡ଼ ବୋଲି ଡିକେଙ୍କ ସମର୍ଥକ ଦାବି କରିଛନ୍ତି। କିନ୍ତୁ ଏଭଳି କୌଣସି ଚୁକ୍ତି ହୋଇ ନ ଥିବା ସିଦ୍ଧରମେୟା ଗୋଷ୍ଠୀ ମତ ଦେଉଛନ୍ତି। ତେବେ ହାଇକମାଣ୍ଡଙ୍କ ନିର୍ଦ୍ଦେଶରେ ସିଦ୍ଧରମେୟା ନିଜ ସହଯୋଗୀ ତଥା କଂଗ୍ରେସ ଅଧ୍ୟକ୍ଷ ଡିକେ ଶିବକୁମାରଙ୍କୁ ଜଳଖିଆ ପାଇଁ ଡକାଇଛନ୍ତି। ଆଉ ଏହାକୁ ରକ୍ଷା କରି ଶନିବାର ସକାଳ ୧୦ଟା ୧୫ରେ ଡିକେ ତାଙ୍କ ବାସଭବନରେ ପହଞ୍ଚିଥିଲେ। ଏହି ଭେଟଘାଟକୁ କଂଗ୍ରେସରେ ଚାଲିଥିବା କ୍ଷମତା କଳିର ସମାଧାନ ଭାବେ ଦେଖାଯାଉଛି। ଉଭୟ ନେତା ପ୍ରାୟ ଏକ ଘଣ୍ଟା ପର୍ଯ୍ୟନ୍ତ ଜଳଖିଆ କରି ବିଭିନ୍ନ ପ୍ରସଙ୍ଗରେ ଆଲୋଚନା କରିଥିଲେ। ଏହା ମିଳିତ ସାମ୍ବାଦିକ ସମ୍ମିଳନୀ କରିଥିଲେ।

ସିଦ୍ଧରମେୟା କହିଥିଲେ ଯେ ଆମ ଭିତରେ କୌଣସି ମତଭେଦ ନାହିଁ ଏବଂ ଭବିଷ୍ୟତରେ ମଧ୍ୟ ହେବ ନାହିଁ। ଉଭୟେ ଏକାଠି କାମ କରିବୁ। ବିଜେପି ଏବଂ ଜେଡିଏସ ମିଥ୍ୟା ଅଭିଯୋଗ ଲଗାଇଥିବା କହିଥିଲେ। ଉଭୟ ଦଳ କଂଗ୍ରେସ ସାମ୍ନାରେ ତିଷ୍ଠି ପାରିବେ ନାହିଁ ବୋଲି ଉଲ୍ଲେଖ କରିଥିଲେ। ସେହିପରି ଡିକେ କହିଥିଲେ ଯେ ଜନତାଙ୍କ ସମର୍ଥନରେ ସରକାର ଗଢିଛୁ। ଯାହା ପ୍ରତିଶ୍ରୁତି ଦେଇଛୁ ତାହା କରିବା ପାଇଁ କାମ କରୁଛୁ। ହାଇକମାଣ୍ଡ ଯାହା କହିବେ ଆମେ ତାହା ପାଳନ କରିବୁ। କୌଣସି ଗୋଷ୍ଠୀ କନ୍ଦଳ ନାହିଁ। ମୁଁ ମୁଖ୍ୟମନ୍ତ୍ରୀଙ୍କ ସହ ରହିଛି। କର୍ଣ୍ଣାଟକରେ ବିକାଶକୁ ପ୍ରାଧାନ୍ୟ ଦେବୁ। ପୁଣି ଥରେ ୨୦୨୮ରେ ସରକାର ଗଠନ କରିବୁ।

ସୂଚନା ଅନୁଯାୟୀ ଏହି ବୈଠକରେ ୨୦୨୮ ରୁ ମୁଖ୍ୟମନ୍ତ୍ରୀ ହେବା ପାଇଁ ଡିକେଙ୍କୁ ଶିବକୁମାର କହିଥିଲେ। ଆଉ କିଛି ରିପୋର୍ଟରେ ମୁଖ୍ୟମନ୍ତ୍ରୀ ବଦଳାଇବା ମାମଲାକୁ ମାର୍ଚ୍ଚ-ଏପ୍ରିଲ ପର୍ଯ୍ୟନ୍ତ ଘୁଞ୍ଚାଇ ଦିଆଯାଇଥିବା କୁହାଯାଉଛି। ଏହା ପରେ ଶିବକୁମାର ସରକାରର ମୁଖ୍ୟ ହୋଇପାରନ୍ତି। ସହଜରେ କ୍ଷମତା ପରିବର୍ତ୍ତନ ପାଇଁ ଶିବକୁମାରଙ୍କୁ ଶାନ୍ତ ରହି ନିଜ କାମ କରିବାକୁ ହାଇକମାଣ୍ଡ ନିର୍ଦ୍ଦେଶ ଦେଇଛନ୍ତି।

## ବାଇଡେନଙ୍କ ୯୨% ନିର୍ଦ୍ଦେଶ ରଦ୍ଦ କଲେ ଟ୍ରମ୍ପ

ୱାଶିଂଟନ, ୨୯।୧୧ (ଏଜେନ୍ସି): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ପୁଣି ଏକ ଚକିତ କଲା ଭଳି ପଦକ୍ଷେପ ନେଇଛନ୍ତି। ପୂର୍ବତନ ରାଷ୍ଟ୍ରପତି ଜୋ ବାଇଡେନଙ୍କ କାର୍ଯ୍ୟକାଳରେ ଜାରି କରାଯାଇଥିବା ୯୨ ପ୍ରତିଶତ କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକୁ ଟ୍ରମ୍ପ ରଦ୍ଦ କରିଦେଇଛନ୍ତି। ସେ ନିଜ ସାମାଜିକ ଗଣମାଧ୍ୟମ ସାଇଟ୍ 'ଟ୍ରୁଥ୍ ସୋସିଆଲ'ରେ ଏହାର ସୂଚନା ଦେଇଛନ୍ତି। ଟ୍ରମ୍ପ ଏହି ନିର୍ଦ୍ଦେଶକୁ ନେଇ ବଡ଼ ଦାବି ମଧ୍ୟ କରିଛନ୍ତି। ସେ କହିଛନ୍ତି ଯେ ଏହି ସବୁ ନିର୍ଦ୍ଦେଶରେ ଅଟୋପେନ୍ ତଥା ମେସିନରେ ଦସ୍ତଖତ କରଯାଇଥିଲା। ଆମେରିକା ରାଷ୍ଟ୍ରପତି ସ୍ପଷ୍ଟ ନିର୍ଦ୍ଦେଶ ଦେଇଥିଲେ ଏହା ବୈଧ ହୋଇଥାଏ। ବାଇଡେନଙ୍କ ମଞ୍ଜୁରି ନ ନେଇ ଏପରି



■ ମେସିନରେ ଦସ୍ତଖତ ହୋଇଥିବା ଦାବି
■ ପୂର୍ବତନ ରାଷ୍ଟ୍ରପତିଙ୍କୁ ମଞ୍ଜୁର ନ ଥିବାରୁ ବେଆଇନ

କରାଯାଇଥିବାରୁ ତାହାକୁ ରଦ୍ଦ କରିଦିଆଯାଇଛି। କାରଣ ସେ ଅଟୋପେନ ପ୍ରକ୍ରିୟାରେ ସାମିଲ ନ ଥିଲେ। ଏହି ସବୁ ନିର୍ଦ୍ଦେଶକୁ ଆଉ କେବେ ବି କାର୍ଯ୍ୟକାରୀ କରାଯିବ ନାହିଁ।

ଟ୍ରମ୍ପଙ୍କ ଏହି ପଦକ୍ଷେପ ଦ୍ୱାରା ଅନେକ ଗୁରୁତ୍ୱପୂର୍ଣ୍ଣ ନିର୍ଦ୍ଦେଶ ପ୍ରଭାବିତ ହେବାର ସମ୍ଭାବନା ରହିଛି। ଏଥିରେ ସ୍ୱାସ୍ଥ୍ୟ ପରିବେଶ ଏବଂ ଆର୍ଟିଫିସିଆଲ ଇଣ୍ଟେଲିଜେନ୍ସ (ଏଆଇ) ସମ୍ବନ୍ଧିତ ନିୟମ ସାମିଲ ରହିଛି। ବାଇଡେନଙ୍କୁ ଟ୍ରମ୍ପ ନିଦ୍ରାଳୁ ଜୋ ଏବଂ ଚାଲାକ ଜୋ କହି ଧମକ ଦେଇଛନ୍ତି। ଯଦି ବାଇଡେନ ଏହି ନିର୍ଦ୍ଦେଶରେ ନିଜ ସହମତି ଥିବା ଦାବି କରନ୍ତି ତେବେ ତାଙ୍କ ବିରୋଧରେ ମିଥ୍ୟା ବୟାନ ଦେଇଥିବାରୁ ଅଭିଯୋଗ ଲଗାଯିବ ବୋଲି କହିଛନ୍ତି। ହ୍ୱାଇଟ ହାଉସ ନିକଟରେ ନ୍ୟାସନାଲ ଗାର୍ଡଙ୍କ ଉପରେ ଆକ୍ରମଣ ହେବା ପରେ ଟ୍ରମ୍ପ ଏହି ନିଷ୍ପତ୍ତି ନେଇଛନ୍ତି।

ବାଇଡେନ ଚାରି ବର୍ଷ (୨୦୨୧-୨୫) ମଧ୍ୟରେ ମୋଟ ୧୬୨ କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶ ଜାରି କରିଥିଲେ। ଏହା ସହିତ ଅନେକ ମେମୋରାଣ୍ଡମ ଏବଂ ନୋଟିସରେ ମଧ୍ୟ ସ୍ୱାକ୍ଷର କରିଥିଲେ। ଗତ ଜାନୁଆରୀରେ ଟ୍ରମ୍ପ ପଦ ସମ୍ଭାଳିବା ପରଠାରୁ ବାଇଡେନ ଯୁଗର ୮୦ ନିର୍ଦ୍ଦେଶକୁ ରଦ୍ଦ କରି ସାରିଲେଣି। କିନ୍ତୁ କିଛି ଗୁରୁତ୍ୱପୂର୍ଣ୍ଣ ନିର୍ଦ୍ଦେଶ ଏବେ ବି କାର୍ଯ୍ୟକାରୀ ହେଉଛି। ଏବେ ଏହା ମଧ୍ୟରୁ କିଛି ରଦ୍ଦ ହୋଇପାରେ। ଟ୍ରମ୍ପଙ୍କ ଏଭଳି ମନମୁଖୀ ନୀତି ଯୋଗୁଁ ସ୍ୱାସ୍ଥ୍ୟ, ପରିବେଶ, ସଂଖ୍ୟାଲଘୁ, ଏଆଇର ବିକାଶ ଏବଂ ଉପଯୋଗ ସମ୍ବନ୍ଧିତ ଆଇନ ଉପରେ ପ୍ରଭାବ ପଡ଼ିପାରେ। ତେବେ ବିଶେଷଜ୍ଞଙ୍କ ଅନୁଯାୟୀ, ସବୁ ନିର୍ଦ୍ଦେଶର ବୈଧତାର ପ୍ରମାଣ ଦେବା ସମ୍ଭବ ହୋଇ ନ ପାରେ। ମାତ୍ର ବାଇଡେନଙ୍କ ଏହି ସ୍ୱାକ୍ଷରର କିଏ ଯାଞ୍ଚ କରିବ ତାହା ଏ ପର୍ଯ୍ୟନ୍ତ ସ୍ପଷ୍ଟ ହୋଇନାହିଁ। ଆମେରିକାର ନିୟମ ଅନୁଯାୟୀ, କୌଣସି ରାଷ୍ଟ୍ରପତି ନିଜ ପୂର୍ବତନ ରାଷ୍ଟ୍ରପତିଙ୍କ ନିର୍ଦ୍ଦେଶକୁ ସଂଶୋଧନ, ରଦ୍ଦ ଏବଂ ପାଳନ କରିବାକୁ ମନା କରିଦେଇପାରିବେ। ତେବେ ଏହାର କିଛି ସୀମା ରହିଛି।

## ରୁଷିଆର ଦୁଇ ତୈଳ ଟ୍ୟାଙ୍କରରେ ବିସ୍ଫୋରଣ

ମସ୍କୋ, ୨୯।୧୧(ଏଜେନ୍ସି): କୃଷ୍ଣ ସାଗରରେ ରୁଷିଆର ଦୁଇଟି ତୈଳ ଟ୍ୟାଙ୍କର କାଇରୋସ ଓ ବିରାଟରେ ଭୟଙ୍କର ବିସ୍ଫୋରଣ ହୋଇଛି। ଦୁଇଟି ଜାହଜର କ୍ରୁ ମେମ୍ବରଙ୍କୁ ସୁରକ୍ଷିତ ଭାବେ ବାହାରକୁ ବାହାର କରାଯାଇଛି। ଡ୍ରୋନ ଦ୍ୱାରା ଆକ୍ରମଣ କରାଯାଇଛି ବୋଲି କ୍ରୁ ମେମ୍ବରମାନେ କହିଛନ୍ତି। ୟୁକ୍ରେନ ଏହି ଆକ୍ରମଣ କରିଛି ବୋଲି



କହିଛି। ପାଣି ଭିତରେ ଚାଲୁଥିବା ୟୁକ୍ରେନର ଡ୍ରୋନ ଦ୍ୱାରା ଏହି ବିସ୍ଫୋରଣ ହୋଇଛି। ଏହି ଅପରେସନ ଏସ୍‌ବିୟୁ ଓ ନୌସେନା ସାଥି ହୋଇ କରିଛନ୍ତି ବୋଲି ୟୁକ୍ରେନର ସୁରକ୍ଷା ଏଜେନ୍ସି ତରଫରୁ କୁହାଯାଇଛି। ଏବେ ଏହି ଦୁଇଟି ଜାହାଜର ବ୍ୟବହାର ଯୋଗ୍ୟ ହୋଇ ରହିବା ନାହିଁ ବୋଲି ୟୁକ୍ରେନ କହିଛି। ଶାନ୍ତି ଚୁକ୍ତିରେ ସ୍ୱାକ୍ଷର କରିବାକୁ ୟୁକ୍ରେନ ଉପରେ ଆମେରିକା ଚାପ ପକାଉଥିବା ବେଳେ ଏହି ଘଟଣା ଘଟିଛି। ଦୁଇଟି ଟ୍ୟାଙ୍କରରେ ଗାମ୍ବିଆର ପତାକା ଲାଗିଥିଲା। ପୂର୍ବରୁ ବିରାଟ ତୈଳ ଟ୍ୟାଙ୍କର ଶୁକ୍ରବାର କ୍ଷତିଗ୍ରସ୍ତ ହୋଇଥିଲା। ନିଆଁର ସ୍ଥିତି ଉପରେ ନଜର ରଖାଯାଇଛି ବୋଲି କୁହାଯାଇଛି। ବିରାଟର ୨୦ଜଣ କ୍ରୁ ମେମ୍ବର ସୁରକ୍ଷିତ ଅଛନ୍ତି। କିନ୍ତୁ ଜାହାଜର ଇଞ୍ଜିନରେ କଳା ଧୂଆଁ ଦେଖିବାକୁ ମିଳିଛି। ଏଥିରେ କେହି ମୃତାହତ ହୋଇଥିବାର ଖବର ମିଳିନାହିଁ। ତେବେ ରୁଷ୍ ତରଫରୁ ଏ ନେଇ କୌଣସି ପ୍ରତିକ୍ରିୟା ଦିଆଯାଇନାହିଁ।

## ତାଜିକିସ୍ତାନର ସୁନା ଖଣିରେ ଚୀନ୍‌ର ୩ ଇଞ୍ଜିନିୟରଙ୍କୁ ହତ୍ୟା

କାବୁଲ୍, ୨୯।୧୧(ଏଜେନ୍ସି): ତାଜିକିସ୍ତାନର ଖାତଲୋନ ରାଜ୍ୟର ଏକ ସୁନା ଖଣିରେ ଉପରେ ହୋଇଥିବା ଡ୍ରୋନ ଆକ୍ରମଣରେ ୩ ଜଣ ଚୀନ୍ ଇଞ୍ଜିନିୟର ମୃତ୍ୟୁବରଣ କରିଛନ୍ତି। ନଭେମ୍ବର ୨୬ରେ ଏହି ଡ୍ରୋନ ଆକ୍ରମଣ ହୋଇଥିଲା। ଆଫଗାନିସ୍ତାନରୁ ହିଁ ଏହି ଡ୍ରୋନ ଆସିଥିଲା ବୋଲି ତାଜିକିସ୍ତାନ ଦାବି କରିଛି। ଏବେ ଏହି ଘଟଣାକୁ ନେଇ ହଇଚଇ ସୃଷ୍ଟି ହୋଇଛି। ଆଫଗାନିସ୍ତାନର ଅପରାଧି ମାନେ ହିଁ ଏହି କାଣ୍ଡ ଘଟାଇଛନ୍ତି ବୋଲି ତାଜିକିସ୍ତାନ ତରଫରୁ କୁହାଯାଇଛି। ଏଭଳି ଘଟଣାକୁ ରୋକିବା ପାଇଁ ତାଲିବାନ ସରକାର ଦୃଢ଼ ପଦକ୍ଷେପ ଗ୍ରହଣ କରନ୍ତୁ ବୋଲି ତାଜିକିସ୍ତାନ କହିଛି। ତେବେ ତାଲିବାନ ଏହି ଡ୍ରୋନ ଆକ୍ରମଣରେ ସମ୍ପୃକ୍ତ ନାହିଁ ବୋଲି ସ୍ପଷ୍ଟ କରିଛି। ପାକିସ୍ତାନରେ ଅରାଜକତା ସୃଷ୍ଟିକରିବାକୁ ଚାହୁଁଥିବା ଏକ ସଂଗଠନ ଅର୍ଥାତ ଗୋଷ୍ଠୀ ଏହି ଆକ୍ରମଣ କରିଛି ବୋଲି ତାଲିବାନ କହିଛି। ତାଲିବାନର ଏହି ଦାବି ପରେ ଚୀନ୍‌ର ଏହି ୩ ଜଣ ଇଞ୍ଜିନିୟରଙ୍କ ମୃତ୍ୟୁ ପଛରେ କାହାର ହାତ ଅଛି ତାହା ଜଣାପଡ଼ିନାହିଁ। ସେପଟେ ଚୀନ୍ ଏହି ଘଟଣା ନେଇ ପ୍ରବଳ ଅସନ୍ତୋଷ ଜାହିର କରିଛି। ଏହି ଘଟଣାକୁ ଚୀନ୍ ନିନ୍ଦା କରିଛି ଓ ସୀମାବର୍ତ୍ତୀ ଅଞ୍ଚଳ ଛାଡ଼ିବାକୁ ନିଜ ନାଗରିକଙ୍କୁ ଚେତାବନୀ ଦେଇଛି। ପୂର୍ବରୁ ମଧ୍ୟ ଚୀନ୍ ଇଞ୍ଜିନିୟରଙ୍କ ଉପରେ ଏଭଳି ଆକ୍ରମଣ ହୋଇଛି। ପାକିସ୍ତାନ ଆଫଗାନିସ୍ତାନକୁ ପରୋକ୍ଷରେ ଦାୟୀ କରିଛି। ଆତଙ୍କବାଦୀଙ୍କ ଉପରେ ଆଫଗାନିସ୍ତାନ ସରକାର ଦୃଷ୍ଟାନ୍ତମୂଳକ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରୁନାହିଁ ବୋଲି ପାକିସ୍ତାନ କହିଛି। ତାଲିବାନ ମଧ୍ୟ ପାକିସ୍ତାନକୁ ଏହି ଘଟଣା ପାଇଁ ଦାୟୀ କରିଛି। ଚୀନ୍ ଇଞ୍ଜିନିୟରଙ୍କ ଉପରେ ଡ୍ରୋନ ଆକ୍ରମଣକୁ ଆଫଗାନିସ୍ତାନ ମଧ୍ୟ ନିନ୍ଦା କରିଛି।

## ଦକ୍ଷିଣ ପୂର୍ବ ଏସିଆରେ ଝଡ଼ ଓ ବନ୍ୟା ବିପ୍ଳାତ

# ଇଣ୍ଡୋନେସିଆରେ ୨୪୮, ଥାଇଲାଣ୍ଡରେ ୧୬୨ ମୃତ

ଜାକର୍ତ୍ତା, ବ୍ୟାଙ୍କକ/କଲମ୍ବୋ, ୨୯।୧୧(ଏଜେନ୍ସି): 'ସେନିୟାର' ଝଡ଼ ଥାଇଲାଣ୍ଡ, ଇଣ୍ଡୋନେସିଆ, ମାଲେସିଆ, ଭିଏତନାମରେ ବିପର୍ଯ୍ୟୟ ସୃଷ୍ଟି କରିଛି। ପ୍ରବଳ ବର୍ଷା ଯୋଗୁଁ ଆସିଥିବା ବନ୍ୟା ବିପ୍ଳାତ ଆଣିଛି। ଏହା ଜନ ଜୀବନକୁ ଅସ୍ତବ୍ୟସ୍ତ କରିଦେଇଛି। ବର୍ଷା ଜନିତ ଅଘଟଣରେ ଥାଇଲାଣ୍ଡରେ ୧୬୨ ଜଣ ପ୍ରାଣ ହରାଇଥିବାବେଳେ ଶତାଧିକ ନିଖୋଜ ଅଛନ୍ତି। ଶ୍ରୀଲଙ୍କାରେ ବାତ୍ୟା ଦିତୱା ୧୫୩ ଜଣଙ୍କ ଜୀବନ ନେଇଥିବାବେଳେ ଶତାଧିକ ନିଖୋଜ ଅଛନ୍ତି। ଅନେକ ସ୍ଥାନରେ ଭୂସ୍ଖଳନ ହୋଇଥିବାରୁ ମୃତ୍ୟୁସଂଖ୍ୟା ଆହୁରି ବଢ଼ିବ ବୋଲି କୁହାଯାଉଛି। ଥାଇଲାଣ୍ଡ ପ୍ରଶାସନର ସୂଚନା ଅନୁଯାୟୀ, ଝଡ଼ ସେନିୟାରା ଯୋଗୁ ଆସିଥିବା ବନ୍ୟା ୧୨ ପ୍ରଦେଶରେ ଭୟଙ୍କର ସ୍ଥିତି ସୃଷ୍ଟି କରିଛି। ଏଥିରେ ୧୨ ଲକ୍ଷରୁ ଅଧିକ ପରିବାର ଏବଂ ୩୬ ଲକ୍ଷରୁ ଅଧିକ ଲୋକ ପ୍ରଭାବିତ ହୋଇଛନ୍ତି। ଥାଇଲାଣ୍ଡରେ କ୍ଷୁଦ୍ର କୋଠା ଏବଂ ଗାଡ଼ିଗୁଡିକ ପାଣିରେ ବୁଡ଼ି ଯାଇଛି। ଉଦ୍ଧାରକାରୀ ଦଳ ପାଣି ଭିତରେ ଫସି ରହିଥିବା ଲୋକଙ୍କୁ ଉଦ୍ଧାର କରି ସୁରକ୍ଷିତ ସ୍ଥାନକୁ ନେଉଛନ୍ତି। ଅନେକ ଜିଲ୍ଲାରେ ଜଳସ୍ତର ଖସିବାରେ ଲାଗିଛି। ବର୍ଷା କମିଥିବାବେଳେ ଝଡ଼ତୋଫାନର ବିପଦ ରହିଛି। ମାଲେସିଆ



ସୀମାରେ ଥିବା ସୋଙ୍ଗଖାଲା ଅଞ୍ଚଳ ବନ୍ୟାରେ ସର୍ବାଧିକ କ୍ଷତିଗ୍ରସ୍ତ ହୋଇଛି। ଇଣ୍ଡୋନେସିଆରେ ସୁମାତ୍ରା ଦୀପରେ ଭୟଙ୍କର ବନ୍ୟା ଓ ଭୂସ୍ଖଳନ କାରଣରୁ ବଡ଼ ବିପର୍ଯ୍ୟୟ ସୃଷ୍ଟି ହୋଇଛି। ଏହି ପ୍ରାକୃତିକ ବିପତ୍ତିରେ ଏପର୍ଯ୍ୟନ୍ତ ୨୪୮ ଜଣ ଲୋକ ମୃତ୍ୟୁବରଣ କରିଛନ୍ତି ବୋଲି ଅଧିକାରୀମାନେ ସୂଚନା ଦେଇଛନ୍ତି। କେତେକ ପ୍ରଭାବିତ ଅଞ୍ଚଳରେ ବିମାନ ମାଧ୍ୟମରେ ରିଲିଫ ସାମଗ୍ରୀ ପହଞ୍ଚାଇବାକୁ ପ୍ରୟାସ କରାଯାଉଛି। ମୃତକଙ୍କ ସଂଖ୍ୟା ଆହୁରି ବୃଦ୍ଧି ପାଇବ ବୋଲି ଆଶାଙ୍କା କରାଯାଉଛି। ବନ୍ୟା ଓ ଭୂସ୍ଖଳନ କାରଣରୁ ସଡ଼କଗୁଡିକ କ୍ଷତିଗ୍ରସ୍ତ ହୋଇଛି ଓ ବହୁ ଅଞ୍ଚଳ ମୁଖ୍ୟସ୍ରୋତରୁ ଅଲଗା ହୋଇଛି। ଉତ୍ତର ସୁମାତ୍ରାର ମଧ୍ୟ ଟପାନୁଲି ଜିଲ୍ଲା ସମେତ ଅନ୍ୟ ଜିଲ୍ଲାଗୁଡିକରେ ବିମାନ ସାହାଯ୍ୟରେ ରିଲିଫ ସାମଗ୍ରୀ ପହଞ୍ଚାଯାଉଛି। ଏପର୍ଯ୍ୟନ୍ତ ୮୦୦୦ ଲୋକଙ୍କୁ ସୁରକ୍ଷିତ ସ୍ଥାନକୁ ସ୍ଥାନାନ୍ତର କରାଯାଇଛି। କିନ୍ତୁ ସଡ଼କ ପଥ କ୍ଷତିଗ୍ରସ୍ତ ହେବା କାରଣରୁ ହେଲିକପ୍ଟର ଦ୍ୱାରା ଅତ୍ୟାବଶକୀୟ ସାମଗ୍ରୀ ପହଞ୍ଚାଯାଉଛି। ସିବୋଲ୍ଗା ଓ କେନ୍ଦ୍ରୀୟ ଟାପାନୁଲୀ ଭଳି ଅଞ୍ଚଳ ସବୁଠାରୁ ଅଧିକ କ୍ଷତିଗ୍ରସ୍ତ ହୋଇଛି। କେବଳ ଉତ୍ତର ସୁମାତ୍ରା ନୁହେଁ ଇଣ୍ଡୋନେସିଆର ପଶ୍ଚିମ ସୁମାତ୍ରା ଓ ଆସେହ ରାଜ୍ୟରେ ମଧ୍ୟ ବନ୍ୟା ଓ ଭୂସ୍ଖଳନ ଯୋଗୁଁ ଭୟଙ୍କର ଭାବେ କ୍ଷତିଗ୍ରସ୍ତ ହୋଇଛି। ଆସେହର ୨୩ରୁ ୧୦ଟି ଜିଲ୍ଲାରେ ପାଣି ଭରି ରହିଛି। ଇଣ୍ଡୋନେସିଆ କେତେକ ଅଞ୍ଚଳରେ ଏବେ ମଧ୍ୟ ବର୍ଷା ଜାରି ରହିଛି।

କାର୍ଯ୍ୟକ୍ଷମ ହେଉନି ଓଏଭି ହଷ୍ଟେଲ୍

# ଅଭିଭାବକଙ୍କ ମୁଣ୍ଡରେ ଆର୍ଥିକ ବୋଝ

■ ଭୂତକୋଠିରେ ପରିଣତ ହେଲାଣି ଅବ୍ୟବହୃତ କୋଠା
■ ଡିସେମ୍ବର ସୁଦ୍ଧା କାର୍ଯ୍ୟକ୍ଷମ ହେବ ୧୦୬ ହଷ୍ଟେଲ୍

ଭୁବନେଶ୍ୱର, ୨୯ ।୧୧(ସମିସ): ଓଡ଼ିଶା ଆଦର୍ଶ ବିଦ୍ୟାଳୟ(ଓଏଭି)ରେ ପଢ଼ୁଥିବା ପିଲାଙ୍କ ରହିବା ପାଇଁ ହଷ୍ଟେଲ୍ ନିର୍ମାଣ କାର୍ଯ୍ୟ ସରିଥିଲେ ମଧ୍ୟ କାର୍ଯ୍ୟକ୍ଷମ ହୋଇପାରୁନାହିଁ। ନିର୍ମାଣ ସରିଥିବା କୋଠାଗୁଡ଼ିକ ଅବ୍ୟବହୃତ ଅବସ୍ଥାରେ ପଡ଼ି ରହିଛି। ବହୁ ଦୂରଦୂରାନ୍ତରୁ ପ୍ରତିଦିନ ଯିବାଆସିବା କରୁଥିବା ଛାତ୍ରଛାତ୍ରୀମାନେ ଆର୍ଥିକ ବୋଝ ମୁଣ୍ଡାଉଛନ୍ତି। ଅପରପକ୍ଷରେ ଆଦର୍ଶ ବିଦ୍ୟାଳୟ ପାଖରେ ହଷ୍ଟେଲ୍ ଓ ପରିବହନ ବ୍ୟବସ୍ଥା ଖୋଲି ଘରୋଇ ମାଲିକମାନେ ମୁନାଫା କମାଉଛନ୍ତି। ଫଳରେ ଗରିବ ମେଧାବୀ ଛାତ୍ରଛାତ୍ରୀଙ୍କୁ ସିବିଏସ୍ଇ ପାଠ୍ୟକ୍ରମରେ ଶିକ୍ଷାଦାନ ପାଇଁ ପରିକଳ୍ପନା ହୋଇଥିବା ଓଏଭି ଲକ୍ଷ୍ୟଚ୍ୟୁତ ହେଉଛି।

ରାଜ୍ୟର ସମସ୍ତ ବ୍ଲକ୍ ସମେତ ଗୋଟିଏ ଆଇକନିକ୍ ଓଏଭିକୁ ମିଶାଇ ମୋଟ୍ ୩୧୫ଟି ଆଦର୍ଶ ବିଦ୍ୟାଳୟ ରହିଛି। ସେହିପରି ଆଉ ୫ଟି ଓଡ଼ିଶା ମାଇନିଂ ଆଦର୍ଶ ବିଦ୍ୟାଳୟ (ଓଏମ୍ଏଭି) ରହିଛି। ପ୍ରାୟ ୧ଲକ୍ଷ ୧୦ ହଜାର ଛାତ୍ରଛାତ୍ରୀ ତହିଁରେ ଅଧ୍ୟୟନ କରୁଛନ୍ତି। ସମସ୍ତ ବିଦ୍ୟାଳୟରେ ଇଂରାଜୀ ମାଧ୍ୟମରେ ଶିକ୍ଷାଦାନ ସହ ପିଲାଙ୍କ ରହିବା ପାଇଁ ହଷ୍ଟେଲ୍‌ର ପ୍ରାବଧାନ ରହିଛି। ପ୍ରାୟ ସମସ୍ତ ବିଦ୍ୟାଳୟରେ ହଷ୍ଟେଲ୍ ନିର୍ମାଣ କାର୍ଯ୍ୟ ପ୍ରାୟ ଦେଢ଼ବର୍ଷ ହେଲା ସରିଥିଲେ ମଧ୍ୟ କାର୍ଯ୍ୟକ୍ଷମ ହୋଇପାରିନି। ନୂତନ କୋଠାଗୁଡ଼ିକ ବ୍ୟବହୃତ ହେଉ ନଥିବାରୁ ଭୂତକୋଠିରେ ପରିଣତ ହେଉଥିବା ବେଳେ ଛାତ୍ରଛାତ୍ରୀମାନେ ବିଭିନ୍ନ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ୩୦ରୁ ୩୫ କି.ମି ଯାଏଁ ଅସୁରକ୍ଷିତ ଭାବେ ଯାତାୟାତ କରୁଛନ୍ତି। ଆଉ କିଛି ପିଲା ନିକଟରେ ଥିବା ଘରୋଇ ହଷ୍ଟେଲ୍‌ରେ ରହୁଛନ୍ତି। ବିକଳ୍ପ ନଥିବାରୁ ଘରୋଇ ହଷ୍ଟେଲ୍ ଇଚ୍ଛା ମୁତାବକ ଫି' ନେଉଥିବାରୁ ପିଲା ଓ ସେମାନଙ୍କ ଅଭିଭାବକମାନେ ଆର୍ଥିକ ଶୋଷଣର ଶିକାର ହେଉଛନ୍ତି।

କିଛି ସ୍ଥାନରେ ପୂର୍ତ୍ତ ବିଭାଗ ପକ୍ଷରୁ ନୂତନ କୋଠାକୁ ଓଏଭିକୁ ହସ୍ତାନ୍ତର କରାଯାଇନଥିବା ମଧ୍ୟ ଜଣାପଡ଼ିଛି। ଆଉ କିଛି ସ୍ଥାନରେ ହଷ୍ଟେଲ ପରିଚାଳନା ପାଇଁ ପ୍ରକ୍ରିୟା ଆରମ୍ଭ ହୋଇଛି। ଓଡ଼ିଶା ଆଦର୍ଶ ବିଦ୍ୟାଳୟ ସଂଗଠନର ରାଜ୍ୟ ପ୍ରକଳ୍ପ ନିର୍ଦ୍ଦେଶିକା ସ୍ମିତା ରାଉତ କହିଛନ୍ତି ଯେ ହଷ୍ଟେଲ୍ କାର୍ଯ୍ୟକ୍ଷମ କରିବା ପାଇଁ ପ୍ରକ୍ରିୟା ତ୍ୱରାନ୍ୱିତ ହୋଇଛି। ଆସବାବପତ୍ର ଏବଂ ପରିଚାଳନା ପାଇଁ ଆବଶ୍ୟକ ଅତ୍ୟାବଶ୍ୟକ ସାମଗ୍ରୀ କିଣିବା ପାଇଁ ଟେଣ୍ଡର ସରିଛି। ଏପରିକି ୧୦୬ଟି ହଷ୍ଟେଲକୁ କାର୍ଯ୍ୟକ୍ଷମ କରିବା ପାଇଁ ନିର୍ଦ୍ଦେଶନାମା ଜାରି କରିଛନ୍ତି। ଡିସେମ୍ବର ଶେଷ ସୁଦ୍ଧା ଏସବୁ ହଷ୍ଟେଲ୍ କାର୍ଯ୍ୟକ୍ଷମ ହେବ। ଆସନ୍ତା ଶିକ୍ଷାବର୍ଷ ପୂର୍ବରୁ ସମସ୍ତ ହଷ୍ଟେଲ ଛାତ୍ରଛାତ୍ରୀଙ୍କ ପାଇଁ କାର୍ଯ୍ୟକ୍ଷମ ହେବ ବୋଲି ଶ୍ରୀମତୀ ରାଉତ କହିଛନ୍ତି।

# ୨୦୧୫୦ ଅଙ୍ଗନବାଡ଼ି କେନ୍ଦ୍ରର ନିଜସ୍ୱ ଘର ନାହିଁ

## ଅଙ୍ଗନବାଡ଼ି ଗୃହ ନିର୍ମାଣ ପାଇଁ ଆବଶ୍ୟକସ୍ଥଳେ ଜାଗା କିଣିବେ ସରକାର

■ ରାଜ୍ୟର ସମସ୍ତ ଅଙ୍ଗନୱାଡିର ନିଜସ୍ୱ ଗୃହ ନିର୍ମାଣ ନେଇ ଦୃଢ଼ୋକ୍ତି
■ ୧୦ ହଜାର ୯୦୦ ଘର ଲାଗି ଅତିରିକ୍ତ ବଜେଟ୍‌ରେ ବ୍ୟବସ୍ଥା

ଭୁବନେଶ୍ୱର, ୨୯।୧୧ (ସମିସ): ରାଜ୍ୟରେ ସମୁଦାୟ ୭୪୨୨୪ଟି ଅଙ୍ଗନବାଡ଼ି କେନ୍ଦ୍ର ଥିବା ବେଳେ ୨୦୧୫୦ଟିର ନିଜସ୍ୱ ଗୃହ ନାହିଁ। ୪୫୭୪ ଅଙ୍ଗନବାଡ଼ି ସ୍କୁଲ ଘରେ ଚାଲୁଥିବା ବେଳେ ୧୦୪୬୯ଟି ଅଙ୍ଗନବାଡ଼ି କମ୍ୟୁନିଟି ସେଣ୍ଟର୍‌ରେ ଚାଲୁଛି। ସେହିପରି, ୩୮୯୦ଟି ଅଙ୍ଗନବାଡି ଭଡ଼ାଘରେ ଚାଲୁଛି। ୭୩୮୯ଟି ଅଙ୍ଗନବାଡ଼ି କେନ୍ଦ୍ରର ଗୃହ ନିର୍ମାଣାଧୀନ ଥିବା ବେଳେ ରାଜ୍ୟର ସମସ୍ତ ଅଙ୍ଗନବାଡ଼ିର ନିଜସ୍ୱ ଗୃହ ନିର୍ମାଣ ହେବ। ଏନେଇ ସରକାର ପଦକ୍ଷେପ ଗ୍ରହଣ କରୁଛନ୍ତି। ଯଦି କୌଣସି ସ୍ଥାନରେ ଅଙ୍ଗନବାଡ଼ି ଗୃହ ନିର୍ମାଣ ଲାଗି ଜାଗା ନଥିବ, ପଞ୍ଚାୟତିରାଜ ବିଭାଗ ସହଯୋଗରେ ସରକାର ଜାଗା କିଣି ଗୃହ ନିର୍ମାଣ କରିବେ। ଏନେଇ ବିଧାନସଭାରେ ଉପ-ମୁଖ୍ୟମନ୍ତ୍ରୀ ତଥା ମହିଳା ଓ ଶିଶୁ ବିକାଶ ବିଭାଗ ମନ୍ତ୍ରୀ ପ୍ରଭାତୀ ପରିଡ଼ା ସୂଚନା ଦେଇଛନ୍ତି।

ଶନିବାର ପ୍ରଶ୍ନକାଳରେ ମୂଳ ପ୍ରଶ୍ନକର୍ତ୍ତା ଅଶ୍ୱିନୀ ପାତ୍ରଙ୍କ ସମେତ ବହୁ ବିଧାୟକ ନିଜନିଜ ଅଞ୍ଚଳରେ ଅସମ୍ପୂର୍ଣ୍ଣ ନିର୍ମାଣଧୀନ ଅଙ୍ଗନବାଡ଼ି କେନ୍ଦ୍ର ଏବଂ ଭଡ଼ାଘରେ କିମ୍ବା ଅନ୍ୟତ୍ର ଚାଲୁଥିବା ଅଙ୍ଗନବାଡ଼ି କେନ୍ଦ୍ର ନେଇ ଉଦ୍‌ବେଗ ପ୍ରକାଶ କରିଥିଲେ। ଏହାର ଉତ୍ତର ଦେଇ ଉପ-ମୁଖ୍ୟମନ୍ତ୍ରୀ ଶ୍ରୀମତୀ ପରିଡ଼ା କହିଥିଲେ ଯେ ଯଦି କୌଣସି ଅଞ୍ଚଳରେ ସରକାରୀ ଜାଗା ଉପଲବ୍ଧ ନ ହେବ, ସେହିଠାରେ ବିଭାଗ ଜାଗା କିଣି ନିଜସ୍ୱ ଅଙ୍ଗନବାଡ଼ି ଗୃହ ନିର୍ମାଣ କରାଯିବ। ଏଥିଲାଗି ୨୫ଲକ୍ଷ ଟଙ୍କାର ଅର୍ଥ ପ୍ରାବଧାନ ରଖାଯିବ। ବିଜେଡି ବିଧାୟକ ପ୍ରତାପ ଦେବ ଅଙ୍ଗନବାଡ଼ି କେନ୍ଦ୍ର ନିର୍ମାଣ ଅର୍ଥ ଅନୁମୋଦନ ସମସ୍ୟା ପ୍ରସଙ୍ଗ ଉଠାଇ ପ୍ରଶ୍ନ କରିଥିଲେ।

ଏହାର ଉତ୍ତର ଦେଇ ମନ୍ତ୍ରୀ କହିଥିଲେ, ଗୃହ ନିର୍ମାଣ ଲାଗି ଅର୍ଥ ସମସ୍ୟା ଥିଲେ ବିଭାଗ ନିଜସ୍ୱ ପାଣ୍ଠି ବ୍ୟବସ୍ଥା କରିବ। ବିଜେପି ବିଧାୟକ ସନାତନ ବିଜୁଳି ଓ କଂଗ୍ରେସ ବିଧାୟକ ସି.ଏସ୍ ରାଜନ୍ ଏକ୍କା ପ୍ରମୁଖ ଅଙ୍ଗନବାଡ଼ି ଗୃହ ନିର୍ମାଣରେ ଟେଣ୍ଡର୍ ନେଇଥିବା କଣ୍ଟ୍ରାକ୍ଟର୍ କାମ କରିନାହାନ୍ତି ବୋଲି ଅଭିଯୋଗ କରିଥିଲେ। ବିଜେଡି ବିଧାୟକ ସାରଦା ନାୟକ, ପବିତ୍ର ସାଉନ୍ତା ପ୍ରମୁଖ ନିଜ ଅଞ୍ଚଳରେ ଅଙ୍ଗନବାଡ଼ି କେନ୍ଦ୍ର ସମସ୍ୟା ସମ୍ପର୍କରେ ଦୃଷ୍ଟି ଆକର୍ଷଣ କରିଥିଲେ।

ମନ୍ତ୍ରୀ ଉତ୍ତରରେ କହିଥିଲେ ଯେ ରାଜ୍ୟରେ ୧୦ହଜାର ୪୧୬ ମିନି ଅଙ୍ଗନବାଡ଼ି କେନ୍ଦ୍ର ସରକାରଙ୍କ ମୁଖ୍ୟ ଅଙ୍ଗନବାଡ଼ିକୁ ରୂପାନ୍ତର ହୋଇଛି। ସେହିପରି ୧୨୧୪୪ଟି କେନ୍ଦ୍ରକୁ ସକ୍ଷମ ଅଙ୍ଗନବାଡ଼ିରେ ପରିବର୍ତ୍ତନ କରାଯାଇଛି। କେବଳ ୨୦୨୫-୨୬ ଆର୍ଥିକ ବର୍ଷରେ ୫୦୫୬ଟି ସକ୍ଷମ ଅଙ୍ଗନବାଡି ସୃଷ୍ଟି ହୋଇଛି। ସବୁ ଅଙ୍ଗନବାଡ଼ି ପାଇଁ ନିଜସ୍ୱ ଗୃହ ହେବ। ସକ୍ଷମ ଅଙ୍ଗନବାଡ଼ି ଜରିଆରେ ଗୃହ ନିର୍ମାଣ ପାଇଁ ଯୋଜନା ଚାଲିଛି। ଯେଉଁଠି ସ୍ଥାନ ମିଳିବ ନାହିଁ, ପଞ୍ଚାୟତିରାଜ ବିଭାଗଠାରୁ ଜାଗା କିଣି ନିର୍ମାଣ ହେବ। ପୂର୍ବରୁ ୭ଲକ୍ଷ ଟଙ୍କାରେ ନିର୍ମାଣ ହେଉଥିଲା। ପରବର୍ତ୍ତୀ ମୁହୂର୍ତ୍ତରେ ୧୨ ଲକ୍ଷ ଓ ଏବେ ୧୫ ଲକ୍ଷରେ ପହଞ୍ଚିଛି। କୌଣସି ସ୍ଥାନରେ ସମସ୍ୟା ଥିଲେ, ମହିଳା ଓ ଶିଶୁ ବିକାଶ ବିଭାଗ ନିଜସ୍ୱ ଅର୍ଥରେ ଅଙ୍ଗନବାଡ଼ି ନିର୍ମାଣ କରିବ ବୋଲି ମନ୍ତ୍ରୀ କହିଛନ୍ତି। ସେହିପରି ଗୃହରେ ଅତିରିକ୍ତ ବଜେଟ୍ ପାରିତ ହେବା ପରେ ବିଭାଗ ପାଖରେ ୧୦୯୦୦ ଅଙ୍ଗନବାଡ଼ି କେନ୍ଦ୍ର ନିର୍ମାଣ ପାଇଁ ଆବଶ୍ୟକ ପାଣ୍ଠି ଥିବ ବୋଲି ସେ କହିଥିଲେ।

# ଅନିଶ୍ଚିତତାରେ ପୁରୀ ବିମାନବନ୍ଦର

ପୁରୀ,୨୯।୧୧(ସମିସ): ଅନିଶ୍ଚିତତା ଭିତରକୁ ଠେଲି ହୋଇଯାଇଛି ପ୍ରସ୍ତାବିତ ପୁରୀ ଶ୍ରୀଜଗନ୍ନାଥ ଗ୍ରୀନ୍ ଫିଲ୍ଡ ଅନ୍ତର୍ଜାତୀୟ ବିମାନବନ୍ଦର ପ୍ରକଳ୍ପ। ଏହାର ନିର୍ମାଣ ନେଇ କେନ୍ଦ୍ର ସରକାରଙ୍କ ପକ୍ଷରୁ ପରିବେଶ ମଞ୍ଜୁରୀ ମିଳି ନ ଥିବାବେଳେ ନ୍ୟାସ୍‌ନାଲ ଗ୍ରୀନ୍ ଟ୍ରିବ୍ୟୁନାଲ (ଏନ୍‌ଜିଟି)ରେ ମାମଲା ଏହି ପ୍ରକଳ୍ପକୁ ଅନିଶ୍ଚିତତା ଭିତରକୁ ଠେଲିଦେଇଛି। ପୂର୍ବ ସରକାର ସମୟରେ ଏହି ବିମାନ ବନ୍ଦର କିପରି ନିର୍ମାଣ ନ ହେଉ ସେ ନେଇ ଚକ୍ରାନ୍ତର ଗନ୍ଧ ବାରିଛନ୍ତି ରାଜ୍ୟସଭା ସାଂସଦ ଶୁଭାଶିଷ ଖୁଣ୍ଟିଆଙ୍କ ସମେତ କିଛି ବିଶିଷ୍ଟ ବ୍ୟକ୍ତି। ତେବେ ପରିବେଶ ମଞ୍ଜୁରୀ ପାଇଁ ସରକାରଙ୍କ ନିକଟରେ ପ୍ରକ୍ରିୟା ଜାରି ରହିଥିବା ବେଳେ ବିମାନବନ୍ଦର ନିର୍ମାଣ କାର୍ଯ୍ୟ ଆଇନ ଅନୁସାରେ କରାଯିବା ବୋଲି ପ୍ରତିକ୍ରିୟା ରଖିଛନ୍ତି ପୁରୀ ସାଂସଦ। ଅନ୍ୟପକ୍ଷରେ ସରକାରଙ୍କ ପକ୍ଷରୁ ଏନ୍‌ଜିଟିରେ ଯେଉଁ ସତ୍ୟପାଠ ଦାଖଲ କରାଯାଇଛି, ସେଥିରେ ମିଛ କୁହାଯାଇଥିବା ଅଭିଯୋଗ କରିଛି ଆମ୍ ଆଦ୍‌ମୀ ପାର୍ଟି।

ପୂର୍ବ ସରକାରଙ୍କ ସମୟରେ ଗୋରୁଆ ପଞ୍ଚାୟତର ସିପସରୁବାଲି ଓ ଷଣ୍ଢପୁର ମୌଜାରେ ପ୍ରସ୍ତାବିତ ବିମାନବନ୍ଦର ନିର୍ମାଣକୁ ଅନୁମୋଦନ ଦିଆଯାଇଥିଲା। ଏତଦ୍‌ବ୍ୟତୀତ ବିମାନବନ୍ଦର ପ୍ରତିଷ୍ଠା ପାଇଁ ଆବଶ୍ୟକୀୟ ଜମି ଅଧିଗ୍ରହଣ ପ୍ରକ୍ରିୟା ମଧ୍ୟ ଆରମ୍ଭ ହୋଇଥିଲା। ଏପରି କି ବେସାମରିକ ବିମାନ ଚଳାଚଳ ବିଭାଗ ମଧ୍ୟ ଅନୁମତି ପ୍ରଦାନ କରିଥିବାବେଳେ ପରିବେଶ ମଞ୍ଜୁରୀ ନେଇ ଆବଶ୍ୟକୀୟ ପଦକ୍ଷେପ ଗ୍ରହଣ କରାଯାଇଛି। ମାତ୍ର ବିମାନବନ୍ଦର ନିର୍ମାଣ ହେଲେ ପୂର୍ବ ସରକାର ବାହାବା ନେଇଯିବେ ଏଭଳି ଆଶଙ୍କା କରି ପ୍ରକଳ୍ପକୁ ବନ୍ଦ ପାଇଁ ଚକ୍ରାନ୍ତ କରାଯାଇଥିବା ଚର୍ଚ୍ଚା ହେଉଛି। ପ୍ରସ୍ତାବିତ ବିମାନବନ୍ଦରକୁ ନେଇ ପରିବେଶବିତ୍ ଏନ୍‌ଜିଟିରେ ମାମଲା ରୁଜୁ କରିଥିବାବେଳେ ଏବେ ପ୍ରକଳ୍ପ ନିର୍ମାଣ ନେଇ ଅନିଶ୍ଚିତତା ଦେଖାଦେଇଛି। ଡବଲ ଇଞ୍ଜିନ ସରକାର ଲୋକଙ୍କୁ ଧୋକ୍କା ଦେଇଥିବାବେଳେ ସଲାସୁତରା ହୋଇ ପ୍ରକଳ୍ପକୁ ନ କରିବା ପାଇଁ ଯୋଜନା କରୁଥିବା ସେବାୟତ ଗୌରହରି ପ୍ରଧାନ ଅଭିଯୋଗ କରିଥିବାବେଳେ ରାଜ୍ୟସଭା ସାଂସଦ ଶୁଭାଶିଷ ଖୁଣ୍ଟିଆ ଏହା ପଛରେ ସରକାରଙ୍କର ଚାଲ୍ ରହିଛି। ଅଧପନ୍ତରିଆ ପ୍ରକଳ୍ପକୁ ଡବଲ ଇଞ୍ଜିନ ସରକାର ବନ୍ଦ ନ କରି ଏହାକୁ ପୂର୍ଣ୍ଣାଙ୍ଗ ରୂପ ଦେଲେ ଲୋକଙ୍କ ଭରସା ଜିତିପାରିବେ ବୋଲି କହିଛନ୍ତି। ସେହିପରି ଆପ୍ ପୁରୀ ଜିଲ୍ଲା ସଭାପତି ସଞ୍ଜୀବ କୁମାର ମହାନ୍ତି ମଧ୍ୟ ଏହି ପ୍ରକଳ୍ପ ବନ୍ଦ କରିଦେବା ପଛରେ ଷଡ଼ଯନ୍ତ୍ରର ଗନ୍ଧ ବାରିଛନ୍ତି। ସେ କହିଛନ୍ତି, ସରକାରଙ୍କ ପକ୍ଷରୁ ଏନ୍‌ଜିଟିରେ ଦାଖଲ ସତ୍ୟପାଠରେ ମିଛ କୁହାଯାଇଛି। ବିମାନବନ୍ଦର ପାଇଁ ଅସ୍ଥାୟୀ ପାଚେରିକୁ ଭାଙ୍ଗି ଦିଆଯାଇଛି ବୋଲି ଦର୍ଶାଯାଇଛି। ହେଲେ ଏହା ଭଙ୍ଗା ଯାଇ ନ ଥିବାବେଳେ ଏହାକୁ ସ୍ଥାୟୀ ଭାବେ ନିର୍ମାଣ କରାଯାଇଛି।

ଅନ୍ୟପକ୍ଷରେ ପୁରୀ ଡିଏଫ୍‌ଓ ମଗର ଧନଜୀ ରାଓସୋ କହିଛନ୍ତି, ବିମାନବନ୍ଦର ପାଇଁ ଆବଶ୍ୟକ ଜମି ମଧ୍ୟରେ ୨୭.୮୮ ହେକ୍ଟର ଜଙ୍ଗଲ ଜମି ରହିଛି। ତା' ବଦଳରେ ସେତିକି ଜଙ୍ଗଲ ଜମି ସରକାର ଜଙ୍ଗଲ ବିଭାଗକୁ ଦେବେ। ଏଥିସହ ସମୁଦ୍ର ଉପକୂଳ ଅଞ୍ଚଳ ହୋଇଥିବା ହେତୁ ଅଲିଭ୍ ରିଡ୍‌ଲେ କଇଁଛ ତଥା ଜଙ୍ଗଲରେ ବନ୍ୟଜନ୍ତୁଙ୍କ ସୁରକ୍ଷା ନେଇ ବିକଳ୍ପ ଚିନ୍ତା କରିବା ଆବଶ୍ୟକତା ରହିଛି। ଏ ସଂକ୍ରାନ୍ତରେ ଜିଲ୍ଲାପାଳ ଦିବ୍ୟଜ୍ୟୋତି ପରିଡ଼ା କହିଛନ୍ତି, ବନ୍ୟଜନ୍ତୁ ପ୍ରତିଷ୍ଠାନ ଓ ଜିଓଲୋଜିକାଲ ବିଭାଗ ବିଶେଷଜ୍ଞ ଟିମ୍ ରିପୋର୍ଟ ମିଳିବା ପରେ ବିମାନବନ୍ଦର ପାଇଁ ପରିବେଶ ମଞ୍ଜୁରୀ ମିଳିବାକୁ ଅପେକ୍ଷା ରହିଛି। ଅନ୍ୟପକ୍ଷରେ ବିମାନବନ୍ଦର ପ୍ରତିଷ୍ଠା ନେଇ କାର୍ଯ୍ୟ ଆଇନ ଅନୁସାରେ କରାଯିବ ବୋଲି ପୁରୀ ସାଂସଦ ଡ. ସମ୍ବିତ୍ ପାତ୍ର ମତ ରଖିଛନ୍ତି।

ଶୂନ୍ୟକାଳରେ ସଦସ୍ୟଙ୍କ ଦାବି

# ବିଧବା ଭତ୍ତା ୩୫୦୦ ଟଙ୍କା ମିଳୁ

କଳାକାରଙ୍କୁ ସର୍ବନିମ୍ନ ୫୦୦୦ ଟଙ୍କା ଭତ୍ତା ଦିଅନ୍ତୁ ସରକାର

ଭୁବନେଶ୍ୱର, ୨୯।୧୧ (ସମିସ): ରାଜ୍ୟରେ ୮୦ ବର୍ଷରୁ ଊର୍ଦ୍ଧ୍ୱ ଲୋକଙ୍କୁ ୩୫୦୦ ଟଙ୍କାର ଭତ୍ତା ମିଳୁଥିବା ବେଳେ କଳାକାରଙ୍କୁ ମାତ୍ର ୨୫୦୦ ଟଙ୍କା ମିଳୁଛି। ଉଭୟ କଳା ଏବଂ କଳାକାରଙ୍କ ପାଇଁ ଏହା ଅପମାନ। ଅତଏବ୍ କଳାକାରଙ୍କ ଭତ୍ତା ରାଶି ସର୍ବନିମ୍ନ ୫୦୦୦ ଟଙ୍କା କରିବାକୁ ଶନିବାର ଶୂନ୍ୟ କାଳରେ ଦାବି ରଖିଛନ୍ତି ବିଜେଡି ବିଧାୟକ ରମେଶ ଚନ୍ଦ୍ର ବେହେରା। ସେହିପରି, ବିଧବା ମହିଳାଙ୍କୁ ୩୫୦୦ ଟଙ୍କାର ଭତ୍ତା ସହାୟତା ଯୋଗାଇଦେବାକୁ ଦଳର ଅନ୍ୟତମ ବିଧାୟକ ବଦ୍ରିନାରାୟଣ ପାତ୍ର ଦାବି ରଖିଛନ୍ତି।

ଶୂନ୍ୟକାଳରେ ଉପରୋକ୍ତ ପ୍ରସଙ୍ଗ ଉଠାଇ ଶ୍ରୀ ବେହେରା କହିଲେ ଯେ କଳାକାରଙ୍କ ପାଇଁ ସରକାରଙ୍କ ପକ୍ଷରୁ ଭତ୍ତା ଦେବାର ବ୍ୟବସ୍ଥା ରହିଛି। ୮୦ ବର୍ଷ ପର୍ଯ୍ୟନ୍ତ କଳାକାରମାନଙ୍କୁ ରାଜ୍ୟ ସରକାର ୨ ହଜାର ଟଙ୍କା ଭତ୍ତା ଦେବାର ବ୍ୟବସ୍ଥା କରିଥିବା ବେଳେ ୮୦ ବର୍ଷରୁ ଊର୍ଦ୍ଧ୍ୱ କଳାକାରଙ୍କୁ ମାସିକ ୨୫୦୦ ଟଙ୍କା ଭତ୍ତା ଦେବାକୁ ସରକାର ନିଷ୍ପତ୍ତି ନେଇଛନ୍ତି। କିନ୍ତୁ, ବାର୍ଦ୍ଧକ୍ୟ ଭତ୍ତା ବାବଦରେ ରାଜ୍ୟ ସରକାର ୮୦ ବର୍ଷରୁ ଊର୍ଦ୍ଧ୍ୱ ହିତାଧିକାରୀଙ୍କୁ ୩୫୦୦ ଟଙ୍କା ଭତ୍ତା ଦେଉଛନ୍ତି। ତେଣୁ ରାଜ୍ୟର ଅଧିକାଂଶ କଳାକାର ନିଜର ପରିଚୟ ଲୁଚାଇ କଳାକାର ଭତ୍ତା ବଦଳରେ ବାର୍ଦ୍ଧକ୍ୟ ଭତ୍ତା କିମ୍ବା ସରକାରଙ୍କ ବିଭିନ୍ନ ଯୋଜନା ଅନ୍ତର୍ଗତ ଅନ୍ୟ ଭତ୍ତା ପାଇଁ ଆବେଦନ କରୁଛନ୍ତି। ଯେଉଁ କାରଣରୁ କଳାକାରଙ୍କ ସ୍ୱତନ୍ତ୍ର ପରିଚୟ ଲୋପ ପାଉଛି। ତେଣୁ ସରକାର କଳାକାରଙ୍କ ଭତ୍ତା ୫ହଜାରକୁ ବୃଦ୍ଧି କରିବାକୁ ଗୃହରେ ବିଧାୟକ ଶ୍ରୀ ବେହେରା ଦାବି କରିଥିଲେ।

ସେହିପରି ବିଧବାଭତ୍ତା ବୃଦ୍ଧି ଦାବି କରି ବିଧାୟକ ବଦ୍ରି ପାତ୍ର କହିଲେ ଯେ ସରକାର ସବୁସ୍ତରରେ ବିଭିନ୍ନ ଯୋଜନା ମାଧ୍ୟମରେ ହିତାଧିକାରୀମାନଙ୍କର ଭତ୍ତା ବଢ଼ାଉଥିବା ବେଳେ ବିଧବା ମହିଳାମାନେ ପୂର୍ବ ସ୍ଥିରୀକୃତ ଭତ୍ତା ପାଉଛନ୍ତି। ଯାହା ସେମାନଙ୍କୁ ନିଅଣ୍ଟିଆ ହେଉଛି। ଏଥିପାଇଁ ବହୁ ବିଧବା ମହିଳା ନିଜ ଗୁଜରାଣ ମେଣ୍ଟାଇବା ଲାଗି ଦିନ ମଜୁରିଆ ଭାବେ କାର୍ଯ୍ୟ କରୁଛନ୍ତି। ତେଣୁ ବିଧବା ମହିଳାମାନଙ୍କ ଭତ୍ତା ୩୫୦୦ଟଙ୍କା କରିବାକୁ ଶ୍ରୀ ପାତ୍ର ବାଚସ୍ପତିଙ୍କ ମାଧ୍ୟମରେ ସରକାରଙ୍କ ଦୃଷ୍ଟି ଆକର୍ଷଣ କରିଛନ୍ତି।

# ହତ୍ୟା ପରେ ହାତବାନ୍ଧି କୂଅରେ ଫିଙ୍ଗିଦେଲେ

କଣ୍ଟାବାଞ୍ଜି,୨୯ ।୧୧(ସମିସ): ବଲାଙ୍ଗିର ଜିଲ୍ଲା କଣ୍ଟାବାଞ୍ଜି ଥାନା ବୁରୋମାଳ ଗାଁରେ ଶନିବାର ଏକ ଅଭାବନୀୟ ଘଟଣା ସାମ୍ନାକୁ ଆସିଛି। ଜଣେ ଯୁବକଙ୍କୁ ହତ୍ୟା ପରେ ହାତବାନ୍ଧି କୂଅରେ ଫିଙ୍ଗି ଦିଆଯାଇଛି। ମୃତକ ହେଲେ ସୁରେନ୍ଦ୍ର ଭାଟି।ପୁଲିସ ପହଞ୍ଚି ଶବ ଜବତ କରି କଣ୍ଟାବାଞ୍ଜି ଡାକ୍ତରଖାନାକୁ ପଠାଇଥିଲା। ବ୍ୟବଚ୍ଛେଦ ପରେ ମୃତଦେହ ତାଙ୍କ ପରିବାର ବର୍ଗଙ୍କୁ ହସ୍ତାନ୍ତର କରାଯାଇଛି।



ଗାଁର ଏକ ଚାଷ ଜମିରେ ଥିବା କୂଅରୁ ତାଙ୍କ ମୃତଦେହ ଉଦ୍ଧାର ହୋଇଛି। ସୁରେନ୍ଦ୍ର ସକାଳେ ଗାଁରେ ଗାଈ ଚରାଉଥିବା ସମସ୍ତେ ଦେଖିଥିଲେ। କିଛି ସମୟ ପରେ ତାଙ୍କର ପତ୍ତା ନ ମିଳିବାରୁ ପରିବାର ଲୋକେ ଖୋଜାଖୋଜି ଆରମ୍ଭ କରିଥିଲେ। ଶେଷରେ କଣ୍ଟାବାଞ୍ଜି ଥାନାରେ ନିଖୋଜ ନେଇ ଏତଲା ଦେଇଥିଲେ। ପୁଲିସ ଏକ ନିଖୋଜ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଥିଲା। ଖୋଜାଖୋଜି ବେଳେ ପରିବାର ଲୋକ ଗାଁର ଜଣକ ଚାଷ ଜମିରେ ଥିବା କୂଅରେ ସୁରେନ୍ଦ୍ରଙ୍କ ମୃତଦେହ ଭାସୁଥିବା ଦେଖିଥିଲେ। ଏନେଇ ପୁଲିସକୁ ଖବର ଦେଇଥିଲେ। ଅଗ୍ନିଶମ ବାହିନୀ ଘଟଣାସ୍ଥଳରେ ପହଞ୍ଚି ସୁରେନ୍ଦ୍ରଙ୍କ ଶବ ଉଦ୍ଧାର କରିଥିଲା। ତେବେ ତାଙ୍କ ଦୁଇ ହାତକୁ ଦୌଡ଼ିରେ ବନ୍ଧା ଯାଇଥିବା ସହ ଏକ ପଥର ଝୁଲୁଥିବା ଦେଖିବାକୁ ମିଳିଥିଲା। ଏଣୁ ତାଙ୍କୁ ହତ୍ୟା ପରେ କୂଅକୁ ଫିଙ୍ଗି ଦିଆଯାଇଥିବା ସ୍ପଷ୍ଟ ହୋଇଛି।

ଆଶ୍ରମ ବିଦ୍ୟାଳୟ ହଷ୍ଟେଲରେ ପ୍ରେସର୍ କୁକର୍ ଫାଟି ଛାତ୍ର ଆହତ

# ଘଟଣା ଲୁଚାଇବାକୁ ଛାତ୍ରଙ୍କୁ ୯ ଦିନ ଗୃହବନ୍ଦୀ

■ ପାଚେରି ଡେଇଁ ଉଦ୍ଧାର କଲେ ପୂର୍ବତନ ସାଂସଦ ପ୍ରଦୀପ ମାଝୀ
■ ପ୍ରଧାନଶିକ୍ଷକଙ୍କ ସମେତ ୩ ନିଲମ୍ବିତ

କୋଷାଗୁମୁଡ଼ା, ୨୯।୧୧(ସମିସ): ପ୍ରେସର୍ କୁକର୍ ଫାଟି ଜଣେ ଛାତ୍ର ଆହତ ହେବା ଘଟଣାକୁ ଚାପିଦେବା ପାଇଁ ଛାତ୍ରଙ୍କୁ ୯ଦିନ ଧରି ହଷ୍ଟେଲରେ ଗୃହବନ୍ଦୀ ରଖିବା ଭଳି ଘଟଣା ନବରଙ୍ଗପୁର ଜିଲ୍ଲାରେ ତୀବ୍ର ଆଲୋଡ଼ନ ସୃଷ୍ଟି କରିଛି। କୋଷାଗୁମୁଡ଼ା ବ୍ଲକ୍ କୋକଡ଼ି ସେମଲା ଆଶ୍ରମ ବିଦ୍ୟାଳୟ ହଷ୍ଟେଲରେ ଏପରି ଏକ ଅମାନବୀୟ ଘଟଣା ଘଟିଛି। ଆହତ ଛାତ୍ରଜଣଙ୍କ ହେଲେ, ସପ୍ତମ ଶ୍ରେଣୀ ଛାତ୍ର ଧନେଶ୍ୱର ଭତ୍ରା। କୌଣସି ସୂତ୍ରରୁ ଖବର ପାଇ ଶୁକ୍ରବାର ନବରଙ୍ଗପୁର ପୂର୍ବତନ ସାଂସଦ ତଥା ବିଜେଡି ସାଧାରଣ ସମ୍ପାଦକ ପ୍ରଦୀପ ମାଝୀ ହଷ୍ଟେଲ ପାଚେରି ଡେଇଁ ଧନେଶ୍ୱରଙ୍କୁ ଉଦ୍ଧାର କରିଛନ୍ତି। ଅତିରିକ୍ତ ଜିଲ୍ଲାପାଳ ବିଶ୍ୱଜିତ ବର୍ମନ ଛାତ୍ରଙ୍କୁ ଚିକିତ୍ସା ପାଇଁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଇଛନ୍ତି।

ସୂଚନାନୁଯାୟୀ, ଗତ ୨୦ ତାରିଖରେ ହଷ୍ଟେଲ ରୋଷେଇ ଘରେ ପ୍ରେସର୍ କୁକର ଫାଟି ଧନେଶ୍ୱର ଆହତ ହୋଇଥିଲେ। ତାଙ୍କ ମୁହଁ କ୍ଷତବିକ୍ଷତ ହୋଇଥିଲା। କିନ୍ତୁ



ସ୍କୁଲ ଓ ହଷ୍ଟେଲ କର୍ତ୍ତୃପକ୍ଷ ତାଙ୍କୁ ଡାକ୍ତରଖାନା ନନେଇ ହଷ୍ଟେଲ ଭିତରେ ଦୀର୍ଘ ୯ଦିନ ଧରି ତାଲା ପକାଇ ପଣବନ୍ଦୀ କରି ରଖିଥିଲେ। ପୂର୍ବତନ ସାଂସଦ ପ୍ରଦୀପ ମାଝୀ ହଷ୍ଟେଲ ପାଚେରି ଡେଇଁ ତାଙ୍କୁ ଉଦ୍ଧାର କରିବା ସହ ରାତି ୧୦ଟାରେ ଜିଲ୍ଲାପାଳଙ୍କ ଆବାସିକ କାର୍ଯ୍ୟାଳୟକୁ ଆସି ଛାତ୍ରଙ୍କୁ ହସ୍ତାନ୍ତର କରିଥିଲେ। ଗଣଶିକ୍ଷା ବିଭାଗ ପକ୍ଷରୁ ବିଦ୍ୟାଳୟ ଓ ମଙ୍ଗଳ ବିଭାଗ ପକ୍ଷରୁ ହଷ୍ଟେଲ ପରିଚାଳନା ହେଉଥିବା ବେଳେ ଏ ବିଷୟରେ କୌଣସି ଅଧିକାରୀ କିପରି ଜାଣିପାରିଲେ ନାହିଁ ବୋଲି ପ୍ରଦୀପ ପ୍ରଶ୍ନ କରିଥିଲେ। ଏଥିପାଇଁ ଜିଲ୍ଲାପାଳ ମଧ୍ୟ ସମାନ ପରିମାଣରେ ଦାୟୀ ବୋଲି ପ୍ରଦୀପ ତାଙ୍କୁ ସିଧାସଳଖ କହିଥିଲେ। ଛାତ୍ରଙ୍କୁ ଚିକିତ୍ସା ନ କରି ୯ ଦିନ କାଳ ବନ୍ଦ ରଖି ହତ୍ୟା ଉଦ୍ୟମ କରାଯାଇଛି ବୋଲି ଅଭିଯୋଗ କରିଥିଲେ। ତେବେ ଛାତ୍ର ଧନେଶ୍ୱରଙ୍କର କୌଣସି କ୍ଷତି ହେଲେ ଜିଲ୍ଲାରେ ଆନ୍ଦୋଳନ ହେବ ବୋଲି ସେ ଚେତାବନୀ ଦେଇଛନ୍ତି। ସେହିପରି ଘଟଣାସ୍ଥଳରେ ଉପସ୍ଥିତ ଥିବା ଜିଲ୍ଲା ମଙ୍ଗଳ ଅଧିକାରୀ ପାଲକା ରବୀନ୍ଦ୍ରଙ୍କ ଉପରେ ମଧ୍ୟ ପ୍ରଦୀପ ଭୀଷଣ ବର୍ଷିଥିଲେ।

ଏ ସଂପର୍କରେ ଜିଲ୍ଲାପାଳ ମହେଶ୍ୱର ସ୍ୱାଇଁ କହିଛନ୍ତି, ଘଟଣାର ତଦନ୍ତ ହେବ। ଛାତ୍ରଜଣଙ୍କ କେଉଁ ପରିସ୍ଥିତିରେ ରୋଷେଇ ଘରକୁ ଯାଇଥିଲେ, ଅଘଟଣ ପରେ ପ୍ରଧାନଶିକ୍ଷକ କାହିଁକି ଜଣାଇନଥିଲେ, ତାହାର ତଦନ୍ତ ସହ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ। ଏପଟେ ଏହି ଘଟଣାରେ ବିଭାଗ ପକ୍ଷରୁ ତତ୍ପରତା ପ୍ରକାଶ କରାଯିବା ସହ ବିଦ୍ୟାଳୟର ପ୍ରଧାନଶିକ୍ଷକ କାଙ୍ଗାଳୀ ଚରଣ ସେଠୀ, ହଷ୍ଟେଲ ଦାୟିତ୍ୱରେ ଥିବା ଶିକ୍ଷକ କପିଳ ସରାଭୁ, ରକ୍ଷେୟା ଡମ୍ବରୁ ଭତ୍ରାଙ୍କୁ ଶନିବାର କାର୍ଯ୍ୟରୁ ନିଲମ୍ବନ କରାଯାଇଛି। ସହକାରୀ ଶିକ୍ଷକ ମୀନ ରନ୍ଧାରୀଙ୍କୁ ପ୍ରଧାନ ଶିକ୍ଷକ ଦାୟିତ୍ୱ ଦିଆଯାଇଛି ବୋଲି କୋଷାଗୁମୁଡ଼ା ଗୋଷ୍ଠୀ ଶିକ୍ଷା ଅଧିକାରୀ ସୌମେନ୍ଦ୍ର ଭୌମିକ କହିଛନ୍ତି।

ସମ୍ବଲପୁରରେ ଆରମ୍ଭରୁ ଧାନକିଣା ବିଭ୍ରାଟ

# ମାର୍କେଟ୍ ୟାର୍ଡରୁ ଗଲା; ମିଲ୍ ଆଗରେ ଅଟକିଲା

ସମ୍ବଲପୁର, ୨୯।୧୧ (ସମିସ): ସରକାର-ମିଲର୍ ବିବାଦରେ ପେଷି ହେଉଛି ଚାଷୀ। ସମ୍ବଲପୁର ଜିଲ୍ଲା ବରେଇପାଲିରେ ଆଜି ଏଭଳି ଏକ ଦୃଶ୍ୟ ସାମ୍ନାକୁ ଆସିଛି। ମାର୍କେଟ୍ ୟାର୍ଡରୁ ଧାନ ଗାଡ଼ି ଯାଇଥିଲେ ହେଁ ମିଲର୍ ଧାନ ନେବାକୁ ଅମଙ୍ଗ ହେବାରୁ ଶହଶହ ବସ୍ତା ମିଲ୍ ଆଗରେ ପଡ଼ି ରହିବା ଭଳି ଅବସ୍ଥା ସୃଷ୍ଟି ହୋଇଛି। ଏହାର ପ୍ରତିବାଦରେ ମିଲ୍ ଆଗରେ ଚାଷୀମାନେ ଧାରଣା ଦେବାରୁ ମିଲର୍ ଧାନ ଉଠାଇଛି। କିନ୍ତୁ ସୋମବାରଠାରୁ ଆଉ ଧାନ ନେବନି ବୋଲି ରୋକଠୋକ୍ ମନା କରିଦେଇଛି।

ସୂଚନାନୁଯାୟୀ, ଗତ ୧୭ତାରିଖ ସମ୍ବଲପୁର ଜିଲ୍ଲାସ୍ତରୀୟ ଧାନ ସଂଗ୍ରହ କମିଟି (ଡିଏଲ୍‌ପିସି) ବୈଠକରେ ଚାଷୀ ଶୀଘ୍ର ଧାନକ୍ରୟ କରିବାକୁ ଦାବି କରିଥିଲେ। ବୈଠକରେ ୨୮ ତାରିଖକୁ ଧାନ ସଂଗ୍ରହ ତାରିଖ ଧାର୍ଯ୍ୟ ହୋଇଥିଲା। ତଦନୁଯାୟୀ, ଶୁକ୍ରବାର ବରେଇପାଲି ମାର୍କେଟ୍ ୟାର୍ଡରେ ଶହଶହ ସଂଖ୍ୟାରେ ଚାଷୀ ଆସି ଜମା ହୋଇଥିଲେ। ସେଠାରେ ପୂଜାର୍ଚ୍ଚନା ପରେ ଧାନ କିଣା ଆରମ୍ଭ ହେବାକୁ ସମସ୍ତେ ଅନେଇ ବସିଥିଲେ। କିନ୍ତୁ ଧାନକିଣା ଆରମ୍ଭ ହୋଇପାରିଲାନି। ବରେଇପାଲିସ୍ଥିତ ନିୟନ୍ତ୍ରିତ ବଜାର କମିଟି ସକାଳ ୯ଟାରୁ ଅପରାହ୍ନ ୨ଟା ପର୍ଯ୍ୟନ୍ତ ଜିଲ୍ଲା ପ୍ରଶାସନ, ଚାଷୀ ଓ ମିଲର୍‌ମାନଙ୍କ ମଧ୍ୟରେ ଆଲୋଚନା ହୋଇଥିଲେ ମଧ୍ୟ କୌଣସି ନିଷ୍କର୍ଷ ବାହାରି ନଥିଲା। ଫଳରେ ଶହଶହ କ୍ୱିଣ୍ଟାଲ ଧାନ ଗାଡ଼ି ସେମିତି ଛିଡ଼ା ହୋଇଥିଲା। ଏହାକୁ ନେଇ ଚାଷୀମାନଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇଥିଲା। ଏହାର ପ୍ରତିବାଦରେ ସେମାନେ ରେମେଡ୍ ଛକରେ ଧାନଗାଡ଼ି ରଖି ରାସ୍ତା



ଅବରୋଧ କରିବାକୁ ନିଷ୍ପତ୍ତି ନେଇଥିଲେ। ତେବେ ଏହା ଜାଣିପାରି ଅପରାହ୍ଣରେ ସଦର ଉପଜିଲ୍ଲାପାଳ ଘଟଣାସ୍ଥଳକୁ ଆସି ଶନିବାର ସବୁ ସମସ୍ୟାର ସମାଧାନ ହୋଇଯିବ ଓ ଧାନ କିଣା ଆରମ୍ଭ ହେବ ବୋଲି କହିଥିଲେ।

ଆଜି ସକାଳେ ଚାଷୀମାନେ ପୁଣିଥରେ ବରେଇପାଲି ମାର୍କେଟ୍ ୟାର୍ଡରେ ପହଞ୍ଚିଥିଲେ। ମୁଖ୍ୟ ଜିଲ୍ଲା ଯୋଗାଣ ଅଧିକାରୀ ଏବଂ ସମବାୟ ସମିତି ସମୂହ ଉପନିବନ୍ଧକ ପହଞ୍ଚି ଚାଷୀମାନଙ୍କ ସହ ଆଲୋଚନା କରି ଧାନକ୍ରୟ ହେବ ବୋଲି କହିଥିଲେ। ତଦନୁଯାୟୀ ମଧ୍ୟାହ୍ନ ପ୍ରାୟ ୧୨ଟାରେ ପୂଜାର୍ଚ୍ଚନା କରି ବରେଇପାଲି ମାର୍କେଟ୍ ୟାର୍ଡରୁ ୫ଟି ମିଲ୍‌କୁ ଧାନ ପଠାଯାଇଥିଲା। ସେଗୁଡ଼ିକ ହେଲା, ସମଲେଶ୍ୱରୀ ରାଇସ ମିଲ, ଅନ୍ନପୂର୍ଣ୍ଣା ରାଇସ ମିଲ, ବୈଷ୍ଣୋଦେବୀ ରାଇସ ଆଣ୍ଡ ଚୂଡ଼ା ମିଲ, ରାଧାକେଶବ ରାଇସ ମିଲ ଓ ଭେଙ୍କଟେସ୍ୱ ଚୂଡ଼ା ଆଣ୍ଡ ରାଇସ ମିଲ୍। କିନ୍ତୁ, ଗୋଟିଏ ପରେ ଗୋଟିଏ ଗାଡ଼ି ଯାଇ ମିଲ୍ ସମ୍ମୁଖରେ ଛିଡ଼ା ହୋଇଥିଲେ ହେଁ ମିଲର୍‌ମାନେ ଫାଟକ ଖୋଲିନଥିଲେ। ମିଲର୍‌ମାନଙ୍କ ସହ ଧାନସଂଗ୍ରହକୁ ନେଇ ଏଗ୍ରିମେଣ୍ଟ ହୋଇନି, ସେମାନେ ସିକ୍ୟୁରିଟି ଡିପୋଜିଟ୍ ବ୍ୟାଙ୍କ ଗ୍ୟାରେଣ୍ଟି ଦେଇନାହାନ୍ତି, ଏପରିକି ସ୍ୱୀକାରୋକ୍ତି ମଧ୍ୟ ଦେଇନାହାନ୍ତି ବୋଲି କହିଥିଲେ। ଏହାର ପ୍ରତିବାଦରେ ଚାଷୀମାନେ ମିଲ୍ ଆଗରେ ଧାରଣା ଦେବାରୁ ରାତି ପ୍ରାୟ ୮ଟାରେ ମିଲର୍‌ମାନେ ଧାନ ଉଠାଇଥିଲେ। କିନ୍ତୁ ସୋମବାରଠାରୁ ଆଉ ଧାନ ଉଠାଇବେ ନାହିଁ ବୋଲି ମନା କିରଦେଇଥିଲେ।

ଅପରପକ୍ଷେ, ରାଜ୍ୟ ମିଲ ମାଲିକ ସଂଘ ମଧ୍ୟ ସାମ୍ବାଦିକ ସମ୍ମିଳନୀ କରି ରୋକ୍‌ଠୋକ୍ ଭାବେ ଧାନ ନେବେନି ବୋଲି ମନା କରିଛି। ଧାନ ସଂଗ୍ରହ କରିବା ଦାୟିତ୍ୱ ଓଡ଼ିଶା ରାଜ୍ୟ ଯୋଗାଣ ନିଗମର। ଏହି ସଂସ୍ଥା ସମ୍ପୃକ୍ତ ଜିଲ୍ଲା ପ୍ରଶାସନ ଓ ଯୋଗାଣ ବିଭାଗ ଜରିଆରେ ଚାଷୀଙ୍କଠାରୁ ଧାନ ସଂଗ୍ରହ କରିଥାଏ। ମିଲର୍‌ଙ୍କ ଦାୟିତ୍ୱ ଯୋଗାଣ ବିଭାଗଠାରୁ ଧାନ ସଂଗ୍ରହ କରି କଷ୍ଟମ ମିଲିଂ ପରେ ଚାଉଳ ଫେରସ୍ତ କରିବା ମଧ୍ୟରେ ସୀମିତ। ରାଜ୍ୟ ସଂଘର ନିଷ୍ପତ୍ତି କ୍ରମେ ୭ଦଫା ଦାବିରେ ମିଲର୍‌ଙ୍କ ପକ୍ଷରୁ ରାଜ୍ୟସାରା ଆନ୍ଦୋଳନ ଜାରି ରହିଛି। ଦୁଇବର୍ଷ ହେଲା ଦାବିପୂରଣ ପାଇଁ ସରକାର ପଦକ୍ଷେପ ଗ୍ରହଣ କରୁନାହାନ୍ତି। ଏପରିକି, କଷ୍ଟମ ମିଲିଂ ପରେ ଗତ ଖରିଫ ଓ ରବି ଋତୁର ଚାଉଳକୁ ଖାଦ୍ୟ ନିଗମ ନେଇ ନଥିବା ଅଭିଯୋଗ କରିଛନ୍ତି।

ମିଲ୍ ସମ୍ମୁଖରେ ଧାରଣା ପରେ ଉଠିଲା ଧାନ

ମିଲର୍ସ ଆସୋସିଏସନ-ମନ୍ତ୍ରୀ ବୈଠକ

# ସମସ୍ତ ସହଯୋଗ ପାଇଁ ମିଲର୍ସ ଆସୋସିଏସନର ପ୍ରତିଶ୍ରୁତି

ଭୁବନେଶ୍ୱର, ୨୯।୧୧(ସମିସ): ଚଳିତ ଖରିଫ ଋତୁରେ ଧାନକିଣାକୁ ପ୍ରବଳ ନେଇ ଅବ୍ୟବସ୍ଥା ଦେଖାଦେଇଛି। ବରଗଡ଼ ଓ ସମ୍ବଲପୁରରେ ଅବ୍ୟବସ୍ଥା ଜଳଜଳ ଦିଶୁଥିବା ବେଳେ ଏହାକୁ ନେଇ ସରକାର ଅଡୁଆରେ ପଡ଼ିଛନ୍ତି। ବିଶେଷକରି ମିଲର୍ ଏବଂ ସରକାରଙ୍କ ମଧ୍ୟରେ ସମନ୍ୱୟର ଘୋର୍ ଅଭାବ ଥିବା ବେଳେ ତ୍ରୁଟି ସଜାଡ଼ିବାକୁ ଉଦ୍ୟମ କରିଛନ୍ତି ସରକାର। ଶନିବାର ଖାଦ୍ୟ ଯୋଗାଣ ଓ ଖାଉଟି କଲ୍ୟାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ରଙ୍କ ସହ ଓଡ଼ିଶା ରାଇସ ମିଲର୍ସ ଆସୋସିଏସନ୍ କର୍ମକର୍ତ୍ତାମାନେ ବିଭିନ୍ନ ପ୍ରସଙ୍ଗରେ ଆଲୋଚନା କରିଛନ୍ତି। ଏହି ଆଲୋଚନାରେ ମିଲର୍ସମାନେ ଧାନ ସଂଗ୍ରହ ପ୍ରକ୍ରିୟାରେ ସାମିଲ ହୋଇ ସହଯୋଗ ଜାରି ରଖିବାକୁ ମଧ୍ୟ ପ୍ରତିଶ୍ରୁତି ଦେଇଛନ୍ତି ବୋଲି ସରକାରଙ୍କ ପକ୍ଷରୁ କୁହାଯାଇଛି। ଲୋକସେବା ଭବନସ୍ଥିତ ମନ୍ତ୍ରୀଙ୍କ କାର୍ଯ୍ୟାଳୟରେ ଅନୁଷ୍ଠିତ ଉକ୍ତ ବୈଠକରେ ଧାନ ସଂଗ୍ରହ ଉପରେ ବିସ୍ତୃତ ଆଲୋଚନା ହୋଇଛି। ଧାନ ସଂଗ୍ରହରେ ସମସ୍ତ ସହଯୋଗ ଯୋଗାଇଦେବା ପାଇଁ ମିଲର୍ସ ସଂଘ ପକ୍ଷରୁ ପ୍ରତିଶ୍ରୁତି ଦିଆଯାଇଛି। ଚାଷୀମାନଙ୍କ ସ୍ୱାର୍ଥରକ୍ଷା ଦିଗରେ ମଧ୍ୟ ବୈଠକରେ ଆଲୋଚନା ହୋଇଛି ବୋଲି ବିଭାଗ ପକ୍ଷରୁ କୁହାଯାଇଛି। ବୈଠକରେ ବିଭାଗର ପ୍ରମୁଖ ଶାସନ ସଚିବଙ୍କ ସମେତ ବହୁ ବରିଷ୍ଠ ଅଧିକାରୀ ଉପସ୍ଥିତ ଥିଲେ।

# ନୂଆବର୍ଷରେ ନୂଆ ହିତାଧିକାରୀଙ୍କୁ ଏକାଥରକେ ୨ଟି କିସ୍ତି 'ସୁଭଦ୍ରା' ଟଙ୍କା

ଭୁବନେଶ୍ୱର, ୨୯।୧୧(ସମିସ): ନୂଆ ସୁଭଦ୍ରା ହିତାଧିକାରୀଙ୍କ ପାଇଁ ଖୁସି ଖବର। ନୂଆବର୍ଷରେ ଏକାଥରକେ ଦୁଇଟି କିସ୍ତି ଟଙ୍କା ପାଇବେ ଯୋଗ୍ୟ ହିତାଧିକାରୀ। ଏ ସଂପର୍କରେ ସୂଚନା ଦେଇଛନ୍ତି ଉପ-ମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା। ଶ୍ରୀମତୀ ପରିଡ଼ା କହିଛନ୍ତି, ଯେଉଁମାନଙ୍କୁ ୨୧ ବର୍ଷ ହେଲା, ସେମାନେ ଆପେଆପେ ଏହି ଯୋଜନାରେ ଯୋଡ଼ି ହେଉଛନ୍ତି। ସମସ୍ତେ ଯେପରି ସୁଭଦ୍ରା ଟଙ୍କା ପାଇବେ, ସେଥିପାଇଁ ବିଭାଗ କାମ କରୁଛି। କ୍ଷେତ୍ର ପରିଦର୍ଶନ ପରେ ସୁଭଦ୍ରା ଯୋଜନାରେ ୧୭ ଲକ୍ଷରୁ ଊର୍ଦ୍ଧ୍ୱ ମହିଳା ଯୋଡ଼ି ହେଲେଣି। ବର୍ତ୍ତମାନ ୧କୋଟି ୩ଲକ୍ଷ ୮୯ହଜାର ୮୦୧ମହିଳା ପ୍ରଥମ/ଦ୍ୱିତୀୟ କିସ୍ତି ପାଇଛନ୍ତି। ସେଥିମଧ୍ୟରୁ ୯୭ଲକ୍ଷ ୫୧ ହଜାର ୪୭୯ଜଣ ମହିଳା ସୁଭଦ୍ରା ଟଙ୍କା ପାଇଛନ୍ତି। ବୟସ କମ୍ ହୋଇଥିବା କାରଣରୁ ଗତଥର ଯେଉଁମାନେ ସୁଭଦ୍ରା ଯୋଜନାରେ ସାମିଲ ହୋଇପାରିନଥିଲେ, ସେମାନେ ଆବେଦନ କରୁଛନ୍ତି। ଏଥିପାଇଁ ଅବେଦନକାରୀଙ୍କ ବୟସ ୧ ଏପ୍ରିଲ, ୨୦୨୫ ସୁଦ୍ଧା ୨୧ବର୍ଷ କିମ୍ବା ତଦୂର୍ଦ୍ଧ୍ୱ ହୋଇଥିବା ଆବଶ୍ୟକ ଏବଂ ଏହି ଯୋଜନା ଅନ୍ତର୍ଗତ ଅନ୍ୟାନ୍ୟ ସମସ୍ତ ଯୋଗ୍ୟତା ମାନଦଣ୍ଡ ପୂରଣ କରୁଥିଲେ ସେମାନେ ଆବେଦନ କରିପାରିବେ ବୋଲି ଉପମୁଖ୍ୟମନ୍ତ୍ରୀ ତଥା ମହିଳା ଓ ଶିଶୁ ବିକାଶ ବିଭାଗ ମନ୍ତ୍ରୀ ପ୍ରଭାତୀ ପରିଡ଼ା କହିଛନ୍ତି।

# ଅନଲାଇନ୍ ଠକେଇ ମାମଲା; ମୁଖ୍ୟ ଅଭିଯୁକ୍ତ ଗିରଫ






ଅନୁଗୋଳ,୨୯ ।୧୧(ସମିସ): ଏକ ଅନଲାଇନ୍ ଠକେଇ ମାମଲାରେ ଅନୁଗୋଳ ଜିଲ୍ଲା ପୁଲିସ ମୁଖ୍ୟ ଅଭିଯୁକ୍ତଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଛି। ସ୍ଥାନୀୟ ଅମଲାପଡ଼ାସ୍ଥିତ ୟୁକୋ ବ୍ୟାଙ୍କରେ କାର୍ଯ୍ୟରତ ଅପରାଜିତା ପୁନମ ଗତ ଜୁଲାଇ ୨୬ ତାରିଖ ରାତି ପ୍ରାୟ ୮ଟା ୪୨ରେ ହ୍ୱାଟ୍ସଆପରେ ଏକ ଏପିକେ ଫାଇଲ୍ ପାଇଲେ ଯାହା କେୱାଇସି ଅପଡେଟ୍ ପାଇଁ ବୋଲି କୁହାଯାଇଥିଲା। ସେ ଏହାକୁ ଡାଉନଲୋଡ୍ ଏବଂ ଇନଷ୍ଟଲ୍ କରିବା ପରେ ଠକ ତାଙ୍କ ଫୋନରେ ପ୍ରବେଶ କରି ଆକାଉଣ୍ଟରୁ ଦୁଇଟି କିସ୍ତିରେ ୩ ଲକ୍ଷ ୯୯ ହଜାର ୯୦୦ ଟଙ୍କା ନେଇଯାଇଥିଲେ। ଏ ନେଇ ଅପରାଜିତା ଅନୁଗୋଳ ସାଇବର ଅପରାଧ ଏବଂ ଅର୍ଥନୈତିକ ଅପରାଧ ଥାନାରେ ୨୮ ତାରିଖ ଲିଖିତ ଅଭିଯୋଗ କରିଥିଲେ। ଅଭିଯୁକ୍ତଙ୍କୁ ଧରିବା ପାଇଁ ଅନୁଗୋଳ ଏସପି ରାହୁଲ ଜୈନଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଏକ ସ୍ୱତନ୍ତ୍ର ଦଳ ଗଠନ କରାଯାଇଥିଲା। ଦଳ ଡିଜିଟାଲ୍ ସୁରାକ୍, ଆର୍ଥିକ ରେକର୍ଡ ଯାଞ୍ଚ କରି ଝାଡ଼ଖଣ୍ଡରେ ଚଢ଼ଉ କରିଥିଲା। ନିରନ୍ତର ପ୍ରୟାସ ପରେ ପୁଲିସ ରାଞ୍ଚିରେ ରହୁଥିବା ଲାତେହାର ଜିଲ୍ଲାର ରୌଷଣ କୁମାର (୨୧)ଙ୍କୁ ଗିରଫ କରିଥିଲା। ପଚରାଉଚରା ବେଳେ ସେ ନିଜ ବନ୍ଧୁ ସୁନୀଲ କୁମାରଙ୍କ ସହିତ ତାଙ୍କ କ୍ରେଡିଟ୍ କାର୍ଡ ବ୍ୟବହାର କରି ଏହି ଅପରାଧ କରିଥିବା ସ୍ୱୀକାର କରିଛନ୍ତି। ତାଙ୍କ ନାମରେ ଏକ କ୍ରେଡିଟ୍ କାର୍ଡ ଆକାଉଣ୍ଟରେ ୨ ଲକ୍ଷ ଟଙ୍କା ଜମା କରାଯାଇଥିବା ତଦନ୍ତରୁ ଜଣାପଡ଼ିଛି। ଅପରାଧରେ ଜଡ଼ିତ ଅନ୍ୟ ଲୋକଙ୍କୁ ଗିରଫ କରିବା ପାଇଁ ପୁଲିସ ପ୍ରୟାସ ଜାରି ରଖିଛି। ପୁଲିସ ଅଭିଯୁକ୍ତ ନିକଟରୁ ଗୋଟିଏ କମଳା ରଙ୍ଗର ମୋବାଇଲ୍ ଫୋନ୍ ଜବତ କରିଛି। ତଦନ୍ତ ଟିମ୍‌ରେ ଇନ୍ସପେକ୍ଟର ଖଲେଶ୍ୱର ସେଠୀ, ଅନିଲ ପ୍ରଧାନ, ସତ୍ୟେନ ବେହେରା ଓ ଅନିଲ ସାହୁ ସାମିଲ ଥିଲେ। ଅନୁଗୋଳ ଜିଲ୍ଲା ପୁଲିସ ସାଇବର ଅପରାଧର ମୁକାବିଲା ଏବଂ ଜନସାଧାରଣଙ୍କ ସୁରକ୍ଷା ସୁନିଶ୍ଚିତ କରିବା ପାଇଁ ପ୍ରତିବଦ୍ଧ ବୋଲି ଶନିବାର ଅନୁଷ୍ଠିତ ସାମ୍ବାଦିକ ସମ୍ମିଳନୀରେ ଏସପି ଜୈନ କହିଛନ୍ତି। ସାମ୍ବାଦିକ ସମ୍ମିଳନୀରେ ଅନ୍ୟମାନଙ୍କ ମଧ୍ୟରେ ଡିଏସପି ଜାଗେଶ୍ୱରୀ ବେହେରା, ସାଇବର ଥାନା ଅଧିକାରୀ ଖଲେଶ୍ୱର ସେଠୀ ପ୍ରମୁଖ ଉପସ୍ଥିତ ଥିଲେ।

# ମହାଲକ୍ଷ୍ମୀ ପୂଜା ପ୍ରସ୍ତୁତି ବୈଠକ



କିଶୋରନଗର,୨୯ ।୧୧(ସମିସ): ଚଳିତ ବର୍ଷ କିଶୋରନଗର କଲେଜ ଛକ ଲକ୍ଷ୍ମୀପୂଜା କମିଟି ପକ୍ଷରୁ ୨୫ତମ ମାଣବସା ଗୁରୁବାର ପାଳନ କରାଯାଉଛି। ଏ ନେଇ ପ୍ରସ୍ତୁତି ପର୍ବ ଚୂଡ଼ାନ୍ତ ପର୍ଯ୍ୟାୟରେ ପହଞ୍ଚିଛି। ଶନିବାର କମିଟି ସଭାପତି ରଞ୍ଜନ ସାହୁଙ୍କ ସଭାପତିତ୍ୱରେ ସାପ୍ତାହିକ ହାଟପଦାରେ ଏ ନେଇ ଏକ ଜରୁରୀ ବୈଠକ ଅନୁଷ୍ଠିତ ହୋଇଛି। ବୈଠକରେ ଶାନ୍ତିଶୃଙ୍ଖଳା ସହ ୨୫ ବର୍ଷ ପୂର୍ତ୍ତି ପାଳନ ସମ୍ପର୍କରେ ଆଲୋଚନା ହୋଇଥିଲା। କମିଟି ସମ୍ପାଦକ ଚନ୍ଦନ ସ୍ୱାଇଁ, କୋଷାଧ୍ୟକ୍ଷ ରତ୍ନାକର ପ୍ରଧାନ, ସଭ୍ୟ ତ୍ରିନାଥ ସାହୁ, ଟୁନା ରାଉଳ, ରଞ୍ଜନ ସାହୁ, ପବିତ୍ର ଦେହୁରୀ, ଯତୀନ୍ଦ୍ର ପ୍ରଧାନ, ଆଲୋକ ପ୍ରଧାନ, ପବିତ୍ର ସାହୁ, ସରୋଜ ବିଶ୍ୱାଳ ପ୍ରମୁଖ ଆଲୋଚନାରେ ଅଂଶଗ୍ରହଣ କରିଥିଲେ। ଆସନ୍ତା ବୁଧବାର ପୂର୍ବାହ୍ନରେ କଳସଯାତ୍ରା ସହ ଗୁରୁବାରଠାରୁ ରବିବାର ପର୍ଯ୍ୟନ୍ତ ଯଥାରୀତି ମା'ଙ୍କ ପୂଜା କରାଯିବ ବୋଲି ନିଷ୍ପତ୍ତି ହୋଇଛି। ଏଥିସହ ବ୍ୟାସ ପ୍ରମୋଦ କୁମାର ତ୍ରିପାଠୀଙ୍କ ଦ୍ୱାରା ରାମଚରିତ ମାନସ ପାରାୟଣ ଓ ସନ୍ଧ୍ୟାରେ ପ୍ରବଚକ ମାନସରତ୍ନ ରବିନାରାୟଣ ହୋତାଙ୍କ ଦ୍ୱାରା ପ୍ରବଚନ କାର୍ଯ୍ୟକ୍ରମ ଅନୁଷ୍ଠିତ ହେବ ବୋଲି ସ୍ଥିର ହୋଇଛି। ସୋମବାର ମା'ଙ୍କ ଭସାଣି କାର୍ଯ୍ୟକ୍ରମ ରହିଛି।

## ■ ମାଲ୍ୟଗିରି କଲେଜ ସମ୍ମୁଖରେ ଦୁର୍ଘଟଣା

# କଣ୍ଟେନର ଧକ୍କାରେ ଅଧ୍ୟାପକ ଗୁରୁତର

ପାଲଲହଡ଼ା,୨୯ ।୧୧(ସମିସ): ୧୪୯ନଂ ଜାତୀୟ ରାଜପଥର ମାଲ୍ୟଗିରି ମହାବିଦ୍ୟାଳୟ ସମ୍ମୁଖରେ ଶନିବାର ସଡ଼କ ଦୁର୍ଘଟଣା ଘଟିଛି। କଣ୍ଟେନର ଧକ୍କାରେ ବାଇକ୍ ଆରୋହୀ ତଥା ମହାବିଦ୍ୟାଳୟର ପ୍ରାଣୀ ବିଜ୍ଞାନ ବିଭାଗ ଅଧ୍ୟାପକ ଭାସ୍କରଚନ୍ଦ୍ର ସାହୁ ଗୁରୁତର ଆହତ ହୋଇଛନ୍ତି। ଏହି ଦୁର୍ଘଟଣା ପରେ କଲେଜ ସମ୍ମୁଖରେ ଦୀର୍ଘ ସମୟ ପର୍ଯ୍ୟନ୍ତ ଉତ୍ତେଜନା ପ୍ରକାଶ ପାଇଥିଲା ରହିଥିଲା। ସ୍ଥାନୀୟ ଲୋକେ ରାସ୍ତାରୋକ କରିଥିଲେ। ପୁଲିସ ଲୋକଙ୍କୁ ବୁଝାସୁଝା କରିବା ପରେ ରାସ୍ତାରୋକ ହଟିଥିଲା। ପୁଲିସ ଦୁର୍ଘଟଣା ଘଟାଇଥିବା କଣ୍ଟେନରକୁ ଜବତ କରି ତଦନ୍ତ ଆରମ୍ଭ କରିଛି।

**ଘଟଣାସ୍ଥଳରେ ଉତ୍ତେଜନା**

ସୂଚନା ଅନୁସାରେ, ଶନିବାର ଅପରାହ୍ନ ୩ଟାରେ ମାଲ୍ୟଗିରି ମହାବିଦ୍ୟାଳୟ ଛୁଟି ହେବା ପରେ ଅଧ୍ୟାପକ ସାହୁ ନିଜ ବାଇକ୍‌ରେ ଘରକୁ ଫେରୁଥିଲେ। ସେ ୧୪୯ନଂ ଜାତୀୟ ରାଜପଥ ଅତିକ୍ରମ କରୁଥିବା ବେଳେ ମୁମ୍ବଇରୁ କୋଲକାତା ଅଭିମୁଖେ ଦ୍ରୁତଗତିରେ ଯାଉଥିବା ଏକ କଣ୍ଟେନର ତାଙ୍କୁ ସାମ୍ନାରୁ ଧକ୍କା ଦେଇଥିଲା। ଅଧ୍ୟାପକ ସାହୁ ଗାଡ଼ି ସାମ୍ନାରେ ପଡ଼ିଯାଇଥିଲେ। କଣ୍ଟେନର ତାଙ୍କୁ ବାଇକ୍ ସହ ପ୍ରାୟ ୧୦୦ ମିଟର ଘୋଷାଡ଼ି ନେଇଥିଲା। ଦୁର୍ଘଟଣା ପରେ ଟ୍ରକ ଡ୍ରାଇଭର ଗାଡ଼ି ଛାଡ଼ି ଫେରାର ହୋଇଯାଇଥିଲେ। କଲେଜ ଛାତ୍ରଛାତ୍ରୀ ଓ ସ୍ଥାନୀୟ ଲୋକେ ଅଧ୍ୟାପକ ସାହୁଙ୍କୁ ସଙ୍କଟାପନ୍ନ ଅବସ୍ଥାରେ ଉଦ୍ଧାର କରି ଏକ ଅଟୋ ଯୋଗେ ପାଲଲହଡ଼ା ଡାକ୍ତରଖାନା ଆଣିଥିଲେ। ତେବେ ଅବସ୍ଥା ଗୁରୁତର ଥିବାରୁ ତାଙ୍କୁ ଭୁବନେଶ୍ୱରର ଏକ ଘରୋଇ ହସ୍ପିଟାଲ ସ୍ଥାନାନ୍ତର କରାଯାଇଛି।

# ତହସିଲଦାରଙ୍କ ଉପସ୍ଥିତିରେ ଜବରଦଖଲ ଉଚ୍ଛେଦ



ବଣ୍ଡଁରପାଳ,୨୯ ।୧୧(ସମିସ): ବଣ୍ଡଁରପାଳ ବ୍ଲକ ଗୋତମରା ପଞ୍ଚାୟତ ମେଡିକାଲ କଲୋନୀରେ ସ୍ଥାନୀୟ ତହସିଲଦାରଙ୍କ ଉପସ୍ଥିତିରେ ଜବରଦଖଲ ଉଚ୍ଛେଦ କରାଯାଇ ଏକ ସରକାରୀ ଜାଗାକୁ ଉଦ୍ଧାର କରାଯାଇଛି। ବେଆଇନ ଭାବେ ନିର୍ମାଣ କରାଯାଇଥିବା ପାଚେରିକୁ ଭାଙ୍ଗି ଦିଆଯାଇଛି। ମେଡିକାଲ କଲୋନୀ ମଧ୍ୟରେ ପୂର୍ବରୁ ଗ୍ରୀଡ୍‌କୋର ଏକ ବିଦ୍ୟୁତ ଟାୱାର ଥିଲା ଯାହାକି ପରବର୍ତ୍ତୀ ସମୟରେ ଉଠିଯାଇଥିଲା। ଉକ୍ତ ଜାଗା ସହ କିଛି ଗୋଚର ଜମି ମଧ୍ୟ ଥିଲା। ଜାଗାଟି ମେଡିକାଲ କଲୋନୀର ମୁଖ୍ୟ ରାସ୍ତାକୁ ଲାଗି ରହିଥିଲା। ତେବେ ଉକ୍ତ ଜମି ପାଖକୁ ଲାଗିଥିବା ଜଣେ ସ୍ଥାନୀୟ ବାସିନ୍ଦା ନିଜ ଜମି ସହ ଉକ୍ତ ଜମିକୁ ନିଜର ବୋଲି ଦାବିକରି ପାଚେରି କରିଥିଲେ। ଏ ବିଷୟରେ କଲୋନୀ ବାସିନ୍ଦା ତହସିଲଦାରଙ୍କୁ ଅଭିଯୋଗ କରିଥିଲେ। ତହସିଲଦାର ସୁଶାନ୍ତ କୁମାର ମିଶ୍ର ଘଟଣାସ୍ଥଳରେ ପହଞ୍ଚି ତଦନ୍ତ କରିବା ସହ ତୁରନ୍ତ ବେଆଇନ ପାଚେରି ଭାଙ୍ଗିବାକୁ ନିର୍ଦ୍ଦେଶ ଦେଇଥିଲେ। ତହସିଲଦାରଙ୍କ ଏହି ପଦକ୍ଷେପକୁ ସ୍ଥାନୀୟ ବାସିନ୍ଦା ପ୍ରଶଂସା କରିଛନ୍ତି।

# ଓପି ଜିନ୍ଦଲ ସ୍କୁଲ ପକ୍ଷରୁ ବାର୍ଷିକ ପ୍ରଦର୍ଶନୀ 'ଏକ୍ସପ୍ଲୋରାଇଜ୍'



ଅନୁଗୋଳ,୨୯ ।୧୧(ସମିସ): ଅନୁଗୋଳ ଓପି ଜିନ୍ଦଲ ସ୍କୁଲ ପକ୍ଷରୁ ଜିନ୍ଦଲ ନଗର ଇଡେନ୍ ଗାର୍ଡେନ୍ ପରିସରରେ ବାର୍ଷିକ ପ୍ରଦର୍ଶନୀ ଏକ୍ସପ୍ଲୋରାଇଜ୍ ୨୦୨୫-୨୬ ଅନୁଷ୍ଠିତ ହୋଇଛି। ପ୍ରଦର୍ଶନୀରେ ପ୍ରାୟ ୨୦୦ଟି ଅଭିନବ ଏବଂ ସୃଜନଶୀଳ ପ୍ରକଳ୍ପ ପ୍ରଦର୍ଶିତ ହୋଇଥିଲା। ବିଜ୍ଞାନ, ଗଣିତ, ସାହିତ୍ୟ, ସାମାଜିକ ବିଜ୍ଞାନ, କଳା, କ୍ରୀଡ଼ା, ବ୍ରିଟିଶ କାଉନସିଲ, ୟୁନେସ୍କୋ, ବାଣିଜ୍ୟ ଏବଂ କ୍ୟାରିୟର ପରାମର୍ଶ ସମେତ ବିଭିନ୍ନ କ୍ଷେତ୍ରରେ ଛାତ୍ରଛାତ୍ରୀଙ୍କ ସୃଜନଶୀଳତା ଏବଂ ଉତ୍କର୍ଷତା ପ୍ରଦର୍ଶିତ ହୋଇଥିଲା। ପ୍ରକଳ୍ପଗୁଡ଼ିକ ଶିକ୍ଷକମାନଙ୍କ ତତ୍ତ୍ୱାବଧାନ ଓ ମାର୍ଗଦର୍ଶନରେ ପ୍ରସ୍ତୁତ ହୋଇଥିଲା। ବିଦ୍ୟାଳୟ ଅଧ୍ୟକ୍ଷ ଡ. ଅଶ୍ୱିନୀ କୁମାର ସାହୁ ସ୍ୱାଗତ ଅଭିଭାଷଣ ପ୍ରଦାନ କରିବା ପରେ ଛାତ୍ରଛାତ୍ରୀଙ୍କ ଦ୍ୱାରା ସ୍ୱାଗତ ସଙ୍ଗୀତ ପରିବେଷଣ କରାଯାଇଥିଲା। ସ୍ୱାଗତ ନୃତ୍ୟ ଏବଂ ସ୍କୁଲ୍ ବ୍ୟାଣ୍ଡ ଦ୍ୱାରା ବାଦ୍ୟ ପରିବେଷଣ ଭଳି ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ସମ୍ମାନିତ ଅତିଥି ଭାବେ ଅନୁଗୋଳ ଜିନ୍ଦଲ ଷ୍ଟିଲ୍ ଉପସଭାପତି ଓ ପ୍ରଶାସନ ମୁଖ୍ୟ କର୍ଣ୍ଣେଲ ସୁଦୀପ ମାଜୀ ଯୋଗଦେଇ ପ୍ରଦର୍ଶନୀକୁ ଉଦଘାଟନ କରିବା ସହ ଛାତ୍ରଛାତ୍ରୀଙ୍କୁ ସେମାନଙ୍କ ଉତ୍ସର୍ଗୀକୃତ ଭାବ ଏବଂ ପ୍ରଦର୍ଶିତ ପ୍ରକଳ୍ପକୁ ପ୍ରଶଂସା କରିଥିଲେ। ପ୍ରଦର୍ଶନୀର ବିଜେତା ଏବଂ ଓପିଜେଏସଏର ଯୁବ ଲେଖକ-ଲେଖିକାମାନଙ୍କୁ ସମ୍ମାନିତ କରିଥିଲେ।

# ଶୋଭାଗିନୀ ଦେବୀଙ୍କୁ ଓଡ଼ିଶାରତ୍ନ ସମ୍ମାନ



ତାଳଚେର,୨୯ ।୧୧(ସମିସ): ଓଡ଼ିଶା କଲଚର ଆର୍ଟ ଏକାଡେମୀ ପକ୍ଷରୁ ଭୁବନେଶ୍ୱର ଜୟଦେବ ଭବନରେ ଆୟୋଜିତ ଶରତ ମହୋତ୍ସବ ଅବସରରେ ତାଳଚେରର ଶିକ୍ଷାବିତ୍ ତଥା ସମାଜସେବୀ ଏବଂ ମହିଳା ମହାବିଦ୍ୟାଳୟର ପୂର୍ବତନ ଅଧ୍ୟକ୍ଷା ଶୋଭାଗିନୀ ଦେବୀଙ୍କୁ ଓଡ଼ିଶାରତ୍ନ ସମ୍ମାନରେ ସମ୍ମାନିତ କରାଯାଇଛି। ମୁଖ୍ୟଅତିଥି ଭାବେ ପୂର୍ବତନ ଶ୍ରୀମନ୍ଦିର ପ୍ରଶାସକ ତଥା ପୂର୍ବତନ ସଂସ୍କୃତି ନିର୍ଦ୍ଦେଶକ ରଞ୍ଜନ କୁମାର ଦାସ, ସମ୍ମାନିତ ଅତିଥି ଭାବେ ତ୍ରିଲୋଚନ ବରାଳ, ସମାଜସେବୀ ତଥା ଶିକ୍ଷାବିତ୍ ଶଶଧର ପଣ୍ଡା, ଜାତୀୟ ପୁରସ୍କାରପ୍ରାପ୍ତ ତଥା ପ୍ରତିଷ୍ଠାତା ବସନ୍ତ କୁମାର ଦାସ, ଚଳଚ୍ଚିତ୍ର ନିର୍ଦ୍ଦେଶକ ଅଭିଜିତ୍ ସିଂ ପ୍ରମୁଖ ଯୋଗଦେଇ ଶୋଭାଗିନୀଙ୍କୁ ଫୁଲତୋଡ଼ା, ମାନପତ୍ର ଏବଂ ଟ୍ରଫି ପ୍ରଦାନ କରିଥିଲେ। ଶୋଭାଗିନୀ ନିଜ ଜୀବନକୁ ଶିକ୍ଷା, ସାହିତ୍ୟ, ସଂସ୍କୃତି ପାଇଁ ଉତ୍ସର୍ଗ କରିଛନ୍ତି। ଜୀବନକାଳ ମଧ୍ୟରେ ୩ଟି ପୁସ୍ତକ ଯଥା-ରାଜା ସୌଭାଗ୍ୟ ଚନ୍ଦ୍ର ଦେବ, ରାଜା ହୃଦୟଚନ୍ଦ୍ର ଏବଂ ବିପ୍ଳବ କାବ୍ୟ କ୍ରାନ୍ତିଦୂତ ଉଦ୍ଧବ ଇତ୍ୟାଦି ପ୍ରକାଶ କରିଛନ୍ତି। ଏହାବ୍ୟତୀତ ଓଡ଼ିଶାର ବିଭିନ୍ନ ସ୍ଥାନରେ ଆୟୋଜିତ ସାହିତ୍ୟ ସମାରୋହରେ ଯୋଗଦେଇ ଉତ୍କୃଷ୍ଟ ମାନର କବିତା ଆବୃତି କରି ପ୍ରଶଂସିତ ମଧ୍ୟ ହୋଇଛନ୍ତି। ଛାତ୍ର ଜୀବନରୁ ଆରମ୍ଭ କରି ଆଜିପର୍ଯ୍ୟନ୍ତ ସମାଜସେବାରେ ନିଜକୁ ବ୍ରତୀ କରିଛନ୍ତି। ତାଳଚେରରେ ପ୍ରଥମ କରି ମହିଳା ମହାବିଦ୍ୟାଳୟ, ସୈନିକ ସ୍କୁଲ ସ୍ଥାପନ କରିଛନ୍ତି। ଏଥିସହ ଓଡ଼ିଶାର ବାଙ୍କୀ ରାଣୀ ଶୁକଦେଇଙ୍କ ନାମରେ ମହିଳା ପାଇକ ଯୋଦ୍ଧା ବାହିନୀ ଗଠନ କରି ନାରୀଶକ୍ତିର ପରାକାଷ୍ଠା ଦେଖାଇଛନ୍ତି। ଛାତ୍ରୀମାନଙ୍କୁ ନୀତିଆଦର୍ଶ ଓ ଦେଶପ୍ରେମର ଶିକ୍ଷା ଦେବାସହ ଶସକ୍ତ କରିପାରିଛନ୍ତି।

# ରୋଟାରୀ କ୍ଲବ ଅନୁଗୋଳ ରୟାଲର ସ୍ୱାସ୍ଥ୍ୟ ଶିବିର

ଅନୁଗୋଳ,୨୯ ।୧୧(ସମିସ): ରୋଟାରୀ କ୍ଲବ ଅନୁଗୋଳ ରୟାଲ ତରଫରୁ ରକ୍ତଦାନ ଶିବିର ସହିତ ମେଗା ସ୍ୱାସ୍ଥ୍ୟ ଏବଂ ସଚେତନତା ଶିବିର ବଇଣ୍ଡା ପଞ୍ଚାୟତ ସମିତି ଗୃହରେ ଅନୁଷ୍ଠିତ ହୋଇଛି। ରୋଟାରୀ ରୟାଲର ସଭାପତି ରୋଟାରିଆନ ଡାକ୍ତର କୁମାର ସୌମ୍ୟକାନ୍ତ ବିଶୋଇ ଏବଂ ରୋଟାରିଆନ କୈଳାସ ଅଗ୍ରୱାଲାଙ୍କ ଅଧ୍ୟକ୍ଷତାରେ ଶିବିରର ହୋଇଥିଲା। ଶିବିରରେ ଚର୍ମ, କାନ, ନାକ, ଗଳା, ଅସ୍ଥିଶଲ୍ୟ, ଶିଶୁରୋଗ, ଦାନ୍ତ, ଭେଷଜ ଏବଂ ମାନସିକ ରୋଗ ବିଶେଷଜ୍ଞଙ୍କ ଦ୍ୱାରା ସ୍ୱାସ୍ଥ୍ୟ ପରୀକ୍ଷା କରାଯାଇଥିଲା। ଚର୍ମରୋଗ ବିଶେଷଜ୍ଞ ଡା. ବିଚ୍ଛନ୍ଦ ପ୍ରଧାନ, ବିଶ୍ୱଜିତ୍ ସାମଲ, ମାନସିକ ରୋଗ ବିଶେଷଜ୍ଞ ଡା. ରଶ୍ମିତା ଭଞ୍ଜଦେଓ, ଭେଷଜ ବିଶେଷଜ୍ଞ ଡା. ଦେବାଶିଷ ପ୍ରଧାନ, ଡା. ଶ୍ୱେତା ସର, ଡା. କୁମାର ସୌମ୍ୟକାନ୍ତ ବିଶୋଇ, ଦନ୍ତ ଚିକିତ୍ସକ ଡା. ଶଶାଙ୍କ ଶେଖର ସାହୁ, ଡା. ମାଇକେଲ ଜନ, ଅସ୍ଥିଶଲ୍ୟ ବିଶେଷଜ୍ଞ ଡା. ଆଶୁତୋଷ ମିଶ୍ର, ଶିଶୁରୋଗ ବିଶେଷଜ୍ଞ ଡା. ସ୍ମୃତିରଞ୍ଜନ ବିଶ୍ୱାଳ, କର୍ଣ୍ଣ-ନାଶା-ଗଳା ବିଶେଷଜ୍ଞ ଡା. ଅନିଶ ସେଖ ୧୭୧ ଜଣଙ୍କ ସ୍ୱାସ୍ଥ୍ୟ ପରୀକ୍ଷା କରିଥିଲେ। ରକ୍ତଦାନ ଶିବିରରୁ ୪୨ ୟୁନିଟ ରକ୍ତ ସଂଗ୍ରହ କରଯାଇଥିଲା। ରୋଟାରୀ କ୍ଲବ ସମ୍ପାଦକ ରୋଟାରିଆନ ନୀହାର ରଞ୍ଜନ ପ୍ରସାଦ, ମିଲନ କୁମାର ଅଗ୍ରୱାଲ, ମଧୁସୂଦନ ଶର୍ମା, ମୁରାରୀଲାଲ ଅଗ୍ରୱାଲା, କହ୍ନେୟା ଚୌଧୁରୀ, ରାଜେଶ ସରଳିଆ, ଉର୍ମିଳା ଅଗ୍ରୱାଲା ସହଯୋଗ କରିଥିଲେ। ବଇଣ୍ଡା ଅଞ୍ଚଳର ସ୍ୱେଚ୍ଛାସେବୀମାନେ ସହଯୋଗ କରିଥିଲେ। ରୋଟାରିଆନ ଡା. ବିଚ୍ଛନ୍ଦ ପ୍ରଧାନ ଧନ୍ୟବାଦ ଜ୍ଞାପନ କରିଥିଲେ।




# ମଧ୍ୟାହ୍ନଭୋଜନ ଚାଉଳ ଚାଲାଣ ବେଳେ ଧରାପଡ଼ିଲେ ପ୍ରଧାନଶିକ୍ଷକ

## ● ପୁଲିସକୁ କାର ସହ ଚାଉଳ ହସ୍ତାନ୍ତର କଲେ ଗ୍ରାମବାସୀ

ଅନୁଗୋଳ/ବଇଣ୍ଡା,୨୯ ।୧୧(ସମିସ): ଆଠମଲ୍ଲିକ ବ୍ଲକ ଠାକୁରଗଡ଼ ଥାନା ଅଞ୍ଚଳର ଏକ ବିଦ୍ୟାଳୟରୁ ଶୁକ୍ରବାର ରାତିରେ ଏକ କୁଇଣ୍ଟାଲ ମଧ୍ୟାହ୍ନଭୋଜନ ଚାଉଳ ଚାଲାଣ ବେଳେ ଗ୍ରାମବାସୀଙ୍କ ଦ୍ୱାରା ଧରାପଡ଼ିଛି। ଚାଲାଣରେ ସମ୍ପୃକ୍ତ ବିଦ୍ୟାଳୟର ପ୍ରଧାନଶିକ୍ଷକଙ୍କ ସହ ଏକ କାରକୁ ଗ୍ରାମବାସୀ ଅଟକ ରଖି ପୁଲିସକୁ ହସ୍ତାନ୍ତର କରିଛନ୍ତି। ଏହି ଘଟଣାକୁ ଗ୍ରାମରେ ଚାପା ଉତ୍ତେଜନା ପ୍ରକାଶ ପାଇଛି।

ଉକ୍ତ ବିଦ୍ୟାଳୟରୁ ପୂର୍ବରୁ ମଧ୍ୟ କିଛି ସାମଗ୍ରୀ ଚୋରି ହୋଇଥିଲା। ଏହା ପରେ ଗ୍ରାମବାସୀ ରାତିରେ ବିଦ୍ୟାଳୟକୁ ଅନେକ ଥର ଯାଞ୍ଚ କରୁଥିଲେ। ଶୁକ୍ରବାର ରାତିରେ ପ୍ରଧାନଶିକ୍ଷକ ଏକ କାର ଯୋଗେ ଦୁଇବସ୍ତା ଚାଉଳ ନେଉଥିବା ବେଳେ କିଛି ଯୁବକ ଏହା ଦେଖି ଗ୍ରାମବାସୀଙ୍କୁ ଜଣାଇଥିଲେ। ଗ୍ରାମବାସୀ ଘଟଣାସ୍ଥଳରେ ପହଞ୍ଚି ରାତି ୮ଟାରେ କାହିଁକି ବିଦ୍ୟାଳୟକୁ ଆସିଛନ୍ତି ବୋଲି ପ୍ରଧାନଶିକ୍ଷକଙ୍କୁ ପଚାରିଥିଲେ। ତେବେ ପ୍ରଧାନଶିକ୍ଷକ କିଛି ଉତ୍ତର ନ ଦେଇ ପ୍ରସଙ୍ଗକୁ ଏଡ଼ାଇ ଦେଇଥିଲେ। ପରେ ଗ୍ରାମବାସୀ ପ୍ରଧାନଶିକ୍ଷକଙ୍କ କାର ଯାଞ୍ଚ କରିବା ବେଳେ ଦୁଇବସ୍ତା ମଧ୍ୟାହ୍ନ ଭୋଜନ ଚାଉଳ ଥିବା ଦେଖିବାକୁ ପାଇଥିଲେ। ଏହି ଘଟଣା ପରେ ଗ୍ରାମରେ ଉତ୍ତେଜନା ପ୍ରକାଶ ପାଇଥିଲା। ଏ ନେଇ ଗ୍ରାମବାସୀ ପୁଲିସକୁ ସୂଚନା ଦେଇଥିଲେ। ପୁଲିସ ପହଞ୍ଚି ଚାଉଳ ସହ କାରକୁ ହେପାଜତକୁ ନେଇଛି। ପ୍ରଧାନଶିକ୍ଷକଙ୍କୁ ଥାନାରେ ଅଟକ ରଖି ପଚରାଉଚରା କରୁଛି।

ଅନ୍ୟପଟେ ଶନିବାର ଏହି ପ୍ରସଙ୍ଗ ନେଇ ଗ୍ରାମବାସୀ ଥାନାକୁ ଯାଇଥିବା ବେଳେ ଘଟଣାକୁ ଚପାଇଦେବା ପାଇଁ ଶିକ୍ଷା ବିଭାଗର ଉଚ୍ଚ ଅଧିକାରୀମାନେ ପ୍ରବଳ ଚାପ ପକାଉଥିବା ଅଭିଯୋଗ କରିଛନ୍ତି। ଏ ନେଇ ଥାନା ଅଧିକାରୀ ଶଶିଭୂଷଣ ବେହେରା କୁହନ୍ତି, କାର ଓ ଚାଉଳ ଜବତ କରାଯିବା ସହ ପ୍ରଧାନଶିକ୍ଷକଙ୍କୁ ଅଟକ ରଖି ତଦନ୍ତ ଚାଲିଛି। ହେଲେ ଗ୍ରାମବାସୀ ଏ ନେଇ ଅଭିଯୋଗ କରିନାହାନ୍ତି। ଅଭିଯୋଗ କଲେ ମାମଲା ରୁଜୁ କରାଯିବ ବୋଲି ସେ କହିଛନ୍ତି। ଆଠମଲ୍ଲିକ ଏସଡିପିଓ ସୁଶାନ୍ତ କୁମାର ତାଉଡ଼ିଆ କୁହନ୍ତି, ପୁଲିସ ଏ ନେଇ ଏକ ଷ୍ଟେସନ ଡାୟରୀ କରିବାକୁ ନିର୍ଦ୍ଦେଶ ଦିଆଯାଇଛି। ଶିକ୍ଷକଙ୍କ ନାମରେ ଅଭିଯୋଗ କରାଗଲେ ମାମଲା ରୁଜୁ କରାଯିବ ବୋଲି ସେ କହିଛନ୍ତି।

# ୨.୩ ଲକ୍ଷର ବ୍ରାଉନସୁଗର ଜବତ; ଜଣେ ଗିରଫ

ଅନୁଗୋଳ,୨୯ ।୧୧(ସମିସ): ଶନିବାର ସକାଳେ ଅନୁଗୋଳ ଅବକାରୀ ବିଭାଗ ଅଧିକାରୀମାନେ ସ୍ଥାନୀୟ ପ୍ରଗତିନଗରରେ ଚଢ଼ଉ କରି ଜଣେ ବ୍ରାଉନସୁଗର ବେପାରୀଙ୍କୁ ଗିରଫ କରିବାରେ ସକ୍ଷମ ହୋଇଛନ୍ତି। ତାଙ୍କଠାରୁ ୨ ଲକ୍ଷ ୩୦ ହଜାର ଟଙ୍କାର ବ୍ରାଉନସୁଗର ଜବତ କରାଯାଇଛି।



ଗିରଫ ବ୍ୟକ୍ତି ଜଣକ ହେଲେ କୁମଣ୍ଡ ଗ୍ରାମର କୃଷ୍ଣା ଗୋଛାୟତ। ସକାଳ ୭ଟାରେ କୃଷ୍ଣା ପ୍ରଗତିନଗରସ୍ଥିତ ପଶ୍ଚିମେଶ୍ୱର ଶିବ ମନ୍ଦିର ପାଖରେ ବ୍ରାଉନସୁଗର ଧରି ଗ୍ରାହକ ଅପେକ୍ଷାରେ ଥିବା କୌଣସି ସୂତ୍ରରୁ ଖବର ପାଇ ଅବକାରୀ ଇନ୍ସପେକ୍ଟର ମାନସୀ ସାହୁ, ଏସଆଇ ଯୋଗେଶ୍ୱର ସାହୁଙ୍କ ସମେତ ମୋବାଇଲ ସ୍କ୍ୱାଡ୍ ସେଠାରେ ଅତର୍କିତ ଚଢ଼ଉ କରିଥିଲେ। କୃଷ୍ଣାଙ୍କୁ ଗିରଫ କରିବା ସହ ତାଙ୍କଠାରୁ ୨୩ ଗ୍ରାମ ଓଜନର ବ୍ରାଉନସୁଗର ଜବତ କରିଥିଲେ।

# ଦିଲୀପଙ୍କୁ ଦିଲ୍ଲୀରେ ଗୋପାଳରତ୍ନ ପୁରସ୍କାର

ଛେଣ୍ଡିପଦା,୨୯ ।୧୧(ସମିସ): ଛେଣ୍ଡିପଦା ବ୍ଲକ୍ ଟାଙ୍ଗୀର ଗାଁର ଦିଲୀପ ପ୍ରଧାନଙ୍କୁ କେନ୍ଦ୍ର ସରକାରଙ୍କ ପକ୍ଷରୁ ଦିଲ୍ଲୀରେ ଜାତୀୟ ଦୁଗ୍ଧ ଦିବସରେ ଗୋପାଳରତ୍ନ ପୁରସ୍କାର ପ୍ରଦାନ କରାଯାଇଛି। ଦିଲୀପ ଗତ ୧୪ ବର୍ଷ ହେଲାଣି ବିଏଆଇଏଫ୍ ନାମକ ଏକ ସରକାରୀ ସ୍ୱୀକୃତିପ୍ରାପ୍ତ ଏନ୍‌ଜିଓ ସଂସ୍ଥାରେ କୃତ୍ରିମ ପ୍ରଜନନ ଟେକ୍ନିସିଆନ ଭାବେ କାମ କରନ୍ତି। ଏଥିସହ ପାତ୍ରପଡ଼ା ସେଣ୍ଟରର ଅଧିକାରୀ ରହିବା ସହ ୧୮ ଗାଁରେ କାମକରି ଅଞ୍ଚଳରେ ବେଶ୍ ସୁନାମ ଅର୍ଜନ କରିଛନ୍ତି। ଗତ ୪ ବର୍ଷରେ ଦିଲୀପ ୪ ହଜାରରୁ ଅଧିକ ଗାଈଙ୍କ କୃତ୍ରିମ ପ୍ରଜନନ କରାଇଛନ୍ତି। ଶ୍ରେଷ୍ଠ କୃତ୍ରିମ ପ୍ରଜନନ ଟେକ୍ନିସିଆନ ଭାବେ କେନ୍ଦ୍ର ସରକାରଙ୍କ ଗୋପଳନ ବିଭାଗ ପକ୍ଷରୁ ଗତ ୨୬ ତାରିଖ ଗୋପାଳରତ୍ନ ପୁରସ୍କାର ପ୍ରଦାନ କରାଯାଇଛି। ପୁରସ୍କାର ସ୍ୱରୂପ ୫ଲକ୍ଷ ଟଙ୍କା ଅର୍ଥରାଶି ପ୍ରଦାନ କରାଯାଇଛି। ଦିଲୀପ ଓଡ଼ିଶାର ଏକମାତ୍ର ବ୍ୟକ୍ତି ଭାବେ ଏହି ପୁରସ୍କାର ପାଇଥିବାରୁ କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ଶୁଭେଚ୍ଛା ଜଣାଇଛନ୍ତି। ଏ ନେଇ ତାଙ୍କ ପରିବାର, ସଂସ୍ଥା ଓ ଗାଁରେ ଖୁସିର ଲହରୀ ଖେଳିଯାଇଛି। ଦିଲ୍ଲୀରୁ ପୁରସ୍କାର ପାଇ ଫେରିବା ପରେ ଟାଙ୍ଗିରି ପଞ୍ଚାୟତ ପକ୍ଷରୁ ତାଙ୍କୁ ବାଜାବାଣ ଫୁଟାଇ ଭବ୍ୟ ସ୍ୱାଗତ ସମ୍ବର୍ଦ୍ଧନା ଜ୍ଞାପନ କରାଯାଇଥିଲା। ଏଥିରେ ସରପଞ୍ଚ ଅମରେଶ ନାଥ, ମହେଶ୍ୱର ମାଝୀ, ରାକେଶ କୁମାର ନାଥ, ସମରେଶ ନାଥ, ଅର୍ଜୁନ କୁମାର ବେହେରା, ଦୟାନିଧି ବେହେରା, ବିପିନ ବିହାରୀ ନାଥ ପ୍ରମୁଖ ଉପସ୍ଥିତ ଥିଲେ।



## ସମ୍ବଲ ଜୁଆଙ୍ଗସାହି ଫୁଟବଲ ଟୁର୍ଣ୍ଣାମେଣ୍ଟ

# କେଜିଆର୍‌କୁ ହରାଇ ଜୟଶ୍ରୀରାମ କ୍ଲବ୍ ଚାମ୍ପିଅନ

ଖମାର,୨୯ ।୧୧(ସମିସ): ପାଲଲହଡ଼ା ବ୍ଲକ୍ ଈଶ୍ୱରନଗର ପଞ୍ଚାୟତ ସମ୍ବଲ ଖେଳପଡ଼ିଆଠାରେ ଆୟୋଜିତ ତୃତୀୟ ଜୁଆଙ୍ଗସାହି ଫୁଟବଲ ଟୁର୍ଣ୍ଣାମେଣ୍ଟ ଉଦଯାପିତ ହୋଇଛି। ତିନିଦିନ ଧରି ଚାଲିଥିବା ଏହି ଟୁର୍ଣ୍ଣାମେଣ୍ଟରେ ଅଞ୍ଚଳର ୧୬ଟି ଦଳ ଅଂଶଗ୍ରହଣ କରିଥିଲେ। ଫାଇନାଲରେ ଟମ୍ପର ଜୟଶ୍ରୀରାମ କ୍ଲବ୍ ୨-୦ ଗୋଲ୍‌ରେ କେଜିଆର୍ କଂସମୁଣ୍ଡାକୁ ପରାସ୍ତ କରି ଚାମ୍ପିଅନ୍ ହୋଇଛି।



ଉଦ୍‌ଯାପନୀ ଉତ୍ସବରେ ଈଶ୍ୱରନଗର ସରପଞ୍ଚ ହୃଦାନନ୍ଦ ସାହୁ ମୁଖ୍ୟଅତିଥି, ବିର୍ସା ବିକାଶ ସମିତି ସମ୍ପାଦକ ଚନ୍ଦ୍ର ମୋହନ ମୁଣ୍ଡରୀ, ଆଦିବାସୀ ନେତା ତଥା ରାଜ୍ୟ ହୋ ଭାଷା କମିଟି ସଭାପତି ଈଶ୍ୱର ଚନ୍ଦ୍ର ପିଙ୍ଗୁଆ ଏବଂ ଅନୁଗୋଳ ଜିଲ୍ଲା ହୋ ଭାଷା କମିଟି କାର୍ଯ୍ୟକାରୀ ସଭାପତି ସାମ୍ବାଦିକ ଖଗେଶ୍ୱର ପିଙ୍ଗୁଆ ସମ୍ମାନିତ ଅତିଥି ଭାବେ ଯୋଗଦେଇ ଚାମ୍ପିଅନ୍ ଓ ରନର୍ସଅପ୍ ଦଳ କ୍ୟାପ୍ଟେନ ସମେତ ସଫଳ ଖେଳାଳିଙ୍କୁ ପୁରସ୍କୃତ କରିଥିଲେ। ଜୁଆଙ୍ଗସାହି କ୍ଲବ୍ ସଭାପତି ଧନୁ ନାଏକ, ବାଗୁନ ସଏ, ବିକ୍ରମ ନାଏକ ପ୍ରମୁଖଙ୍କ ସମେତ ସମସ୍ତ ସଦସ୍ୟ ସହଯୋଗ କରିଥିଲେ।

BEST OFFER
SALE
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.
9437015112

## ଶିକ୍ଷକଙ୍କ ବଦଳି ଆଦେଶ ଘଟଣା

# କାର୍ଯ୍ୟରେ ଯୋଗ ନ ଦେବାରୁ କାରଣଦର୍ଶାଅ ନୋଟିସ

ରାଜନଗର,୨୯ ।୧୧(ସମିସ)

ରାଜନଗର ବ୍ଲକ ଡେରା ପଞ୍ଚାୟତ ନୂଆଗାଁ ଉନ୍ନୀତ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ଶିକ୍ଷକ ସଙ୍କଟ ଦୂର କରିବା ପାଇଁ ଗତ ୨୬ ତାରିଖଠାରୁ ବିଇଓ ଜଣେ ଶିକ୍ଷକଙ୍କୁ ସାମୟିକ ଭାବେ ପାଠ ପଢ଼ାଇବାକୁ ନିର୍ଦ୍ଦେଶ ଦେଇଥିଲେ ବି ସେ ଆଜି ଯାଏଁ କାର୍ଯ୍ୟରେ ଯୋଗଦେଇନାହାନ୍ତି । ଶନିବାର ଏ ନେଇ ବିଇଓ ସମ୍ପୃକ୍ତ ସହକାରୀ ଶିକ୍ଷକଙ୍କୁ କାରଣଦର୍ଶାଅ ନୋଟିସ ଜାରି କରିବା ସହ ତାଙ୍କ ଦରମା ବନ୍ଦ କରିଛନ୍ତି । ବ୍ଲକ ଶିକ୍ଷା ବିଭାଗ ପକ୍ଷରୁ ଚିଠି ନମ୍ବର ୨୫୦୪ରେ ହାତିନାସ୍ଥିତ ଲକ୍ଷ୍ମୀବରାହ ନୋଡାଲ ସରକାରୀ ଉଚ୍ଚ ବିଦ୍ୟାଳୟର ସହକାରୀ ଶିକ୍ଷକ ନିରଞ୍ଜନ ପଲେଇଙ୍କୁ କାରଣଦର୍ଶାଅ ନୋଟିସ ଜାରି କରାଯାଇଛି । ନୋଟିସରେ ସରକାରୀ କାର୍ଯ୍ୟରେ ଅବହେଳା କରିଥିବା ଦର୍ଶାଯାଇଛି । ଚିଠି ନମ୍ବର ୨୪୭୫ରେ ଆପଣଙ୍କୁ ନୂଆଗାଁ ୟୁଜିୟୁପି ସ୍କୁଲରେ କ୍ଲାସ ନେବା ପାଇଁ ନିଯୋଜିତ କରାଯାଇଥିଲା । କିନ୍ତୁ ଆପଣ ଆଜି ଯାଏଁ ନୂତନ ସ୍ଥାନରେ ଯୋଗଦେଇନାହାନ୍ତି । ଆପଣ ଉଚ୍ଚ କର୍ତ୍ତୃପକ୍ଷଙ୍କ ଆଦେଶକୁ ଅବମାନନା କରିଛନ୍ତି । ଆପଣଙ୍କ ବିରୋଧରେ କାହିଁକି ଶୃଙ୍ଖଳାଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରା ନ ଯିବ ତାହାର ଉତ୍ତର ୩ ଦିନ ଭିତରେ ଦେବାକୁ କୁହାଯାଇଛି । ନଚେତ ଆଇନ ଅନୁଯାୟୀ ଦୃଢ଼ କାର୍ଯ୍ୟାନୁଷ୍ଠାନ ନିଆଯିବ ବୋଲି ଚେତାବନୀ ଦିଆଯାଇଛି । ଏଥିସହ ପରବର୍ତ୍ତୀ ନିର୍ଦ୍ଦେଶ ପର୍ଯ୍ୟନ୍ତ ନଭେମ୍ବର ମାସର ଦରମା ବନ୍ଦ ରଖାଯିବ ବୋଲି କୁହାଯାଇଛି ।

ସୂଚନାଯୋଗ୍ୟ, ନୂଆଗାଁ ଉନ୍ନୀତ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ୮ ଶ୍ରେଣୀକୁ ମାତ୍ର ୨ ଶିକ୍ଷକ ଅଛନ୍ତି । ଶିକ୍ଷକ ଅଭାବ ଯୋଗୁଁ ବିଦ୍ୟାଳୟରେ ପାଠପଢ଼ା ଏକ ହେଉନାହିଁ କହିଲେ ଚଳେ । ଶିକ୍ଷକ ନିଯୁକ୍ତି ଦାବିରେ ୨୬ ତାରିଖ ଅଭିଭାବକମାନେ ବିଦ୍ୟାଳୟରେ ତାଲା ପକାଇଥିଲେ । ହାତିନାସ୍ଥିତ ଲକ୍ଷ୍ମୀବରାହ ନୋଡାଲ ଉଚ୍ଚ ବିଦ୍ୟାଳୟରେ ୧୦ ଶ୍ରେଣୀ ପାଇଁ ୨୨ ଶିକ୍ଷକ ଥିବାରୁ ସହକାରୀ ଶିକ୍ଷକ ନିରଞ୍ଜନ ପଲେଇଙ୍କୁ ନୂଆଗାଁ ବିଦ୍ୟାଳୟରେ ଟେକ କ୍ଲାସରେ ଯୋଗଦେବା ପାଇଁ ବିଇଓ ନିର୍ଦ୍ଦେଶ କରିଥିଲେ । ୨୬ ତାରିଖ ଅପରାହ୍ନରେ ଲକ୍ଷ୍ମୀବରାହ ଉଚ୍ଚ ବିଦ୍ୟାଳୟର ପ୍ରଧାନଶିକ୍ଷକ ଓ ସହକାରୀ ଶିକ୍ଷକ ପଲେଇଙ୍କ ପାଖରେ ଏହି ନିର୍ଦ୍ଦେଶ ପହଞ୍ଚିଥିଲା । ତେବେ ୨୭ ତାରିଖ ସକାଳେ ପଲେଇ ନୂଆଗାଁ ବିଦ୍ୟାଳୟରେ ଯୋଗଦେବାକୁ ଗଲେ ନହିଁ । ବରଂ ଉକ୍ତଦିନ ସକାଳ ୯ଟାରେ ଲକ୍ଷ୍ମୀବରାହ ଉଚ୍ଚ ବିଦ୍ୟାଳୟ ଫାଟକରେ ତାଲା ପକାଇ ଛାତ୍ରଛାତ୍ରୀ ବିଦ୍ୟାଳୟ ସମ୍ମୁଖ ମୁଖ୍ୟ ରାସ୍ତାରେ ବସିରହିଥିଲେ । କୋମଳମତି ଛାତ୍ରଛାତ୍ରୀଙ୍କୁ କିଏ ରାସ୍ତାକୁ ଆଣିଲା, ତାହା ପ୍ରଶ୍ନବାଚୀ ସୃଷ୍ଟି କରିଛି ।

ଏହା ପଛରେ ରାଜନୀତି ରହିଥିବା ବୁଦ୍ଧିଜୀବୀ ମହଲରେ ମତ ପ୍ରକାଶ ପାଇଛି । ଏହା ସତ୍ତ୍ୱେ ଶିକ୍ଷକ ପଲେଇ ବିଇଓଙ୍କ ନିର୍ଦ୍ଦେଶର ୪ ଦିନ ପରେ ବି ନୂତନ ସ୍ଥାନରେ ଯୋଗଦେଇନାହାନ୍ତି ।

## ପ୍ରାଣୀ ବିଜ୍ଞାନ ବିଭାଗରେ ଆଲୋଚନାଚକ୍ର



ପଟ୍ଟାମୁଣ୍ଡାଇ,୨୯ ।୧୧(ସମିସ): ପଟ୍ଟାମୁଣ୍ଡାଇ କଲେଜ ପ୍ରାଣୀ ବିଜ୍ଞାନ ବିଭାଗ ପକ୍ଷରୁ ଚାପ ନିୟନ୍ତ୍ରଣ ଶୀର୍ଷକ ଆଲୋଚନାଚକ୍ର ଅନୁଷ୍ଠିତ ହୋଇଛି । କଲେଜ ଅଧ୍ୟକ୍ଷ ପ୍ରଫେସର ଉମାକାନ୍ତ ପାତ୍ରଙ୍କ ପୌରୋହିତ୍ୟରେ ଆୟୋଜିତ ଆଲୋଚନାଚକ୍ରରେ ଭଦ୍ରକ ସ୍ୱୟଂଶାସିତ କଲେଜ ପ୍ରାଣୀ ବିଜ୍ଞାନ ବିଭାଗ ଆସିଷ୍ଟାଣ୍ଟ ପ୍ରଫେସର ଶ୍ରଦ୍ଧାଞ୍ଜଳି ସାହୁ ମୁଖ୍ୟ ଆଲୋଚକ ଭାବେ ଯୋଗଦେଇ ବିଷୟ ଭିତ୍ତିକ ଆଲୋଚନା କରିଥିଲେ । ପଟ୍ଟାମୁଣ୍ଡାଇ କଲେଜ ପ୍ରାଣୀ ବିଜ୍ଞାନ ବିଭାଗ ମୁଖ୍ୟ ଅଧ୍ୟାପିକା ସରୋଜିନୀ ମିଶ୍ର ଅତିଥି ପରିଚୟ ପ୍ରଦାନ କରିଥିଲେ । କଲେଜ ଆଇକ୍ୟୁଏସି ସଂଯୋଜକ ଅଧ୍ୟାପକ ସୁଭାଶିଷ ମିଶ୍ର ଅଭିଭାଷଣ ପ୍ରଦାନ କରିଥିଲେ । ପ୍ରାଣୀ ବିଜ୍ଞାନ ବିଭାଗ ଅଧ୍ୟାପକ ରାଶେଶ ଦାସ ଧନ୍ୟବାଦ ଦେଇଥିଲେ । ବିଭାଗୀୟ ଲାବ୍ ଆସିଷ୍ଟାଣ୍ଟ ନିରଞ୍ଜନ ବାରିକ ଓ ଛାତ୍ରଛାତ୍ରୀ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ ।

## ପଟ୍ଟାମୁଣ୍ଡାଇ ଓକିଲ ସଂଘ ପକ୍ଷରୁ ରକ୍ତଦାନ ଶିବିର



ପଟ୍ଟାମୁଣ୍ଡାଇ,୨୯ ।୧୧(ସମିସ): ପଟ୍ଟାମୁଣ୍ଡାଇ କୋର୍ଟ ଓ ଓକିଲ ସଂଘର ରୌପ୍ୟ ଜୟନ୍ତୀ ପାଳନ ଅବସରରେ ଓକିଲ ସଂଘ ପକ୍ଷରୁ ସଂଘ କାର୍ଯ୍ୟାଳୟରେ ରକ୍ତଦାନ ଶିବିର ଅନୁଷ୍ଠିତ ହୋଇଛି । ଅତିରିକ୍ତ ଜିଲ୍ଲା ଜଜ୍ ବିଦ୍ୟାଧର ପୃଷ୍ଟି ଶିବିରକୁ ଉଦଘାଟନ କରିଥିଲେ । ସବଜଜ୍ ଅପୂର୍ବା ଚୌଧୁରୀ, ଜେଏମଏଫସି ବିଦ୍ୟୁତଲତା ପ୍ରଧାନ, ଡିକେ ବାଳକ୍ରିଷ୍ଣନ ପ୍ରମୁଖ ସମ୍ମାନିତ ଅତିଥି ଭାବେ ଯୋଗଦେଇଥିଲେ । ଓକିଲ ସଂଘ ସଭାପତି ସୂର୍ଯ୍ୟରଞ୍ଜନ ରାଉଳ, ଉପସଭାପତି ସୁରେଶ କୁମାର ନରେନ୍ଦ୍ର, ସମ୍ପାଦକ ରବୀନ୍ଦ୍ର ଦାଶ, ଯୁଗ୍ମ ସମ୍ପାଦକ ମନୋଜ ନାୟକ, କୋଷାଧ୍ୟକ୍ଷ ପ୍ରମୋଦ ବିଶ୍ୱାଳ, ପାଠାଗାର ସମ୍ପାଦକ ପ୍ରକାଶ ପାତ୍ର, ବରିଷ୍ଠ ଆଇନଜୀବୀ କିଶୋର କୁଣ୍ଡ, ଭୀମସେନ ପ୍ରଧାନ, ନରହରି ଲେଙ୍କା, ତପନ ମିଶ୍ର, ବିଜୟ ରାଉତ, ବିଜ୍ଞାନ ଜେନା, ଧୀରେନ୍ଦ୍ର ସାହୁ, ସୌମ୍ୟରଞ୍ଜନ ଧଳ, ଗୋପୀନାଥ ତ୍ରିପାଠୀ, ଅଶ୍ୱିନୀ ବେହେରା, ଅଭିରାମ କୁଣ୍ଡ, ହୃଦାନନ୍ଦ ମହାନ୍ତି, ପ୍ରତାପ ପୃଷ୍ଟି, ଭବାନୀ ପଣ୍ଡା, ଲଳିତ ଦାସ ମହାପାତ୍ର, ସଞ୍ଜୀବ କର, ଗିରିଜା ଦାଶ, ଗୁରୁଚରଣ ଷଣ୍ଢ, ଅଶ୍ୱିନୀ ଚୌଧୁରୀ, ସୁନାକାର ପ୍ରଧାନ, ନାରାୟଣ ସାହୁ, ବିଦ୍ୟାଭୂଷଣ ଦାଶ, ପ୍ରଫୁଲ୍ଲ ଦାଶ, ଗୀତାଞ୍ଜଳି ପୃଷ୍ଟି, ବିଦ୍ୟାଧର ଦାଶ, ରାଜେନ୍ଦ୍ର ମିଶ୍ର ପ୍ରମୁଖ ଉପସ୍ଥିତ ଥିଲେ । ଶିବିରରେ ୬୨ ୟୁନିଟ ରକ୍ତ ସଂଗ୍ରହ କରାଯାଇଛି ।

## ସେଣ୍ଟ ଜାଭିୟର ହାଇସ୍କୁଲରେ ବିଜ୍ଞାନ ପ୍ରଦର୍ଶନୀ



ମାର୍ଶାଘାଇ,୨୯ ।୧୧(ସମିସ): ମାର୍ଶାଘାଇ ସେଣ୍ଟ ଜାଭିୟର ହାଇସ୍କୁଲରେ ବିଜ୍ଞାନ ପ୍ରଦର୍ଶନୀ ଅନୁଷ୍ଠିତ ହୋଇଛି । ମୁଖ୍ୟଅତିଥି ଭାବେ ଏବିଇଓ ସୁଶାନ୍ତ କୁମାର ବେଉରା, ସମ୍ମାନିତ ଅତିଥି ଭାବେ ଅଧ୍ୟକ୍ଷ ପିଏମ୍ ରାଜେଶ ଚୌଧୁରୀ ଯୋଗଦେଇ ପ୍ରଦର୍ଶନୀକୁ ଉଦ୍‌ଘାଟନ କରିଥିଲେ । ଛାତ୍ରଛାତ୍ରୀଙ୍କ ଦ୍ୱାରା ୫୨ଟି ପ୍ରକଳ୍ପ ପ୍ରଦର୍ଶିତ ହୋଇଥିଲା । କୃତୀ ପ୍ରତିଯୋଗୀଙ୍କୁ ମୁଖ୍ୟଅତିଥି ପୁରସ୍କୃତ କରିଥିଲେ । ଶିକ୍ଷକ କବିର କୁମାର ବସନ୍ତିଆ, ଅଜାମ୍ବର ଗେରୁ, ମନୋଲିସା ବଳବନ୍ତରାୟ, ଶର୍ମିଷ୍ଠା ଦାଶ, ଅନନ୍ୟା ସେଠୀ, ଗାୟତ୍ରୀ ଲେଙ୍କା ପ୍ରମୁଖ ସହଯୋଗ କରିଥିଲେ ।

## କୁରାଳ ପଞ୍ଚମୀ ଉତ୍ସବ ପାଳିତ

ଡେରାବିଶ,୨୯ ।୧୧(ସମିସ): ଡେରାବିଶ ବ୍ଲକ ଚାନ୍ଦୋଳ ପଞ୍ଚାୟତ ନରଣପଡ଼ା ଗ୍ରାମର କୁମ୍ଭକାର ସଂଗଠନ ପକ୍ଷରୁ କୁରାଳ ପଞ୍ଚମ ଉତ୍ସବ ପାଳିତ ହୋଇଛି । ଗତ ୨୫ ତାରିଖରୁ



ଗ୍ରାମରେ ଲକ୍ଷ୍ମୀନାରାୟଣଙ୍କ ଯୁଗଳ ମୂର୍ତ୍ତି ପୂଜାପାଇ ଆସୁଛନ୍ତି । ପ୍ରତ୍ୟେକ କୁମ୍ଭକାର ପରିବାର ସଦସ୍ୟ ନୂତନ ବସ୍ତ୍ର ପରିଧାନ କରିବା ସହ ସେମାନଙ୍କ ଘରେ ଥିବା କୁମ୍ଭାର ଚକକୁ ପୂଜା କରିଥାନ୍ତି । ସମସ୍ତଙ୍କ ଘରେ ପିଠପଣାର ଆସର ଜମିଥାଏ । ପାଞ୍ଚଦିନ ବ୍ୟାପୀ ଅନୁଷ୍ଠିତ ହେଉଥିବା ଏହି ଉତ୍ସବ ରବିବାର ଉଦଯାପିତ ହେବ । ଗ୍ରାମର ପଦ୍ମଚରଣ ବେହେରା, ନବଘନ ବେହେରା, କୈଳାସ ବେହେରା, ଭ୍ରମରବର ବେହେରା ପ୍ରମୁଖ ପୂଜା ପରିଚାଳନା କରୁଛନ୍ତି । ସେହିପରି ଖମୋଳ ପଞ୍ଚାୟତ ଜହ୍ନିମୂଳ ଗ୍ରାମରେ ମଧ୍ୟ ଏହି ଉତ୍ସବ ପାଳନ ହେଉଛି ।

## ବନ୍ଦେ ମାତରମ ୧୫୦ ବର୍ଷ ପୂର୍ତ୍ତି ଓ ଆତ୍ମନିର୍ଭର ଭାରତ ସଂକଳ୍ପ ଅଭିଯାନ

# ‘ବିଷ୍ଣୁପ୍ରସାଦ ଦାସ ରାଜ୍ୟ ବିଜେପି ସଭାପତି’ ବ୍ୟାନରକୁ ନେଇ ଚର୍ଚ୍ଚା

ରାଜନଗର,୨୯ ।୧୧(ସମିସ): ରାଜନଗର ବ୍ଲକ ଚାନ୍ଦିବାଉଁଶମୂଳ ପଞ୍ଚାୟତ ଜରିମୂଳ ହାଟ ପଡ଼ିଆରେ ବିଜେପି ପକ୍ଷରୁ ବନ୍ଦେ ମାତରମର ୧୫୦ ବର୍ଷ ପୂର୍ତ୍ତି ଓ ଆତ୍ମନିର୍ଭର ଭାରତ ସଂକଳ୍ପ ଅଭିଯାନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି । ବିକ୍ରମ ବାରିକଙ୍କ ସଂଯୋଜନାରେ ଅନୁଷ୍ଠିତ ସଭାରେ ମୁଖ୍ୟଅତିଥି ଭାବେ ରାଜ୍ୟ ବିଜେପି ଉପସଭାପତି ବିଷ୍ଣୁଚରଣ ଦାସ ଯୋଗଦେଇ କହିଲେ, ବନ୍ଦେ ମାତରମ କେବଳ ଏକ ଜାତୀୟ ଗୀତ ନୁହେଁ, ସବୁ ଭାରତୀୟଙ୍କର ଏହା ହୃଦ୍‌ସ୍ପନ୍ଦନ । ବଙ୍କିମ ଚନ୍ଦ୍ର ଚଟ୍ଟୋପାଧ୍ୟାୟଙ୍କ ଲିଖିତ ଏହି ସଙ୍ଗୀତ ଦେଶର ସ୍ୱାଧୀନତା ଆନ୍ଦୋଳନରେ ପ୍ରମୁଖ ଭୂମିକା ନେଇଥିଲା ବୋଲି ସେ କହିଥିଲେ । କାର୍ଯ୍ୟକ୍ରମରେ ବିଜେପି ନେତା ଲଳିତକୁମାର ବେହେରା, ଜିଲ୍ଲା ସଭାପତି ଶଶାଙ୍କ ଶେଖର ସେଠୀ, ରାଜ୍ୟ କାର୍ଯ୍ୟକାରିଣୀ ସଦସ୍ୟ ସୁନାକର ବେହେରା,




ବନ୍ଦେ ମାତରମର ଜିଲ୍ଲା ସଂଯୋଜକ ଶ୍ରୀଧର ପ୍ରଧାନ, ଆତ୍ମନିର୍ଭର ଭାରତର ସଂଯୋଜକ ମାନସରଞ୍ଜନ ଦାସ, ସନ୍ତୋଷ ମହାନ୍ତି, ଦିଲୀପ ରାଉତ, ଜୋନ ସଭାପତି ରାଜୀବଲୋଚନ ନାୟକ ପ୍ରମୁଖ ଯୋଗଦେଇଥିଲେ । ତେବେ ସଭାସ୍ଥଳ ଓ ବିଭିନ୍ନ ସ୍ଥାନରେ ଲଗାଯାଇଥିବା ସ୍ୱାଗତମ ରାଜ୍ୟ ସଭାପତି ଓଡ଼ିଶା ଶ୍ରୀଯୁକ୍ତ ବିଷ୍ଣୁ ପ୍ରସାଦ ଦାସ ବ୍ୟାନରକୁ ନେଇ ଚର୍ଚ୍ଚା ଜୋର ଧରିଛି । ବ୍ୟାନରରେ ପ୍ରଧାନମନ୍ତ୍ରୀ, ମୁଖ୍ୟମନ୍ତ୍ରୀ, ରାଜ୍ୟ ସଭାପତି ଓ ସାଂସଦଙ୍କ ସମେତ ବିଷ୍ଣୁପ୍ରସାଦ ଦାସ ଓ ଲଳିତ କୁମାର ବେହେରାଙ୍କ ଫଟୋ ରହିଛି । ବିଜେପି ଚିହ୍ନ ଥିବା ଏହି ବ୍ୟାନର ଚାରିଆଡ଼େ ଲାଗିଛି । ବିଜେପି ରାଜ୍ୟ ସଭାପତି ମନମୋହନ ସାମଲ ଥିବାବେଳେ ବିଷ୍ଣୁପ୍ରସାଦ ଦାସଙ୍କ ଫଟୋ ସହ ରାଜ୍ୟ ସଭାପତି ଲେଖାଯାଇ ବ୍ୟାନର ମରାଯିବା ଘଟଣା ଅଞ୍ଚଳରେ ରାଜନୈତିକ ଚର୍ଚ୍ଚାକୁ ଖୋରାକ ଯୋଗାଇଛି । ବିଭିନ୍ନ ସ୍ଥାନରେ ଏହି ବ୍ୟାନର ଲାଗିଥିବା ସତ୍ତ୍ୱେ କାର୍ଯ୍ୟକ୍ରମ ଶେଷ ହେବା ପର୍ଯ୍ୟନ୍ତ ବିଜେପି କାର୍ଯ୍ୟକର୍ତ୍ତା କିପରି ଏହା ଜାଣିପାରିଲେ ନାହିଁ ତାହା ପ୍ରଶ୍ନବାଚୀ ସୃଷ୍ଟି କରିଛି ।

## ପଟ୍ଟାମୁଣ୍ଡାଇ ସହର ହେବ ସ୍ୱଚ୍ଛତାରେ ଶ୍ରେଷ୍ଠ

ପଟ୍ଟାମୁଣ୍ଡାଇ,୨୯ ।୧୧(ସମିସ): ରାଜ୍ୟ ସରକାରଙ୍କ ନଗର ଉନ୍ନୟନ ବିଭାଗ ନିର୍ଦ୍ଦେଶରେ ବିଭିନ୍ନ ପୌରାଞ୍ଚଳରେ ସ୍ୱଚ୍ଛତା ସର୍ବେକ୍ଷଣ ଆରମ୍ଭ ହୋଇଛି । ଏହି କ୍ରମରେ ଭୁବନେଶ୍ୱର ମ୍ୟୁନିସିପାଲ କର୍ପୋରେସନ (ବିଏମ୍‌ସି) ପକ୍ଷରୁ ପଟ୍ଟାମୁଣ୍ଡାଇ ମ୍ୟୁନିସିପାଲିଟିରେ ସ୍ୱଚ୍ଛତା ସର୍ବେକ୍ଷଣ କରାଯାଇଥିଲା । ବିଏମସିରୁ ଆସିଥିବା ପ୍ରତିନିଧିଦଳ ପଟ୍ଟାମୁଣ୍ଡାଇ ପୌରାଞ୍ଚଳ ପରିଦର୍ଶନ କରି ସହରକୁ ଅଧିକ ସରସସୁନ୍ଦର କରିବା ସହିତ ସ୍ୱଚ୍ଛତା କାର୍ଯ୍ୟକ୍ରମ ତ୍ୱରାନ୍ୱିତ କରିବା ପାଇଁ ଅନେକ ଉପାଦେୟ ତଥ୍ୟ ପ୍ରଦାନ କରିଥିଲେ । ପଟ୍ଟାମୁଣ୍ଡାଇ ପୌର ପରିଷଦର ସମସ୍ତ କର୍ମଚାରୀ, ସ୍ୱଚ୍ଛସାଥୀ, ସଫେଇ କର୍ମଚାରୀ ସହରର ସ୍ୱଚ୍ଛତା ବଜାୟ ରଖିବା ସହ ଏହାକୁ ସବୁଜସୁନ୍ଦର ଓ ସୁସ୍ଥ ସହର ଭାବେ ଗଢ଼ି ତୋଳିବା ପାଇଁ ସଂକଳ୍ପ ନେଇଥିଲେ । ବିଏମ୍‌ସି ପ୍ରତିନିଧିଦଳ ପଟ୍ଟାମୁଣ୍ଡାଇ ପୌରାଞ୍ଚଳର ସମସ୍ତ ୱାର୍ଡ ବୁଲିବା ସହ ଲୋକଙ୍କୁ ପଟ୍ଟାମୁଣ୍ଡାଇ ପୌର ପରିଷଦ ପକ୍ଷରୁ ଯୋଗାଇ ଦିଆଯାଉଥିବା ସୁବିଧା ସୁଯୋଗ ସମ୍ପର୍କରେ ପଚାରି ବୁଝିଥିଲେ । ପ୍ରତିନିଧିଦଳ ପୌରାଞ୍ଚଳର ସ୍ୱଚ୍ଛତା ଓ ସୁନ୍ଦରତାକୁ ପ୍ରଶଂସା କରି ଏହି ପୌରାଞ୍ଚଳ ସ୍ୱଚ୍ଛତା ସର୍ବେକ୍ଷଣରେ ଶ୍ରେଷ୍ଠ ସ୍ଥାନ ପାଇବ ବୋଲି ପ୍ରକାଶ କରିଛନ୍ତି । ବିଏମ୍‌ସି ପକ୍ଷରୁ ଆସିଷ୍ଟାଣ୍ଟ କମିଶନର ଦେବାଶିଷ ବେହେରା, ରବିରାଜ ପ୍ରଧାନ, ପୀୟୂଷ କିଶୋର ଖଟାଇ ଓ ପଟ୍ଟାମୁଣ୍ଡାଇ ପୌର ପରିଷଦ ପକ୍ଷରୁ ନିର୍ବାହୀ ଅଧିକାରୀ ରଞ୍ଜନ କୁମାର ଦାଶ, ଇଂ ସୁଶୀଳ ବେହେରା, ପରିମଳ ନିରୀକ୍ଷକ ପ୍ରଫୁଲ୍ଲ ଦାଶ ଓ ପୌର ପରିଷଦ କର୍ମଚାରୀ ସ୍ୱଚ୍ଛତା ସର୍ବେକ୍ଷଣରେ ସାମିଲ ହୋଇଥିଲେ ।

## ଆବାସ ନିର୍ମାଣ କାର୍ଯ୍ୟରେ ବାଧକ ସାଜିଛି ବାଲି

ଡେରାବିଶ,୨୯ ।୧୧(ସମିସ): ଡେରାବିଶ ବ୍ଲକ ଅଞ୍ଚଳରେ ଏବେ ଆବାସ ନିର୍ମାଣ କାର୍ଯ୍ୟରେ ମୁଖ୍ୟ ବାଧକ ସାଜିଛି ବାଲି । କେନ୍ଦ୍ରାପଡ଼ା ଜିଲ୍ଲାରେ ବାଲିଘାଟ ସରକାରୀ ଭାବେ ନିଲାମ ନ ହେବା ଦ୍ୱାରା ଅନ୍ୟ ଜିଲ୍ଲାରୁ ଆସୁଥିବା ବାଲିର ଦର ବହୁ ଅଧିକ ପଡୁଛି । ଏପରିକି ଗୋଟିଏ ଟ୍ରାକ୍ଟର ପିଛା ବାଲିଦର ୨୫୦୦ ଟଙ୍କାରୁ ଅଧିକ ପଡୁଥିବାରୁ ଲୋକେ ବାଲି କିଣି ଘର କାମ କରିବକୁ ଅସମର୍ଥ ହୋଇପଡୁଛନ୍ତି । ନଦୀନାଳ ଘେରା ଡେରାବିଶ ବ୍ଲକ ଅଞ୍ଚଳରେ ପ୍ରଚୁର ପରିମାଣରେ ଲଘୁ ଖଣିଜ ସମ୍ପଦ ବାଲି ମହଜୁଦ ରହିଛି । ବ୍ଲକର ଗୋଟିଏ ପଟେ ଲୁଣାନଦୀ ଥିବାବେଳେ ଅନ୍ୟ ପଟେ ବିରୁପା ରହିଛି । ଏହି ନଦୀରେ ବର୍ଷାଦିନ ବ୍ୟତୀତ ଅନ୍ୟ ଋତୁରେ ନଦୀଶଯ୍ୟା ଶୁଖି ପ୍ରଚୁର ମଧୁର ବାଲି ମିଳିଥାଏ । ଏହି ଦୁଇ ନଦୀର ବାଲି କେବଳ ଡେରାବିଶ ବ୍ଲକ କାହିଁକି କେନ୍ଦ୍ରାପଡ଼ା, ଯାଜପୁର ଓ ଜଗତସିଂହପୁର ଜିଲ୍ଲାରେ ଲୋକଙ୍କ ଆବଶ୍ୟକତା ମେଣ୍ଟାଇଥାଏ । ପୂର୍ବରୁ ସରକାରଙ୍କ ପକ୍ଷରୁ ତହସିଲ ମାଧ୍ୟମରେ ଘାଟ ନିଲମ ହେଉଥିବା ବେଳେ ଏହି ଦୁଇ ନଦୀର ବିଭିନ୍ନ ଘାଟରୁ ସୁଲଭ ମୂଲ୍ୟରେ ବାଲି ନେଇ ଲୋକେ ବିଭିନ୍ନ ନିର୍ମାଣ କାର୍ଯ୍ୟ କରୁଥିଲେ । ହେଲେ ଯେବେଠାରୁ ବାଲିଘାଟଗୁଡ଼ିକ ଖଣି ବିଭାଗ ଅଧୀନକୁ ଯାଇଛି ସେବେଠାରୁ ଲୋକଙ୍କ କଷଣ ବଢ଼ି ଚାଲିଛି । ପୂର୍ବରୁ ତହସିଲ ମାଧ୍ୟମରେ ହେଉଥିବାରୁ ସ୍ଥାନୀୟ ଲୋକେ ଘାଟ ନିଲାମ ନେଉଥିଲେ ଓ ସୁରୁଖୁରୁରେ ଘାଟ ମଧ୍ୟ ଚାଲୁଥିଲା ।



ସୁଲଭ ମୂଲ୍ୟରେ ବାଲି ଯୋଗାଇଦେବାକୁ ଦାବି

ହେଲେ ଖଣି ବିଭାଗ ପକ୍ଷରୁ ହେଉଥିବା ନିଲାମ ପ୍ରକ୍ରିୟାରେ ଡେରାବିଶ ବ୍ଲକ ଅଞ୍ଚଳର ଘାଟକୁ ବହାର ଜିଲ୍ଲାର ଲୋକେ ନିଲାମ ପ୍ରକ୍ରିୟାରେ ଭାଗ ନେଇ ନିଲାମ ଧରୁଛନ୍ତି । ଫଳରେ ସେମାନେ ଏହି ଘାଟକୁ ନିଲାମ ନେଇ ସ୍ଥାନୀୟ ଅଞ୍ଚଳର କିଛି ମୁଷ୍ଟିମେୟ ଲୋକଙ୍କୁ ବହୁ ଅଧିକ ଦରରେ ପ୍ରଦାନ କରୁଛନ୍ତି । ଯେଉଁଥିପାଇଁ ବାଲି ମୂଲ୍ୟ ବହୁ ଅଧିକ ହୋଇଯାଉଛି ଓ ଗରିବ ଆବାସ ହିତାଧିକାରୀ ବିଚରା ତଣ୍ଡ ଗଣୁଛନ୍ତି । ତେଣୁ ବାଲିଘାଟଗୁଡ଼ିକୁ ସ୍ଥାନୀୟ ଅଞ୍ଚଳର ଲୋକଙ୍କୁ ଅଗ୍ରାଧିକାର ଭିତ୍ତିରେ ନିଲାମ ଦେବା ସହ ବାଲିର ସର୍ବନିମ୍ନ ଦର ନିର୍ଦ୍ଧାରଣ କରିବାକୁ ଅଞ୍ଚଳବାସୀ ଦାବି କରିଛନ୍ତି ।

## ଡିସେମ୍ବର ମାସ ଜନଶୁଣାଣିର କାର୍ଯ୍ୟସୂଚୀ

କେନ୍ଦ୍ରାପଡ଼ା,୨୯ ।୧୧(ସମିସ): ଆସନ୍ତା ଡିସେମ୍ବର ମାସ ନିମନ୍ତେ ଜିଲ୍ଲା ପ୍ରଶାସନର ଯୁଗ୍ମ ଅଭିଯୋଗ ଶୁଣାଣି ଶିବିର ନିମନ୍ତେ କାର୍ଯ୍ୟସୂଚୀ ଚୂଡ଼ାନ୍ତ ହୋଇଛି । ଡିସେମ୍ବର ୧ରେ ଜିଲ୍ଲା ପରିଷଦ ସମ୍ମିଳନୀ କକ୍ଷ, ୮ରେ ମହାକାଳପଡ଼ା ବ୍ଲକ କାର୍ଯ୍ୟାଳୟ, ୧୫ରେ ଡେରାବିଶ ବ୍ଲକ କାର୍ଯ୍ୟାଳୟ, ୨୨ରେ ଗରଦପୁର ବ୍ଲକ କାର୍ଯ୍ୟାଳୟ ଓ ୨୯ରେ ରାଜନଗର ବ୍ଲକ କାର୍ଯ୍ୟାଳୟରେ ପୂର୍ବାହ୍ନ ୧୦ଟାରୁ ଅପରାହ୍ନ ୧ଟା ପର୍ଯ୍ୟନ୍ତ ଅଭିଯୋଗ ଶୁଣାଣି ଶିବିର ଅନୁଷ୍ଠିତ ହେବ । ଯଦି କୌଣସି ଜନସାଧାରଣଙ୍କ କିଛି ସମସ୍ୟା ଥାଏ ତେବେ ଧାର୍ଯ୍ୟ ଦିନ ଏବଂ ସମୟରେ ଉପସ୍ଥିତ ରହି ଅଭିଯୋଗ ପଞ୍ଜୀକରଣ କରିପାରିବେ ବୋଲି କୁହାଯାଇଛି ।

## ବିଦ୍ୟାଳୟରେ ସାପ; ଛାତ୍ରଛାତ୍ରୀ ଭୟଭୀତ

ପଞ୍ଚୁପାଣ୍ଡବ,୨୯ ।୧୧(ସମିସ): ଡେରାବିଶ ବ୍ଲକ ନହଙ୍ଗ ପଞ୍ଚାୟତ ଜଗନ୍ନାଥପୁରସ୍ଥିତ ଆର୍ତ୍ତେଶ୍ୱର ସରକାରୀ ଉଚ୍ଚ ବିଦ୍ୟାଳୟରେ ସାପ ଆତଙ୍କ ଦେଖିବାକୁ ମିଳିଛି । ଏ ନେଇ ଛାତ୍ରଛାତ୍ରୀ ଓ ଅଭିଭାବକ ମହଲରେ ଭୟର ବାତାବରଣ ସୃଷ୍ଟି ହୋଇଛି । ଏହି ବିଦ୍ୟାଳୟ ଗୋବରୀ ନଦୀ କୂଳରେ ଅବସ୍ଥିତ । ନିକଟରେ ବନ୍ଧର ସୁରକ୍ଷା ପାଇଁ ପଥର ପ୍ୟାକିଂ ସହ ବୃକ୍ଷରୋପଣ କରାଯାଇଛି । ବର୍ଷର ଅର୍ଦ୍ଧାଧିକ ସମୟ ଏହି ନଦୀ ଦଳଭର୍ତ୍ତି ରହିବା ସହ ବିଭିନ୍ନ ଅନାବନା ଗଛ ଯୋଗୁଁ ଜଙ୍ଗଲର ଭ୍ରମ ସୃଷ୍ଟି କରିଥାଏ । ବିଦ୍ୟାଳୟ ନିକଟରେ ପ୍ରସିଦ୍ଧ ଆର୍ତ୍ତେଶ୍ୱର ଶୈବପୀଠ ଥିବାରୁ ଅନେକ ସମୟରେ ନିକଟସ୍ଥ ଗ୍ରାମଗୁଡ଼ିକରୁ ଉଦ୍ଧାର ହେଉଥିବା ସାପକୁ ଲୋକେ ନ ମାରି ଠାକୁରଙ୍କ ବାହାନ ବୋଲି ଅଭିହିତ କରି ଶୈବପୀଠ ନିକଟରେ ଛାଡ଼ିଦିଅନ୍ତି । ବିଦ୍ୟାଳୟ ଚାରିପାଖ ଜଙ୍ଗଲମୟ ହୋଇଥିବାରୁ ଅନେକ ସମୟରେ ସାପ ବିଦ୍ୟାଳୟ ପରିସର ଓ ଶ୍ରେଣୀଗୃହକୁ ମଧ୍ୟ ପ୍ରବେଶ କରୁଛନ୍ତି । ଚଳିତ ମାସରେ ୬ ଥର ଶ୍ରେଣୀଗୃହରୁ ବିଷଧର ସାପ ଉଦ୍ଧାର କରାଯାଇଥିବା ବେଳେ ଶନିବାର ସକାଳୁଆ ସ୍କୁଲ ଥିବାରୁ ଛାତ୍ରଛାତ୍ରୀ ବିଦ୍ୟାଳୟକୁ ଆସିଥିବା ବେଳେ ଏକ ବିରାଟ ବିଷଧର ସାପ ଦେଖିବାକୁ ପାଇଥିଲେ । ଏହାକୁ ନେଇ ଛାତ୍ରଛାତ୍ରୀଙ୍କ ସୁରକ୍ଷା ଉପରେ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି । ଏ ସମ୍ପର୍କରେ ପ୍ରଧାନଶିକ୍ଷକଙ୍କୁ ପଚାରିବାରୁ ସେ ବିଭାଗୀୟ ଉଚ୍ଚ କର୍ତ୍ତୃପକ୍ଷଙ୍କୁ ଲିଖିତ ଅବଗତ କରିଥିବା କହିଛନ୍ତି । ତେବେ ଛାତ୍ରଛାତ୍ରୀ ତଥା ଶିକ୍ଷକ ଶିକ୍ଷୟିତ୍ରୀଙ୍କ ସୁରକ୍ଷା ଦୃଷ୍ଟିରୁ ବିଦ୍ୟାଳୟ ଚାରିପାଖରେ ସୁରକ୍ଷା ପ୍ରାଚୀର ନିର୍ମାଣ କରିବାକୁ ବିଦ୍ୟାଳୟ ଆଲୁମ୍ନି କମିଟି ସଭାପତି ସୁବାସ ଚନ୍ଦ୍ର ରାଉତ ଦାବି କରିଛନ୍ତି ।



## ବିଧାନସଭାରେ ଉଠିଲା ପଟ୍ଟାମୁଣ୍ଡାଇ ରିଂ ରୋଡ୍ ଓ ଭିତରକନିକା ପ୍ରସଙ୍ଗ

ପଟ୍ଟାମୁଣ୍ଡାଇ,୨୯ ।୧୧(ସମିସ): ବିଧାନସଭାରେ ଶନିବାର ପଟ୍ଟାମୁଣ୍ଡାଇ ରିଂ ରୋଡ୍ ଓ ଭିତରକନିକା ରାସ୍ତା ନିର୍ମାଣ ପ୍ରସଙ୍ଗ ଉତ୍ଥାପିତ ହୋଇଛି । ପଟ୍ଟାମୁଣ୍ଡାଇ, ଆଳି, ରାଜନଗର ଓ ରାଜକନିକା ବ୍ଲକର କେନ୍ଦ୍ରସ୍ଥଳ ଭିତରକନିକାର ପ୍ରବେଶ ଦ୍ୱାର ପଟ୍ଟାମୁଣ୍ଡାଇରେ ଟ୍ରାଫିକ ସମସ୍ୟା ଉତ୍କଟ ରୂପ ଧାରଣ କରିଛି । ପଟ୍ଟାମୁଣ୍ଡାଇ ସମେତ ଆଖପାଖ ଅଞ୍ଚଳର ଲୋକଙ୍କୁ ଟ୍ରାଫିକ ସମସ୍ୟାରୁ ମୁକ୍ତ କରିବା ପାଇଁ ରାଜନଗର ବିଧାୟକ ଧ୍ରୁବ ସାହୁ ବିଧାନସଭାରେ ପଟ୍ଟାମୁଣ୍ଡାଇ ରିଂ ରୋଡ୍ ନିର୍ମାଣ ପ୍ରସଙ୍ଗ ଉଠାଇ ସରକାର ଓ ବିଭାଗୀୟ ମନ୍ତ୍ରୀଙ୍କଠାରୁ ଉତ୍ତର ମାଗିଥିଲେ । ଏଥିସହ ପଟ୍ଟାମୁଣ୍ଡାଇ-ଡାଙ୍ଗମାଳ-ଭିତରକନିକା ୫୪ କିମି ରାସ୍ତା ନିର୍ମାଣ ତ୍ୱରାନ୍ୱିତ କରିବାକୁ ସରକାର କ’ଣ ପଦକ୍ଷେପ ନେଇଛନ୍ତି ତାହାର ଉତ୍ତର ଚାହିଁଥିଲେ । ବିଧାୟକ ସାହୁଙ୍କ ପ୍ରଶ୍ନର ଉତ୍ତରରେ ବିଭାଗୀୟ ମନ୍ତ୍ରୀ ସରକାର ଏହି ଦୁଇ ପ୍ରସଙ୍ଗରେ ସଚେତନ ଅଛନ୍ତି ଓ ଆବଶ୍ୟକ ପଦକ୍ଷେପ ଗ୍ରହଣ କରୁଥିବା କହିଛନ୍ତି ।




# ଭୀମ ଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଶିବିର ନାଁରେ ହରିଲୁଟ୍

- ଖର୍ଚ୍ଚର ୪ ଗୁଣ ଦର୍ଶାଯାଇଛି
- ହିସାବରେ ଅନିୟମିତତା କରି ସରକାରୀ ଅର୍ଥ ହେରଫେର

କେନ୍ଦ୍ରାପଡ଼ା,୨୯ ।୧୧(ସମିସ): ଭୀମ ଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଶିବିର ନାଁରେ ହରିଲୁଟ୍ ଚାଲିଛି । ନକଲି ରସିଦ ଦେଖାଇ ୧ ଲକ୍ଷ ୭୫ ହଜାର ଖର୍ଚ୍ଚ ଦର୍ଶାଇଯାଇଛି । ଗତ ଜାନୁଆରୀ ୧୦ ତାରିଖ ଗରଦପୁର ବ୍ଲକ ନୈନ୍ଦିପୁର ହାଇସ୍କୁଲ ପଡ଼ିଆରେ ଆୟୋଜିତ ଭୀମଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଶିବିରରେ ୪୭୧ ଜଣ ଉପସ୍ଥିତ ଥିବା ସତ୍ତ୍ୱେ ଖର୍ଚ୍ଚ ପତ୍ରରେ ଅସଙ୍ଗତି, ଅତିରିକ୍ତ ଖର୍ଚ୍ଚ ଓ ହରିଲୁଟ ଦେଖି ଏବେ ପ୍ରଶ୍ନ ଉଠିଛି । ଫ୍ଲେକ୍ସ ଓ ବ୍ୟାନର ଖର୍ଚ୍ଚରେ ଅସାମଞ୍ଜସ୍ୟ ରହିଛି । ୬ଡ଼୫ ଇଞ୍ଚ ବ୍ୟାନର ୨ଟି ପାଇଁ ମୋଟ ୭୨୦ ଟଙ୍କା ଖର୍ଚ୍ଚ ହୋଇଛି । ସେହିଭଳି ୨.୫ଡ଼୨.୫ ବ୍ୟାନର ୧୪ଟି ପାଇଁ ୧୦୫୦ ଟଙ୍କା ଯେଉଁଠି ବଜାର ଦର ତୁଳନାତ୍ମକ ଭାବେ କମ ରହିଛି । ଖାଦ୍ୟ ବ୍ୟବସ୍ଥାରେ ସବୁଠୁ ବେଶି ହରିଲୁଟ ହୋଇଛି । କଳାବୁଦା ଆନନ୍ଦ ହୋଟେଲରୁ ୧୨୦ ଟଙ୍କା ହିସାବରେ ୧୦୦ ମିଲ ଆସିଥିବା ଦର୍ଶାଯାଇଛି । ଏଥିପାଇଁ ୧୨ ହଜାର ଟଙ୍କା ଖର୍ଚ୍ଚ ହୋଇଛି । ଯେଉଁଠି କେନ୍ଦ୍ରାପଡ଼ା ମୁଖ୍ୟାଳୟରେ ମିଲ ୭୦ ଟଙ୍କା, ଗ୍ରାମାଞ୍ଚଳରେ ୬୦ ଟଙ୍କାରେ ମିଳୁଛି । କିନ୍ତୁ ଏଠାରେ ଗୋଟେ ୫୦୬୦ ଟଙ୍କା ଅଧିକ ହିସାବ କରାଯାଇଛି । ମିଶନଶକ୍ତି କାଫେ ବର୍ଷ ବର୍ଷ ଧରି ବନ୍ଦ ଥିବା ସତ୍ତ୍ୱେ ୮୦୦ ସାଧା ମିଲ ଦେଇଥିବା ଦର୍ଶାଇ ମୋଟ ୪୮ ହଜାର ଟଙ୍କା ହୋଇଥିବା ତଥ୍ୟ ମିଳିଛି । ଏହା ସ୍ପଷ୍ଟ ଭାବେ ମିଥ୍ୟା ଦେଖାଯାଇଥିବା ଖର୍ଚ୍ଚ ବୋଲି ଆଲୋଚନା ହେଉଛି । ପାଣି ବୋତଲ ୧,୦୦୦ ପାଇଁ ପ୍ରତିଟି ୧୦ ଟଙ୍କାରେ ମୋଟ ୧୦ ହଜାର ଟଙ୍କା । କିନ୍ତୁ ୧ ହଜାର ବୋତଲ ହୋଲସେଲରେ ୬,୦୦୦ ଟଙ୍କାରେ ମିଳେ । ସେଇଭଳି ୪୦୦ ଟିଫିନ ୨୦ ଟଙ୍କାରେ ୮,୦୦୦ ଟଙ୍କା । ଅତିରିକ୍ତ ୧୫୦ ଟିଫିନ ପ୍ୟାକେଟ ୪,୫୦୦ ଟଙ୍କା ଦର୍ଶାଯାଇଛି । ସାଉଣ୍ଡ ସିଷ୍ଟମ ଓ ଜେନରେଟରରେ ଅତ୍ୟଧିକ ଦର । ସାଉଣ୍ଡ, ମାଇକ୍ ପାଇଁ ୭ ହଜାର ୫ ଶହ ଟଙ୍କା ଖର୍ଚ୍ଚ ଯେଉଁଠି ଗୋଟିଏ ବକ୍ସ ଓ ମାଇକ୍ ସହ ମାତ୍ର ୨,୦୦୦ ଟଙ୍କାରେ ମିଳୁଛି । ଏହାଛଡ଼ା ଜେନରେଟର ପାଇଁ ୬,୦୦୦ ଟଙ୍କା ଖର୍ଚ୍ଚ । ଜେନରେଟର ଚାଲିଲେ କେବଳ ଭଡ଼ା ବାବଦ ୫ ଶହ ଟଙ୍କା ଆଉ ତେଲ ଖର୍ଚ୍ଚ ଦେବାକୁ ପଡ଼େ । ହେଲେ ବିଲକୁଲ ଚାଲି ନ ଥିବା ଜେନରେଟର ପାଇଁ ୬ ହଜାର ଭଡ଼ା କାହାକୁ ଦିଆଗଲା ତାହା ପ୍ରଶ୍ନବାଚୀ ସୃଷ୍ଟି କରିଛି । ଫର୍ମ, ପ୍ରିଣ୍ଟିଂ ଓ ଅଫିସ ସାମଗ୍ରୀରେ ମଧ୍ୟ ହରିଲୁଟ ହୋଇଛି । ବିଭିନ୍ନ ଫର୍ମ ୧,୪୦୦ ପେଜ ୨୮ ଶହ ଟଙ୍କା ଖର୍ଚ୍ଚ ହୋଇଥିବା ଦର୍ଶାଯାଇଛି । ତେବେ ବ୍ଲକ ଅଫିସରେ ଜେରକ୍ସ ମେସିନ ଥିବା ସତ୍ତ୍ୱେ ବାହାରୁ ଏହା କରାଯାଇଛି । ଷ୍ଟାପଲର, ସ୍କେଲ, ରେଜିଷ୍ଟର, ପେନ, ଟେପ, ପିନ ଅତ୍ୟଧିକ ଦରରେ ହିସାବ କରାଯାଇଛି । ମାଇକ୍ ପ୍ରଚାର ୩ ଦିନ ପାଇଁ ୭,୫୦୦ ଟଙ୍କା ଯାହା ବଜାର ଦରରୁ ଦୁଇଗୁଣା ରହିଛି । ଭଡ଼ାରେ ୧୦ଟି ପାଲ, ୮ଟି ଦରି, ୧୦ଟି ମ୍ୟାଟ, ୧୦ଟି ବଫେ ଆଇଟମ, ୬ଟି ଫ୍ୟାନ ପାଇଁ ମୋଟ ୩୮,୫୦୦ ଟଙ୍କା ଦର୍ଶାଯାଇଛି । ଏହା ପାଇଁ ବଜାର ଦର ୨,୦୦୦ ଟଙ୍କାରୁ ଅଧିକ ହୋଇ ନ ଥାଏ । ଭିନ୍ନକ୍ଷମଙ୍କ ନାଁରେ ଆୟୋଜିତ ଏହି ଶିବିରରେ ହରିଲୁଟ, ଅତି ହିସାବ, ମିଥ୍ୟା ବିଲ ଓ ପ୍ରଶାସନୀୟ ଅବହେଳାର ସ୍ପଷ୍ଟ ପ୍ରମାଣ ମିଳିଛି । ଜଣେ ଗରିବ ଓ ଭିନ୍ନକ୍ଷମ ବ୍ୟକ୍ତିର ହକ୍‌ରୁ ଟଙ୍କା କେମିତି ଅଧିକାରୀମାନେ ଫଲ୍ସ ବିଲ୍ ଦେଖାଇ ହରିଲୁଟ କରୁଛନ୍ତି ତାହା ସୂଚନା ଅଧିକାର ତଥ୍ୟ ବଳରେ ଜାଣିବାକୁ ମିଳିଛି । ଏନେଇ ବ୍ଲକ ପ୍ରଶାସନକୁ ପଚାରିଲେ ପାଖରେ କିଛି ଉତ୍ତର ନାହିଁ । ଜିଲ୍ଲା ପ୍ରଶାସନ ଏହାର ନିରପେକ୍ଷ ତଦନ୍ତ କାର୍ଯ୍ୟାନୁଷ୍ଠାନ ନେବାକୁ ଦାବି ହୋଇଛି ।

ନନ୍ଦିଘୋଷ

**‘ନନ୍ଦିଘୋଷ ଟିଭି’**

ନିମ୍ନଲିଖିତ ପଦବୀ ନିମନ୍ତେ ଦରଖାସ୍ତ ଆହ୍ୱାନ କରୁଛନ୍ତି ।
ଯୋଗ୍ୟ ଆଶାୟୀ ପ୍ରାର୍ଥୀମାନେ ଏଥିପାଇଁ ଆବେଦନ କରିପାରିବେ ।

| ପଦବୀ | | ଅଭିଜ୍ଞତା |
|---|---|---|
| ୧) ରିପୋର୍ଟର | (୦୩) | ୩ ବର୍ଷର ଅଭିଜ୍ଞତା |
| ୨) ଆଙ୍କର | (୦୨) | ୩ ବର୍ଷର ଅଭିଜ୍ଞତା |
| ୩) କପି ଏଡିଟର/ ବୁଲେଟିନ ପ୍ରଡ୍ୟୁସର | (୦୨) | ୫ ବର୍ଷର ଅଭିଜ୍ଞତା |

ନିଜର ସମ୍ପୂର୍ଣ୍ଣ ଶିକ୍ଷାଗତ ଓ ଅନ୍ୟାନ୍ୟ ଯୋଗ୍ୟତା ପ୍ରମାଣପତ୍ର, ସଦ୍ୟ ପାସପୋର୍ଟ ଫଟୋ ସହିତ ୬ ଡିସେମ୍ବର ୨୦୨୫ ସୁଦ୍ଧା hr@nandighoshatv.com ଇମେଲ୍ ଯୋଗେ ଆବେଦନ କରିପାରିବେ ।


ଯୋଗାଯୋଗ: ୯୪୩୭୦୧୬୪୯୯
ସ୍ୱା/- ମାନବ ସମ୍ବଳ ବିଭାଗ

ନନ୍ଦିଘୋଷ ନେଟ୍‌ୱର୍କ ପ୍ରାଇଭେଟ୍ ଲିମିଟେଡ୍
ଠିକଣା: ପ୍ଲଟ୍ ନଂ.: ୯୦ / ୯୧, ଭଗବାନପୁର ଇଣ୍ଡଷ୍ଟ୍ରିଆଲ୍ ଇଷ୍ଟେଟ୍, ଭୁବନେଶ୍ୱର-୭୫୧୦୧୯

# ମେଳାରେ ହଜିଥିବା ପିଲାଟି



ମୂଳ ଇଂରାଜୀ : ମୁଲ୍କ ରାଜ୍ ଆନନ୍ଦ
ଅନୁବାଦ : ପୁଷ୍ପାରାଣୀ ପଟେଲ



ବସନ୍ତ ଉତ୍ସବର ସମୟ। ଗାଁ ଗାଁରେ ମେଳା। ଗାଁକୁ ଲମ୍ବିଥିବା ସେଇ ପତଳା ସରୁ ଗଳି ରାସ୍ତାଟିରେ ଲୋକଙ୍କର ପ୍ରବଳ ଭିଡ଼। କିଛି ଲୋକ ପାଦରେ ଚାଲି ଚାଲି ଆସୁଥିବା ବେଳେ, ବେଶ୍ କିଛି ଥିଲାବାଲା ଲୋକ ଆସୁଥିଲେ ଘୋଡ଼ା ଗାଡ଼ିରେ, ଆଉ କିଛି ପୁଣି ସେଇ ବାଉଁଶ ତିଆରି ଶଗଡ଼ ଗାଡ଼ିରେ। ଲୋକଙ୍କର ଏଇ ମେଳା ପାଇଁ ଆକର୍ଷଣର ଦୃଶ୍ୟ ବେଶ୍ ହୃଦଗ୍ରାହୀ ଥିଲା। ତା'ଠାରୁ ଆହୁରି ଅଧିକ ଆକର୍ଷଣୀୟ ଥିଲା ସେଇ ପିଲାଟିର ଚଞ୍ଚଳତା। ନିଜ ମାଆ, ବାବାଙ୍କ ସାଥିରେ ମେଳା ଦେଖି ଯିବାର ଚରମ ଖୁସି ବାରି ହେଇ ପଡୁଥିଲା ତା' ପାଦର ଛନ୍ଦରୁ, ମୁହଁର ହସରୁ!

ମାଆ ଡାକିଲେ, "ଏପଟେ ଆସ୍ ବାବା! ଆସିଲୁ ...ଆସିଲୁ...ଶୀଘ୍ର ଆସ୍!" ତା' ନଜର କିନ୍ତୁ ଲାଖି ରହିଥିଲା ସେଇ ରାସ୍ତା କଡ଼ର ଖେଳଣା ଦୋକାନର ଖେଳଣାଗୁଡ଼ିକ ଉପରେ। ସେ ଭାବିଲା - ବାପାଙ୍କୁ କହିବ କି, ଖେଳଣାଟିଏ କିଣି ଦେବା ପାଇଁ। ତେବେ ବାପାଙ୍କର କଟମଟ ଚାହିଁଥିବା ନାଲି ଆଖିକୁ ଦେଖି ଅଟକିଗଲା, କହିଲାନି କିଛି।

ମାଆ ତା'ର ମନ ଭୁଲାଇବା ପାଇଁ ତାକୁ କହିଲେ, "ହେଇ ଦେଖ୍... ସେପଟେ ଦେଖ୍ ...କି ସୁନ୍ଦର ଦିଶୁଛି, ଦେଖ୍।" ସେ ଆଖି ଉଠାଇ ଚାହିଁଲା ତ ଦିଶିଗଲା ମାଇଲ ମାଇଲ ଦୂର ଯାଏ ଲମ୍ବିଥିବା ସୁନାରଙ୍ଗ ଫୁଲର ସୋରିଷ କ୍ଷେତ। ତା' ଉପରେ ଉଡ଼ି ବୁଲୁଥିଲେ ବାଇଗଣୀ ରଙ୍ଗର ପ୍ରଜାପତି। ସେ ଫୁଲ ଓ ପ୍ରଜାପତି ଏତେ ସୌନ୍ଦର୍ଯ୍ୟରେ ଭରପୂର ଥିଲେ ଯେ କେହି ବି ଟାଣି ହେଇଯିବ ସେମାନଙ୍କ ଆଡ଼କୁ। ପିଲାଟି ବି ଅବାକ୍ ହୋଇ ଚାହିଁ ରହିଥିଲା।

ଏତିକି ବେଳେ ମାଆ ପୁଣି ଡାକିଲେ ତାକୁ "ଆ...ଆ.... ଏଇପଟେ ଆ! ଶୀଘ୍ର ଆ, ଏଇ ଛାଇ କଡ଼କୁ!" ସେଇ ରାସ୍ତାକଡ଼ର ନଳକୂଅର ଛାଇ ପାଖରେ ଜମିଥିବା ପାଣିରେ ଦୃଶ୍ୟ ହେଉଥିଲେ ଅସଂଖ୍ୟ ଛୋଟ ଛୋଟ ପୋକ ଜୋକ। ସେମାନେ ବି ତା' ଦୃଷ୍ଟି ଆକର୍ଷଣ କରିନେଲେ ସେମାନଙ୍କ ନିଜ ଆଡ଼କୁ। ନଳକୂପ ଉପରେ ଥିବା ଏକ ବଡ଼ ଗଛଟିରେ ଥିଲା ଗୋଟିଏ ଫୁଲ କୁଞ୍ଜ। ତାକୁ ଛୁଇଁ ଛୁଇଁ ତା' ଉପରେ ଲଦି ହୋଇପଡ଼ିଲେ ବେଶ୍ କିଛି ଫୁଲ। ସେଇ ଭିତରୁ ଡାକିଲା ବି କୋଇଲି ଟିଏ ତା' ସୁନ୍ଦର ସ୍ୱରରେ କୁହୁ ...କୁ...ହୁ...! ପିଲାଟି ପାଟି କରି ଉଠିଲା, "ବାବା...ଶୁଣ...ଶୁଣ...କୋଇଲିଟିଏ ଡାକୁଛି...କୁହୁ...କୁ...ହୁ...!" ଅନ୍ୟମନସ୍କତାରେ ତା' ହାତରୁ ଗଳି ପଡ଼ିଥିଲା ସେ ସାଉଁଟିଥିବା ଫୁଲକୁ।

"ବାବା... ଶୀଘ୍ର ଆସେ... ଏଇପଟେ...।" ମାଆ ଓ ବାବା ତା'ର ଲୁଚି ଯାଉଥିଲେ ସୋରିଷ କ୍ଷେତର ଆଢୁଆଳରେ। ସେ ଧାଇଁଲା ଦ୍ରୁତଗତିରେ ତା' ମାଆ, ବାବାଙ୍କ ନିକଟକୁ । ଏବେ ନିକଟବର୍ତ୍ତୀ ହୋଇ ଆସୁଥିଲା ମେଳାର ମୁଖ୍ୟ ଜାଗା, ଦିଶୁଥିଲା ପ୍ରବଳ ଭିଡ଼, ଲୋକଙ୍କର ହଜିଯିବା ଭଳି ଗହଳି।

ମେଳା ଭିତରେ ପଶୁ ପଶୁ ତା' କାନରେ ପଡ଼ିଲା ମିଠେଇ ବାଲାର ଡାକ, "ଏପଟେ ଆସ...ନିଅ...ନିଅ...ମିଠା... ମିଠା... ଗୁଲାବ୍ ଜାମୁନ୍, ରସଗୋଲା, ବର୍ଫି, ଜିଲାପି... ସୁଆଦିଆ...ସୁଆଦିଆ...ଜିଲାପି !" ବର୍ଫି ତାର ଖୁବ୍ ପ୍ରିୟ ! ବର୍ଫି ନାଁ ଶୁଣି ତା' ପାଟିରୁ ଲାଳ ଗଡ଼ି ଆସିଲା। ସେ କିନ୍ତୁ ଭଲରେ ଜାଣେ ଏବେ ବର୍ଫି କିଣିବାକୁ ଜିଦ୍ କଲେ ବାପା ତା'ର ଖୁବ୍ ରାଗିବେ। ସେ ତେଣୁ ବଢ଼ିଗଲା ଆଗକୁ। ଦୋକାନୀଟିଏ ଡାକୁଥିଲା, "ନିଅ...ନିଅ...ଫୁଲର ହାର ନିଅ!" ପିଲାଟି କହିଲା, "ଆଃ...କେତେ ସୁନ୍ଦର ଏ ଫୁଲର ହାର, ମୋତେ ଗୋଟାଏ ଲୋଡ଼ା।" ତେବେ ମାଆ,ବାପା ତ କିଣିଦେବେନି ଫୁଲମାଳ। ତେଣୁ ସେ ଚୁପ୍ ରହି ପୁଣି ଦୌଡ଼ିଲା ମାଆ ବାପାଙ୍କ ପଛରେ। ବେଲୁନ୍‌ବାଲାର ବଡ଼ ବାଡ଼ିଟିରୁ ଉଡ଼ି ବୁଲୁଥିଲେ ହଳଦିଆ, ନାଲି, ନେଳି,ବାଇଗଣୀ ରଙ୍ଗର ଭଳିକି ଭଳି ଆକର୍ଷଣ ବେଲୁନ୍। ସେମାନଙ୍କୁ ଦେଖି ତା' ପାଦ ଦୁଇଟି ଅଟକି ଗଲେ ସେଇଠି। ମନ ତା'ର କହୁଥିଲା, "ଏ ସବୁତକ ବେଲୁନ୍ ନେଇ ଯାଆନ୍ତା କି ତା'ର !" ମାଆ, ବାପାଙ୍କୁ କହିବ କି କିଣିଦେବା ପାଇଁ – ସେ ଭାବିଲା ଘଡ଼ିଏ। ତା' ପରେ ପୁଣି ମନକୁ ମନ, ନିଜକୁ ନିଜେ କହିଲା – ହେଃ ...ମନା କରିବେ ବାପା। କହିବେ- କେତୁଟେ ହେଲୁଣି ବେଲୁନ୍ ଗୋଟାଏ କ'ଣ।

ଅଳ୍ପ ଦୂରରେ ସାପୁଆ କେଳାଟି ଖୁବ୍ ତନ୍ମୟତାର ସହ ତା'ର ବିନ୍ ବଜାଉଥିଲା ଓ ତା' ସ୍ୱରର ତାଳେ ତାଳେ ଫଣା ତୋଳି ନାଚ ଦେଖାଉଥିଲା ସେଇ ବିଷଧର ନାଗ ସାପଟି। ତା'ର ମନେ ହେଲା ଠିଆହୋଇ ଘଡ଼ିଏ ସେଇଠି ଦେଖିବ ନାଚ। ତେବେ ମାଆ, ବାପା ଆଗକୁ ବଢ଼ିଯାଉଥିବା ଦେଖି ଧାଇଁଲା ସେମାନଙ୍କ ପଛରେ। କିଛି ଦୂର ଆଗରେ ଦୃଶ୍ୟ ହେଉଥିଲା ବଡ଼ ବଡ଼ ଦୋଳି। ସେ ଦେଖିଲା ସତୃଷ୍ଣ ନୟନରେ ସେଇ ଦୋଳିରେ ବସିଥିବା ସ୍ତ୍ରୀ, ପୁରୁଷ ଓ ଛୋଟ ଛୋଟ ଛୁଆମାନଙ୍କୁ। ସେମାନେ ହସୁଥିଲେ ଖୁସିରେ। ତା'ର ମଧ୍ୟ ବହୁତ ଇଚ୍ଛା ହେଲା ସେ ବି ମାଆ ,ବାପାଙ୍କ ସାଥିରେ ତା'ର ଦୋଳିରେ ବସିବ ଓ ହସିବ। ଖୁସି ହେବ ସେମାନଙ୍କ ପରିକା। ସେ ସେଇ ଦୋଳିକୁ ଚାହିଁ ଚାହିଁ ଡାକିଲା: "ମାମା...ମାମା...ବାବା...ବାବା... ।

ଫେରିଲାନି କୌଣସି ପ୍ରତ୍ୟୁତ୍ତର। ଏବେ ଭୟରେ ସେ ଫେରି ଚାହିଁଲା ପଛକୁ। ଦେଖି ପାରିଲାନି ମାଆ, ବାବାଙ୍କୁ ତା'ର। ତା' ମନରେ ଛନକା ପଶିଲା। ଗଳି ପାଖକୁ ଯାଇ, ଭିଡ଼ ପାଖକୁ ଯାଇ ଖୋଜିଲା ମାଆ, ବାବାଙ୍କୁ ତା'ର। କାହିଁ କେଉଁଠି ବି ନ ଥିଲେ ସେମାନେ। ଏବେ ଭୟରେ କାନ୍ଦିବାକୁ ଆରମ୍ଭ କରିଥିଲା ସେ। ଏପାଖସେପାଖ ଦୌଡୁଥିଲା ଭୟରେ। ପାଟିରୁ ଶୁଭୁଥିଲା ମାମା...ମାମା...ବାବା... ବାବା...। ପଡ଼ି ଉଠି ଧାଇଁବାବେଳେ ଦେହସାରା ଲାଗି ସାରିଥିଲା କାଦୁଅର ଛିଟା। ମୁହଁଟି ଲୁହରେ, ଭୟରେ, ଦୁଃଖରେ ଓଦା ଜୁବୁବୁବୁ। କାକୁସ୍ଥ ରୂପ।

ଦୂରରେ ଦିଶିଲା ମନ୍ଦିରଟିଏ। ଲୋକଙ୍କର ପ୍ରବଳ ଭିଡ଼। ସେ କେଉଁ ଏକ ଆଶାରେ ଦୌଡ଼ିଗଲା ସେଇ ମନ୍ଦିର ଯାଏ। ଲୋକଟିଏ ତା'ର ଅବସ୍ଥା ଦେଖି କୋଳେଇ ନେଲା ତାକୁ। ପଚାରିଲା କ'ଣ ହୋଇଛି ପୁଅ। କାହାକୁ ଖୋଜୁଛୁ।

ପିଲାଟି କହିଲା "ମୋ' ମାଆ ...ବାବା...ମା...ମା...ବା...ବା।" ପୁଣି ଶୁଭିଲା ତା'ର କାନ୍ଦ।

ଲୋକଟି ପିଲାର ଅବସ୍ଥା ଦେଖି ତା' ମନ ଭୁଲାଇବା ପାଇଁ ନେଇଗଲା ତାକୁ ସେଇ ବଡ଼ ଚକ୍ରି ଦୋଳି ପାଖକୁ। କହିଲା, "ଦୋଳି ବସିବୁ ପୁଅ?" ପିଲାଟି ସେମିତି କାନ୍ଦି କାନ୍ଦି ମୁହଁ ବୁଲାଇ ଆଣିଲା ପଛକୁ। ତା'ପରେ ସେ ତାକୁ ଭୁଲାଇବା ପାଇଁ ନେଇଗଲେ ସେଇ ସାପ ଖେଳାଉଥିବା ସାପୁଆ କେଳା ପାଖକୁ। ସେପଟେ ତା'ର ଦୃଷ୍ଟି ଆକର୍ଷଣ କରିବାକୁ କହିଲା, "ଏଇ ଦେଖ୍.... ଦେଖ୍.... ସାପଟି କେମିତି ବେକ ହଲାଇ ନାଚୁଛି ଦେଖ୍!" ପିଲାଟି କିନ୍ତୁ ଆଖି , ନାକ, କାନ ବନ୍ଦ କରିନେଲା ତା'ର। ତାକୁ ଆଉ ଟିକେ ଆଗକୁ ନେଇ ସେ ଯାଚିଲେ ଫୁଲମାଳ, ଯାହାକି ଏଇ ଘଡ଼ିଏ ପୂର୍ବରୁ ତାକୁ ଖୁବ୍ ଆକର୍ଷିତ କରିଥିଲା। ଏବେ କିନ୍ତୁ ପିଲାଟି ସେପଟକୁ ମୁହଁ ବୁଲାଇ ଚାହିଁଲାନି ମଧ୍ୟ। ଲୋକଟି ଅନ୍ୟ ଉପାୟ ନ ପାଇ ତାକୁ ନେଇଗଲା ସେଇ ବେଲୁନବାଲା ପାଖକୁ। କହିଲା "ଦେଖିଲୁ ଏଇ ଇନ୍ଦ୍ରଧନୁ ପରି ରଙ୍ଗିନ୍ ବେଲୁନ୍‌କୁ ତୋ ପାଇଁ କିଣିବା ନା?" ଏ ପ୍ରଶ୍ନର ଉତ୍ତରରେ ପିଲାଟି କାନ୍ଦି ଉଠିଲା। ଆହୁରି ଅଧିକ ଜୋରରେ କହିଲା "...ନା ...ନା ମୋର କିଛି ବି ଲୋଡ଼ା ନାହିଁ। କିଛି ଭଲ ଲାଗେନା ମୋତେ। ମୋତେ କେବଳ ମୋର ମାଆ,ବାପା ଲୋଡ଼ା। ମୋତେ ମୋ ମାମା,ବାବାଙ୍କୁ ଆଣିଦିଅ। ମୋ ମାଆ,...ମୋ ବାପାଙ୍କୁ...!"

ଲୋକଟି କିଛି ଭାବିପାରିଲା ନାହିଁ, କ'ଣ କରିବା ଉଚିତ୍। କେମିତି ତୁନି ହବ ପିଲାଟି। ତାକୁ ମିଠେଇ ଦୋକାନ ପାଖକୁ ନେଇ ପଚାରିଲା, "ଆମ ପୁଅ ମିଠା ଖାଇବ ନା ? କ'ଣ ଖାଇବ? ଗୁଲାବ ଜାମୁନ? ଜିଲାପି? ବର୍ଫି?" ପିଲାଟି ବୁଲେଇ ଆଣିଲା ତା'ର ମୁହଁ ସେଇ ତାକୁ ଖାଇବାକୁ ମିଳୁଥିବା ବର୍ଫଟି ପାଖରୁ ମଧ୍ୟ ଏବଂ କାନ୍ଦି କାନ୍ଦି ବାରମ୍ବାର କେବଳ ଏତିକି ହିଁ କହୁଥିଲା, "ମୋ ମାମା.... ମୋ...ବାବା...। ମୋ ମାଆଙ୍କୁ ଆଣିଦିଅ। ଆଣିଦିଅ ମୋ ବାବାଙ୍କୁ... ବାବା... ମାମା...ମା...ମା!" ■

ସହକାରୀ ଶିକ୍ଷୟିତ୍ରୀ
ସରକାରୀ ଉଚ୍ଚ ବିଦ୍ୟାଳୟ
ସେକ୍ଟର ୧୬, ରାଉରକେଲା
ମୋ: ୯୪୩୮୨୫୮୦୭୩

# କ'ଣ ଜାଣିଛ ତୁମେ ?



ମୂଳ ହିନ୍ଦୀ : ନିର୍ମଳା ପୁତୁଲ୍
ଅନୁସୃଜନ : ଡ.ସଂଘମିତ୍ରା ରାଏଗୁରୁ

ଜାଣିଛ!
ପୁରୁଷଠୁ ଭିନ୍ନ ଗୋଟେ ସ୍ତ୍ରୀର ଏକାନ୍ତ ?
ଘର, ପ୍ରେମ ଆଉ ଜାତିଠୁ ଅଲଗା ଗୋଟେ ସ୍ତ୍ରୀକୁ
ଜାଣିଛ ?
ତା' ନିଜସ୍ୱ ଜାଗା ବିଷୟରେ କହିପାରିବ ତୁମେ ?
ବତେଇ ପାରିବ,କାହିଁ କେଉଁ ଯୁଗରୁ ନିଜ ଘର
ଖୋଜୁଥିବା ଅସ୍ତବ୍ୟସ୍ତ ସ୍ତ୍ରୀକୁ ତା' ଘରର ଠିକଣା ?

ଜାଣିଛ !
କଳ୍ପନା କଳ୍ପନାରେ କେମିତି
ଗୋଟିଏ ମୁହୂର୍ତ୍ତରେ
ନିଜକୁ ସ୍ଥାପିତ ଆଉ ବିସ୍ଥାପିତ କରେ ଜଣେ ସ୍ତ୍ରୀ ?
ସ୍ୱପ୍ନରେ ଦଉଡୁଥିବା ଗୋଟେ ସ୍ତ୍ରୀର ପଛେ ପଛେ ଯାଇ
ସମ୍ପର୍କର କୁରୁକ୍ଷେତ୍ରରେ ତାକୁ ନିଜ ସହ ନିଜେ
ଲଢୁଥିବାର ଦେଖିଛ କେବେ ?

ଦେହର ଭୂଗୋଳକୁ ବାଦ୍ ଦେଇ
ସ୍ତ୍ରୀ ମନର ଗଣ୍ଠିଲି ଖୋଲି
କେବେ ପଢ଼ିଛ ତା' ଭିତରର
ଜଳନ୍ତା ଇତିହାସ ?
ପଢ଼ିଛ କେବେ, ନିରବତାର ଏରୁଣ୍ଡିବନ୍ଧରେ ବସି
ଶବ୍ଦର ପ୍ରତୀକ୍ଷାରେ ଥିବା

ତା' ଚେହେରା ?
ତା' ଭିତରେ ବଂଶ ବୀଜ ବୁଣି କେବେ ବି ଅନୁଭବିଛ
ତା' ବିସ୍ତରୁ ଥିବା ଚେରକୁ ନିଜ ଭିତରେ ?

ସ୍ତ୍ରୀର ସମସ୍ତ ସମ୍ପର୍କର
ବ୍ୟାକରଣକୁ ଜାଣିଛ ?
କହିପାରିବ, ସ୍ତ୍ରୀ ଦୃଷ୍ଟିରେ ସ୍ତ୍ରୀକୁ ଦେଖି ସ୍ତ୍ରୀତ୍ୱର
ପରିଭାଷା ?

ଯଦି ନା , ତା' ହେଲେ
ରୋଷେଇ ଆଉ ବିଛଣାର ଗଣିତ ଛଡ଼ା
ଗୋଟେ ସ୍ତ୍ରୀ ବିଷୟରେ କ'ଣ ଜାଣିଛ ତୁମେ ? ■

# ତାଙ୍କ ନଜରରେ...



ସେମାନେ ଘୃଣା କରନ୍ତି ମୋତେ
ମୋ' କଳାରଙ୍ଗକୁ ନାକ ଟେକନ୍ତି
ଶରୀର ଗଠନ ଦେଖି ଖୁଣ୍ଟା ଦିଅନ୍ତି
ହସନ୍ତି ମୋ' କଥାବାର୍ତ୍ତା ଶୁଣି

ଆମ ଚାଲିଚଳଣ, ରୀତିନୀତି, ପିନ୍ଧାପିନ୍ଧି...
କିଛି ବି ପସନ୍ଦ ନୁହେଁ ସେମାନଙ୍କୁ
ଜଙ୍ଗଲି,ଅସଭ୍ୟ ପଛୁଆ କହି ତିରସ୍କାର କରନ୍ତି
ଆମର
ଆଉ
ନିଜକୁ ସଭ୍ୟ ଶ୍ରେଷ୍ଠ ଭାବି
ଅସ୍ୱୀକାର କରନ୍ତି ଆମକୁ

ଆମେ ଛୁଇଁଥିବା ପାଣି ପିଅନ୍ତିନି ସେମାନେ
ଆମ ହାତ ତିଆରି ଖାଦ୍ୟ
ରୁଚେ ନାହିଁ ତାଙ୍କୁ
ସେମାନଙ୍କ ଘରେ ଆମ ପ୍ରବେଶ ନିଷେଧ

ଆମ ସହ ରହି ଆମ ଭାଷା ଶିଖିବା ମଞ୍ଜୁର ନୁହେଁ
ତାଙ୍କୁ
ସେମାନେ ଚାହାନ୍ତି,
ତାଙ୍କ ଭାଷା ଶିଖି ଆମେ ତାଙ୍କ ସହ ତାଙ୍କ
ଭାଷାରେ କଥା ହେଉ

ସେମାନେ ତର୍କ ବାଢ଼ନ୍ତି-
ସଭ୍ୟ ହେବା ଲାଗି ଜରୁରି
ତାଙ୍କ ଭାଷାରେ ତାଙ୍କ ପରି କଥାବାର୍ତ୍ତା
କରିବା, ଉଠିବା-ବସିବା, ପିନ୍ଧିବା-
ଲଗେଇବା
ମୋର ସବୁକିଛି ଅରୁଚିକର ତାଙ୍କୁ
ମୁଁ ତାଙ୍କ ଅପ୍ରିୟରେ ଗଣା

ସେମାନଙ୍କୁ କେବଳ ପସନ୍ଦ
ମୋ ଝାଳରେ ଲହଲହଉଥିବା ଫସଲ
ଖେତର ପନିପରିବା
ଜଙ୍ଗଲର ଫୁଲ, ଫଳ, କାଠ
ମୁଁ ପୋଷିଥିବା କୁକୁଡ଼ା ଖୁବ୍ ପ୍ରିୟ ତାଙ୍କର
ମୋ ସୁସ୍ଥ ସବଳ ଦେହ
ମୋ ମାଂସ ପସନ୍ଦ ତାଙ୍କୁ
କିନ୍ତୁ ମୁଁ ତାଙ୍କ ଅପ୍ରିୟରେ ଗଣା । ■

ରାଞ୍ଚି, ଝାରଖଣ୍ଡ
ମୋ: ୭୬୯୩୮୮୬୩୫୫

## ପୁସ୍ତକ ଓ ପତ୍ରିକା ପରିଚୟ

### ଉପକଥା

ଚିତ୍ତରଞ୍ଜନ ଚିରଞ୍ଜିତ



ବିଜୟିନୀ ପବ୍ଲିକେଶନ୍ସ
ଶଙ୍କରପୁର, ଅରୁଣୋଦୟ ମାର୍କେଟ
କଟକ-୧୨
ପ୍ରଥମ ପ୍ରକାଶନ ୨୦୨୫
ମୂଲ୍ୟ : ୨୦୦ ଟଙ୍କା

ତାଙ୍କ ଗପ ଭିତରେ ପ୍ରସ୍ଫୁଟିତ ହୋଇଉଠିଥାଏ ଜୀବନର ଦର୍ଶନ। ସାଧାରଣ କାହାଣୀ ଭିତରେ ଥାଏ ଅସାଧାରଣ କଥା। ଏଭଳି ମଣିଷ ଜୀବନ ଓ ଚେତନାର ସୂକ୍ଷ୍ମ ଦିଗ ପ୍ରତିଫଳିତ ହୋଇଛି ଚିତ୍ତରଞ୍ଜନ ଚିରଞ୍ଜିତଙ୍କ 'ଉପକଥା' ପୁସ୍ତକର ଗପଗୁଡ଼ିକରେ। ଏହି ପୁସ୍ତକରେ ତେରଟି ଗଳ୍ପ ସଂକଳିତ ହୋଇଛି। ପ୍ରତିଟି ଗପ ରୋମାଞ୍ଚକର ଓ ନିଆରା ହୋଇଛି। 'ଦଶହାଣ୍ଡି', 'ଜୋତା', 'ବୀତଂସ', 'ଚାରୁ ଚିତ୍ରପଟ', 'ଅଜନ୍ତା', 'ଉପକଥା', 'ସ୍ୱପ୍ନ ପାଇଁ...', 'ଛାୟାଚିତ୍ର', 'ଦୃଶ୍ୟକାବ୍ୟ', 'ଅଦୃଶ୍ୟ ଈଶ୍ୱର' ଆଦି ଗପଗୁଡ଼ିକ ମନଛୁଆଁ ହୋଇଛି। ପ୍ରତିଟି ଗପର ଭାବ ଓ ଆବେଦନ ସ୍ୱତନ୍ତ୍ର। ଅନେକ ସମୟରେ ମନର ଭାବନା ରହିଯାଏ ମନ ଭିତରେ। ମନ ଭିତରର ଅସୁମାରୀ ଭାବପ୍ରବଣତା ଅନେକ ସମୟରେ କିଭଳି ପ୍ରକାଶ କରିହୁଏ ନାହିଁ, ତାହା ବେଶ୍ ଚମତ୍କାର ଭାବେ ଫୁଟି ଉଠିଛି 'ଚାରୁ ଚିତ୍ରପଟ' ଗପରେ। ସୁନ୍ନାମୀର ସୌନ୍ଦର୍ଯ୍ୟ, ପ୍ରେମର ମାଦକତାକୁ ଭୁଲି ପାରିନାହିଁ ଚିନ୍ମୟ। ଏହିପରି ଭାବେ ଏହି ଗପର କାହାଣୀ ଗତିଶୀଳ ହୋଇଛି। ମାନବୀୟ ପ୍ରେମ, ଜୀବନର ସୂକ୍ଷ୍ମ ଅନୁଭବ ଓ ଅନୁଭୂତି, ଜୀବନ ଦର୍ଶନର ଚିତ୍ର ବେଶ୍ ଆକର୍ଷଣୀୟ ବେଶ୍ ଭାବେ ଚିତ୍ରିତ ହୋଇଛି 'ଉପକଥା' ପୁସ୍ତକର ଅନେକ ଗପରେ। ଏହି ପୁସ୍ତକର ଗପଗୁଡ଼ିକ ପାଠକମାନଙ୍କ ହୃଦୟକୁ ଛୁଇଁ ପାରିବ ବୋଲି ଆଶା କରାଯାଏ। ■

### ରେବତୀ

ସଂପାଦିକା: ସୁବାସିନୀ ଜେନା




ଓଟି ରୋଡ୍, ବାଲେଶ୍ୱର
ପିନ୍: ୭୫୬୦୦୧
ମୂଲ୍ୟ : ୭୦ ଟଙ୍କା

ସାହିତ୍ୟ ଓ ଫିଚର୍‌ଧର୍ମୀ ମାସିକ ପତ୍ରିକା 'ରେବତୀ'ର ନଭେମ୍ବର ସଂଖ୍ୟା ବେଶ୍ ଆକର୍ଷଣୀୟ ହୋଇଛି। ସଂପାଦିକା ସୁବାସିନୀ ଜେନାଙ୍କ 'ସଂପାଦକୀୟ'ଠାରୁ ଆରମ୍ଭ କରି ସହଯୋଗୀ ସଂପାଦକ କୃଷ୍ଣ କୁମାର ମହାନ୍ତିଙ୍କ 'ଶେଷପୃଷ୍ଠା' ପର୍ଯ୍ୟନ୍ତ ପ୍ରତିଟି ଲେଖା ଭାବଗର୍ଭକ ଓ ହୃଦୟସ୍ପର୍ଶୀ ହୋଇଛି। ଏହି ସଂଖ୍ୟାରେ ପ୍ରଜ୍ଞାଶ୍ରୀ ରଥଙ୍କ 'କଲ୍ୟାଣମୟୀ କାଳୀ', ଅଜିତ୍ ପାତ୍ରଙ୍କ 'ପବିତ୍ର ପ୍ୟୁଠାନ୍', ବିଜୟ କୁମାର ଜେନାଙ୍କ 'ନିଆରା ନୁବ୍ରା', ଦେବଯାନୀ ରାୟଙ୍କ 'ବନ୍ଦନୀୟା ବୈଷ୍ଣବୀ', ଚୈତନ୍ୟ ପ୍ରସାଦ ବେହେରାଙ୍କ 'କାଇପଦରର କୀର୍ତ୍ତି', ସୁବ୍ରତ ପ୍ରିୟବ୍ରତ ମହାନ୍ତିଙ୍କ 'ଓଡ଼ିଶୀ କୀର୍ତ୍ତନ' ଆଦି ଆଲେଖ୍ୟଗୁଡ଼ିକ ତଥ୍ୟଭିତ୍ତିକ, ଭାବମୟ ଓ ଉପସ୍ଥାପନା ଶୈଳୀ ମାର୍ମିକ ହୋଇଛି। ସେହିପରି ନିରାକାର ଦାସ, ଡକ୍ଟର ନୃସିଂହ ଷଡ଼ଙ୍ଗୀ, ଗଙ୍ଗାଧର ବିଶ୍ୱାଳ, ଶକ୍ତି ମହାନ୍ତି, ଗାୟତ୍ରୀବାଳା ପଣ୍ଡା, ଚକ୍ରପାଣି ପରିଡ଼ା, ପୂରବୀ ଶତପଥୀ, ଚିତ୍ତରଞ୍ଜନ ମିଶ୍ର, ରବି ଶତପଥୀ ପ୍ରମୁଖଙ୍କ କବିତା ମନଛୁଆଁ ହୋଇଛି। ସେଭଳି ଉଦୟ ନାରାୟଣ ଦାସଙ୍କ 'ବାପା', ଘନବିହାରୀ ମହାରଣାଙ୍କ 'ପ୍ରାର୍ଥନାର ପଟ୍ଟଭୂମି', ଯଦୁମଣି ଜେନାଙ୍କ 'ଭଙ୍ଗା ସ୍ୱପ୍ନର ଶବ୍ଦ' ଆଦି ଗପଗୁଡ଼ିକ ମାର୍ମିକ ହୋଇଛି। 'ଚରିତ ଉପନ୍ୟାସ', 'ପୁଷ୍ପବିତାନ', 'ରୋଷେଇଶାଳ' ଆଦି ନିୟମିତ ବିଭାଗଗୁଡ଼ିକ ମଧ୍ୟ ଭଲ ହୋଇଛି। 'ରେବତୀ'ର ଏହି ସଂଖ୍ୟାଟି ପାଠକମାନଙ୍କୁ ଭଲ ଲାଗିବ ବୋଲି ଆଶା କରାଯାଏ। ■

# ହରମାନ୍ ହେସ୍‌ଙ୍କ ସାହିତ୍ୟର ମୂଳଭିତ୍ତି ପରିବର୍ତ୍ତନ ଓ ଆବର୍ତ୍ତନ



ପ୍ରଦୀପ୍ତ ଶ୍ରୀଚନ୍ଦନ

ବହୁ ଚିନ୍ତା ଆଉ ଚେତନାର ଉନ୍ମେଷ ତଥା ଉତ୍ତରଣର ଯୁଗ ହେଉଛି ବିଂଶ ଶତାବ୍ଦୀ। ପୁନଶ୍ଚ ଏହି ଶହେ ବର୍ଷର ସମୟ -ଖଣ୍ଡକୁ ମଧ୍ୟ ସନ୍ଦେହ ଓ ଶଙ୍କାର ଯୁଗ ବୋଲି ପଣ୍ଡିତମାନେ ଅଭିହିତ କରିଥାନ୍ତି। ସେହି କାରଣରୁ ଆଧୁନିକ ସମାଲୋଚନାର ଶୈଳୀ ମଧ୍ୟ ଆଧୁନିକ ଜୀବନଯାପନର ରୀତି ସଦୃଶ ବହୁଧା ବିଭାଜିତ ଏବଂ ବିଭକ୍ତ। ଅତ୍ୟନ୍ତ କଟୁ ଭାବରେ ଜଟିଳ। ତେଣୁ କ୍ୱଚିତ୍ କଳା ସୃଷ୍ଟି ତଥା ତାହାର ସ୍ରଷ୍ଟା ଅଥବା ସାଧକ ନିଦ୍ୱର୍ନ୍ଦ୍ୱରେ ଅବା ନିର୍ବିବାଦରେ ଏହି ଶତକର ବିଶ୍ୱ ବିଚାର ମଞ୍ଚରେ ସାର୍ବଜନୀନ ଶ୍ରଦ୍ଧା ସହିତ ସାଦର ସ୍ୱୀକୃତି ଲାଭ କରିବା ସମ୍ଭବ ଥିଲା।

ମାର୍ଟିନ୍ ଗୁବର୍, ଯୋଶେଫ୍ ମିଲେକ୍, ହାନ୍ସ ମେୟର, ଥମାସ୍ ମାନ୍, ଓସ୍କାର ସେଡ୍‌ଲିନ୍ ଏବଂ ଥିଓଡର୍ ଜିଓଲକ୍ୱେସ୍କୀ ପ୍ରମୁଖ ବିଂଶ ଶତକର ବିଶ୍ୱର ପ୍ରଚଣ୍ଡ ପ୍ରତିଭାଧର ସନ୍ଦର୍ଭକାର, ବିଦଗ୍ଧ ତତ୍ତ୍ୱବିତ୍‌ମାନଙ୍କର ଆକଳନ ତଥା ନିର୍ଣ୍ଣୟ ଅନୁସାରେ ଯେଉଁ ସ୍ରଷ୍ଟା କାଳକୁ ଅତିକ୍ରମ କରି ଶତାବ୍ଦୀର ଶ୍ରେଷ୍ଠତ୍ୱ ଲାଭ କରିପାରିଛନ୍ତି, ସେମାନଙ୍କ ମଧ୍ୟରେ ହରମାନ୍ ହେସ୍ ହେଉଛନ୍ତି ଅନ୍ୟତମ। ତେଣୁ ଏହି ମହାରଥୀ ଗଣ ହେସ୍‌ଙ୍କୁ ବିଂଶ ଶତାବ୍ଦୀର ଜଣେ ପ୍ରମୁଖ ସାହିତ୍ୟ ସାଧକ ଭାବରେ ବିଚାର ମଞ୍ଚରେ ଉପସ୍ଥାପିତ କରି ସନ୍ଦର୍ଭ ସମ୍ବଳିତ ଗ୍ରନ୍ଥମାନ ରଚନା କରିଯାଇଛନ୍ତି।

ସ୍ରଷ୍ଟାର ନିଜସ୍ୱ ସ୍ୱାକ୍ଷର ହିଁ ଯେ କୌଣସି ସୃଷ୍ଟିର ଆତ୍ମାରେ ଉତ୍କୀର୍ଣ୍ଣ ହୋଇଥାଏ । ଏହି ଦୃଷ୍ଟିରୁ ବିଚାର କଲେ, 'ସିଦ୍ଧାର୍ଥ' ଉପନ୍ୟାସର ସ୍ରଷ୍ଟା - ନୋବେଲ ପୁରସ୍କାର ବିଜେତା ହରମାନ୍ ହେସ୍ ଯେ, ବ୍ୟତିକ୍ରମ ନୁହନ୍ତି, ଏହା ଅତି ସ୍ୱଷ୍ଟ ଭାବରେ ପ୍ରତିପନ୍ନ। ସୃଷ୍ଟିର ଆତ୍ମା ସହିତ ସ୍ରଷ୍ଟାର ନିଭୃତ ଆତ୍ମ - ସତ୍ତାର ଏହି ଅବିଚ୍ଛିନ୍ନ ସମ୍ପର୍କ ଜର୍ମାନୀର ସୁପ୍ରସିଦ୍ଧ ସାରସ୍ୱତ ଶିଳ୍ପୀ ହରମାନ୍ ହେସ୍ ଓ ତାଙ୍କର କୃତିଗୁଡ଼ିକର ବିଚାର ପର୍ଯ୍ୟାୟରେ ଆମେ ଲକ୍ଷ୍ୟ କରିପାରିବା । ହେସ୍‌ଙ୍କର ପ୍ରମୁଖ ସୃଷ୍ଟିଗୁଡ଼ିକ ମଧ୍ୟରେ – 'Siddharth', 'Steppenwolf', 'Glass Bead Game', 'Demian', 'The Journey to the East', 'Beneath the Wheel', 'Narcissus and Goldmund' ଆଦିର ମାନ ଆମୂଳାନ୍ତ ନିଜସ୍ୱ ଜୀବନ, ଜୀବନର ବହୁ ବିଚିତ୍ର ଅଭିଜ୍ଞତା ଅନୁଭୂତି, ମୌଳିକ ଚିନ୍ତନ ଓ ତାତ୍ତ୍ୱିକ ଅବବୋଧର ଅବିକଳ୍ପ ନିର୍ଯ୍ୟାସ।

ପ୍ରସିଦ୍ଧ ଜର୍ମାନ୍ ବିଦ୍ୱାନ୍ ଥିଓଡର୍ ଜିଓଲକ୍ୱେସ୍କୀ ତାଙ୍କର "The novels of Hermann Hesse: A Study in theme and structure" ଗବେଷଣା ପୁସ୍ତକରେ ଉଲ୍ଲେଖ କରିଛନ୍ତି- "ହେସ୍ ନୋବେଲ ପୁରସ୍କାର ପାଇଲେ ୧୯୪୯ ମସିହାରେ। ସେଥିପୂର୍ବରୁ ଜର୍ମାନୀ ସାହିତ୍ୟିକ ଭାବରେ ୧୯୨୯ ମସିହାରେ ଥମାସ ମାନ୍ ନୋବେଲ ପୁରସ୍କାର ପାଇଥିଲେ। ହେସ୍‌ଙ୍କୁ ପୁରସ୍କାର ପ୍ରଦାନ କାଳରେ ତାଙ୍କୁ ପ୍ରଦତ୍ତ ପ୍ରଶସ୍ତି ପତ୍ରରେ ଉଲ୍ଲେଖ ଥିଲା – Besides Thomas Mann the best custodian of the German spiritual heritage in contemporary literature.- ଅର୍ଥାତ୍, ଜର୍ମାନୀ ଜାତିର ଆତ୍ମିକ ପରମ୍ପରାଗତ ମୂଲ୍ୟବୋଧର ରକ୍ଷାକର୍ତ୍ତା ଯେ ହେସ୍ ଥିଲେ, ତାହା ସ୍ୱୀଡିଶ୍ ଅକାଦେମୀ ଘୋଷଣା କରିଥିଲେ ।"

ଏହି ସନ୍ଦର୍ଭରେ ଜିଓଲକ୍ୱେସ୍କୀଙ୍କର ବ୍ୟାଖ୍ୟାର ସାରମର୍ମ ହେଲା, ଦୁଇଟି ତଥ୍ୟ ଯହିଁରୁ ହେସ୍‌ଙ୍କର ସ୍ରଷ୍ଟା ପ୍ରକୃତି ଜ୍ଞାତ ହୋଇପାରିବ- ତାହା ହେଲା (କ) ହେସ୍ କେବଳ ଜର୍ମାନୀର ନୁହେଁ, ଅଧିକନ୍ତୁ ସମଗ୍ର ମାନବ ଜାତିର ପାରମ୍ପରିକ ମୂଲ୍ୟବୋଧରେ ଆସ୍ଥାବାନ ଥିଲେ। (ଖ) ସେ ଥିଲେ ଗତିସ୍ନାନ୍ ଜ୍ୟୋତିର୍ମୟ ଏକ ସ୍ରଷ୍ଟା ପୁରୁଷ। ପରିବର୍ତ୍ତନ ଏବଂ ଆବର୍ତ୍ତନ ହିଁ ଥିଲା ତାଙ୍କର ସାହିତ୍ୟ ସୃଷ୍ଟିର ମୂଳଭିତ୍ତି। ନିଜର ବ୍ୟକ୍ତିଗତ ସମସ୍ୟା ସମାଧାନର ପୀଠ ଉପରେ ଆସୀନ ରହି ସେ ଜଗତର ସମସ୍ୟାଗୁଡ଼ିକର ଦର୍ଶନ କରିଥିଲେ। ପ୍ରତିଟି ସମସ୍ୟା ତାଙ୍କର ସାହିତ୍ୟରେ ପରିବର୍ତ୍ତିତ ହୋଇଯାଇଥିଲା ଗୋଟିଏ ଗୋଟିଏ ଦ୍ୱନ୍ଦ୍ୱ ସଙ୍କୁଳ ଘଟଣା କ୍ରମରେ।

ଆମେ ସାମଗ୍ରିକ ଭାବରେ ହେସ୍‌ଙ୍କର ସୃଷ୍ଟି ସମ୍ଭାରକୁ ଅନୁଧ୍ୟାନ କଲେ ଅନ୍ୟ ଏକ ଚମତ୍କାର ବିଭାବ ଲକ୍ଷ୍ୟ କରିପାରିବା। ତାହା ହେଉଛି ତାଙ୍କର ବହୁବିଧ ବିଭକ୍ତ ସ୍ରଷ୍ଟା ବ୍ୟକ୍ତିତ୍ୱ। ଅନ୍ୟତମ ସାହିତ୍ୟ ଗବେଷକ ହାନ୍ସ ମେୟର୍ ତାଙ୍କର "Hermann Hesse and the age of the feuilletonର" ନିବନ୍ଧରେ ନିଜର ବକ୍ତବ୍ୟ ପ୍ରକାଶ କରିବାକୁ ଯାଇ ଉଲ୍ଲେଖ କରିଛନ୍ତି - "A new Hesse is said to have appeared in the literary scene around 1919 and it is assumed that very little connects this artist and his themes with the author of the early poems or of the novels." ସେହିପରି ଆଦ୍ୟକାଳର କଳା ସାଧକ (Old Hesse)ଏବଂ ଯୁଦ୍ଧୋତ୍ତର ଯୁଗର ସ୍ରଷ୍ଟା (New Hesse)ଙ୍କ ମଧ୍ୟରେ ପାର୍ଥକ୍ୟ ଦର୍ଶାଇବାକୁ ଯାଇ ହାନ୍ସ ୱିଲହେଲମ ଏପେଲସହାଇମରଙ୍କ ଉକ୍ତିକୁ ମଧ୍ୟ ସ୍ମରଣ କରାଯାଇପାରେ। ତାଙ୍କର "Hand book of world literature" ଗ୍ରନ୍ଥରେ ସେ, ହେସ୍ ପ୍ରାରମ୍ଭିକ ରଚନା ପର୍ଯ୍ୟାୟରେ Swabian Romanticism ଦ୍ୱାରା ପ୍ରଭାବିତ କଳାସାଧନାରୁ ପରବର୍ତ୍ତୀ କାଳରେ ଜଣେ ସମସ୍ୟାକ୍ରାନ୍ତ (Problematic)ସାହିତ୍ୟିକ ରୂପରେ ଦେଖାଯାଇଛନ୍ତି ଏବଂ ଉଭୟ କାଳର ହେସ୍‌ଙ୍କ ମଧ୍ୟରେ ସଂପର୍କର ତାର୍କିକ ଭୂମିଟିଏ ଯୁକ୍ତି ସଂକୁଳ ଭାବରେ ତିଷ୍ଠି ରହିଛି ବୋଲି ଉଲ୍ଲେଖ କରିଛନ୍ତି। କିନ୍ତୁ ପରେ ହେସ୍ ତାଙ୍କର 'Demian' ଉପନ୍ୟାସ ମଧ୍ୟରେ ସ୍ୱକୀୟ ବିଚାରଧାରା, ସ୍ଥିତି ଏବଂ ମତ ସଂପର୍କରେ ସ୍ୱଷ୍ଟ କରି ଦେଇଛନ୍ତି। ରଚନାଟିର ଶେଷ ଅଂଶରେ ନାୟକ Demian ତା'ର ବନ୍ଧୁ Sinclairକୁ କହୁଛି – "There will be war x x x. But you will see Sinclair, that this is just the beginning. Perhaps it will become a great war, a very great war. x x x What will you do?" ଥମାସ୍ ମାନ୍ 'Demian'ର ଆମେରିକୀୟ ସଂସ୍କରଣର ପ୍ରସ୍ତାବନା ରଚନା କାଳରେ ଉଲ୍ଲେଖ କରି କହିଛନ୍ତି- ହାନ୍ସ ଉପରୋକ୍ତ ପ୍ରଶ୍ନର ଉଚିତ୍ ଉତ୍ତର ଦେଇ ଲେଖିଛନ୍ତି – "Assist the new without sacrificing the old." ପୁନଶ୍ଚ ମାନ୍ ହେସ୍‌ଙ୍କୁ ଏବଂ ତାଙ୍କର ପରିପକ୍ୱ ଚିନ୍ତାଧାରାକୁ ପ୍ରଶଂସା କରି ଉଲ୍ଲେଖ କରିଛନ୍ତି। - "Hesse is an example –may to those who know and love the old man and carry it over into the new".

ଏଠାରେ ଉଲ୍ଲେଖ କରିବା ପ୍ରାସଙ୍ଗିକ ହେବ ଯେ, ପ୍ରଥମ ମହାଯୁଦ୍ଧ କାଳରେ ହେସ୍ ସାହିତ୍ୟିକ ମାତ୍ର। ଦେଶପ୍ରୀତିର ଉଦ୍ଦାମ ସ୍ରୋତରେ ଭାସିବେ ବୋଲି ମାନବିକତାର କୁଟାଖିଅକୁ ଅସ୍ୱୀକାର କରି ନାହାନ୍ତି। ସ୍ଥିତ ପ୍ରଜ୍ଞତାକୁ ଜଳାଞ୍ଜଳି ନଦେଇ ନବାନୁଗମନର ସ୍ୱାଗତ କରିଛନ୍ତି ସେ। ପୁନଶ୍ଚ ଶାନ୍ତି, ସଦ୍ଭାବ ଓ ମାନବ ପ୍ରେମର ସ୍ୱର ଦୃଢ଼ ଭାବରେ ଉଚ୍ଚାରିତ ହୋଇଛି ତାଙ୍କର ରଚନା ସମୂହରେ। ତେଣୁ ତାଙ୍କର ସିଦ୍ଧାର୍ଥ କହିଛି- "କିନ୍ତୁ ମୁଁ ଭାବେ, ବିଶ୍ୱର ଅସାରତା ପ୍ରତିପାଦନ ନୁହେଁ ବରଂ ବିଶ୍ୱକୁ ଭଲପାଇବା ହିଁ ଏକମାତ୍ର ଗୁରୁତ୍ୱପୂର୍ଣ୍ଣ ବିଷୟ।" ସେଇଥିପାଇଁ ଗବେଷକ, ହାନ୍ସ ମେୟର ତାଙ୍କର ବକ୍ତବ୍ୟରେ ଦର୍ଶାଇଛନ୍ତି – "These are the words of a European humanist, not an advocate of escapism and contempt of mankind."

ଏହିଭଳି ଭାବରେ ବିଂଶ ଶତାବ୍ଦୀର ମହାନ୍ ତତ୍ତ୍ୱ-ବିଶାରଦଗଣ ସେମାନଙ୍କର ବିଚାର ମଞ୍ଚରେ ହରମାନ୍ ହେସ୍‌ଙ୍କୁ ଜଣେ ସାହିତ୍ୟ ସ୍ରଷ୍ଟା ଭାବରେ, ଜଣେ ମାନବବାଦୀ ଶାନ୍ତିକାମୀ ଚିନ୍ତାନାୟକ ରୂପରେ ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ ଆସନରେ ଆସୀନ କରିଛନ୍ତି। ■

ଅବସରପ୍ରାପ୍ତ ନିର୍ଦ୍ଦେଶକ
ଆକାଶବାଣୀ, ପ୍ରସାରଭାରତୀ
ମୋ: ୮୫୯୪୯୫୦୩୨୪

# ଯୋଗ୍ୟ ହିତାଧିକାରୀଙ୍କ କାର୍ଡ କାଟିବା ଆମ ଉଦ୍ଦେଶ୍ୟ ନୁହେଁ: ମନ୍ତ୍ରୀ

ଭୁବନେଶ୍ୱର,୨୯।୧୧(ସମିସ): ଇ-କେୱାଇସି ପ୍ରକ୍ରିୟାର ରାଜ୍ୟ ସରକାର କୌଣସି ଯୋଗ୍ୟ ହିତାଧିକାରୀଙ୍କ ରାସନ କାର୍ଡ କାଟିନାହାନ୍ତି। ତେବେ ରାଜ୍ୟରେ ମୋଟ ୮ ଲକ୍ଷ ୧୬ ହଜାର ୫୬ ଜଣ ଅଯୋଗ୍ୟ ହିତାଧିକାରୀଙ୍କ ରାସନ କାର୍ଡ ସରକାର କାଟିଛନ୍ତି। ଏମାନଙ୍କ ମଧ୍ୟରେ ୬ ଲକ୍ଷ ୯୫ ହଜାର ୫୩୦ ମୃତ ହିତାଧିକାରୀ ରହିଥିଲେ। ସେହିପରି

- ୮ ଲକ୍ଷ ୧୬ ହଜାର ୫୬ ଜଣ ଅଯୋଗ୍ୟ ହିତାଧିକାରୀଙ୍କ ରାସନ କାର୍ଡ କଟାଯାଇଛି
- ୬ ଲକ୍ଷ ୩୯ ୮୨୭ ଜଣଙ୍କୁ ମିଳିଛି ନୂଆ କାର୍ଡ
- ଗରିବ ନୁହେଁ; ସର୍ଭେରେ ଧନୀଙ୍କ କାର୍ଡ କଟିବ

୭୫ ହାଜର ୩୦ ଜଣ ସରକାରୀ ଚାକିରିଆ ଏବଂ ୪୫ ହଜାର ୪୯୬ ଜଣ ଆୟକରଦାତା ରାସନ କାର୍ଡରେ ଚାଉଳ ଉଠାଇଥିଲେ ବୋଲି ଶନିବାର ଗୃହରେ ମୁଲତବୀ ଆଲୋଚନାରେ ଉତ୍ତର ରଖି ଖାଦ୍ୟ ଯୋଗାଣ ଏବଂ ଖାଉଟି କଲ୍ୟାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର କହିଛନ୍ତି। ଏହି କାର୍ଡ କଟିବା ଦ୍ୱାରା ରାଜ୍ୟ ରାଜକୋଷକୁ ବାର୍ଷିକ ୨୧୦ କୋଟି ଟଙ୍କାର ଆର୍ଥିକ ବୋଝ କମିଛି। କୌଣସି ଯୋଗ୍ୟ ହିତାଧିକାରୀଙ୍କ କାର୍ଡ କାଟିବା ଆମ ଉଦ୍ଦେଶ୍ୟ ନୁହେଁ ବୋଲି ମନ୍ତ୍ରୀ ସ୍ୱଷ୍ଟୋକ୍ତି ରଖିଛନ୍ତି।

ମୁଲତବୀ ଆଲୋଚନା ଶେଷରେ ଉତ୍ତର ରଖି ମନ୍ତ୍ରୀ କହିଥିଲେ ଯେ ରାଜ୍ୟରେ ଏବେବି ୧୯ ଲକ୍ଷ ୫୨ ହଜାର ୧୫୩ଟି ପରିବାରର ୩ କୋଟି ୨୭ ଲକ୍ଷ ୮୩ ହଜାର ଲୋକେ ମାସିକ ରାସନ ପାଉଛନ୍ତି। ହିତାଧିକାରୀ ଚିହ୍ନଟ ପ୍ରକ୍ରିୟା ନୂଆ ନୁହେଁ। ପୂର୍ବ ସରକାରରେ ମଧ୍ୟ ହିତାଧିକାରୀ ଚିହ୍ନଟ ନାମରେ ୧୦ ଲକ୍ଷରୁ ଉର୍ଦ୍ଧ୍ୱ ପରିବାରର ରାସନ କାର୍ଡ ତାଲିକାରୁ କଟାଯାଇଥିଲା। କିନ୍ତୁ ଗତ ୧୭ ମାସର ସରକାରରେ ସମସ୍ତ ଯୋଗ୍ୟ ହିତାଧିକାରୀଙ୍କୁ ଚିହ୍ନଟ କରାଯାଇ ରାସନକାର୍ଡ ପ୍ରଦାନ କରାଯାଉଛି। ରାସନ କାର୍ଡ ପାଇଁ ୧୫ ଲକ୍ଷ ଲୋକେ ଆବେଦନ କରାଯାଇଥିବା ବେଳେ ଏହାକୁ ତର୍ଜମା କରାଯାଇ ଏଯାବତ୍ ୬ ଲକ୍ଷ ୩୯ ହଜାର ୮୨୭ ଜଣଙ୍କୁ ନୂଆ କାର୍ଡ ପ୍ରଦାନ କରାଯାଇଛି। ମନ୍ତ୍ରୀ ଆହୁରି ମଧ୍ୟ କହିଛନ୍ତି ଯେ ଗ୍ରାମାଞ୍ଚଳରେ ୧୩ ଲକ୍ଷ ୫୦ ହଜାର ନୂଆ ହିତାଧିକାରୀ ଏବଂ ସହରାଞ୍ଚଳରେ ୧ ଲକ୍ଷ ୫୦ ହଜାର ନୂଆ ହିତାଧିକାରୀ ଚିହ୍ନଟ କରିବା ପାଇଁ ଟାର୍ଗେଟ ଦିଆଯାଇଛି। କେନ୍ଦ୍ରରୁ ଆସିଥିବା ତାଲିକା ଉପରେ ବ୍ଲକ ସ୍ତରରେ ସର୍ଭେ କରାଯିବ। ପୂର୍ବରୁ ଗ୍ରାମାଞ୍ଚଳରେ ଥିବା ମାସିକ ରୋଜଗାର ମାପଦଣ୍ଡକୁ ୧୦ ହଜାରରୁ ୧୫ ହଜାର ଟଙ୍କାକୁ ବୃଦ୍ଧି କରାଯାଇଛି। ସହରାଞ୍ଚଳରେ ୧୫ ହଜାରରୁ ୨୦ ହାଜର ଟଙ୍କାକୁ ବଢ଼ାଯାଇଛି। ଦଳୀୟ ଆଧାରରେ କାହାର ମଧ୍ୟ ରାସନ କାର୍ଡ କଟାଯିବ ନାହିଁ। ଧନୀ ଲୋକ ଅର୍ଥାତ୍ ସରକାରୀ ଚାକିରୀ କରିଥିବ, ଆୟକର ଦେଉଥିବ, ଚାରିଚକିଆ ଗାଡ଼ି ଚଢୁଥିବ, ବଡ଼ କୋଠାଘର ଥିବ ସେହିମାନଙ୍କର କାର୍ଡ କଟିବ ବୋଲି ମନ୍ତ୍ରୀ ଶ୍ରୀ ପାତ୍ର ସ୍ପଷ୍ଟ କରିଛନ୍ତି।

## ୧୦ ଦିନ ସମୟ ନେଲେ ଜିଲ୍ଲାପାଳ

# ଦ୍ୱିତୀୟ ଶ୍ରୀକ୍ଷେତ୍ର ସେବାୟତଙ୍କ ଆନ୍ଦୋଳନ ସ୍ଥଗିତ



ବାରିପଦା, ୨୯।୧୧(ସମିସ): ଦ୍ୱିତୀୟ ଶ୍ରୀକ୍ଷେତ୍ର ବାରିପଦାର ଶ୍ରୀଶ୍ରୀ ହରିବଳଦେବଜୀଉ ବିଜେଙ୍କ ସମ୍ପତ୍ତିର ପୁନରୁଦ୍ଧାର ହେଉନଥିବାରୁ ଏହାକୁ ନେଇ ସେବାୟତଙ୍କ ମଧ୍ୟରେ ଉଦ୍‌ବେଗ ପ୍ରକାଶ ପାଇବା ସହ ସେମାନେ ଆନ୍ଦୋଳନ ଚେତାବନୀ ଦେଇଥିଲେ। ଡିସେମ୍ବର ପହିଲାରୁ ସେମାନେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖରେ ହାତରେ ଦୀପ ଜାଳି ଆଣ୍ଠେଇ ଆଣ୍ଠେଇ ଅହିଂସାତ୍ମକ ପ୍ରତିବାଦ ପ୍ରଦର୍ଶନ କରିବେ ବୋଲି କହିଥିଲେ। ତେବେ ଆଜି ଜିଲ୍ଲାପାଳ ହେମକାନ୍ତ ସଏ ସେବାୟତଙ୍କ ସହ ନିଜ କାର୍ଯ୍ୟାଳୟରେ ଆଲୋଚନା କରିଛନ୍ତି। ସମସ୍ୟା ସମାଧାନ ପାଇଁ ଜିଲ୍ଲାପାଳ ୧୦ ଦିନ ସମୟ ମାଗିଥିବାରୁ ସେବାୟତମାନେ ସେମାନଙ୍କ ଆନ୍ଦୋଳନକୁ ସ୍ଥଗିତ ରଖିଛନ୍ତି।

ବଡ଼ ଜଗନ୍ନାଥ ମନ୍ଦିର ପରିଚାଳନା ପାଇଁ ରାଜାରାଜୁଡ଼ା ସମୟରେ ପ୍ରଦତ୍ତ ଜମିର ସଠିକ୍ ପରିଚାଳନା, ମନ୍ଦିର ପରିଚାଳନାରେ ଆର୍ଥିକ ସମସ୍ୟା ଦୂର, ୧ ହଜାର ଏକର ଜମିରେ କାଜୁ ଚାଷ ପାଇଁ ନିଲାମର ଲିଜ୍‌କୁ ନବୀକରଣ, ଦେବତ୍ତୋର ବିଭାଗରେ ଦେଢ଼ କୋଟି ଟଙ୍କା ଅଭାବ ପାଇଁ ବାରମ୍ବାର ଠାକୁରଙ୍କ ରୀତିନୀତିରେ ବାଧା ଉପୁଜିବା, ଦେବତ୍ତୋର ବିଭାଗର ଜମିରୁ ଜବରଦଖଲ ଉଚ୍ଛେଦ, ମନ୍ଦିର ପାଇଁ ସ୍ଥାୟୀ ଅଫିସର ଓ ଅଧିକ ସେବାୟତ ନିଯୁକ୍ତି, ମନ୍ଦିର ପରିଚାଳନା ପାଇଁ ୫୦କୋଟିର ଅନୁଦାନ ପ୍ରଦାନ ଆଦି ଦାବି ସମ୍ବନ୍ଧରେ ସେବାୟତମାନେ ଜିଲ୍ଲାପାଳ ଶ୍ରୀ ସଏଙ୍କ ସହ ଆଲୋଚନା କରିଥିଲେ।

ଏହି ଆଲୋଚନାରେ ଦେବୋତ୍ତର ଅଧିକାରୀ ତଥା ସଦର ଉପଜିଲ୍ଲାପାଳ ଡ. ଦୟାସିନ୍ଧୁ ପରିଡ଼ା, ସେବାୟତ ସଂଘର ରାଜ୍ୟ ସଭାପତି କାମେଶ୍ୱର ତ୍ରିପାଠୀ, ପୂଜକ ଅରୁଣ କୁମାର ମିଶ୍ର, ଦେବକାନ୍ତ ପଣ୍ଡା, ଚଣ୍ଡୀ ପ୍ରସାଦ ଦାଶ, ପ୍ରଦୀପ କୁମାର ପଣ୍ଡା, ସେବାୟତ ଅମିତ କୁମାର ମିଶ୍ର ଓ ଶଶିଭୂଷଣ ଦାଶ ପ୍ରମୁଖ ଉପସ୍ଥିତ ଥିଲେ।

## ଶ୍ରୀମନ୍ଦିର ନାଁରେ ବିବାଦୀୟ ଟିପ୍ପଣୀ

# ଶୁଭଙ୍କରଙ୍କ ବିରୋଧରେ ହେବ କାର୍ଯ୍ୟାନୁଷ୍ଠାନ

ପୁରୀ,୨୯।୧୧(ସମିସ): ଲୋକପ୍ରିୟ ସୋସିଆଲ ମିଡିଆ ଇନ୍‌ଫ୍ଲୁଏନ୍‌ସର ଶୁଭଙ୍କର ମିଶ୍ରାଙ୍କ ପାଇଁ ଅଡୁଆ ବଢ଼ିଛି। ଶ୍ରୀମନ୍ଦିରକୁ ନେଇ ଦେଇଥିବା ବିବାଦୀୟ ଟିପ୍ପଣୀ ଲାଗି ତାଙ୍କ ବିରୋଧରେ ହେବ କାର୍ଯ୍ୟାନୁଷ୍ଠାନ। ଏ ନେଇ ଶନିବାର ଗଣମାଧ୍ୟମକୁ ସୂଚନା ଦେଇଛନ୍ତି ଜିଲ୍ଲାପାଳ ଦିବ୍ୟଜ୍ୟୋତି ପରିଡ଼ା। ଶୁଭଙ୍କର ନିଜ ପଡ୍‌କାଷ୍ଟରେ କହିଛନ୍ତି ଯେ, ଯଦି କୌଣସି ପ୍ରେମୀଯୁଗଳ ଶ୍ରୀମନ୍ଦିର ଯାଆନ୍ତି ତେବେ ସେମାନଙ୍କ ସମ୍ପର୍କ ଭାଙ୍ଗିଯାଏ ବା ସେମାନେ ବିବାହ



କରିପାରନ୍ତି ନାହିଁ। ତାଙ୍କ କହିବା ଅନୁଯାୟୀ, ଭୁଲ୍‌ରେ ମଧ୍ୟ କୌଣସି ପ୍ରେମୀଯୁଗଳ ଶ୍ରୀମନ୍ଦିରକୁ ଯିବ ନାହିଁ। ସମ୍ପର୍କକୁ ବଞ୍ଚାଇବାକୁ ଚାହୁଁଥିଲେ ଏହା କରନ୍ତୁ। କାରଣ ଶ୍ରୀମନ୍ଦିର ଉପରେ ମା' ରାଧାରାଣୀଙ୍କ ଅଭିଶାପ ପଡ଼ିଛି। ମା' ରାଧାରାଣୀ ପ୍ରଭୁ ଶ୍ରୀଜଗନ୍ନାଥ ରୂପରେ ଶ୍ରୀକୃଷ୍ଣଙ୍କୁ ଦର୍ଶନ କରିବାକୁ ଆସିଥିବାବେଳେ ସେବାୟତମାନେ ତାଙ୍କୁ ମନ୍ଦିର ଭିତରକୁ ପ୍ରବେଶ କରିବାକୁ ବାରଣ କରିଥିଲେ। ଆଉ କହିଥିଲେ ମନ୍ଦିର ଭିତରକୁ ଭଗବାନଙ୍କ ପତ୍ନୀଙ୍କୁ ମଧ୍ୟ ଆସିବାର ଅନୁମତି ନାହିଁ। ଏଥିରେ କ୍ରୋଧିତ ହୋଇ ମା' ରାଧାରାଣୀ ଅଭିଶାପ ଦେଇଥିଲେ ଯେ, ଆଜିଠୁ କୌଣସି ଅବିବାହିତ ଯୋଡ଼ି ମନ୍ଦିର ଭିତରକୁ ଆସିଲେ ସେମାନଙ୍କ ସମ୍ପର୍କ ଭାଙ୍ଗିଯିବ ଏବଂ ବିବାହ ହୋଇପାରିବେ ନାହିଁ। ଶୁଭଙ୍କରଙ୍କ ଏହି ଭିଡିଓ ଭାଇରାଲ ହେବା ପରେ ଓଡ଼ିଶା ବିଶେଷକରି ପୁରୀରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଛି। ଶ୍ରୀଜଗନ୍ନାଥ ପ୍ରେମୀମାନେ ପ୍ରଶ୍ନ କରିଛନ୍ତି ଯେ, ଜଣେ ଏତେ ଉଚ୍ଚଶିକ୍ଷିତ ତଥା ପ୍ରଭାବଶାଳୀ ବ୍ୟକ୍ତି କିଭଳି ଶ୍ରୀମନ୍ଦିର ସମ୍ପର୍କରେ ଏଭଳି ବିଭ୍ରାନ୍ତିକର ଓ ତଥ୍ୟହୀନ ଟିପ୍ପଣୀ ଦେଇପାରିଲେ? ଏ ସମ୍ପର୍କରେ ଜିଲ୍ଲାପାଳ ଶ୍ରୀ ପରିଡ଼ା କହିଛନ୍ତି, ପ୍ରଚାରପ୍ରସାର ସବ୍ କମିଟିରେ ଯେଉଁମାନେ ଶ୍ରୀଜଗନ୍ନାଥ ସଂସ୍କୃତିକୁ ଅବମାନନା କରିବେ ଓ ଭୁଲ୍ ତଥ୍ୟ ଦେବେ ସେମାନଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ନିଆଯିବ ବୋଲି ଯୋଜନା କରାଯାଉଛି। ଶୁଭଙ୍କର ମିଶ୍ରାଙ୍କର ଟିପ୍ପଣୀକୁ ନେଇ ତର୍ଜମା କରାଯାଉଛି। ଏହା ଗୁଜବ ନା ସତ୍ୟ ତାହାକୁ ମଧ୍ୟ ପରୀକ୍ଷା ନିରୀକ୍ଷା କରାଯାଉଛି। ଯଦି ସେ ଏଭଳି ମନ୍ତବ୍ୟ ଦେଇଥା'ନ୍ତି ଓ କମିଟି ରିପୋର୍ଟ ଦିଅନ୍ତି ତେବେ ତାଙ୍କ ବିରୋଧରେ ଆଇନ ଅନୁଯାୟୀ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ଜିଲ୍ଲାପାଳ କହିଛନ୍ତି।

# ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

## ଏୟାରବସ୍ 'ଏ-୩୨୦'କୁ...

ଉଡ଼ାଣ ବାତିଲ ହୋଇ ଯାଇଥିବାରୁ ଯାତ୍ରୀ ହନ୍ତସନ୍ତ ହେଉଛନ୍ତି। ଲୋକେ ଯାତ୍ରା ନ କରିପାରି ବିମାନବନ୍ଦରରେ ଅଟକି ରହିଛନ୍ତି। ଏହି କାରଣରୁ ଭାରତରେ ଅନେକ ବିମାନ ୬୦ରୁ ୯୦ ମିନିଟ ବିଳମ୍ବରେ ଚାଲୁଛି। ଇଣ୍ଡିଗୋ, ଏୟାର ଇଣ୍ଡିଆ ଏବଂ ଏୟାର ଇଣ୍ଡିଆ ଏକ୍ସପ୍ରେସରେ ଅନେକ ଏ୩୨୦ ସିରିଜର ବିମାନ ରହିଛି। ଏହି ସବୁ କମ୍ପାନୀର ୩୩୮ ବିମାନ ଯାନ୍ତ୍ରିକ ସମସ୍ୟାରେ ପ୍ରଭାବିତ ହୋଇଛି। ଏହି ବିମାନକୁ ନେଇ ଏୟାର ଇଣ୍ଡିଆ ଏବଂ ଇଣ୍ଡିଗୋ ପକ୍ଷରୁ ମାର୍ଗଦର୍ଶିକା ଜାରି କରାଯାଇଛି। ବେସାମରିକ ବିମାନ ଚଳାଚଳ ମହାନିର୍ଦ୍ଦେଶାଳୟ ଅନୁଯାୟୀ, ଶନିବାର ସକାଳ ୧୦ଟା ସୁଦ୍ଧା ୧୮୯ଟି ଏ୩୨୦ ବିମାନର ସଫ୍ଟୱେରକୁ ଅପଗ୍ରେଡ଼ କରାଗଲାଣି। ଶନିବାର ସକାଳ ୫ଟା ୨୯ ସୁଦ୍ଧା ସବୁ ପ୍ରଭାବିତ ବିମାନର ଅପ୍‌ଗ୍ରେଡେସନ ଶେଷ ହେବ ବୋଲି ଆଶା କରାଯାଉଛି।

ୟୁରୋପିଆନ ୟୁନିୟନ ଆଭିଏସନ ସେଫ୍ଟି ଏଜେନ୍ସି (ଇଏଏସଏ) ପକ୍ଷରୁ ଶୁକ୍ରବାର ଏମର୍ଜେନ୍ସି ଏୟାରୱର୍ଦିନେସ ଡାଇରେକ୍ଟିଭ (ଇଏଡି) ଜାରି କରାଯାଇଥିଲା। ଯାତ୍ରୀ ବିମାନ ଆରମ୍ଭ କରିବା ପୂର୍ବରୁ ଏହି ବିମାନର ମରାମତି ପାଇଁ ନିର୍ଦ୍ଦେଶ ଦିଆଯାଇଥିଲା। କୁହାଯାଇଥିଲା ଯେ ଅକ୍ଟୋବର ୩୦ ତାରିଖରେ ଆମେରିକା ଏୟାରଲାଇନ ଜେଟ୍‌ବ୍ଲୁର ଏକ ବିମାନ ୩୫ ହଜାର ଫୁଟ ଉଚ୍ଚରେ ଥିବାବେଳେ ଅଚାନକ ତଳକୁ ଖସି ଆସିଥିଲା। ଏହି ଅଘଟଣରେ ୧୫ ଜଣ ଆହତ ହୋଇଥିଲେ। ଫଳରେ ବିମାନକୁ ଫ୍ଲୋରିଡ଼ାର ଟାମ୍ପା ବିମାନବନ୍ଦରରେ ଜରୁରୀ ଅବତରଣ କରାଇବାକୁ ପଡ଼ିଥିଲା। ପ୍ରାରମ୍ଭିକ ଯାଞ୍ଚରୁ ଏକ ଇଏଲଏସି ଖରାପ ଥିବାରୁ ଏପରି ହୋଇଥିବା ଜଣାପଡ଼ିଥିଲା। ଏଥିଯୋଗୁଁ ଏୟାରବସ ସବୁ ଏୟାରଲାଇନ ଅପରେଟରଙ୍କୁ ନିଜ ବିମାନରେ ଇଏଲଏସି ଲଗାଇବାକୁ କହିଛି। ଏହା ବିମାନକୁ ନିୟନ୍ତ୍ରଣ କରୁଥିବା କମ୍ପ୍ୟୁଟର। ଏହାକୁ ଫ୍ଲାଇଟ କଣ୍ଟ୍ରୋଲ କୁହାଯାଇଥାଏ। ଏହା ପାଇଲଟଙ୍କ ନିର୍ଦ୍ଦେଶକୁ କଣ୍ଟ୍ରୋଲ ସିଷ୍ଟମ ପର୍ଯ୍ୟନ୍ତ ପହଞ୍ଚାଇ ଥାଏ। ବିମାନକୁ ମୋଡ଼ିବାରେ ସହାୟକ ହୋଇଥାଏ। ଏ୩୨୦ ସିରିଜର ବିମାନ ବିଶ୍ୱରେ ସର୍ବାଧିକ ବ୍ୟବହୃତ ହେଉଥିବା ସିଙ୍ଗଲ-ଆଇଲ ପ୍ଲେନ। ଏହି ସିରିଜରେ ଏ୩୧୯, ଏ୩୨୦ସିଇଓ ଏବଂ ନିଓ, ଏ୩୨୧ ସିଇଓ ଏବଂ ଏ୩୨୧ ନିଓ ସାମିଲ ରହିଛି।

## ଗୁଣ୍ଡିଚା ମନ୍ଦିରରେ...

କିଛି ନିର୍ମାଣ ଜେସିବି ଭାଙ୍ଗୁଥିବା ଜଣାପଡ଼ିବା ପରେ ଏହାକୁ ନେଇ ବିଭିନ୍ନ ମହଲରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି।

ଆମ୍ ଆଦ୍‌ମୀ ପାର୍ଟି (ଆପ୍) ପୁରୀ ଜିଲ୍ଲା ସଭାପତି ସଞ୍ଜୀବ କୁମାର ମହାନ୍ତି ଗୁଣ୍ଡିଚା ମନ୍ଦିର ଭିତରେ ପଶି ଜେସିବି ଭାଙ୍ଗିବାକୁ ତୀବ୍ର ବିରୋଧ କରିଛନ୍ତି। ଯଦି ଆବଶ୍ୟକ ଥିଲା ତେବେ ଶ୍ରମିକ ଲଗାଇ ଛେଣି, ହାତୁଡ଼ି କିମ୍ବା ଅନ୍ୟ ଯନ୍ତ୍ରାଂଶରେ ଭଙ୍ଗା ଯାଇପାରିଥା'ନ୍ତା। କିନ୍ତୁ ତାହା ନ କରି ଜେସିବି ବ୍ୟବହାର କରିଛନ୍ତି। ପୂର୍ବ ସରକାର ସମୟରେ ପରିକ୍ରମା ପ୍ରକଳ୍ପ କାମ ପାଇଁ ଶ୍ରୀମନ୍ଦିର ବାହାରେ ଜେସିବି ବ୍ୟବହାର କରାଯାଉଥିବା ବେଳେ ଏହାକୁ ଅନେକ ବ୍ୟକ୍ତି ହୋ-ହଲ୍ଲା କରିଥିଲେ। ମନ୍ଦିର ଭୁଶୁଡ଼ି ପଡ଼ିବ ଏବଂ ଭାଙ୍ଗିଯିବ କହି ଧାରଣା ଦେଇଥିଲେ। ହେଲେ ଆଜି ଗୁଣ୍ଡିଚା ମନ୍ଦିର ଭିତରେ ପଶି ଜେସିବି ଭାଙ୍ଗୁଥିବାବେଳେ ସେମାନେ ନିରବ କାହିଁକି ବୋଲି ପ୍ରଶ୍ନ କରିଛନ୍ତି ଆପ୍ ଜିଲ୍ଲା ସଭାପତି ଶ୍ରୀ ମହାନ୍ତି। ସେହିପରି ବୁଦ୍ଧିଜୀବୀ ମହେନ୍ଦ୍ର ବିଶୋଇ କହିଛନ୍ତି, ଶହଶହ ବର୍ଷର ତଥା ଶ୍ରୀଜଗନ୍ନାଥ ମହାପ୍ରଭୁଙ୍କ ଜନ୍ମସ୍ଥଳୀ ଶ୍ରୀଗୁଣ୍ଡିଚା ମନ୍ଦିର ଭିତରେ ଜେସିବି ମେସିନ୍ ଦ୍ୱାରା ବିଭିନ୍ନ ଖନନ ତଥା ଭଙ୍ଗା କାର୍ଯ୍ୟ ଭକ୍ତ ସମାଜକୁ ଗଭୀର ଆଘାତ ଦେଉଛି। ମନ୍ଦିର ପରିସରରେ ଯଦି କୌଣସି ମରାମତି କିମ୍ବା ଉଚ୍ଛେଦର ଆବଶ୍ୟକତା ଅଛି ତାକୁ ଅଭିଜ୍ଞ କୁଶଳୀ ଶ୍ରମିକଙ୍କ ଦ୍ୱାରା କରାଯାଉ। କିନ୍ତୁ ମନ୍ଦିର ଭିତରେ ଜେସିବି ମେସିନ ପୂରାଇ ପ୍ରଚଣ୍ଡ ଶବ୍ଦ କରି ଭଙ୍ଗାରୁଜା କରିବା ସହଜରେ ଗ୍ରହଣ କରିହେଉନି। ଏହାସହିତ ଏଭଳି କାର୍ଯ୍ୟ ସମୟରେ ମନ୍ଦିର, ପୁରାତନ କୀର୍ତ୍ତିରାଜି ତଥା ପ୍ରାଚୀନ ଐତିହ୍ୟସମ୍ପନ୍ନ ମୂର୍ତ୍ତିଗୁଡ଼ିକ ଯେଭଳି ଅକ୍ଷୁଣ୍ଣ ରହେ ସେ ଦିଗରେ ପ୍ରଶାସନ ସତର୍କ ରହିବା ଆବଶ୍ୟକ। ପୂର୍ବରୁ ଶ୍ରୀମନ୍ଦିର ପରିକ୍ରମା ମାର୍ଗ କାର୍ଯ୍ୟ ସମୟରେ ବଡ଼ ଦେଉଳ ବାହାରେ ଉଚ୍ଛେଦ ଏବଂ ଖନନ କାର୍ଯ୍ୟରେ ଜେସିବି ମେସିନର ବ୍ୟବହାରକୁ ବିଭିନ୍ନ ମହଲରୁ ତୀବ୍ର ବିରୋଧ କରାଯାଇଥିଲା। ମାତ୍ର ଏବେ ଗୁଣ୍ଡିଚା ମନ୍ଦିର ଭିତରେ ମେସିନ ଲଗାଇ କିଭଳି ଭଙ୍ଗାଯାଉଛି ତାହା ପ୍ରଶ୍ନବାଚୀ ସୃଷ୍ଟି କରୁଛି ବୋଲି କହିଛନ୍ତି ଶ୍ରୀ ବିଶୋଇ।

ଅନ୍ୟପକ୍ଷରେ ଏ ସମ୍ପର୍କରେ ଶ୍ରୀମନ୍ଦିର ଉନ୍ନୟନ ପ୍ରଶାସକ ଦେବବ୍ରତ ସାହୁ କହିଛନ୍ତି, ଗୁଣ୍ଡିଚା ମନ୍ଦିରରେ ପୁନରୁଦ୍ଧାର କାମ ଚାଲିଛି। ରୋଷଘର ପଛପଟ ତୁଣିଆ ମାଲ, ବଲ୍ଲଭ ଘର ଭଙ୍ଗାଯାଉଛି। ରଥଯାତ୍ରା ପୂର୍ବରୁ ଏହି ନବୀକରଣ କାମ ସାରିବାକୁ ଲକ୍ଷ୍ୟ ରହିଛି। ତେବେ ଶ୍ରମିକ ଲଗାଇ ଭାଙ୍ଗିବାକୁ ଉଦ୍ୟମ ହୋଇଥିଲା। କିନ୍ତୁ ସେମାନେ ଭାଙ୍ଗି ନ ପାରିବାରୁ ଜେସିବି ଲାଗିଛି ବୋଲି ଶ୍ରୀ ସାହୁ କହିଛନ୍ତି।

## ସଂସ୍କୃତିକୁ ଆମେ...

ଅନ୍ୟତମ। ଶିକ୍ଷା ଓ ଅନୁସନ୍ଧାନ (ସୋଆ) ବିଶ୍ୱବିଦ୍ୟାଳୟ କ୍ୟାମ୍ପସ୍‌ରେ ଆୟୋଜିତ ସୋଆ ସାହିତ୍ୟ ଉତ୍ସବର ତୃତୀୟ ସଂସ୍କରଣରେ ଯୋଗଦେଇ ପ୍ରଖ୍ୟାତ କବି, ସଂଳାପ ଲେଖକ, ଗୀତିକାର, ସମାଜ ଚିନ୍ତକ ତଥା ଶବ୍ଦର ଯାଦୁକର ପଦ୍ମଭୂଷଣ ଜାଭେଦ ଅଖତର୍ ଆଜି ଏହା କହିଛନ୍ତି।

ଏହି ଅବସରରେ ଅଖତର୍‌ଙ୍କୁ ପ୍ରଥମ ସୋଆ ସାହିତ୍ୟ ସମ୍ମାନରେ ସମ୍ମାନିତ କରାଯାଇଥିଲା। ସମ୍ମାନସ୍ୱରୂପ ମାନପତ୍ର, ଉତ୍ତରୀୟ, ଦେବୀ ସରସ୍ୱତୀଙ୍କ ଏକ ରୌପ୍ୟମୂର୍ତ୍ତି ଏବଂ ୭ ଲକ୍ଷ ଟଙ୍କାର ପୁରସ୍କାର ରାଶି ପ୍ରଦାନ କରାଯାଇଥିଲା। ସୋଆ ବିଶ୍ୱବିଦ୍ୟାଳୟ ପକ୍ଷରୁ ତାଙ୍କୁ ଏହି ସମ୍ମାନ ପ୍ରଦାନ କରିବା ନିମନ୍ତେ ଆମନ୍ତ୍ରିତ କରାଯିବା ତାଙ୍କ ପାଇଁ ଏକ ସମ୍ମାନ ବୋଲି ସମ୍ବର୍ଦ୍ଧିତ ହେବା ପରିପ୍ରେକ୍ଷୀରେ ଅଖତର୍ କହିଥିଲେ।

ସୋଆ ବିଶ୍ୱବିଦ୍ୟାଳୟ କ୍ୟାମ୍ପସ୍‌ରେ ଆୟୋଜିତ ଦୁଇଦିନିଆ ଏହି ସୋଆ ସାହିତ୍ୟ ଉତ୍ସବକୁ ଉଦ୍‌ଘାଟନ କରି ଓଡ଼ିଶାର ରାଜ୍ୟପାଳ ଡ. ହରିବାବୁ କମ୍ଭମପାଟି କହିଲେ, ଯଦିଓ ବୈଷୟିକ ଜ୍ଞାନକୌଶଳ ପରିବ୍ୟାପ୍ତ ହେବାରେ ଲାଗିଛି ଏବଂ ମଣିଷର ସମ୍ପର୍କକୁ ପ୍ରଭାବିତ କରୁଛି, ତଥାପି ଏହା ମଣିଷର ଅନୁଭୂତିର ଗଭୀରତାକୁ ପୁନସ୍ଥାପନ କରିପାରିବ ନାହିଁ। ବର୍ତ୍ତମାନ ସମୟରେ କୃତ୍ରିମ ବୁଦ୍ଧିମତା ଯୋଗାଯୋଗ, ସର୍ଜନଶୀଳତା, ଏପରିକି ମଣିଷର ସମ୍ପର୍କକୁ ପ୍ରଭାବିତ କରିବାରେ ଲାଗିଛି। ଭବିଷ୍ୟତରେ କୃତ୍ରିମ ବୁଦ୍ଧିମତାର ପ୍ରଭାବ ରହିଥିଲେ ମଧ୍ୟ ମଣିଷ ଏବେ ବି ସମାନୁଭୂତି, ନୈତିକ ବିଚାର ଏବଂ କଳ୍ପନା କରିବାର ଶକ୍ତି ଉପରେ ନିର୍ଭର କରୁଛି ବୋଲି ରାଜ୍ୟପାଳ କହିଥିଲେ।

କାର୍ଯ୍ୟକ୍ରମର ଦ୍ୱିତୀୟ ପର୍ବରେ ଅଖତରଙ୍କ ସହ ଅଭିନେତ୍ରୀ ତଥା ପ୍ରଯୋଜିକା ବାନୀ ତ୍ରିପାଠୀ ବିଭିନ୍ନ ପ୍ରସଙ୍ଗରେ ଆଲୋଚନା କରିଥିଲେ। ଆର୍ଟିଫିସିଆଲ ଇଣ୍ଟେଲିଜେନ୍ସ (ଏଆଇ) ଅର୍ଥାତ୍ କୃତ୍ରିମ ବୁଦ୍ଧିମତା ସମ୍ପର୍କରେ ଛାତ୍ରଛାତ୍ରୀମାନଙ୍କ ପ୍ରଶ୍ନର ଉତ୍ତର ଦେଇ ଅଖତର୍ କହିଥିଲେ ଯେ ବୈଷୟିକ ଜ୍ଞାନକୌଶଳର କୌଣସି ନୈତିକତା ନାହିଁ। ଏହାକୁ ଆମେ କିଭଳି ବ୍ୟବହାର କରୁଛୁ, ତାହା ଉପରେ ସବୁ ନିର୍ଭର କରେ। ଆଣବିକ ଶକ୍ତିର ଉଦାହରଣ ଦେଇ ସେ କହିଥିଲେ ଯେ ଏହାକୁ ଆମେ ଉଭୟ ଭଲ ଏବଂ ମନ୍ଦ ଉଦ୍ଦେଶ୍ୟରେ ବ୍ୟବହାର କରିପାରିବୁ। ଏଆଇରେ ଭରି ରହିଥିବା ସଂସାଧନ ମନ୍ଦ ନୁହେଁ। ଆମେ ଯଦି ଇତିହାସ ପୃଷ୍ଠା ଦେଖିବା, ମଣିଷ ସମସ୍ତ ଆବିଷ୍କାରକୁ ନେଇ ଭୟଭୀତ ହେଉଥିଲା। ଏପରିକି, ରେଳ ଇଞ୍ଜିନ୍‌କୁ ସୈତାନର ବାହନ ବୋଲି କୁହାଯାଉଥିଲା। ତେବେ ବର୍ତ୍ତମାନ ସମୟରେ ଆର୍ଟିଫିସିଆଲ୍ ଇଣ୍ଟେଲିଜେନ୍ସରେ ସର୍ଜନଶୀଳତା ରହିଥିବା କୁହାଯାଇପାରିବ ନାହିଁ। ବର୍ତ୍ତମାନ ସମୟରେ ଏହାର ନିଜସ୍ୱ ପରିସୀମା ରହିଛି ଏବଂ ଏହା ତଥ୍ୟ ଉପରେ ନିର୍ଭରଶୀଳ। ଭବିଷ୍ୟତରେ କ'ଣ ଘଟିବ, ତାହା ଆମେ ଏବେଠାରୁ କହିପାରିବା ନାହିଁ। କିନ୍ତୁ ବର୍ତ୍ତମାନ ସମୟରେ ମଣିଷର ସର୍ଜନଶୀଳତାକୁ ନେଇ କୌଣସି ଆହ୍ୱାନ ନାହିଁ ବୋଲି ଅଖତର କହିଥିଲେ।

ସୋଆ ପରିଚାଳିତ ସେଣ୍ଟର୍ ଫର୍ ପ୍ରିଜରଭେସନ୍, ପ୍ରୋପାଗେସନ୍ ଆଣ୍ଡ ରେଷ୍ଟୋରେସନ୍ ଅଫ୍ ଏନ୍‌ସିଏଣ୍ଟ କଲ୍‌ଚର ଆଣ୍ଡ ହେରିଟେଜ ଅଫ୍ ଇଣ୍ଡିଆ(ପ୍ରାଚୀନ) ପକ୍ଷରୁ ଆୟୋଜିତ ଏହି ସାହିତ୍ୟ ଉତ୍ସବରେ ସାରା ଦେଶରୁ ୧୦୦ ରୁ ଉର୍ଦ୍ଧ୍ୱ କବି, ଲେଖକ, ଔପନ୍ୟାସିକ, ଚିତ୍ରକର, ଅନୁବାଦକ, ପ୍ରକାଶକ, ଚିନ୍ତକ, ନାଟକ, ଗଣମାଧ୍ୟମ ଜଗତର ବିଶିଷ୍ଟ ବ୍ୟକ୍ତିବିଶେଷ ଯୋଗ ଦେଇଛନ୍ତି। ଏହି ଦୁଇଦିନିଆ ସାହିତ୍ୟ ଉତ୍ସବରେ ୩୦ଟି ବିଭିନ୍ନ ଅଧିବେଶନ ରଖାଯାଇଛି।

ଚଳିତବର୍ଷ ଉତ୍ସବର ପ୍ରସଙ୍ଗଟି 'କଲ୍‌ଚର, କ୍ରିଏଟିଭିଟି ଆଣ୍ଡ ଆର୍ଟିଫିସିଆଲ୍ ଇଣ୍ଟେଲିଜେନ୍ସ' ଅର୍ଥାତ୍ 'ସଂସ୍କୃତି, ସର୍ଜନଶୀଳତା ଓ କୃତ୍ରିମ ବୁଦ୍ଧିମତା'ରହିଛି। ସୋଆ କୁଳପତି ପ୍ରଫେସର ପ୍ରଦୀପ୍ତ କୁମାର ନନ୍ଦଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ସାହିତ୍ୟ ଏକାଡେମୀ, ନୂଆଦିଲ୍ଲୀର ପୂର୍ବତନ ସଚିବ ଡକ୍ଟର କେ. ଶ୍ରୀନିବାସରାଓ ଏବଂ ସୋଆର ଉପସଭାପତି ଶାଶ୍ୱତୀ ଦାସ ସମ୍ମାନିତ ଅତିଥି ଭାବେ ଯୋଗଦେଇ ବକ୍ତବ୍ୟ ରଖିବା ସହ ଜାଭେଦ ଅଖତରଙ୍କୁ ସୋଆ ସାହିତ୍ୟ ସମ୍ମାନରେ ସମ୍ମାନିତ ହେବା ପରିପ୍ରେକ୍ଷୀରେ ଶୁଭେଚ୍ଛା ଜଣାଇଥିଲେ। ପ୍ରାଚୀନର ମୁଖ୍ୟ ତଥା ସୋଆ ସାହିତ୍ୟ ଉତ୍ସବର ଡାଇରେକ୍ଟର ଏବଂ କ୍ୟୁରେଟର୍ ପ୍ରଫେସର୍ ଡ. ଗାୟତ୍ରୀବାଳା ପଣ୍ଡା ସ୍ୱାଗତଭାଷଣ ପ୍ରଦାନ କରିଥିଲେ। ସୋଆ ଛାତ୍ରମଙ୍ଗଳ ଡିନ୍ ତଥା କାର୍ଯ୍ୟକ୍ରମର ମୁଖ୍ୟ ସଂଯୋଜକ ପ୍ରଫେସର୍ ଜ୍ୟୋତିରଞ୍ଜନ ଦାସ ଧନ୍ୟବାଦ ଦେଇଥିଲେ। ଏହି ଅବସରରେ ପ୍ରଫେସର୍ ଡ. ଗାୟତ୍ରୀବାଳା ପଣ୍ଡାଙ୍କ ପୁସ୍ତକ 'ଦୟାନଦୀ'ର ଇଂରାଜୀ ଅନୁବାଦ 'ରିଭର ଦୟା' ଏବଂ ପ୍ରାଚୀନ ପକ୍ଷରୁ ପ୍ରକାଶିତ ତିନୋଟି ପୁସ୍ତକ 'ସାରୋଳଦାସ ମହାଭାରଥ'ର ଦୁଇଟି ସଭାପର୍ବ ଏବଂ ମଧ୍ୟ ପର୍ବ ଉନ୍ମୋଚିତ ହୋଇଥିଲା।

ସୂଚନାଯୋଗ୍ୟ, ସୋଆ ବିଶ୍ୱବିଦ୍ୟାଳୟ ପକ୍ଷରୁ ସାହିତ୍ୟ କ୍ଷେତ୍ରରେ ଉତ୍କର୍ଷ, ସର୍ଜନଶୀଳ ଏବଂ ବୌଦ୍ଧିକ ଗଭୀରତାର ଦକ୍ଷତା ଥିବା ବିଶିଷ୍ଟ ବ୍ୟକ୍ତିବିଶେଷଙ୍କୁ ପ୍ରତିବର୍ଷ ସୋଆ ସାହିତ୍ୟ ସମ୍ମାନ ପ୍ରଦାନ କରାଯିବାକୁ ଥିବା ବେଳେ ଚଳିତବର୍ଷ ପଦ୍ମଭୂଷଣ ଜାଭେଦ ଅଖତର୍‌ଙ୍କୁ ପ୍ରଦାନ କରାଯାଇଛି।

## ବିଧାନସଭାରେ ରାସନ...

ଆକ୍ରମଣ କରି ରାସନ କାର୍ଡ ଇ-କେୱାଇସି, ସର୍ଭେ ପ୍ରକ୍ରିୟା ହିତାଧିକାରୀଙ୍କୁ କାଟିବା ପାଇଁ ନୁହେଁ; ବରଂ ଅଯୋଗ୍ୟ ହିତାଧିକାରୀ ଚିହ୍ନଟ ଓ ଦୁର୍ନୀତି ରୋକିବାର ପଦକ୍ଷେପ ବୋଲି ଯୁକ୍ତି ବାଢ଼ିଛନ୍ତି।

ବିଜେଡି ପକ୍ଷରୁ ଆଗତ ଏହି ସମ୍ପର୍କିତ ଏକ ମୁଲତବୀ ପ୍ରସ୍ତାବ ଆଲୋଚନାକୁ ଆରମ୍ଭ କରି ବିଜେଡି ବରିଷ୍ଠ ବିଧାୟକ ରଣେନ୍ଦ୍ର ପ୍ରତାପ ସ୍ୱାଇଁ କହିଥିଲେ ଯେ ରାଜ୍ୟ ସରକାର ରାସନ କାର୍ଡ ସର୍ଭେ ନାଁ ରେ ଖାଦ୍ୟ ସୁରକ୍ଷା ଯୋଜନାର ଗରିବ ହିତାଧିକାରୀଙ୍କୁ କାଟି ଦେଉଛନ୍ତି। ଏହି ମଧ୍ୟରେ ଜିଲ୍ଲାପାଳ ମାନଙ୍କୁ ଦୁଇଟି ଚିଠି ଯାଇଛି । ସେଥିରେ ଯେଉଁ ୬ଟି ମାନଦଣ୍ଡ ରଖାଯାଇଛି, ସେଥିରୁ ୩ଟି ଆଦୌ ଗ୍ରହଣୀୟ ନୁହେଁ। ୬ ମାସରୁ ଅଧିକ ସମୟ ଚାଉଳ ଉଥାଇନଥିଲେ, ୧ ହେକ୍ଟର(୨.୪୭ ଏକର)ରୁ ଅଧିକ ଜମି ଥିଲେ ଏବଂ ବାର୍ଷିକ ୧ ଲକ୍ଷ ୨୦ ହଜାର କିମ୍ବା ମାସିକ ୧୦ ହଜାର ଆୟ ଥିଲେ ହିତାଧିକାରୀଙ୍କ ରାସନ୍ କାର୍ଡ କାଟି ଦେବାକୁ ନିର୍ଦ୍ଦେଶ ଦେଇଛନ୍ତି। ସରକାରୀ ତଥ୍ୟ ଅନୁସାରେ ୪ ଲକ୍ଷ ୭୪ ହଜାର ୯୭୪ ହିତାଧିକାରୀଙ୍କ ରାସନ୍ କାର୍ଡ କାଟି ଦେଉଛନ୍ତି। ଆହୁରି ୩୯ ଲକ୍ଷ କରିବେ । ୧୦ ପ୍ରତିଶତ ଲୋକଙ୍କ କାର୍ଡ ଏ ସରକାର କାଟି ସାରିଲେଣି। ଜଣେ ଲୋକ ସୁଭଦ୍ରା ଯୋଜନା ବାବଦକୁ ଅର୍ଥ ପାଉଥିଲେ କିମ୍ବା କୌଣସି ଋଣ କରି ଆୟକର ରିଟର୍ଣ୍ଣ ଫାଇଲ କରିଥିଲେ ରାସନ୍ କାର୍ଡ କଟିଯିବା କଥା କହୁଛନ୍ତି। ଧାନ ବିକ୍ରି କରି ଆୟ କରିଥିବା ଲୋକଙ୍କ କାର୍ଡ କଟିଯିବ କି, ମନ୍ତ୍ରୀ ସ୍ୱଷ୍ଟ କରନ୍ତୁ ବୋଲି ପ୍ରଶ୍ନ କରିଥିଲେ । ଲୋକଙ୍କୁ କୃତ୍ରିମ ଧନୀ କରି ସରକାର ଚାଉଳ କାଟି ଦେଉଛନ୍ତି । ଚାଷୀଙ୍କ ପେଟରେ ଲାତ ମାରିବା ପାଇଁ ଯୋଜନା ହୋଇଛି । ଗରିବ ମାରଣ ନୀତିର ଜବାବ ଓଡ଼ିଶାବାସୀ ଉଚିତ୍ ଜବାବ ଦେବେ ବୋଲି ଶ୍ରୀ ସ୍ୱାଇଁ କହିଥିଲେ। ବିଜେଡି ବିଧାୟକ ଦେବୀ ରଞ୍ଜନ ତ୍ରିପାଠୀ ବିଭାଗ ପକ୍ଷରୁ ଜିଲ୍ଲାପାଳଙ୍କୁ ଯାଇଥିବା ଚିଠି କଥା ଉଠାଇ ସରକାରଙ୍କୁ ଟାର୍ଗେଟ କରିଥିଲେ। ସେ କହିଥିଲେ ଯେ ନିଜର କାର୍ଡକୁ ନେଇ ଗାଁ ଗହଳିର ଲୋକେ ଏବେ ସଂଶୟ ମଧ୍ୟରେ ଅଛନ୍ତି। ନୂଆ ସରକାର ଆସିବା ପରେ ଭୂତ ହିତାଧିକାରୀ କହି କିଛି ଲୋକଙ୍କ କାର୍ଡ କାଟିଲେ। ୧୫ ଲକ୍ଷ ଲୋକ ଏଯାଏଁ ଇ-କେୱାଇସି କରିନାହାନ୍ତି। ଗୋଟେ ଟେ ସରକାର ଚାଷୀଙ୍କ ଆୟବୃଦ୍ଧି କଥା କହୁଛନ୍ତି। ମହିଳା ସଶକ୍ତିକରଣ କଥା କହୁଛନ୍ତି। ମାତ୍ର ଅନ୍ୟପଟେ ମାନଦଣ୍ଡର ଆଳ ଦେଖାଇ ସେମାନଙ୍କ କାର୍ଡ କାଟିବାର ଯୋଜନା କରାଯାଉଛି। ମନ୍ତ୍ରୀ ସ୍ୱଷ୍ଟ କରନ୍ତୁ କିଏ ଯୋଗ୍ୟ, କିଏ ଅଯୋଗ୍ୟ। ଏଫସିଆଇ ଚାଉଳ ନ ଉଠାଇବା ଆଉ କେନ୍ଦ୍ରୀୟ ଅନୁଦାନ କମିବା ଅଳରେ ସରକାର ରାସନ୍ କାର୍ଡ କାଟି ଦେବା ପାଇଁ ମସୁଧା ନୁହେଁ ତ ବୋଲି କହିଥିଲେ। ସେହିଭଳି କଂଗ୍ରେସ ବିଧାୟକ ଅଶୋକ ଦାସ ଓ ସି ଏସ ରାଜନ୍ ଏକ୍କା ରାସନ୍ କାର୍ଡ ମାୟା ଜାଲରେ ଗରିବ ଛନ୍ଦି ହୋଇଛନ୍ତି ବୋଲି କହି ଉଦବେଗ ପ୍ରକାଶ କରିଥିଲେ। ମାନଦଣ୍ଡ ଆଳ ଦେଖାଇ ରାଜ୍ୟ ସରକାର ଗରିବ ଲୋକଙ୍କ ଖାଦ୍ୟ ସୁରକ୍ଷା ଅଧିକାର ଛଡ଼ାଇ ନେବାକୁ ବସିଛନ୍ତି ବୋଲି ଉଭୟେ କ୍ଷୋଭକ୍ତି ପ୍ରକାଶ କରିଥିଲେ।

ବିଜେପି ପକ୍ଷରୁ ବିଧାୟକ ଆଶ୍ରିତ ପଟ୍ଟନାୟକ, ଆମର କୁମାର ନାୟକ, ପ୍ରତାପ ଚନ୍ଦ୍ର ନାୟକ ଓ ପଦ୍ମଲୋଚନ ପଣ୍ଡା ବିରୋଧୀଙ୍କ ଅଭିଯୋଗ କୁ ଖଣ୍ଡନ କରିବା ସହ ପାଲଟା ସମାଲୋଚନା କରିଥିଲେ। ସେମାନେ କହିଥିଲେ ଯେ ୨୦୨୪ ଜୁନ ମାସଠାରୁ ରାଜ୍ୟ ସରକାର ପ୍ରାୟ ୯୯ ଲକ୍ଷ ୫୨ ହଜାର ୧୫୩ ପରିବାରକୁ ପ୍ରତିମାସରେ ଖାଦ୍ୟ ଶସ୍ୟ ଯୋଗାଇ ଦେଉଛନ୍ତି। ପୂର୍ବ ସରକାର ରାଜନୈତିକ ଉଦ୍ଦେଶ୍ୟ ରଖି ହିତାଧିକାରୀଙ୍କ କାର୍ଡ କାଟୁଥିଲେ। ୨୦୧୫ରୁ ୨୦୨୪ ମଧ୍ୟରେ ୧୦ ଲକ୍ଷ ୫୪ ହଜାର ପରିବାରର ୩୦ ଲକ୍ଷ ୬୯ ଲକ୍ଷ କାର୍ଡ କାଟି ଦେଇଥିଲେ। ମାତ୍ର ଆମ ସରକାର ଆସିବା ପରଠାରୁ ଯୋଗ୍ୟହିତାଧିକାରୀଙ୍କୁ ନୂଆକାର୍ଡ ପ୍ରଦାନ କରାଯାଇଛି। ରାଜ୍ୟ ସରକାର ଖାଦ୍ୟ ସୁରକ୍ଷା ଯୋଜନାରେ ପାରଦର୍ଶିତା ରକ୍ଷା କରିବା ପାଇଁ ସର୍ବୋଚ୍ଚ ନ୍ୟାୟାଳୟଙ୍କ ନିର୍ଦ୍ଦେଶରେ ଇ-କେୱାଇସି କରୁଛନ୍ତି ବୋଲି ସେମାନେ ଦୃଢ଼ୋକ୍ତି ପ୍ରକାଶ କରିଥିଲେ।


**AFFIDAVIT**

By virtue of an affidavit sworn before Executive Magistrate, Rayagada, vide No. 1100 dated. 29/11/2025, I, **Kumari Sunita Pujhari**, aged about 30 years, D/o- Nityananda Pujhari, resident of At- Pitamahal, PO.- Pitamahal, PS.- Seskhal, Tahasil/ Dist.- Rayagada, Pin- 765002, Odisha, declare that I have changed my name from **Sasmita Behera to Kumari Sunita Pujhari**. Henceforth, I shall be known as **Kumari Sunita Pujhari** for all purposes.
**Kumari Sunita Pujhari**

**AFFIDAVIT**

I, RAHUL RAY, aged about 26 years, S/o- Hari Kumar Ray resident of Indranagar At/PO: Mandosil, PS: Paikmal, Dist.: Bargarh, Odisha, PIN-768050, declared by this Affidavit No.: 1732/2025, Dated: 26.11.2025. That now onwards I shall be known as for all future **RAHUL KUMAR RAY** for all future Purposes.

**AFFIDAVIT**

By virtue of an affidavit sworn before the Executive Magistrate, Bhubaneswar, dated 28/11/2025, CF No.- 50/28.11.2025. I, Pinki Senapati D/O Prakash Senapati, Plot No-1637, Community Center-8, Back side of Bharatpur, Dist.- Khordha, Pin- 751029, declare that I have changed the name of my daughter from Subhashree Senapati to Manasha Chakraborty. Henceforth, she shall be known as new name Manasha Chakraborty for all purposes.
**Pinki Senapati**

**AFFIDAVIT**

**I, Pravir Kumar Satpathy,** S/o.: Late Pravakar Satapathy resident of N/2-122 IRC Village, P.S.: Nayapalli, Bhubaneswar, Dist.: Khurda, PIN-751015, Odisha declare by this affidavit No. 400, Dtd.28.11.2025 that now onwards I shall be known as **PRAVIR KUMAR SATAPATHY** for all future purposes.

**AFFIDAVIT**

I, Simadri Rajalakshmi Patra, aged about 58 years, W/o- Sri Raj Kishore Patra, resident of Mahabir Residency, Kantabanji, PO/PS-Kantabanji, Dist- Balangir, PIN-767039, Odisha declared by this affidavit No. 1146, dtd-30/09/2025 that now onwards I shall be known as Rajlaxmi Patra for all future purposes.

**AFFIDAVIT**

By virtue of an affidavit before the Notary Public, Koraput, I, D Abinash Dora, residing at Police Camp, Sunabeda, Dist: Koraput, Odisha, do hereby declare that my correct name is D Abinash Dora, as per my Aadhaar, PAN and academic certificates. But in my Passport, mentioned as Domti Abinash Dora, where "D" stands for Domti. I hereby declare that I shall be known as D Abinash Dora for all purposes.
**D Abinash Dora**

**ADMISSION NOTICE-2025-26**
**Manjari Devi College**
Affiliated to Utkal University, OUHS, PCI, OSBP & DMLT/RTEB
**Campus:**
262, Puranpadhan, Balakati, Bhubaneswar
Mob. 7019799641, 7978608747
9853801459
Email: mdscnbbsr@gmail.com
- **B. Pharm** Rs. 58,000/- P.A. Eligibility: +2 Sc. (PCB/M & OJEE Appeared)
- **D. Pharm** Rs. 48,000/- P.A. Eligibility: +2 Sc. (PCB/M)
- **B.M.L.T.** Rs. 58,000/- P.A. Eligibility: +2 Sc. (PCB/M with 50 % Mark)
- **D.M.L.T.** Rs. 48,000/- P.A. Eligibility: +2 Sc. Pass (PCB/M)
- **M.P.H.** Rs. 42,000/- P.A. Eligibility: Any Graguate

ALL COURSE FEES ARE EXCLUDING HOSTEL

**AFFIDAVIT**

By virtue of an affidavit sworn before the Executive Magistrate, Jajpur No 11806 dated 27/11/2025. I ANINDITA PADHI, W/O- Prasanta Kumar Padhi resident of Belarpur, Debidwar, Jajpur declare that I have changed my name From Anindita Rath to Anindita Padhi .Hence I will be known as Anindita Padhi for all purposes.

**DISTRICT PROJECT OFFICE, NUAPADA**
**SAMAGRA SHIKSHA**
At/PO/Dist-Nuapada (Behind Mini Stadium), Odisha-766105.
Phone & Fax: 06678-225121 (MIS) / 225295(OFF)
e-Mail: dpcnuapadassa.osepa@nic.in
No. 3404/IV/34/25/PLG/25, Date- 29.11.202

**NOTICE INVITING TENDER (NIT) FOR SUPPLY OF IDENTITY CARDS FOR TEACHERS AND STUDENTS OF PM-SHRI SCHOOLS (2025-26)**

Sealed Tenders under two bid systems (Technical & Financial Bid) are invited from reputed firms / agency/ individuals having valid GST Registration Number, IT clearance and valid PAN for printing & supply of "Identity Cards and Badges for Teachers and Students of PM-SHRI Schools for the year 2025-26".

| Name of the Tender | Bid processing fees (Rs.) | Amount of EMD (Rs.) | Last Date & time of receipt of Bid | Date & time of opening of Technical Bid |
|---|---|---|---|---|
| Identity Card and PM SHRI Badge for the students and teachers of 08 nos of PMSHRI Schools | Rs.2000/- | Rs. 16480/- | 15.12.25, 5.00 AM | 16.12.25, 11.00 AM |

The Bid documents (tender papers) containing detailed specification with terms and conditions can only be downloaded from the district website i.e. https://nuapada.odisha.gov.in and OSEPA website https://osepa.odisha.gov.in.Corrigendum / addendum, if required, will be uploaded in the above web site. Hence potential bidders are requested to be in continuous touch with the above web site.

The Tender Inviting Authority (TIA) reserves the right to accept / reject any full or part / all BID / cancel the entire selection process at any stage without assigning any reason thereof.

By order of Collector-cum-Chairman
District Education Officer-cum-DPC
Samagra Shiksha, Nuapada

**Women's College, Rayagada**
Gautam Nagar, Po/Dist.: Rayagada-765001
E-Mail ID: womenscollegergd@gmail.com , Ph. No. 06856453864
No. 551/WCR/25, Date- 28.11.2025
**Walk-In-Interview**

A walk-in-interview for engagement of various non-teaching posts in Women's College, Rayagada will be held on 17.12.2025 at 11:00 AM in the College premises.

| Sl No. | Posts | Minimum Qualification |
|---|---|---|
| 1 | Laboratory Bearer in Zoology (01) | 10th Pass |
| 2 | Laboratory Bearer in Physics (01) | 10th Pass |
| 3 | Peon(02) | 10th Pass |
| 4 | Sweeper(02) | 8th Pass |

Interested candidates should attend the interview with filled in Bio-data Proforma, all relevant documents in original; self attested photocopies and two Passport size photos. The Maximum age limit shall be 42 years and 5 years relaxation shall be given to SC/ST/Women and 3 years to SEBC and 10 years to PwDs. No TA/DA shall be paid for attending the interview.

The above mentioned posts are in self finance mode and no financial and non-financial support or grant of any nature will be extended to them from the Government in future.

Principal-cum-Secretary
Governing Body, Women's College, Rayagada

### ଜଗନ୍ନାଥ ଲଳିତ କଳା ସଂସଦର ସାଂସ୍କୃତିକ ମହୋତ୍ସବ

# ମଞ୍ଚସ୍ଥ ହେଲା ନାଟକ 'ଭାଗ'

ପାରାଦୀପ,୨୯।୧୧(ସମିସ):

ପାରାଦୀପ ବନ୍ଦର ସାଂସ୍କୃତିକ ଅନୁଷ୍ଠାନ ଜଗନ୍ନାଥ ଲଳିତ କଳା ସଂସଦ ପକ୍ଷରୁ ଆୟୋଜିତ ସାଂସ୍କୃତିକ ମହୋତ୍ସବର ଦ୍ୱିତୀୟ ସନ୍ଧ୍ୟାରେ ଅତିଥି ଭାବେ ପାରାଦୀପ ପୌରାଧକ୍ଷ ବସନ୍ତ ବିଶ୍ୱାଳ, ପାରାଦୀପ ବନ୍ଦର ଷ୍ଟିଭେଡର୍ସ ଆସୋସିଏସନର ସମ୍ପାଦକ ଅନ୍ତର୍ଯ୍ୟାମୀ ପଟ୍ଟନାୟକ ଉପସ୍ଥିତ ଥିଲେ। ଦ୍ୱିତୀୟ ସନ୍ଧ୍ୟାରେ ପ୍ରଜ୍ଞାନ ରଞ୍ଜନ ଖଟୁଆଙ୍କ ରଚିତ ଓ ଗୁରୁଶ୍ରୀ ନିରଞ୍ଜନ ଗାହାଣଙ୍କର ନିର୍ଦ୍ଦେଶିତ ନାଟକ "ଭାଗ' ମଞ୍ଚସ୍ଥ ହୋଇଥିଲା। ଆଜିକାଲି ଘରେ ଘରେ ଘଟୁଥିବା ପାରିବାରିକ କଳହ, ଲୋଭ ଏବଂ



ଏକତାର ବଳ ଓ ଓଡ଼ିଆ ଘରର ଚଳଣିକୁ ଆଧାର କରି ଏକ ସମ୍ପୂର୍ଣ୍ଣ ହାସ୍ୟାତ୍ମକ ନାଟକ ପରିବେଷଣ କରାଯାଇଥିଲା। ଏହାକୁ ପରିବେଷଣ କରିଥିଲେ ପାରାଦୀପ ପୋର୍ଟୟୁଜରର କଳାକାରମାନେ। ପାରାଦୀପ ବନ୍ଦର କର୍ତ୍ତୃପକ୍ଷ ଏବଂ ଜଗନ୍ନାଥ ଲଳିତ କଳା ସଂସଦର ମିଳିତ ଆନୁକୂଲ୍ୟରେ ଅନୁଷ୍ଠିତ ଏହି ସାଂସ୍କୃତିକ ମହୋତ୍ସବ ଗତକାଲି ଉଦ୍‌ଘାଟିତ ହୋଇଥିଲା। ଏହା ଡିସେମ୍ବର ୭ ତାରିଖ ପର୍ଯ୍ୟନ୍ତ ୧୦ ଦିନ ଧରି ଅନୁଷ୍ଠିତ ହେବ। ବନ୍ଦର ମୁଖ୍ୟଯନ୍ତ୍ରୀ ହିମାଂଶୁ ରାଉତ, ସିଏମଇ ସୁଶୀଲ ନାହାକ, ଲଳିତ କଳା ସଂସଦର ସଭାପତି ଏସି ସାହୁ, ସମ୍ପାଦକ ପ୍ରଶାନ୍ତ ମହାରଣା ପ୍ରମୁଖ ଉପସ୍ଥିତ ରହି କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରିଥିଲେ। ଉଦଘାଟନୀ ସନ୍ଧ୍ୟାରେ ବନ୍ଦର ଇଞ୍ଜିନିୟରିଂ ବିଭାଗ ପକ୍ଷରୁ "ଯେତିକି ଆଲୁଅ ସେତିକି ଅନ୍ଧାର' ନାଟକ ମଞ୍ଚସ୍ଥ ହୋଇଥିଲା।

## ଗଠନ ହେଲା ନୂତନ ସାହିତ୍ୟ ଓ ସଂସ୍କୃତି ପରିଷଦ



ବିରିଡି,୨୯।୧୧(ସମିସ): ବିରିଡ଼ି ବ୍ଲକ ଅଞ୍ଚଳରେ ନୂତନ ଭାବେ ଗଢିଉଠିଛି ସାହିତ୍ୟ ସଂଗଠନ "ମୋ ଜୀବନ-ସାହିତ୍ୟ ଓ ସଂସ୍କୃତି ପରିଷଦ' ଗଠନ କରାଯାଇଛି। ଡ. ସୁରେଶ ଚନ୍ଦ୍ର ଜେନାଙ୍କ ଅଧ୍ୟକ୍ଷତାରେ ଶନିବାର ସ୍ଥାନୀୟ ଜନତା ବିଦ୍ୟାପୀଠ ପରିସରରେ ଅନୁଷ୍ଠିତ ବୈଠକରେ ଅରୁଣକୁମାର ଦାସ, ସମାଜସେବୀ ବସନ୍ତ କୁମାର ବେହେରା, ନିକୁଞ୍ଜ ବିହାରୀ ଭଞ୍ଜ, ଡ. ଅକ୍ଷୟ କୁମାର ଭଦ୍ର, ଅଧ୍ୟାପକ ସ୍ମୃତି ରଞ୍ଜନ ପରିଡା, ପ୍ରିୟତମା ସାହୁ, ଶ୍ୟାମସୁନ୍ଦର ପାଇକରାୟ, ପ୍ରଶାନ୍ତ କୁମାର ସାହୁ, ପତିତପାବନ ଜେନା, ପୂର୍ଣ୍ଣଚନ୍ଦ୍ର ମହାନ୍ତି, ନାରାୟଣ ଭୋଳ ପ୍ରମୁଖ ଯୋଗଦେଇଥିଲେ। ଏହି ବୈଠକରେ ଶିକ୍ଷାବିତ ନିକୁଞ୍ଜ ବିହାରୀ ଭଞ୍ଜଙ୍କୁ ସଭାପତି ଓ ସାମ୍ବାଦିକ ବସନ୍ତକୁମାର ବେହେରାଙ୍କୁ ସାଧାରଣ ସମ୍ପାଦକ ଭାବେ ଚୟନ କରାଯାଇଥିଲା। ଶେଷରେ ପୂର୍ଣଚନ୍ଦ୍ର ମହାନ୍ତି ଧନ୍ୟବାଦ ଦେଇଥିଲେ।

## ସାଂସଦଙ୍କ ଗାଡ଼ି ପଛରେ ପିଟିଲା ଅନ୍ୟ କାର୍

ଜଗତସିଂହପୁର,୨୯।୧୧(ସମିସ): ଜଗତସିଂହପୁର ସାଂସଦ ବିଭୂପ୍ରସାଦ ତରାଇଙ୍କ ଗାଡ଼ି ଆଜି ହାଜିପୁର ନିକଟରେ ଦୁର୍ଘଟଣାର ଶିକାର ହୋଇଥିବା ବେଳେ କାହାର କିଛି କ୍ଷତି ହୋଇନଥିବା ଜଣାପଡିଛି। ସୂଚନା ଅନୁସାରେ ସାଂସଦ ଶ୍ରୀ ତରାଇ ଆଜି ପୂର୍ବାହ୍ନରେ ଭୁବନେଶ୍ୱରରୁ ଜଗତସିଂହପୁର ଆସୁଥିବା ବେଳେ ଜାତୀୟ ରାଜପଥ






୫୫ର ହାଜିପୁର ନିକଟରେ ତାଙ୍କ ଗାଡ଼ିକୁ ଅନ୍ୟ ଏକ କାର୍ ପଛପଟୁ ଜୋରରେ ଧକ୍କା ଦେଇଥିଲା। ଫଳରେ ସାଂସଦଙ୍କ ଗାଡ଼ିର ନମ୍ବର ପ୍ଲେଟ ତଳକୁ ଚେପା ହୋଇଯାଇଥିବା ବେଳେ କିଛି ଅଂଶ ଭାଙ୍ଗିଯାଇଛି। ଧକ୍କା ଦେଇଥିବା କାର ଦ୍ରୁତଗତିରେ ଥିବାରୁ ଗାଡ଼ି ଭିତରେ ଥିବା ଦୁଇଟି ଯାକ ସୁରକ୍ଷା ଯୋଜନା ବେଲୁନ ବାହାରି ପଡ଼ିଥିଲା। ତେବେ ସୌଭାଗ୍ୟ ବଶତଃ କାହାର କିଛି କ୍ଷତି ଘଟିନାହିଁ। ଦୁର୍ଘଟଣା ସମ୍ପର୍କରେ ଖବର ପାଇ ବିରିଡ଼ି ପୁଲିସ ଘଟଣାସ୍ଥଳରେ ପହଞ୍ଚି ଉକ୍ତ କାର୍‌କୁ ଜବତ କରିବା ସହିତ ଡ୍ରାଇଭରକୁ ଅଟକ ରଖିଥିଲା। ପରେ ସାଂସଦ ଶ୍ରୀ ତରାଇ ଜଗତସିଂହପୁର ସଦର ମହକୁମାର ନବକୃଷ୍ଣ ଚୌଧୁରୀ ଷ୍ଟାଡିୟମରେ ଆୟୋଜିତ ସାଂସଦ ଖେଳ ମହୋତ୍ସବରେ ଯୋଗ ଦେଇଥିଲେ। ସେଠାରେ ଉପସ୍ଥିତ ଥିବା ଏସ୍‌ପି ଅଙ୍କିତ କୁମାର ବର୍ମାଙ୍କ ସହିତ ଦୁର୍ଘଟଣା ସମ୍ପର୍କରେ ଶ୍ରୀ ତରାଇ ଆଲୋଚନା କରିଥିଲେ। ତେବେ ସାଂସଦ ଶ୍ରୀ ତରାଇଙ୍କ ପରାମର୍ଶ କ୍ରମେ ଏସ୍‌ପିଙ୍କ ନିର୍ଦ୍ଦେଶରେ ବିରିଡି ପୁଲିସ ଦୁର୍ଘଟଣା ଘଟାଇଥିବା କାର୍ ଏବଂ ଡ୍ରାଇଭରକୁ ଛାଡି ଦେଇଥିବା ଥାନା ସୂତ୍ରରୁ ସୂଚନା ମିଳିଛି।

## ଦୋଛକି ସୁଭଦ୍ରା ହୋଟେଲରେ ନିଆଁ

ପାରାଦୀପ,୨୯।୧୧(ସମିସ): ଦୋଛକିରେ ଥିବା ହୋଟେଲ ସୁଭଦ୍ରାରେ ନିଆଁ ଲାଗି ବ୍ୟାପକ କ୍ଷୟକ୍ଷତି ହୋଇଛି। ସ୍ଥାନୀୟ କିଛି ଲୋକ ନିକଟରେ ଥିବା କେନାଲରୁ ପାଣି ଆଣି ପକାଇଥିଲେ। ଖବର ପାଇ କୁଜଙ୍ଗ ଅଗ୍ନିଶମ ବିଭାଗର ଦୁଇଟି ଦମକଳ ଗାଡି ଘଟଣାସ୍ଥଳରେ ପହଞ୍ଚି ନିଆଁକୁ ଆୟତ୍ତ କରିଥିଲେ। ତେବେ ହୋଟେଲରେ ରୋଷେଇ ଚାଲିଥିବା ବେଳେ ଗ୍ୟାସ ସିଲିଣ୍ଡରରୁ ଗ୍ୟାସ୍ ଲିକ୍ ହୋଇ ନିଆଁ ଧରିଥିଲା। ପରେ ହୋଟେଲ ଘର ସମେତ ସମସ୍ତ ଆସବାସପତ୍ରରେ ନିଆଁ ଲାଗିଯାଇଥିଲା। ଏଥିରେ ହୋଟେଲର ସମସ୍ତ ସାମଗ୍ରୀ ପୋଡି ପାଉଁଶ ହୋଇଯାଇଛି। ଘଟଣା ସ୍ଥଳରେ ଲକ୍ ଥାନା ପୁଲିସ କର୍ମଚାରୀ ମଧ୍ୟ ପହଞ୍ଚି ନିଆଁକୁ ଆୟତ୍ତ କରିବାରେ ସହଯୋଗ କରିଥିଲେ।

## ଶିକ୍ଷାବିତ୍ ଶ୍ରୀନିବାସ ବିଶ୍ୱାଳଙ୍କ ପରଲୋକ

ତିର୍ତ୍ତୋଲ,୨୯।୧୧(ସମିସ): ତିର୍ତ୍ତୋଲ ବ୍ଲକ ଅନ୍ତର୍ଗତ ଇବ୍ରିସିଂ ପଞ୍ଚାୟତ ଗୌଡ଼ସାହି ଗ୍ରାମର ଶିକ୍ଷାବିତ୍ ଶ୍ରୀନିବାସ ବିଶ୍ୱାଳଙ୍କ ପରଲୋକ ହୋଇଯାଇଛି। ସେ ଏକାଧାରରେ ଜଣେ ନାଟ୍ୟକାର, କବି ଓ ଲେଖକ ଭାବେ ଇବ୍ରିସିଂ



ଅଞ୍ଚଳରେ ସୁନାମ ଅର୍ଜନ କରିଥିଲେ। ତାଙ୍କ ବିୟୋଗରେ ସ୍ଥାନୀୟ ଅଞ୍ଚଳରେ ଶୋକର ଛାୟା ଖେଳିଯାଇଛି।

### ମହିଳାଙ୍କ ଆତ୍ମହତ୍ୟା

## ଯୌତୁକ ପାଇଁ ମାରି ଟାଙ୍ଗି ଦେଇଥିବା ଅଭିଯୋଗ

ପାରାଦୀପ, ୨୯।୧୧ (ସମିସ): ଯୌତୁକ ପାଇଁ ବୋହୂକୁ ମାରି ଦେଇଥିବା ଅଭିଯୋଗ। ବିବାହର ୭ ବର୍ଷ ପରେ ବୋହୂକୁ ଯୌତୁକ ପାଇଁ ମାରି ଟାଙ୍ଗି ଦେଇଥିବା ଅଭିଯୋଗ ଆଣିଲେ ପରିବାର ଲୋକେ। ଏଭଳି ଏକ ଘଟଣା ଘଟିଛି କୁଜଙ୍ଗ ବ୍ଲକ ବଗଦିଆ ଗ୍ରାମର କରୁଣାକର ସାହୁଙ୍କ ଘରେ। ସୂଚନା ମୁତାବକ କେନ୍ଦ୍ରାପଡା ଜିଲ୍ଲା ପାଟକୁରା ଅଞ୍ଚଳର ସୁବାସ ଚନ୍ଦ୍ର ସାହୁଙ୍କ ଝିଅ ସହିତ କୁଜଙ୍ଗ ବ୍ଲକ ବଗଦିଆ ଗ୍ରାମର କରୁଣାକର ସାହୁଙ୍କ ପୁଅ ପୁଷ୍କରଙ୍କୁ ୭ ବର୍ଷ ତଳେ ବିବାହ କରିଥିଲେ। ବିବାହ ପରେ ପୁଷ୍କର ବାହାର ରାଜ୍ୟରେ ଚାକିରି କରୁଥିବା ବେଳେ ଘରେ ଶାଶୂ, ଶଶୁର ବୋହୂ ମିନତୀକୁ ଅଧିକ ଯୌତୁକ ପାଇଁ ଦାବି କରୁଥିଲେ। ଏପରିକି ମିନତୀକୁ ଶାରୀରିକ ଓ ମାନସିକ ନିର୍ଯାତନା ଦିଆଯାଉଥିବା ବେଳେ ଅନେକ ସମୟରେ ଏହାକୁ ନେଇ ଉଭୟ ପରିବାରଙ୍କ ମଧ୍ୟରେ ବହୁ ଥର ଆପୋଷ ସମାଧାନ କରାଯାଇଥିଲା। ଗତକାଲି ସନ୍ଧ୍ୟାରେ ପୁଷ୍କର ନିଜ କାର୍ଯ୍ୟକ୍ଷେତ୍ର ମୁମ୍ବାଇକୁ ବାହାରି ଯାଇଥିଲେ। ହେଲେ ରାତିରେ ପରିବାର ପକ୍ଷରୁ ଫୋନ୍ କରି ମିନତୀ ଗୁରୁତର ଥିବା କହିବା ସହିତ ତୁରନ୍ତ ପହଞ୍ଚିବାକୁ କହିଥିଲେ। ଝିଅର ଭାଇ ଓ ପରିବାର ଆସି ପହଞ୍ଚି ଝିଅ ବେକ ରଶି ଲଗାଇ ଝୁଲୁଥିବା ଦେଖିଥିଲେ। ତେବେ ଝିଅକୁ ଶାଶୂଘର ଲୋକ ମାରି ଟାଙ୍ଗି ଦେଇଥିବା ପରିବାର ପକ୍ଷରୁ ଅଭୟଚାନ୍ଦପୁର ଥାନାରେ ଅଭିଯୋଗ ହୋଇଥିଲା। ପୁଲିସ ଶବ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇ ଅଧିକ ତଦନ୍ତ ଆରମ୍ଭ କରିଛି। ତେବେ ଶବ ବ୍ୟବଚ୍ଛେଦ ରିପୋର୍ଟ ଆସିଲା ପରେ ସତ୍ୟତା ଜଣାପଡିବ ବୋଲି ପୁଲିସ କହିଛି।

## ଲିଙ୍ଗଭିତ୍ତିକ ହିଂସା ନିରାକରଣ ସଚେତନତା



ଜଗତସିଂହପୁର,୨୯।୧୧(ସମିସ): ଜଗତସିଂହପୁର ପୌର ପରିଷଦ କାର୍ଯ୍ୟାଳୟ ସଭା ଗୃହରେ ଲିଙ୍ଗଭିତ୍ତିକ ହିଂସା ନିରାକରଣ ସଚେତନତା ପକ୍ଷର ଚତୁର୍ଥ ଦିବସ ପାଳିତ ହୋଇଯାଇଛି। ଜିଲ୍ଲା ସମାଜ ମଙ୍ଗଳ ଉପବିଭାଗ ଓ ରାଧାକୃଷ୍ଣ କ୍ଲବ ମିଳିତ ଆୟୋଜନରେ ପୌର ପରିଷଦ ଅଧ୍ୟକ୍ଷା ଅର୍ଚ୍ଚନା ସିଂଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଉକ୍ତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ପୌର ପରିଷଦର କାର୍ଯ୍ୟନିର୍ବାହୀ ଅଧିକାରୀ ସୀମା ଜେନା ଯୋଗଦେଇଥିଲେ। ମହିଳାମାନେ ମହିଳାଙ୍କ ଉପରେ ହିଂସା ନକରି ଲିଙ୍ଗଗତ ଭେଦଭାବକୁ ପରିବାର ମଧ୍ୟରେ ଦୂରେଇ ରଖିବା, ପୁଅ ଝିଅ ମଧ୍ୟରେ ପାର୍ଥକ୍ୟ ନକରିବା, ନିଜ ପାଇଁ ନିଜେ ଲଢ଼ିବା ଓ 'ମୁଁ ନୁହେଁ ଆମେ' ସମସ୍ତଙ୍କୁ ନେଇ ମିଳିମିଶି ଚଳିବା ଇତ୍ୟାଦି ବିଭିନ୍ନ ଉଦାହରଣ ମାଧ୍ୟମରେ ଲିଙ୍ଗଗତ ହିଂସା ଦୂରେଇ ଦେଇ ସମାନତା ପାଇଁ କାର୍ଯ୍ୟ କରିବାକୁ କହିଥିଲେ। ଅନ୍ୟତମ ଅତିଥି ଭାବେ ବରିଷ୍ଠ ଆଡଭୋକେଟ ସାରଦା ପ୍ରସାଦ ଦାସ ଯୋଗ ଦେଇଥିଲେ। ପୌର ଉପାଧକ୍ଷ ରାଜେନ୍ଦ୍ର କୁମାର ବିଶୋଇ ଉକ୍ତ ସଭାରେ ଅତିଥିଭାବେ ଯୋଗଦେଇଥିଲେ। ପ୍ରାରମ୍ଭରେ ରାଧାକୃଷ୍ଣ କ୍ଲବର ନିର୍ଦ୍ଦେଶକ ପୂର୍ଣ୍ଣଚନ୍ଦ୍ର ମଲ୍ଲ କାର୍ଯ୍ୟକ୍ରମ ବିଷୟରେ ସୂଚନା ଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲା ସମାଜ ମଙ୍ଗଳ ବିଭାଗର ଅଧିକାରୀ ରାଜୀବ ଲୋଚନ ରାଜ, ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କାଉନସିଲର କ୍ରିଷ୍ଣା ଦେଇ, ସଖୀୱାନ୍ ଷ୍ଟପ ସେଣ୍ଟର୍‌ର ପ୍ରଶାସିକା ମେନକା ସିଂ ନିଜର ବକ୍ତବ୍ୟ ରଖି "ହିଂସା ନୁହେଁ ଶାନ୍ତି ଚାହୁଁ' ବୋଲି କହିଥିଲେ। ରାଧାକୃଷ୍ଣ କ୍ଲବ ତରଫରୁ ସୁଶାନ୍ତ କୁମାର ସାହୁ ଧନ୍ୟବାଦ ପ୍ରଦାନ କରିଥିଲେ।

## ମନ୍ଦିର ଚୋରି ଘଟଣାରେ ଜଣେ ଗିରଫ

ବାଲିକୁଦା,୨୯।୧୧(ସମିସ): ବାଲିକୁଦା ଥାନା ଅନ୍ତର୍ଗତ ଦେବଗ୍ରାମରେ ଥିବା କନକେଶ୍ୱର ମହାଦେବ ମନ୍ଦିରରୁ ଗତ ୨୪ତାରିଖରେ କେହି ଦୁର୍ବୃତ୍ତ ମନ୍ଦିରରୁ ଦାନାବାକ୍ସ ସହ ସମସ୍ତ ଜିନିଷପତ୍ର ଚୋରି କରିନେଇଥିବା ବାଲିକୁଦା ଥାନାରେ ଗ୍ରାମବାସୀ ଅଭିଯୋଗ କରିଛନ୍ତି। ତଦନ୍ତଭାର ଥାନା ଅଧିକାରୀ ସୁଶାନ୍ତ କୁମାର ସାହୁ ନେବା ସହ ଚୋରି ଘଟଣାରେ ଦେବଗ୍ରାମର ନୃସିଂହ ଚରଣ ପଳତାକୁ ଗିରଫ କରାଯାଇଛି। ଅଭିଯୁକ୍ତ ଠାରୁ କିଛି ପିତ୍ତଳ ଘଣ୍ଟି, ଘଣ୍ଟ ପୁଲିସ ଜବତ କରିଥିବା ବେଳେ ଅନେକ ପିତ୍ତଳ ବାସନ କୁସନ, ଗଡୁ ମିଳି ନଥିବା ଜଣାପଡିଛି। ଏପରିକି ଦାନବାକ୍ସ ଭାଙ୍ଗି ଲୁଟ କରିଥିବା ଟଙ୍କା ଜବତ ହୋଇ ପାରିନାହିଁ। ଏନେଇ ତଦନ୍ତ ଜାରି ରହିଥିବା ଥାନା ଅଧିକାରୀ ସୁଶାନ୍ତ କୁମାର ସାହୁ କହିଥିବା ବେଳେ ଅଭିଯୁକ୍ତକୁ କୋର୍ଟଚାଲାଣ କରାଯାଇଛି। ଅଢ଼ଙ୍ଗା ପଞ୍ଚାୟତର ଏହି ପ୍ରତିଷ୍ଠିତ ମନ୍ଦିରରୁ ଗତ ଚୋରି ହୋଇଥିବା ମନ୍ଦିର ପୂଜକ ଅନାମ ପଣ୍ଡା ଦେଖି ଗ୍ରାମବାସୀଙ୍କୁ ଅବଗତ କରାଇଥିଲେ। ଏଣୁ କମିଟି ସଦସ୍ୟ ଚିକନଜିତ ମହାନ୍ତି ଏନେଇ ବାଲିକୁଦା ଥାନାରେ ଲିଖିତ ଅଭିଯୋଗ କରିବା ସହ ପୂର୍ବରୁ ମଧ୍ୟ ମନ୍ଦିରରୁ ଚୋରି ଘଟଣାରେ ନୃସିଂହ ଥିବା ଦର୍ଶାଇ ସନ୍ଦେହରେ ଅଭିଯୋଗ କରିଥିଲେ। ପୁଲିସ ଅଭିଯୋଗକୁ ଭିତ୍ତି କରି ୫୩୧/୨୫ରେ ଏକ ମାମଲା ରୁଜୁ କରି ସନ୍ଧାନୀ କୁକୁର ସହାୟତାରେ ତଦନ୍ତ ଆରମ୍ଭ କରିଥିଲା। ସନ୍ଧାନୀ କୁକୁର ସିଧାସଳଖ ନୃସିଂହ ଘରକୁ ଯିବା କାରଣରୁ ପୁଲିସକୁ ଏହା ବଳିଷ୍ଠ ପ୍ରମାଣ ଭାବେ ମିଳିଯାଇଥିଲା। ହେଲେ ଫେରାର ଥିବା କାରଣରୁ ନୃସିଂହକୁ ଧରିବା ପୁଲିସ ପାଇଁ ଏକ ଚ୍ୟାଲେଞ୍ଜ ଥିଲା ଯାହା ଆଜି ସଫଳତା ମିଳିଛି।

## କୁଜଙ୍ଗ ମହାବିଦ୍ୟାଳୟରେ କୌଶଳ ବିକାଶ କାର୍ଯ୍ୟକ୍ରମ





କୁଜଙ୍ଗ,୨୯।୧୧(ସମିସ): କୁଜଙ୍ଗ ମହାବିଦ୍ୟାଳୟରେ ପିଏମ୍ ଉଷା ପୋଗ୍ରାମ୍ ଦ୍ୱାରା ଶିକ୍ଷାର୍ଥୀମାନଙ୍କ ବ୍ୟକ୍ତିତ୍ୱ ବିକାଶ ନିମନ୍ତେ କୌଶଳ ବିକାଶ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। କଲେଜ୍ ଅଧକ୍ଷ ଶିଶିର ଚନ୍ଦ୍ର ସ୍ୱାଇଁଙ୍କ ସଭାପତିତ୍ୱରେ ମୁଖ୍ୟବକ୍ତା ଭାବେ ୟୁଇ ସିଏଚ୍ ଉଷାର ନିର୍ଦ୍ଦେଶକ ଏଏ ଖାନ, ଉଷାର ଗବେଷଣା ଅଧିକାରୀ ଲକ୍ଷ୍ମୀଧର ଚାନ୍ଦ୍ ପ୍ରମୁଖ ଯୋଗଦେଇ ଦେଶର ଦ୍ରୁତ ଗତିରେ ବିକାଶ ନିମନ୍ତେ କୌଶଳ ପ୍ରଶିକ୍ଷଣ ଓ ପ୍ରଯୁକ୍ତି ବିଦ୍ୟାର ଉପଯୋଗ, କଠିନ ପରିଶ୍ରମ, ଦୃଢ଼ ମନୋବଳ ତଥା ଏକ ସମନ୍ୱୟ ଯୋଜନା ଜରୁରୀ ବୋଲି କହିଥିଲେ। ଇଂରାଜୀ ଭାଷାର ବରିଷ୍ଠ ଅଧ୍ୟାପକ ଚିତ୍ତରଞ୍ଜନ ସାହୁଙ୍କ ସଂଯୋଜନାରେ ଏହି କାର୍ଯ୍ୟକ୍ରମରେ ଅଧ୍ୟାପକ ସୂର୍ଯ୍ୟକାନ୍ତ ନନ୍ଦ ଧନ୍ୟବାଦ ଅର୍ପଣ କରିଥିଲେ। କୁଜଙ୍ଗ କଲେଜର ପିଏମ୍ ଉଷା ନୋଡାଲ ଅଧିକାରୀ ଡ. ଚନ୍ଦ୍ର ଆପୋଲୋ ମହାନ୍ତି, ପିଏମ୍ ଉଷା ସଦସ୍ୟ ଭୃଗୁକୁମାର ପାତ୍ର, ରଶ୍ମୀ ମିଶ୍ର, ମଧୁସ୍ମିତା ସାହୁ, ମୁକୁନ୍ଦ ପଧାନ, ସୋଲେମନ ସାହୁ, ବିନୋଦ ରାଉତ, ଡ. ଅନୁପମା ସୁତାର, ରେଶମା ଶିଉଳି, ମାନସ ରଞ୍ଜନ ମୁଦୁଲି, ଶୁଭ୍ରାଂଶୁ ଶେଖର ସାହୁ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

## ବ୍ରୋଞ୍ଜ୍ ପଦକ ଧରି ଗାଁକୁ ଫେରିଲେ ଲୋମା





କୁଜଙ୍ଗ,୨୯।୧୧(ସମିସ): କୁଜଙ୍ଗ ବ୍ଲକ୍ ଭୂତମୁଣ୍ଡାଇର ସୁନା ଝିଅ ତଥା ପୂର୍ବତନ ସରପଞ୍ଚ ଇଂ. ସଂଜୟ କୁମାର ସ୍ୱାଇଁଙ୍କ କନ୍ୟା ଲୋମା ସ୍ୱାଇଁ ଜାପାନର ରାଜଧାନୀ ଟୋକିଓଠାରେ ଅନୁଷ୍ଠିତ ବଧିର ସମର ଅଲମ୍ପିକରେ ୫୦ କିଲୋ କରାଟେ ବର୍ଗରେ ବ୍ରାଜିଲ ପ୍ରତିଦ୍ୱନ୍ଦ୍ୱୀଙ୍କୁ ହରାଇ ବ୍ରୋଞ୍ଜ୍ ପଦକ ହାସଲ କରିଛନ୍ତି। ସେ ଜାପାନରୁ ଦିଲ୍ଲୀ, ପରେ ଭୁବନେଶ୍ୱରସ୍ଥିତ ବିମାନ ବନ୍ଦରରେ ପହଞ୍ଚି ଆଜି ଗାଁରେ ପହଞ୍ଚିଛନ୍ତି। ଆଜି ଗ୍ରାମର ଯୁବକ ଓ ମୁରବୀମାନେ ଏକାଠି ହୋଇ ଲୋମାଙ୍କୁ ଏକ ସୁସଜ୍ଜିତ ଗାଡ଼ିରେ ଗ୍ରାମର ବଜ୍ରବୁଢ଼ୀ ମନ୍ଦିର ନିକଟରୁ ପୁଷ୍ପଗୁଚ୍ଛ ଓ ଉପଢ଼ୌକନ ଦେଇ ସମ୍ବର୍ଦ୍ଧନା ଦେଇଥିଲେ। ଏହି ଅବସରରେ ସମାଜସେବୀ ସୁଢ଼ଳ ସ୍ୱାଇଁ, ଭୂତମୁଣ୍ଡାଇର ପୁର୍ବତନ ସରପଞ୍ଚ ଧୀରେନ୍ଦ୍ର ସ୍ୱାଇଁ, ପବିତ୍ର ସ୍ୱାଇଁ, ସୌଦାମିନୀ ସ୍ୱାଇଁ, ପଙ୍କଜ ସାହୁ, ସୁବାସ ମହାନ୍ତି, ସୂର୍ଯ୍ୟକାନ୍ତ ଚୌଧୁରୀ, ଅଜିତ ଚୌଧୁରୀ, ତନୁଆ ସାହୁ, ରଞ୍ଜନ ସ୍ୱାଇଁ, ଉଲ୍ଲାସ ସ୍ୱାଇଁ, ପ୍ରଦୀପ ରାୟ, ଅକ୍ଷୟ ସ୍ୱାଇଁ, ଭୂତିମୁଣ୍ଡାଇ ଶିଶୁ ମନ୍ଦିରର ପ୍ରଧାନ ଆଚାର୍ଯ୍ୟ ଅପରାଜିତା ସ୍ୱାଇଁ, ନାରୀ ନେତ୍ରୀ ମିନାର୍ଭା ପରିଡ଼ା, ବାବୁଲି ଦାସ ପ୍ରମୁଖ ବହୁ ମୁରବୀ ଲୋମା ଓ ତାଙ୍କ ପିତାମାତାଙ୍କୁ ସମ୍ମାନିତ କରିଥିଲେ।

## ଗୁରୁ ଗୋଲେଖ ଜୟସିଂହଙ୍କୁ ସମ୍ବର୍ଦ୍ଧନା



କୁଜଙ୍ଗ,୨୯।୧୧(ସମିସ): ଜଗତସିଂହପୁର ଜିଲ୍ଲା ୬ ଜଣଙ୍କୁ ସମ୍ମାନଜନକ ଓଡ଼ିଶା ସଂଗୀତ ନାଟକ ଏକାଡେମୀ ପୁରସ୍କାର ପ୍ରଦାନ କରାଯାଇଛି। ୨୦୨୫ ବର୍ଷ ପାଇଁ କୁଜଙ୍ଗର ପାଇକ ଆଖଡ଼ା ଗୁରୁ ଗୋଲେଖ ଜୟସିଂଙ୍କୁ ଏକାଡେମୀ ସମ୍ମାନରେ ସମ୍ମାନିତ କରାଯାଇଛି। ଏହି ଖବର ପ୍ରଚାରିତ ହେବା ପରେ ଗୁରୁ ଗୋଲେଖ ଜୟସିଂହଙ୍କୁ ଶୁଭେଚ୍ଛା ଓ ଅଭିନନ୍ଦନ ସହ ସମ୍ବର୍ଦ୍ଧନା ମିଳିବାରେ ଲାଗିଛି। ଆଜି କୁଜଙ୍ଗ ଜଗନ୍ନାଥ ମନ୍ଦିରରେ କଳାଶ୍ରୀ ସାହିତ୍ୟ ସଂସଦ ପକ୍ଷରୁ ଆହୁତ ଏକ ସମ୍ବର୍ଦ୍ଧନା ସଭାରେ ମୁଖ୍ୟଅତିଥି ଭାବେ ପୂର୍ବତନ ସାଂସଦ ଡା. କୁଳମଣି ସାମଲ ଯୋଗ ଦେଇଥିଲେ। ଏହି ଅବସରରେ ପରଦାର ସମ୍ପାଦକ ସମାଜସେବୀ ସରୋଜ କୁମାର ପଟ୍ଟନାୟକ ମୁଖ୍ୟବକ୍ତା ଯୋଗଦେଇଥିଲେ। ଶିକ୍ଷାବିତ ବାବୁରାମ ଚୌଧୁରୀଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ସଂସଦର ସମ୍ପାଦକ ଜୀବାନାନନ୍ଦ ଅଧିକାରୀ ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ। ଏହି ସଭାରେ ଶିକ୍ଷାବିତ ଦୀନବନ୍ଧୁ ସେନାପତି, ସରୋଜ କୁମାର ବେହେରା, ଡ. ପ୍ରତାପ କୁମାର ମହାପାତ୍ର, ଧିରେନ୍ଦ୍ର କୁମାର ପଲାଇ, ବିଭୁତି ଭୁଷଣ ଜେନା, ସୁବାସ ସାମନ୍ତରାୟ, ନବୀନ କୁମାର ପ୍ରଧାନ, ବିଜୟ କୁମାର ଖଟେଇ, ଜପହରି ବାରିକ, ଚବିନ୍ଦ୍ର କୁମାର ସାହୁ, ଶଙ୍କରଚରଣ ଦାସ, କୃଷ୍ଣଚନ୍ଦ୍ର ମହାନ୍ତି, ସୁରେନ୍ଦ୍ର ଦାସ, ଗୀତା ଦାସ, ରୁନିବାଳା ମଲ୍ଲିକ, ପ୍ରିୟମ୍ବଦା ପାଣି, ମିନତୀ ଦାସ, କବି ଜୟନ୍ତୀ ଦାସ, ଗୀତା ଦାସ, ରଞ୍ଜନ ପରିଡ଼ା, ଗୌରହରି ବାରିକ ପ୍ରମୁଖ ଯୋଗଦେଇଥିଲେ।

## ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିର କ୍ରୀଡ଼ା ଉତ୍ସବ



ପାରାଦୀପ,୨୯।୧୧(ସମିସ): ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିର ପାରାଦୀପର ବାର୍ଷିକ କ୍ରୀଡ଼ା ଉତ୍ସବ ସ୍ଥାନୀୟ ଗୋପବନ୍ଧୁ ଷ୍ଟାଡିୟମଠାରେ ଜେଏସ୍‌ଡବ୍ଲୁ ପାରାଦୀପ ଟର୍ମିନାଲର ଭାଇସ ପ୍ରେସିଡେଣ୍ଟ ସନ୍ଦିପ କୁମାର ମିଶ୍ରଙ୍କ ଦ୍ୱାରା ଉଦ୍‌ଘାଟିତ ହୋଇ ଯାଇଛି। ଜେଏସଡବ୍ଲୁ ପାରାଦୀପ ଟର୍ମିନାଲର ଏଚ୍‌ଆର ମ୍ୟାନେଜର ବିଶ୍ୱରଞ୍ଜନ ପଟ୍ଟନାୟକ, ବିଦ୍ୟାଳୟର ପରିଚାଳନା ସମିତିର ଉପସଭାପତି ରଞ୍ଜନ କୁମାର ଧଳ, ଯୁଗ୍ମ ସମ୍ପାଦକ ବିପ୍ଳବ କୁମାର ଜେନା, ଶିକ୍ଷା ବିକାଶ ସମିତି ଓଡିଶାଙ୍କ ପୂର୍ବ କ୍ଷେତ୍ରର ପୂର୍ବଛାତ୍ର ପ୍ରମୁଖ ବଜରଙ୍ଗ ପ୍ରସାଦ ସ୍ୱାଇଁ ମଧ୍ୟ ଉପସ୍ଥିତ ଥିଲେ। ଭଉଣୀ ମାନଙ୍କ ସ୍ୱାଗତ ସଙ୍ଗୀତ ପରେ ପ୍ରଧାନ ଆଚାର୍ଯ୍ୟ ଧରଣୀଧର ପରିଡ଼ା ସ୍ୱାଗତ ଭାଷଣ କରିବା ସହିତ ମଞ୍ଚାସୀନ ଅତିଥିମାନଙ୍କର ପରିଚୟ ପ୍ରଦାନ କରିଥିଲେ। କ୍ରୀଡ଼ାର ଅଧକ୍ଷ ରଞ୍ଜନ କୁମାର ଧଳ ଅତିଥିମାନଙ୍କୁ ଉପଢୌକନ ପ୍ରଦାନ କରି ସମ୍ବର୍ଦ୍ଧିତ କରିଥିଲେ। ଆଚାର୍ଯ୍ୟା ସସ୍ମିତା ଦାଶ ଏହି କାର୍ଯ୍ୟକ୍ରମକୁ ସଞ୍ଚାଳନ କରିଥିଲେ। ସହ ପ୍ରଧାନ ଆଚାର୍ଯ୍ୟା ମମତା କର ଧନ୍ୟବାଦ ଅର୍ପଣ କରିଥିଲେ। ବିଦ୍ୟାଳୟର ଶାରୀରିକ ପ୍ରମୁଖ ଆଚାର୍ଯ୍ୟ ପ୍ରଦୀପ୍ତ କୁମାର ନାୟକଙ୍କ ପରିଚାଳନା କରିଥିଲେ। ଏହି କ୍ରୀଡ଼ା ୨ ଦିନ ଧରି ଚାଲିବ ବୋଲି ବିଦ୍ୟାମନ୍ଦିର ପକ୍ଷରୁ ସୂଚନା ମିଳିଛି।

# ସାଂସଦ ଖେଳ ମହୋତ୍ସବ ଉଦ୍‌ଘାଟିତ

ଜଗତସିଂହପୁର,୨୯।୧୧(ସମିସ):

ସ୍ଥାନୀୟ ନବକୃଷ୍ଣ ଚୌଧୁରୀ ଷ୍ଟାଡିୟମ୍ ପରିସରରେ ସାଂସଦ ଖେଳ ମହୋତ୍ସବ ଉଦ୍‌ଘାଟିତ ହୋଇଯାଇଛି। ଏହି ଅବସରରେ ମୁଖ୍ୟଅତିଥି ଭାବେ ଯୋଗଦେଇ ସାଂସଦ ବିଭୁପ୍ରସାଦ ତରାଇ କହିଲେ ଯେ, ତୃଣମୂଳ ସ୍ତରରେ କ୍ରୀଡ଼ାର ବିକାଶ ଓ ପ୍ରସାର ନିମନ୍ତେ ଏହା ଏକ ଅଭିନବ ପ୍ରୟାସ। କ୍ରୀଡା ଓ କ୍ରୀଡାବିତ୍‌ମାନଙ୍କ ଉନ୍ନତିରେ ଏକ ଉନ୍ନତ ଓ କ୍ରିୟାଶୀଳ ସମାଜ ଗଠନ ହେଇପାରିବ ବୋଲି ସେ କହିଥିଲେ। କ୍ରୀଡ଼ା ଆମକୁ ଶୃଙ୍ଖଳିତ ଜୀବନ ଅତିବାହିତ କରିବା ପାଇଁ ମାର୍ଗଦର୍ଶନ କରିଥାଏ ବୋଲି





ସାଂସଦ କହିଥିଲେ। ସମ୍ମାନିତ ଅତିଥି ଭାବେ ଯୋଗଦେଇ ଜିଲ୍ଲା ପରିଷଦ ସଭାପତି ମନୋଜ କୁମାର ଭୋଇ ସୁସ୍ଥ ଯୁବ ସମାଜ ଦେଶ ବିକାଶରେ ସହାୟକ ବୋଲି କହିଥିଲେ। ଜିଲ୍ଲାପାଳ ଜେ. ସୋନାଲ ଅଧ୍ୟକ୍ଷତା କରି ଉପସ୍ଥିତ ଖେଳାଳିମାନଙ୍କୁ ଉତ୍ସାହିତ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲା ଆରକ୍ଷୀ ଅଧିକ୍ଷକ ଅଙ୍କିତ କୁମାର ବର୍ମା, ଜିଲ୍ଲା କ୍ରୀଡ଼ା ଅଧିକାରୀ ବିଶ୍ୱବିଜୟିନୀ ପଟ୍ଟନାୟକ, ସ୍ୱାମୀ ବିବେକାନନ୍ଦ ସ୍ମାରକୀ ସ୍ୱୟଂଶାସିତ ମହାବିଦ୍ୟାଳୟର ଅଧକ୍ଷା ଡ. ସୁଜାତା ଓତା, କ୍ରୀଡା ସଂସଦର ସମ୍ପାଦକ ଦୋଳଗୋବିନ୍ଦ ଦାଶ, ସମାଜସେବୀ ପ୍ରତାପ ମିଶ୍ର, ସତ୍ୟବ୍ରତ ମହାପାତ୍ର, ଜଗତସିଂହପୁର ପୌର ପରିଷଦ ଉପାଧକ୍ଷ ରାଜେନ୍ଦ୍ର କୁମାର ବିଷୋୟୀ ପ୍ରମୁଖ ଉପସ୍ଥିତ ଥିଲେ। ଆଜିଠାରୁ ଆରମ୍ଭ ହୋଇଥିବା ଏହି ଖେଳ ମହୋତ୍ସବରେ ଜଗତସିଂହପୁର ସଂସଦୀୟ କ୍ଷେତ୍ରର ସମସ୍ତ ୭ଟି ନିର୍ବାଚନ ମଣ୍ଡଳୀରେ ଆୟୋଜିତ ହେବ ଓ ଖେଳାଳିମାନେ ଅଂଶଗ୍ରହଣ କରିବେ। ୫ଟି ବିଭାଗ ଯଥା- ଖୋ ଖୋ, କବାଡ଼ି, ହ୍ୟାଣ୍ଡ ବଲ୍, ଫୁଟବଲ ଓ ଭଲିବଲରେ ୪ ବିଧାନସଭା କ୍ଷେତ୍ରର ସମସ୍ତ ବ୍ଲକ୍‌ସ୍ତରରେ ଓ ଶେଷରେ ଜିଲ୍ଲାସ୍ତରରେ ଆୟୋଜିତ ହେବ ବୋଲି ଜିଲ୍ଲା କ୍ରୀଡା ଅଧିକାରୀ ସୂଚନା ଦେଇଛନ୍ତି। ବ୍ଲକ୍ ସ୍ତରରେ ବିଇଓ ଏବଂ ବ୍ଲକ୍ ସ୍ପୋର୍ଟସ ସେକ୍ରେଟାରୀ ଏହି କାର୍ଯ୍ୟକ୍ରମ ପରିଚାଳନା କରିବେ।

## ଚୋରା ଶାଗୁଆନ ଗଣ୍ଡି ଚାଲାଣ ଘଟଣା

# ଫାଣ୍ଡି ଅଧିକାରୀ ଓ ଦୁଇ କର୍ମଚାରୀ ନିଲମ୍ବିତ

ପରଜଙ୍ଗ,୨୯ ।୧୧(ସମିସ)



ଚୋରା ଶାଗୁଆନ ଗଛ କାଟି ଟ୍ରାକ୍ଟର ଯୋଗେ ଚାଲାଣ ଘଟଣାରେ ଫାଣ୍ଡି ଅଧିକାରୀ ସମେତ ଦୁଇ କର୍ମଚାରୀଙ୍କୁ ଢେଙ୍କାନାଳ ଏସ୍‌ପି ନିଲମ୍ବନ କରିଛନ୍ତି। ଗତ ସୋମବାର ମହାବିରୋଡ ବନାଞ୍ଚଳ ଡିହିଗୋଳ ସେକ୍ସନ ରଙ୍ଗଥଳୀ ବିଟ୍ ଅନ୍ତର୍ଗତ ମୋହନପଶି ଗ୍ରାମର ଜଣେ ବ୍ୟକ୍ତିଙ୍କ ବାଡ଼ିରୁ ଶାଗୁଆନ ଗଛ କାଟି ଟ୍ରାକ୍ଟର ଯୋଗେ ଚାଲାଣ ହେଉଥିବା ବେଳେ ଗ୍ରାମବାସୀ ଗାଡ଼ି ଅଟକାଇ ବନ ବିଭାଗକୁ ଅବଗତ କରାଇଥିଲେ। ଉକ୍ତ ଶାଗୁଆନ ଗଣ୍ଡିକୁ ଦଦରାଘାଟି ଫାଣ୍ଡି ଅଧିକାରୀ ବିକାଶ ଚନ୍ଦ୍ର ବେହେରା ନେଉଥିବା ନେଇ ଗ୍ରାମବାସୀ ବନ ବିଭାଗକୁ ଲିଖିତ ଅଭିଯୋଗ କରିଥିଲେ। ମହାବିରୋଡ ବନାଞ୍ଚଳ ଅଧିକାରୀ ଶାଗୁଆନ ଗଣ୍ଡି ବୋଝେଇ ଟ୍ରାକ୍ଟର ଜବତ କରି ଚାଳକଙ୍କୁ ଗିରଫ କରିବା ସହ କୋର୍ଟ ଚାଲାଣ କରିଥିଲେ। ଗ୍ରାମବାସୀଙ୍କ ଅଭିଯୋଗକୁ ଆଧାର କରି ତଥା ବନ ବିଭାଗର ତଦନ୍ତ ରିପୋର୍ଟ ଆସିବା ପରେ ଚୋରା ଶାଗୁଆନ ଗଣ୍ଡି ଚାଲାଣରେ ସମ୍ପୃକ୍ତ ଦଦରାଘାଟି ଫାଣ୍ଡି ଅଧିକାରୀ ବେହେରା, ସିପାହୀ ଅଶୋକ ମଣ୍ଡଳ ଓ ଗୃହରକ୍ଷୀ ନିରଞ୍ଜନ ନାଏକଙ୍କୁ ଏସ୍‌ପି କାର୍ଯ୍ୟରୁ ନିଲମ୍ବନ କରିଛନ୍ତି। ବନ ବିଭାଗ ପକ୍ଷରୁ ମାମଲା ରୁଜୁ ହୋଇ ତଦନ୍ତ ଚାଲିଛି। ଏଥିରେ ଯଦି ଆଉ କାହାର ସମ୍ପୃକ୍ତି ସାମ୍ନାକୁ ଆସେ ତେବେ ଆଇନ ଅନୁଯାୟୀ କାର୍ଯ୍ୟାନୁଷ୍ଠାନ ନିଆଯିବ ବୋଲି ପରଜଙ୍ଗ ଥାନା ଅଧିକାରୀ ସୂଚନା ଦେଇଛନ୍ତି।

ଅନ୍ୟପଟେ ଫାଣ୍ଡି ଅଧିକାରୀଙ୍କ ନିଲମ୍ବନ ପରେ ଫାଣ୍ଡି ଛାଡ଼ି ଯାଉଥିବା ଜାଣି ଟ୍ରାକ୍ଟର ମାଲିକ ଓ ତାଙ୍କ ପରିବାରର ମହିଳା ଆସି ଟ୍ରାକ୍ଟର ଭରଣା ତଥା କିଛି ଅର୍ଥ ପ୍ରଦାନ ଦାବିରେ ଫାଣ୍ଡି ଆଗରେ ଜଗି ବସିଥିଲେ। ଫାଣ୍ଡି ଅଧିକାରୀ ଟ୍ରାକ୍ଟର ମାଲିକଙ୍କ ଅଗୋଚରରେ ଏଥିରେ ଚୋରା ଶାଗୁଆନ ଗଣ୍ଡି ଚାଲାଣ କରୁଥିବା ଗାଡ଼ି ମାଲିକଙ୍କ ପରିବାର ଲୋକେ ଅଭିଯୋଗ କରିଛନ୍ତି। ଫାଣ୍ଡି ସମ୍ମୁଖରେ କିଛି ସମୟ ମହିଳାମାନେ ବସିଥିବା ବେଳେ ଖବର ପାଇ ପରଜଙ୍ଗ ଥାନା ଏସ୍‌ଆଇ ଓ କର୍ମଚାରୀ ପହଞ୍ଚି ଘଟଣା ସମ୍ପର୍କରେ ବୁଝିଥିଲେ। ସ୍ଥାନୀୟ ଭଦ୍ରଲୋକ, ଟ୍ରାକ୍ଟର ମାଲିକ, ପୁଲିସ ମଧ୍ୟରେ ମୌଖିକ ଆଲୋଚନା ପରେ ନିଲମ୍ବିତ ଫାଣ୍ଡି ଅଧିକାରୀଙ୍କୁ ଯିବାକୁ ଦେଇଥିଲେ। ବାରମ୍ବାର ମୋହନପଶି ଗ୍ରାମରୁ ଶାଗୁଆନ ଗଛ କାଟି ଚାଲାଣ ହେଉଥିଲେ ମଧ୍ୟ ପାଖରେ ଥିବା ରଙ୍ଗଥଳୀ ବିଟ୍ ବନରକ୍ଷୀଙ୍କ ଦୃଷ୍ଟିକୁ କିପରି ଆସୁନାହିଁ ତାହା ପ୍ରଶ୍ନବାଚୀ ସୃଷ୍ଟି କରିଛି। ଘଟଣାର ନିରପେକ୍ଷ ତଦନ୍ତ କରାଗଲେ ପ୍ରକୃତ ସତ୍ୟାସତ୍ୟ ପଦାକୁ ଆସିବ ବୋଲି ମତପ୍ରକାଶ ପାଇଛି।

## ପୁଲିସର ଆକ୍ରମଣ; ଜିଲ୍ଲାପାଳଙ୍କୁ ଅଭିଯୋଗ



ଢେଙ୍କାନାଳ,୨୯ ।୧୧(ସମିସ): ଗଁଦିଆ ଥାନା ଯୋରନ୍ଦା ପଞ୍ଚାୟତ କାଙ୍କୁଲଣ୍ଡା ଗ୍ରାମର ପ୍ରକାଶ ନାଏକଙ୍କ ଘରେ ବିଳମ୍ବିତ ରାତିରେ ପୁଲିସ ବେଆଇନ ଭାବେ ପଶି ଆକ୍ରମଣ କରିଥିବା ଜିଲ୍ଲାପାଳଙ୍କୁ ଅଭିଯୋଗ କରାଯାଇଛି। ଅଭିଯୋଗ ଅନୁଯାୟୀ ଗତ ନଭେମ୍ବର ୧୭ ତାରିଖ ରାତି ୨ଟାରେ ଗ୍ରାମରକ୍ଷୀ ଭାଗ୍ୟ ପାତ୍ର, ଯୋରନ୍ଦା ଫାଣ୍ଡି ଏସ୍‌ଆଇଙ୍କ ସମେତ ୭/୮ ଜଣ ପୁଲିସ କର୍ମଚାରୀ ପ୍ରକାଶଙ୍କ ଘରକୁ ଆସି ମଦ ଧରି ଡାକିଥିଲେ। ପ୍ରକାଶ ଓ ତାଙ୍କ ସ୍ତ୍ରୀ ଉଠି କବାଟ ଫିଟାଇବା ବେଳେ ହଠାତ ସମସ୍ତେ ଘର ଭିତରକୁ ପ୍ରବେଶ କରି ଅଶ୍ଳୀଳ ଭାଷାରେ ଗାଳିଗୁଲଜ କରିବା ସହ କବାଟ ଝରକା ଭାଙ୍ଗି ନଷ୍ଟ କରିଥିଲେ। ସମସ୍ତେ ମଦ ପିଇ ଏପରି କାଣ୍ଡ କରିଥିବା ପ୍ରକାଶ ଅଭିଯୋଗରେ ଦର୍ଶାଇଛନ୍ତି। ଘର ପାଖର ଜଣେ ପିଲାକୁ ଖୋଜିବାକୁ ଯାଇ ପ୍ରକାଶଙ୍କ ଘରେ ପଶି ଏଭଳି କାଣ୍ଡ କରିଛନ୍ତି। ଏହି ଘଟଣାର ନିରପେକ୍ଷ ତଦନ୍ତ କରି ଦୋଷୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ସହ ଭାଙ୍ଗିଥିବା କବାଟ ଝରକାର କ୍ଷତିପୂରଣ ପ୍ରଦାନ କରିବାକୁ ପ୍ରକାଶ ଦାବି କରିଛନ୍ତି।

### ● ସାଂସଦଙ୍କ ତେଲିଭୂଇଁ ଗସ୍ତ

## ସମସ୍ୟା ସମାଧାନ କରିବାକୁ ପ୍ରତିଶ୍ରୁତି ଦେଲେ



ହିନ୍ଦୋଳ,୨୯ ।୧୧(ସମିସ): ଢେଙ୍କାନାଳ ସାଂସଦ ରୁଦ୍ରନାରାୟଣ ପାଣି ଶନିବାର ହିନ୍ଦୋଳ ବ୍ଲକ ରାସୋଳ ମଣ୍ଡଳକୁ ଗସ୍ତ ସମୟରେ ତେଲୁଭୂଇଁ ଛକ ନିକଟରେ ବହୁ ଜନସାଧାରଣ ଏବଂ ଦଳୀୟ କର୍ମକର୍ତ୍ତା ତାଙ୍କୁ ରାସ୍ତାରେ ଭେଟି ସମସ୍ୟା ଜଣାଇଥିଲେ। ସମସ୍ୟାଗୁଡ଼ିକ ଶୁଣିବା ପରେ ଶିକ୍ଷାକେନ୍ଦ୍ରଗୁଡ଼ିକର ଭିତ୍ତିଭୂମି ବିକାଶ ପାଇଁ ପଦକ୍ଷେପ ନେବାକୁ ପ୍ରତିଶ୍ରୁତି ଦେଇଥିଲେ। ହାତୀ ଉପଦ୍ରବରେ ଅଧିକ କ୍ଷତିପୂରଣ ଦାବି ସମ୍ପର୍କରେ ଆଲୋଚନା କରି ପଦକ୍ଷେପ ନେବେ ବୋଲି କହିଥିଲେ। ବ୍ଲକର ବିଭିନ୍ନ ସ୍ଥାନରେ ଥିବା ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରରେ ଅତିରିକ୍ତ ଶ୍ରେଣୀଗୃହ ନିର୍ମାଣ ପାଇଁ ପରିଚାଳନା କମିଟିଗୁଡ଼ିକ ପକ୍ଷରୁ ଦିଆଯାଇଥିବା ଆବେଦନକୁ ଗ୍ରହଣ କରି ଖୁବଶୀଘ୍ର ପଦକ୍ଷେପ ନେବାକୁ ପ୍ରତିଶ୍ରୁତି ଦେଇଥିଲେ। ଦଳୀୟ ନେତୃବୃନ୍ଦଙ୍କ ସହ ବିଭିନ୍ନ ଉନ୍ନୟନମୂଳକ କାର୍ଯ୍ୟ ସମ୍ପର୍କରେ ଆଲୋଚନା କରିଥିଲେ। ସାଂସଦଙ୍କ ଗସ୍ତ ବେଳେ ହିନ୍ଦୋଳ ବ୍ଲକ ଉପାଧ୍ୟକ୍ଷ ବରୁଣ ସର, ରାସୋଳ ମଣ୍ଡଳ ସଭାପତି ଲିଙ୍ଗରାଜ ସାହୁ, ରାସୋଳ ସରପଞ୍ଚ ଦିବାକର ନାଏକ, ବିଜେପି ନେତା ଭାସ୍କର ଚନ୍ଦ୍ର ନାୟକ, ମନୋରଞ୍ଜନ ନାଥ, ସନ୍ତୋଷ ସାହୁ, ଗୌତମ ସାହୁ, ଦୀପକ ନାଥ, ଅଜୟ ଧର, ଗିରୀଶ ସେଠୀ, ରଘୁନାଥ ମହାପାତ୍ର, ଚିନ୍ମୟ ମହାପାତ୍ର, ବାସୁଦେବ ବାରିକ, ସରୋଜ ସିଙ୍ଗ ପ୍ରମୁଖ ଉପସ୍ଥିତ ଥିଲେ।

## ବସ ଯାତ୍ରୀଙ୍କଠାରୁ ଅଧିକ ଭଡ଼ା ଆଦାୟ ଅଭିଯୋଗ

ଢେଙ୍କାନାଳ,୨୯ ।୧୧(ସମିସ): ବସ୍ କର୍ମଚାରୀମାନେ ଢେଙ୍କାନାଳରୁ କଟକ ଓ କଟକରୁ ଢେଙ୍କାନାଳ ଯିବାଆସିବା ପାଇଁ ଯାତ୍ରୀଙ୍କଠାରୁ ୧୦୦ଟଙ୍କା ଲେଖାଏଁ ଆଦାୟ କରୁଛନ୍ତି। ସରକାରୀ ନିର୍ଦ୍ଧାରିତ ଭଡ଼ାଠାରୁ ଏହା ୩୦ରୁ ୫୦ ପ୍ରତିଶତ ଆଦାୟ କରୁଥିବା ସିପିଆଇ(ଏମ୍) ନେତା ବଦ୍ରିନାରାୟଣ ଦାଶ, ଜିଲ୍ଲା ସମ୍ପାଦକ ସର୍ବଜ୍ଞ ସାହୁ ଓ କୃଷକ ସଭାର ଜିଲ୍ଲା ସମ୍ପାଦକ ସରୋଜ ଶତପଥୀ ପ୍ରମୁଖ ଅଭିଯୋଗ କରିଛନ୍ତି। ସମସ୍ତ ପ୍ରମାଣ ସହ ଗତ ୨୭ ତାରିଖ ଏ ନେଇ ରାଜ୍ୟ ପରିବହନ କମିଶନର (କଟକ)ଙ୍କ ସମେତ ଢେଙ୍କାନାଳ ଓ କଟକ ଆରଟିଓଙ୍କୁ ଲିଖିତ ଅଭିଯୋଗ କରିଛନ୍ତି। ଆଇନ ଅନୁଯାୟୀ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଦାବି କରିଛନ୍ତି। ଏଥିସହ ଯାତ୍ରୀଙ୍କୁ ଭୁଲ କଥା କହି ଉଠାଇବା, ଦୁର୍ବ୍ୟବହାର କରିବା, ଏସଟିଏଙ୍କ ଦ୍ୱାରା ଦିଆଯାଇଥିବା ଷ୍ଟପେଜ ତାଲିକା ଅନୁଯାୟୀ ଯାତ୍ରୀଙ୍କୁ ନେବାଆଣିବା ନ କରିବା ଆଦି ଅଭିଯୋଗ ହୋଇଛି। ସବୁ ବସରେ ବସଟି କେଉଁ ବର୍ଗର, କିଲୋମିଟର ପ୍ରତି ଭଡ଼ା କେତେ, ବସର ପରିଚାଳକ କିମ୍ବା ମାଲିକଙ୍କ ନମ୍ବର, ଷ୍ଟପେଜ୍‌ର ତାଲିକା, ପଢ଼ିହେବା ଭଳି ଟିକେଟ, ଫାଷ୍ଟଏଡ ବକ୍ସ ଏବଂ ଦୃଷ୍ଟିରେ ପଡ଼ିବା ଭଳି ସ୍ଥାନରେ ଅଭିଯୋଗ ପୁସ୍ତିକା ଆଦି ଆଇନ ଅନୁମୋଦିତ ବ୍ୟବସ୍ଥା ତୁରନ୍ତ କାର୍ଯ୍ୟକାରୀ କରିବାକୁ ଦାବି କରାଯାଇଛି।

## ପୂର୍ବତନ ସରପଞ୍ଚଙ୍କ ପରଲୋକ



ଯୋରନ୍ଦା,୨୯ ।୧୧(ସମିସ): ଗଁଦିଆ ବ୍ଲକ କାବରା ପଞ୍ଚାୟତର ପୂର୍ବତନ ସରପଞ୍ଚ ତଥା ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ଅର୍ଜୁନ ପରିଡ଼ା (୯୦)ଙ୍କର ଶୁକ୍ରବାର ରାତିରେ ପରଲୋକ ହୋଇଛି। ସେ କିଛିଦିନ ହେଲା ବାର୍ଦ୍ଧକ୍ୟ ଜନିତ ରୋଗରେ ପୀଡ଼ିତ ଥିଲେ। ସେ ଜଣେ ଗାନ୍ଧିବାଦୀ, ସରଳ, ପରୋପକାରୀ ବ୍ୟକ୍ତି ଭାବେ ଜଣାଶୁଣା। ସେ ବାଇଁଶିଆ, ସୋଗରପଶି, ଦେଓଗାଁ, ବିଧାରପୁର, ସନ୍ଥପୁର ଓ କାବରା ପ୍ରାଥମିକ ବିଦ୍ୟାଳୟରେ ଶିକ୍ଷକତା କରି ୧୯୮୯ରେ ସ୍ୱେଚ୍ଛାକୃତ ଅବସର ନେଇ ସମାଜସେବାରେ ବ୍ରତୀ ଥିଲେ। ୧୯୯୦ରୁ ୧୯୯୩ ପର୍ଯ୍ୟନ୍ତ କାବରା ପଞ୍ଚାୟତର ସରପଞ୍ଚ ଭାବେ କାର୍ଯ୍ୟ କରିଥିଲେ। ଦଧିସିଙ୍ଗା ଗ୍ରାମ ସମ୍ପାଦକ ଭାବେ ଦୀର୍ଘ ୨୦ ବର୍ଷ ଦାୟିତ୍ୱ ନେଇ ବହୁ ଉନ୍ନତିମୂଳକ କାର୍ଯ୍ୟ କରିଥିଲେ। ତାଙ୍କ ବିୟୋଗରେ ଅଞ୍ଚଳରେ ଶୋକରେ ଛାୟା ଖେଳିଯାଇଛି। ଗ୍ରାମ ଶ୍ମଶାନରେ ତାଙ୍କ ଶେଷକୃତ୍ୟ କରାଯାଇଛି। ବଡ଼ପୁଅ ଅଭିମନ୍ୟୁ ମୁଖାଗ୍ନି ଦେଇଥିଲେ।

## ଢେଙ୍କାନାଳ ସ୍ୱୟଂଶାସିତ ମହାବିଦ୍ୟାଳୟରେ ଆଲୋଚନାଚକ୍ର

ଢେଙ୍କାନାଳ,୨୯ ।୧୧(ସମିସ): ସ୍ଥାନୀୟ ଢେଙ୍କାନାଳ ସ୍ୱୟଂଶାସିତ ମହାବିଦ୍ୟାଳୟରେ ଏମ୍‌ବିଏ ଓ ଏମ୍‌ଏସ୍‌ସି କମ୍ପ୍ୟୁଟର ସାଇନ୍ସ ବୃତ୍ତିଗତ ଶିକ୍ଷା ବିଭାଗ ପକ୍ଷରୁ ଆଲୋଚନାଚକ୍ର ଅନୁଷ୍ଠିତ ହୋଇଛି। ବିଭାଗ ମୁଖ୍ୟ ପ୍ରଦ୍ୟୁମ୍ନ କୁମାର ଦାଶଙ୍କ ଆବାହକତ୍ୱରେ ତଥା ଅଧ୍ୟକ୍ଷ ଡ. ପୂର୍ଣ୍ଣଚନ୍ଦ୍ର ବରାଳଙ୍କ ପୌରୋହିତ୍ୟରେ ଭାଗ୍ୟଶ୍ରୀ ଦେହୁରୀ, ପଲକ୍ କୁମାରୀ ଓ ସ୍ନେହା ଡାଲ୍‌ମିଆଙ୍କ ସଂଯୋଜନାରେ କାର୍ଯ୍ୟକ୍ରମ ହୋଇଥିଲା। ଭୁବନେଶ୍ୱର କଳିଙ୍ଗ ହସ୍ପିଟାଲର ମାନବ ସମ୍ବଳ ଅଧିକାରୀ ଡ. ନିତ୍ୟସୁନ୍ଦର ସିଅ ମୁଖ୍ୟଅତିଥି ଭାବେ ଯୋଗଦେଇ "ୟୁଥ୍ ଲିଡର୍‌ସିପ ଏଣ୍ଡ ଟାଲେଣ୍ଟ ଡେଭେଲପ୍‌ମେଣ୍ଟ ଫର ଏ ପ୍ରୋଗ୍ରେସିଭ୍ ଓଡ଼ିଶା' (ପ୍ରଗତିଶୀଳ ଓଡ଼ିଶା ପାଇଁ ଯୁବ ନେତୃତ୍ୱ ଓ ପ୍ରତିଭା ବିକାଶ) ବିଷୟବସ୍ତୁ ସମ୍ପର୍କରେ ସବିଶେଷ ଆଲୋଚନା କରିଥିଲେ। ମୁଖ୍ୟବକ୍ତା ଭାବେ ଶିକ୍ଷାବିତ୍ ଡ. ଦେବୀପ୍ରସାଦ ମିଶ୍ର ଯୋଗଦେଇ ଯୁବ ନେତୃତ୍ୱ ଓ ପ୍ରତିଭାର ବିକାଶ ହିଁ ଜ୍ଞାନ ବିଜ୍ଞାନର ଭିତ୍ତିଭୂମି ଓ ଏହାର ପରିବ୍ୟାପ୍ତତା ସୁଦୂରପ୍ରସାରୀ ହୋଇ ପ୍ରଗତିଶୀଳ ଓଡ଼ିଶା ଗଠନ କରିବାର ସ୍ୱପ୍ନକୁ ବାସ୍ତବ ରୂପ ପ୍ରଦାନ କରିପାରିବ ବୋଲି ପ୍ରକାଶ କରିଥିଲେ। ସମ୍ମାନିତ ଅତିଥି ଭାବେ ପ୍ରଶାସନିକ ଅଧିକାରୀ ଡ. ବିଭୁଦତ୍ତ ଦାଶ, ବିଭାଗର କାର୍ଯ୍ୟକ୍ରମ ସଂଯୋଜକ ଡ. ଦେବରାଜ ପରିଡ଼ା ପ୍ରମୁଖ ଯୋଗଦେଇଥିଲେ। ବିଭାଗ ମୁଖ୍ୟ ପ୍ରଦ୍ୟୁମ୍ନ କୁମାର ଦାଶ ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ। ବିଭାଗର ଅଧ୍ୟାପକ ସୁଶାନ୍ତ କୁମାର ପାଲ୍, ସନ୍ତୋଷ କୁମାର ନନ୍ଦ, ଅଧ୍ୟାପିକା ରୋଜାଲିନ ବେହେରା, ମାନସୀ ରଥ ପ୍ରମୁଖ ସହଯୋଗ କରିଥିଲେ। ଛାତ୍ରୀ ଭାଗ୍ୟଶ୍ରୀ ଦେହୁରୀ ସଭା ସଂଯୋଜନା କରିଥିଲେ। ଛାତ୍ରୀ ପଲକ୍ କୁମାରୀ ଅତିଥି ପରିଚୟ ପ୍ରଦାନ କରିଥିଲେ। ସ୍ନେହା ଡାଲମିଆ ଧନ୍ୟବାଦ ଅର୍ପଣ କରିଥିଲେ।

### ● ଦୁଇ ବୋଲେରୋ ସମେତ ୧୦ ଗୋରୁ ଜବତ

## ମାରଣାସ୍ତ୍ର ଦେଖାଇ ଚମ୍ପଟ ମାରିଲେ ମାଫିଆ

କାମାକ୍ଷନଗର,୨୯ ।୧୧(ସମିସ): ଚୋରା ଗୋଚାଲାଣ ବେଳେ ଧରାପଡ଼ିବା ପରେ ମାରଣାସ୍ତ୍ର ଦେଖାଇ ଚମ୍ପଟ ମାରିଛନ୍ତି ଗୋମାଫିଆ। ଦୁଇ ବୋଲେରୋ ସହ ୧୦ ଗୋରୁ ଜବତ କଛନ୍ତି ସ୍ଥାନୀୟ ଲୋକେ। ସୂଚନା ଅନୁସାରେ ଦୁଇଟି ବୋଲେରୋ ଯୋଗେ ଯାଜପୁର ଅଞ୍ଚଳରୁ ତାଳଚେର ଅଭିମୁଖେ ଗୋରୁ ଚାଲାଣ ହେଉଥିବା କାମାକ୍ଷାନଗର ଅଞ୍ଚଳର କିଛି ଲୋକ ଓ ସଂଗଠନ ଜାଣିବାକୁ ପାଇଥିଲେ। ସେମାନେ ବାଲିଗୋରଡ଼ଠାରେ ଗୋରୁ ଭର୍ତ୍ତି ହୋଇଥିବା ବୋଲେରୋ ଅଟକାଇବା ସହ ପୁଲିସକୁ ଖବର ଦେଇଥିଲେ। ଗୋଟିଏ ବୋଲେରୋ ବାଲିଗୋରଡ଼ ନିକଟରେ ଅଟକାଇବାରେ ଲୋକେ ସଫଳ ହେବା ପରେ ଜିରିଡ଼ାମାଳି ଛକ ନିକଟରେ ଅନ୍ୟ କିଛି ଲୋକ, ସଂଗଠନ ଓ ପୁଲିସ ଗୋରୁ ଭର୍ତ୍ତି ଅନ୍ୟ ବୋଲେରୋ ଅଟକାଇଥିଲେ। ତେବେ ଗାଡ଼ିରେ ଥିବା ଗୋମାଫିଆମାନେ ବିଭିନ୍ନ ମାରଣାସ୍ତ୍ର ଦେଖାଇ ଲୋକଙ୍କୁ ଭୟଭୀତ କରାଇ ଘଟଣାସ୍ଥଳରୁ ଚମ୍ପଟ ମାରିଥିଲେ। ଗୋରୁଭର୍ତ୍ତି ଦୁଇ ବୋଲେରୋକୁ ସ୍ଥାନୀୟ ଲୋକ ଜବତ କରି ସେଥିରେ ଥିବା ୧୦ ଗୋରୁଙ୍କୁ ଉଦ୍ଧାର କରିଥିଲେ। ଉତ୍ୟକ୍ତ ଲୋକେ ଗୋଚାଲାଣରେ ବ୍ୟବହୃତ ହୋଇଥିବା ଦୁଇ ବୋଲେରୋକୁ ଭାଙ୍ଗି ଦେଇଥିଲେ। କାମାକ୍ଷାନଗର ଅଞ୍ଚଳ ଦେଇ ବାରମ୍ବାର ଗୋଚାଲାଣ ହେଉଥିବା ବେଳେ ପ୍ରଶାସନର ଅପାରଗତାକୁ ନେଇ ପ୍ରଶ୍ନ ଉଠାଇଛନ୍ତି। ତେବେ ପୁଲିସ ପହଞ୍ଚି ଉଭୟ ବୋଲେରୋକୁ ଥାନାକୁ ନେଇ ତଦନ୍ତ ଆରମ୍ଭ କରିଛି।


## ଉଦ୍ୟାନ ବିଭାଗ ପକ୍ଷରୁ ରିଆତିରେ ଆଳୁ ବିହନ ବିକ୍ରି

ଖଜୁରିଆକଟା,୨୯ ।୧୧(ସମିସ): ଢେଙ୍କାନାଳ ଜିଲ୍ଲା ହିନ୍ଦୋଳ ଉଦ୍ୟାନ ବିଭାଗ ପକ୍ଷରୁ ଚାଷୀଙ୍କୁ ରିଆତି ଦରରେ ଆଳୁ ବିହନ ଯୋଗାଇ ଦିଆଯାଉଛି। ଉଦ୍ୟାନ ବିଭାଗ କାର୍ଯ୍ୟାଳୟରେ ଗତ ସୋମବାରଠାରୁ ଦୁଇ ପର୍ଯ୍ୟାୟରେ ୬୫୦ କୁଇଣ୍ଟାଲ ଆଳୁ ବିହନ ପହଞ୍ଚିଥିବା ବେଳେ ବଣ୍ଟନ କାର୍ଯ୍ୟ ଆରମ୍ଭ ହୋଇଛି। ଯେଉଁ ଚାଷୀମାନେ ଆଳୁ ବିହନ ପାଇନାହାନ୍ତି ଯଥାଶୀଘ୍ର କାର୍ଯ୍ୟାଳୟରୁ ନେଇପାରିବେ ବୋଲି ସହକାରୀ ଉଦ୍ୟାନ ଅଧିକାରିଣୀ ସସ୍ମିତା ସାହୁ ସୂଚନା ଦେଇଛନ୍ତି। ଜଣେ ଚାଷୀଙ୍କୁ ଦେଢ଼ କୁଇଣ୍ଟାଲ ବିହନ ଯୋଗାଇ ଦେବାକୁ ଧାର୍ଯ୍ୟ ହୋଇଛି। ଚାଷୀଙ୍କୁ କେଜି ପ୍ରତି ୨୦ ଟଙ୍କା ହିସାବରେ ୩ହଜାର ଟଙ୍କା ପ୍ରଥମେ ଦେବାକୁ ପଡ଼ିବ। ଚାଷ କରିସାରିବା ପରେ କିଲୋ ପ୍ରତି ୧୦ ଟଙ୍କା ରିଆତି ଅର୍ଥ ବାବଦ ୧୫ ଶହ ଟଙ୍କା ଫେରସ୍ତ ମିଳିବ ବୋଲି ଅଧିକାରିଣୀ ସାହୁ କହିଛନ୍ତି। ବିହନ ବଣ୍ଟନ କାର୍ଯ୍ୟକ୍ରମରେ ଉଦ୍ୟାନ ବିଭାଗର କର୍ମଚାରୀ ରାମ ଗଗରାଇ, ବାବୁଲା ପରିଡ଼ା, ତପନ ସାହୁ, ଅନ୍ନପୂର୍ଣ୍ଣା ପ୍ରଧାନ ପ୍ରମୁଖ ସହଯୋଗ କରୁଛନ୍ତି।



ଚାଷୀ ପିଛା ଦେଢ଼ କ୍ୱିଣ୍ଟାଲ ଦିଆଯିବ

## କୁରାଳ ସମାଜ ପକ୍ଷରୁ ଲକ୍ଷ୍ମୀନାରାୟଣ ପୂଜା



ଭୁବନ,୨୯ ।୧୧(ସମିସ): ଭୁବନ ଏନ୍‌ଏସି ୱାର୍ଡ ନଂ-୫ ଗଣେଶ ବଜାରରେ କୁରାଳ ସମାଜ ପକ୍ଷରୁ ଲକ୍ଷ୍ମୀନାରାୟଣ ପୂଜା ଅନୁଷ୍ଠିତ ହୋଇଛି। ସମାଜର ମୁରବୀ ଦୈତାରୀ ସାହୁ, ଉପସଭାପତି ଅନାମ ସାହୁ, ସମ୍ପାଦକ ଇନ୍ଦ୍ରମଣି ରଣା, ସହସମ୍ପାଦକ ଟୁନା ସାହୁ, କୋଷାଧ୍ୟକ୍ଷ କମଳ ରଣା, କୈଳାସ ସାହୁ, ବିଜୁ, ବ୍ରଜ, ଦେବ, ବେଣୁ, ସୁରେଶ, ବିଶୁଆଙ୍କ ସମେତ ବହୁ ବ୍ୟକ୍ତିଙ୍କ ସହଯୋଗରେ ପୂଜା ହୋଇଥିଲା।

## ଟେଣ୍ଡର ପରେ ପୁରୁଣା ରାସ୍ତାକାର୍ଯ୍ୟ ନେଇ ଆଶଙ୍କା

ଢେଙ୍କାନାଳ,୨୯ ।୧୧(ସମିସ): ଢେଙ୍କାନାଳ ଜିଲ୍ଲା ଓଡ଼ାପଡ଼ା ବ୍ଲକ ସିମିନଇ ଦେଇ ଯାଇଥିବା ପୁରୁଣା ୫୫ ନମ୍ବର ଜାତୀୟ ରାଜପଥକୁ ବାଦ ଦିଆଯାଇ ନୂତନ ବାଇପାସ ରାସ୍ତା ନିର୍ମାଣ କରାଯାଇଛି। ଦୀର୍ଘ ୫ବର୍ଷ ହେବ ବାଇପାସ ରାସ୍ତା ନିର୍ମାଣ ପରେ ପୁରୁଣା ରାସ୍ତା ବିପର୍ଯ୍ୟସ୍ତ ହୋଇପଡ଼ିଛି। ପୁରୁଣା ରାସ୍ତା ନିର୍ମାଣ ପାଇଁ ୧୦କୋଟି ଟଙ୍କାର ଟେଣ୍ଡର ହୋଇଥିବା ବେଳେ ରାସ୍ତା କାର୍ଯ୍ୟ ଆରମ୍ଭ ହେଉ ନ ଥିବାରୁ ଅସନ୍ତୋଷ ଦେଖାଦେଇଛି। ସିମିନଇ ଗ୍ରାମ ଦେଇ ପୁରୁଣା ୫୫ ନମ୍ବର ଜାତୀୟ ରାଜପଥ ଯାଇଥିଲା। ଜାତୀୟ ରାଜପଥ ତରଫରୁ ପଞ୍ଚୁପଟିଠାରୁ ଝାରଗାଡ଼ିଆ ପର୍ଯ୍ୟନ୍ତ ୩.୫ କିଲୋମିଟର ବାଇପାସ ରାସ୍ତା ନିର୍ମାଣ ହୋଇଛି। ବାଇପାସ ରାସ୍ତା ନିର୍ମାଣ ପରେ ପୁରୁଣା ରାସ୍ତାକୁ ସରକାର ସମ୍ପୂର୍ଣ୍ଣ ଭୁଲିଯାଇଛନ୍ତି। ଫଳରେ ଝାରଗାଡ଼ିଆଠାରୁ ପଞ୍ଚୁପଟି ପର୍ଯ୍ୟନ୍ତ ରାସ୍ତା ସାରା ଖାଲଖମା ସହ ବିପର୍ଯ୍ୟସ୍ତ ହୋଇପଡ଼ିଛି। ବାଇପାସ ରାସ୍ତା ନିର୍ମାଣ ପରେ ଅନେକ ଲୋକ ଜାତୀୟ ରାଜପଥ ରାସ୍ତା ଜବରଦଖଲ କରି ଘର, ଦୋକାନ ନିର୍ମାଣ କରିଛନ୍ତି। ପୂର୍ବରୁ ଜାତୀୟ ରାଜପଥ ବିଭାଗ ତରଫରୁ ଜମି ଚିହ୍ନଟ କରାଯାଇ କ୍ଷତିପୂରଣ ରାଶି ମଧ୍ୟ ପ୍ରଦାନ କରାଯାଇଛି। ଏହା ସତ୍ତ୍ୱେ କେତେକ ବ୍ୟକ୍ତି ଜମି ଜବରଦଖଲ କରିଥିବାର ଦେଖିବାକୁ ମିଳିଛି। ଏହି ରାସ୍ତା ପୁଣିଥରେ ନିର୍ମାଣ କରିବାକୁ ସରକାର ଉଦ୍ୟମ ଆରମ୍ଭ କରିଛ>ତି। ରାସ୍ତା ନିର୍ମାଣ ପାଇଁ ରାଜ୍ୟ ସରକାରଙ୍କ ତରଫରୁ ଗତ ଜୁଲାଇ ୧୪ ତାରିଖ ଟେଣ୍ଡର ଆହ୍ୱାନ କରାଯାଇଥିଲା। ରୋଡ୍ ୨ର ମୁଖ୍ୟ ଯନ୍ତ୍ରୀଙ୍କ ତରଫରୁ ଅଚଳ ହୋଇଥିବା ୫୫ ନମ୍ବର ଜାତୀୟ ରାଜପଥର ସିମିନଇଠାରୁ ଗଦାଶିଳା ପର୍ଯ୍ୟନ୍ତ ନିର୍ମାଣ ପାଇଁ ଟେଣ୍ଡର କରାଯାଇଛି। ଏହି କାର୍ଯ୍ୟକୁ ୭ ମାସ ଭିତରେ ସାରିବାକୁ ଥିବା ବେଳେ ଜଣେ ଏ କ୍ଲାସ ଠିକାଦାର କରିବା ପାଇଁ ଆହ୍ୱାନ କରାଯାଇଥିଲା। ପ୍ରାୟ ୧୦ କୋଟି ୭୩ଲକ୍ଷ ଟଙ୍କାର ଟେଣ୍ଡର ହୋଇଥିବାବେଳେ ବର୍ତ୍ତମାନ ସୁଦ୍ଧା ରାସ୍ତା କାର୍ଯ୍ୟ ଆରମ୍ଭ ହୋଇନାହିଁ। ଟେଣ୍ଡର ସତ୍ତ୍ୱେ ସରକାରଙ୍କ ଆନ୍ତରିକତା ଅଭାବ ଯୋଗୁଁ କାର୍ଯ୍ୟ ବିଳମ୍ବ ହେଉଥିବା ଅଭିଯୋଗ ହେଉଛି। ତୁରନ୍ତ କାର୍ଯ୍ୟ ଆରମ୍ଭ କରିବାକୁ ଦାବି କରାଯାଇଛି। ଏହାସହ ରାସ୍ତାପାଶ୍ୱର୍ ଜବରଦଖଲ ହଟାଇବାକୁ ମଧ୍ୟ ଦାବି ହେଉଛି।

ରାଜପଥ ଜମି ଜବରଦଖଲ କରି ଘର, ଦୋକାନ ନିର୍ମାଣ

## କଙ୍କଡ଼ାହାଡ଼ ବ୍ଲକସ୍ତରୀୟ ମୋ ଢେଙ୍କାନାଳ ମହୋତ୍ସବ



କଙ୍କଡ଼ାହାଡ଼,୨୯ ।୧୧(ସମିସ): କଙ୍କଡ଼ାହାଡ଼ ବ୍ଲକ ରାମେଶ୍ୱର ସରକାରୀ ଉଚ୍ଚ ବିଦ୍ୟାଳୟ ପରିସରରେ ମୋ ଢେଙ୍କାନାଳ ଡିଜିଟାଲ ଚ୍ୟାନେଲ ପକ୍ଷରୁ ଏହାର ୭ମ ପ୍ରତିଷ୍ଠା ଦିବସ ଉପଲକ୍ଷେ ଗୁରୁଦେବଜୀ ଫାଉଣ୍ଡେସନ ତରଫରୁ କଙ୍କଡ଼ାହାଡ଼ ବ୍ଲକସ୍ତରୀୟ ମୋ ଢେଙ୍କାନାଳ ମହୋତ୍ସବ ଓ ମୋ ପ୍ରତିଭା ମୋ ପରିଚୟ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏହି ଅବସରରେ ବ୍ଲକସ୍ତରୀୟ ଚିତ୍ରାଙ୍କନ, ପ୍ରବନ୍ଧ, ବକ୍ତୃତା, ସଙ୍ଗୀତ, ନୃତ୍ୟ ଓ ଅଭିନୟ ପ୍ରତିଯୋଗିତା ହୋଇଥିଲା। ଏଥିରେ ବ୍ଲକର ବିଭିନ୍ନ ସ୍କୁଲର ପ୍ରାୟ ୩୮୦ ଛାତ୍ରଛାତ୍ରୀ ଯୋଗଦେଇ ପ୍ରତିଭା ପ୍ରଦର୍ଶନ କରିଥିଲେ। ଜିଲ୍ଲା ବିଜେପି ସଭାପତି ରାସବିହାରୀ ବେହେରା ମୁଖ୍ୟଅତିଥି ଭାବେ ଯୋଗଦେଇ ଏହାକୁ ଉଦଘାଟନ କରିଥିଲେ। ସମ୍ମାନିତ ଅତିଥି ଭାବେ ଏବିଇଓ ପ୍ରଦୀପ କୁମାର ଦାସ, କଙ୍କଡ଼ାହାଡ଼ ଥାନା ଅଧିକାରୀ କଳ୍ପନା ବେହେରା, ପୂର୍ବତନ ବ୍ଲକ ଅଧ୍ୟକ୍ଷ କାର୍ତ୍ତିକ ଚନ୍ଦ୍ର ସାହୁ, ବିଦ୍ୟାଳୟର ପ୍ରଧାନଶିକ୍ଷକ ରଞ୍ଜନ କୁମାର ସାହୁ ଏବଂ ପ୍ରତିଷ୍ଠାତା ମାଷ୍ଟର ଇଂ ସୌମ୍ୟବ୍ରତ ସାହୁ ପ୍ରମୁଖ ଯୋଗଦେଇଥିଲେ। ଉଦଯାପନୀ ଉତ୍ସବରେ ମୁଖ୍ୟଅତିଥି ଭାବେ ପୂର୍ବତନ ସାଂସଦ ମହେଶ ସାହୁ ଯୋଗଦେଇ ମୋ ଢେଙ୍କାନାଳର ଏହି ଅନନ୍ୟ କାର୍ଯ୍ୟକ୍ରମକୁ ଉଚ୍ଚ ପ୍ରଶଂସା କରିଥିଲେ। ସମ୍ମାନିତ ଅତିଥି ରୂପେ କଙ୍କଡ଼ାହାଡ଼ ବ୍ଲକ ଅଧ୍ୟକ୍ଷା ଚାରୁଲତା ମିଶ୍ର, ଉପାଧ୍ୟକ୍ଷା ଦୀପା ସାହୁ, ବ୍ଲକ ସାମ୍ବାଦିକ ସଂଘ ସଭାପତି ରାଜେଶ ଦେହୁରୀ, ବରିଷ୍ଠ ସାମ୍ବାଦିକ ପାଣ୍ଡବ ଚରଣ ଦାସ, ସମାଜସେବୀ ରମେଶ ଚନ୍ଦ୍ର ମିଶ୍ର ପ୍ରମୁଖ ଯୋଗଦେଇଥିଲେ। ଗୁରୁଦେବଜୀ ଫାଉଣ୍ଡେସନ ଅଧ୍ୟକ୍ଷ ତଥା ମୋ ଢେଙ୍କାନାଳର ପ୍ରତିଷ୍ଠାତା ମାଷ୍ଟର ଇଂ ସୌମ୍ୟବ୍ରତ ସାହୁ କାର୍ଯ୍ୟକ୍ରମର ଲକ୍ଷ୍ୟ ଓ ଉଦ୍ଦେଶ୍ୟ ଉପରେ ଆଲୋକପାତ କରିଥିଲେ। ବିଚାରକ ରୂପେ ବିଜୟ କୁମାର ମିଶ୍ର, ରାଜଶ୍ରୀ ପ୍ରଧାନ, ସୌମ୍ୟାଶ୍ରୀ ପଟ୍ଟନାୟକ ପ୍ରମୁଖ ଯୋଗଦେଇଥିଲେ। ବ୍ଲକସ୍ତରୀୟ ପ୍ରତିଯୋଗିତାରେ କୃତିତ୍ୱ ହାସଲ କରିଥିବା ପ୍ରତିଯୋଗୀମାନେ ଜିଲ୍ଲା ସ୍ତରକୁ ମନୋନୀତ ହୋଇଛନ୍ତି। ଫାଉଣ୍ଡେସନର ସଦସ୍ୟ ସନ୍ଦୀପ କର କାର୍ଯ୍ୟକ୍ରମ ପରିଚାଳନା କରିଥିବା ବେଳେ ଲିଟୁ ଦେହୁରୀ ଧନ୍ୟବାଦ ଅର୍ପଣ କରିଥିଲେ।


## ଅସହାୟ ବୃଦ୍ଧାଙ୍କୁ ଥଇଥାନ

ହିନ୍ଦୋଳ/ଖଜୁରିଆକଟା,୨୯ ।୧୧(ସମିସ): ସ୍ୱେଚ୍ଛାସେବୀ ଅନୁଷ୍ଠାନର ଛୋଟ ଏକ ପ୍ରୟାସ ପକ୍ଷରୁ ଶନିବାର ଜଣେ ଅସହାୟ ବୃଦ୍ଧାଙ୍କୁ ବୃଦ୍ଧାଶ୍ରମରେ ଥଇଥାନ କରାଯାଇଛି। ହିନ୍ଦୋଳ ଏନଏସି ୱାର୍ଡ ନଂ-୧୨ ବନମାଳୀପୁର ଗ୍ରାମରେ ଦୀର୍ଘବର୍ଷ ଧରି ସମ୍ପର୍କୀୟଙ୍କ ଘରେ ଅସ୍ଥାୟୀ ଭାବେ ଆଶ୍ରୟ ନେଇଥିବା ଅସହାୟ ପ୍ରମିଳା ସାହୁ (୭୭)ଙ୍କ ଦୁଃଖ ଶୁଣି ଅନୁଷ୍ଠାନର କର୍ମକର୍ତ୍ତାମାନେ ତାଙ୍କ ନିକଟରେ ପହଞ୍ଚିଥିଲେ। ପ୍ରମିଳାଙ୍କ ସମ୍ମତିକ୍ରମେ ତାଙ୍କୁ ଅନୁଗୋଳସ୍ଥିତ ମାନବ ସେବାଶ୍ରମର ଡ. ଚିନ୍ମୟୀ ଦିଦିଙ୍କ ଅଧୀନରେ ରଖାଇବା ବ୍ୟବସ୍ଥା କରିଥିଲେ। ଏହି କାର୍ଯ୍ୟକ୍ରମରେ ସମାଜସେବୀ ସାମ୍ବାଦିକ ପ୍ରଦ୍ୟୁମ୍ନ ବେହେରା, ଅବସରପ୍ରାପ୍ତ ଶିକ୍ଷକ ଶ୍ରୀପତି ସାହୁ, ବସନ୍ତ ମହାପାତ୍ର ପ୍ରମୁଖ ଉପସ୍ଥିତ ଥିଲେ।

## ରାଜ୍ୟସ୍ତରୀୟ ତାଏକ୍ୱୋଣ୍ଡୋ ରେଫରି କର୍ମଶାଳା

ଢେଙ୍କାନାଳ,୨୯ ।୧୧(ସମିସ): ରାଜ୍ୟସ୍ତରୀୟ ତାଏକ୍ୱୋଣ୍ଡୋ ରେଫରି କର୍ମଶାଳାରେ ଢେଙ୍କାନାଳର ୨୪ଜଣ ରେଫରି ସଫଳତା ହାସଲ କରିଛନ୍ତି। ସେମାନଙ୍କ ମଧ୍ୟରେ ଆସିଆନା ଜେନା, ମିଞ୍ଜା ହୋଙ୍ଗଲି, ଯଶଶ୍ରୀ ସାହୁ, ଶୁଭଶ୍ରୀ ମହାରଣା, ଶୁଭଶ୍ରୀ ଦାସ, ରଜନୀକାନ୍ତ ମଲ୍ଲିକ, ନିର୍ମାଲ୍ୟ ମଲ୍ଲିକ, ମୁକେଶ କୁମାର ମଲିକ, ଇପସିତା ପ୍ରିୟଦର୍ଶିନୀ ନାୟକ, ଗାୟତ୍ରୀ ସାହୁ ପ୍ରମୁଖ ରହିଛନ୍ତି। ଭଦ୍ରକ ବ୍ଲକ ଇଚ୍ଛାପୁର କାର୍ମେଲ ସ୍କୁଲ ପରିସରରେ ଅନୁଷ୍ଠିତ ଶିବିରରେ ଅନ୍ତର୍ଜାତୀୟ ତାଏକ୍ୱୋଣ୍ଡୋ ରେଫରୀ ଦକ୍ଷିଣ କୋରିଆର ମାଷ୍ଟର ସିୟଙ୍କ କୁକୁ ଜ୍ୟାଙ୍ଗ ପ୍ରଶିକ୍ଷଣ ଦେବାର କାର୍ଯ୍ୟକ୍ରମ ରହିଥିଲା। ଓଡ଼ିଶାରୁ ୬୦ରୁ ଅଧିକ ରେଫରି ଯୋଗଦେଇଥିଲେ। ପ୍ରଶିକ୍ଷଣପ୍ରାପ୍ତ ରେଫରିମାନଙ୍କୁ ସମ୍ମାନିତ କରାଯାଇଥିବା ଅନୁଷ୍ଠାନର ସାଧାରଣ ସମ୍ପାଦକ ରବିନାରାୟଣ ପାଣିଗ୍ରାହୀ ସୂଚନା ଦେଇଛନ୍ତି।

# ବାଲ୍ୟ ବିବାହମୁକ୍ତ ଭାରତ ଅଭିଯାନ







ଢେଙ୍କାନାଳ,୨୯ ।୧୧(ସମିସ)

ବିଶ୍ୱ ଯୁବ କେନ୍ଦ୍ର ଦ୍ୱାରା ବାଲ୍ୟ ବିବାହମୁକ୍ତ ଭାରତ ଅଭିଯାନ ଅନୁଷ୍ଠିତ ହେଉଛି। ଏହି ଅଭିଯାନରେ ଢେଙ୍କାନାଳ ଜିଲ୍ଲାର ୫୦, ଅନୁଗୋଳ ଜିଲ୍ଲାର ୫୦ ଓ ବୌଦ୍ଧ ଜିଲ୍ଲାର ୨୫ ଗ୍ରାମରେ କ୍ୟାଣ୍ଡେଲ ଶୋଭାଯାତ୍ରା ଓ ସଚେତନତା ରାଲି ଆୟୋଜନ କରାଯାଇଛି। କ୍ୟାଣ୍ଡେଲ୍ ଶୋଭାଯାତ୍ରାରେ ସ୍କୁଲ ଛାତ୍ରଛାତ୍ରୀ, ଗ୍ରାମବାସୀ, ଅଙ୍ଗନବାଡ଼ି କର୍ମୀ, ଆଶାକର୍ମୀ, ସିଆରପି, ମହିଳା ନେତ୍ରୀ, ୱାର୍ଡ ମେମ୍ବର ପ୍ରମୁଖ ଅଂଶଗ୍ରହଣ କରିଥିଲେ। ଏହି କାର୍ଯ୍ୟକ୍ରମ ଦ୍ୱାରା ଗ୍ରାମଗୁଡ଼ିକରେ ବାଲ୍ୟ ବିବାହ ବିରୋଧରେ ସଚେତନତା ସୃଷ୍ଟି କରାଯାଇଛି। ବିଭିନ୍ନ ସ୍କୁଲରେ ଛାତ୍ରଛାତ୍ରୀଙ୍କୁ ସଚେତନ କରାଯିବା ସହ ଶପଥପାଠ କରାଯାଇଥିଲା।

ଢେଙ୍କାନାଳ: ବାଲ୍ୟ ବିବାହମୁକ୍ତ ଭାରତ ଅଭିଯାନକୁ ସଫଳ କରିବା ଉଦ୍ଦେଶ୍ୟର ଶୁକ୍ରବାର ଢେଙ୍କାନାଳରେ ଜିଲ୍ଲାସ୍ତରୀୟ କର୍ମଶାଳା ଅନୁଷ୍ଠିତ ହୋଇଛି। ଜିଲ୍ଲା ପ୍ରଶାସନ ଓ ଆସୋସିଏସନ ଫର ଭଲ୍ୟୁଣ୍ଟାରୀ ଆକ୍ସନ୍ (ଆଭା)ର ମିଳିତ ସହଯୋଗରେ ସ୍ଥାନୀୟ ପୁରୁଣା ଜିଲ୍ଲା ପରିଷଦ ହଲରେ ଆୟୋଜିତ ଉତ୍ସବରେ ଜିଲ୍ଲାପାଳ ଆଶିଷ ଈଶ୍ୱର ପାଟିଲ ଯୋଗଦେଇ କଙ୍କଡ଼ାହାଡ଼ ବ୍ଲକ ବାଲ୍ୟ ବିବାହମୁକ୍ତ ହୋଇ ପାରିଛି ବୋଲି କହିଥିଲେ। ଏହି ଧାରା ଆଗାମୀ ଦିନରେ ଯେପରି ବଳବତ୍ତର ରହିବ ସେଥିପ୍ରତି ଯତ୍ନବାନ ରହିବାକୁ କହିଥିଲେ। ଆଶାକର୍ମୀ, ଅଙ୍ଗନବାଡ଼ି କର୍ମୀ ଓ ସିଡିପିଓମାନଙ୍କ ନିଷ୍ଠାପର ଉଦ୍ୟମ ଯୋଗୁଁ ଏହା ଫଳବତୀ ହୋଇପାଇଛି। ତେଣୁ ଅନ୍ୟ ବ୍ଲକର କର୍ମୀମାନେ ଉତ୍ସାହ ଓ ନିଷ୍ଠାର ସହ କାମ କରିବାକୁ କହିଥିଲେ। କାର୍ଯ୍ୟକ୍ରମରେ ଅତିରିକ୍ତ ଜିଲ୍ଲାପାଳ ରମେଶ ଚନ୍ଦ୍ର ସେଠୀ ଯୋଗଦେଇ ଦାରିଦ୍ର୍ୟ ଓ ଶିକ୍ଷାର ଅଭାବ ଯୋଗୁଁ ଏପରି ବାଲ୍ୟ ବିବାହ ହେଉଥିବା କହିଥିଲେ। ଡିଏସ୍‌ପି ସୁଷମା ପ୍ରଧାନ, ସିଡବ୍ଲ୍ୟୁସି ଚେୟାରମ୍ୟାନ ପୁଷ୍ପକ ତ୍ରିପାଠୀ, ଡିସିପିୟୁର ଲିଗାଲ ପ୍ରୋବେସନ ଅଫିସର ପ୍ରଦୀପ ସାହୁ, କଙ୍କଡ଼ାହାଡ଼ ବିଡିଓ ଯଶୋବନ୍ତ ଦେହୁରୀ, ଭୁବନ ବିଡିଓ ଆୟୁଷୀ ମହାପାତ୍ର, ପରଜଙ୍ଗ ବିଡିଓ ସୌଭାଗ୍ୟ ବେହେରା ଯୋଗଦେଇ ବାଲ୍ୟ ବିବାହ ଦ୍ୱାରା ଝିଅମାନେ କିଭଳି ବିଭିନ୍ନ ସମସ୍ୟାର ସମ୍ମୁଖୀନ ହେଉଛନ୍ତି ସେ ବିଷୟରେ ଉଲ୍ଲେଖ କରିଥିଲେ। ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀ ସଙ୍ଗୀତା ପାତ୍ର ସ୍ୱାଗତ ଭାଷଣ ଦେବା ସହ କାର୍ଯ୍ୟକ୍ରମ ସମ୍ପର୍କରେ ସୂଚନା ପ୍ରଦାନ କରି ୨୦୨୮ ସୁଦ୍ଧା ଢେଙ୍କାନାଳକୁ ବାଲ୍ୟ ବିବାହମୁକ୍ତ ଜିଲ୍ଲାରେ ପରିଣତ କରାଯିବାକୁ ଲକ୍ଷ୍ୟ ରହିଥିବା କହିଥିଲେ। ସତ୍ୟନାରାୟଣ କର କାର୍ଯ୍ୟକ୍ରମ ସଂଯୋଜନା କରିଥିଲେ। ସମସ୍ତ ବ୍ଲକର ଆଶାକର୍ମୀ, ଅଙ୍ଗନବାଡ଼ି କର୍ମୀ, ସୁପରଭାଇଜର, ସିଡିପିଓ ଯୋଗଦେଇଥିଲେ।

ସକାଳ THE SAKALA



www.sakalaepaper.com

**ମୁଦ୍ରା ବିନିମୟ ମୂଲ୍ୟ**



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)
- ଡଲାର ୮୯.୦୦ ● ପାଉଣ୍ଡ ୧୧୮.୭୪
- ୟୁରୋ ୧୦୩.୯୭ ● ୟେନ୍ ୦.୫୭

**ସୁନା, ରୁପା ଦର (ଟଙ୍କାରେ)**



୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)
- ସୁନା: ୧,୧୭,୦୯୦ (ନୂଆଦିଲ୍ଲୀ)
- ରୁପା : ୧,୭୩,୧୦୦ (କେଜି)



**ଷ୍ଟକ୍ ମାର୍କେଟ୍**

ବଜାର କାରବାର (ପଏଣ୍ଟରେ)
- ସେନ୍‌ସେକ୍ସ ୮୫,୭୦୬.୦୦
- ନିଫ୍ଟି ୨୬,୨୦୨.୦୦



**ପେଟ୍ରୋଲ-ଡିଜେଲ୍**

ଲିଟର ପିଛା (ଟଙ୍କାରେ)
- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦



### ଭାରତକୁ ଡବଲ ଝଟ୍‌କା ଦେଲା ଟ୍ରମ୍ପ ଶୁଳ୍କ

# ରପ୍ତାନୀ ହ୍ରାସ; ଚୀନ୍-ଜାପାନଠୁ ଅଧିକ ବୋଝ

ନୂଆଦିଲ୍ଲୀ, ୨୯।୧୧ (ଏଜେନ୍ସି): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଲଗାଇ ଥିବା ଶୁଳ୍କ ଭାରତକୁ ବଡ଼ ଝଟ୍‌କା ଦେଇଛି। ମେ'ରୁ ଅକ୍ଟୋବର ମଧ୍ୟରେ ସିପ୍‌ମେଣ୍ଟ ୨୮.୫ ପ୍ରତିଶତ ହ୍ରାସ ପାଇଛି। କୌଣସି ଶୁଳ୍କ ଲାଗି ନ ଥିବା ସାମଗ୍ରୀର ସ୍ଥିତି ମଧ୍ୟ ଭଲ ନାହିଁ। ଏଭଳି ଉତ୍ପାଦର ରପ୍ତାନୀ ୨୫.୮ ପ୍ରତିଶତ କମିଛି। ଏହାକୁ ନେଇ ଗ୍ଲୋବାଲ ଟ୍ରେଡ ରିସର୍ଚ୍ଚ ଇନିସିଏଟିଭ (ଜିଟିଆରଆଇ) ସରକାରଙ୍କୁ ଚେତାବନୀ ଦେଇଛି। ଖୁବଶୀଘ୍ର 'ରପ୍ତାନୀ ପ୍ରୋତ୍ସାହନ ଅଭିଯାନ' ଆରମ୍ଭ କରିବାକୁ କୁହାଯାଇଛି। ଆମେରିକାର ଅତିରିକ୍ତ ଟିକସ ହଟାଇବା ପାଇଁ ପରିବେଶ ସୃଷ୍ଟି କରିବାକୁ ପରାମର୍ଶ ଦିଆଯାଇଛି। ଆମେରିକା ଶୁଳ୍କ ଭାରତକୁ ଦ୍ୱେତ ଝଟ୍‌କା ଦେଇଛି। ଚୀନ୍ ଏବଂ ଜାପାନ ତୁଳନାରେ ଭାରତ ଉପରେ ଶୁଳ୍କର ବୋଝ ବହୁତ ଅଧିକ ରହିଛି।



କୌଣସି ଶୁଳ୍କ ଲାଗି ନ ଥିବା ଉତ୍ପାଦର ରପ୍ତାନୀରେ ମଧ୍ୟ ବଡ଼ ହ୍ରାସ ଦେଖା ଦେଇଛି। ଶୁଳ୍କ ପାଇଁ ଏପରି ସ୍ଥିତି ସୃଷ୍ଟି ହୋଇଛି। ଗତ ମେ'ରୁ ଅକ୍ଟୋବର ମଧ୍ୟରେ ଆମେରିକାକୁ ଯାଉଥିବା ଭାରତୀୟ ସିପ୍‌ମେଣ୍ଟ ୮.୮୩ ବିଲିୟନ ଡଲାର ହ୍ରାସ ପାଇ ୬.୩୧ ବିଲିୟନ ଡଲାରକୁ ଖସି ଆସିଛି। ଆମେରିକା ଏପ୍ରିଲରେ ଭାରତ ଉପରେ ୧୦ ପ୍ରତିଶତ ଶୁଳ୍କ ଲଗାଇ ଥିଲା। ଅଗଷ୍ଟରେ ଏହାକୁ ବଢ଼ାଇ ୨୫ ପ୍ରତିଶତ କରିଦିଆଯାଇଥିଲା। ସେହି ମାସ ଶେଷରେ ପୁଣି ଅତିରିକ୍ତ ଶୁଳ୍କ ଲଗାଇ ଏହାକୁ ୫୦ ପ୍ରତିଶତକୁ ଟ୍ରମ୍ପ ବୃଦ୍ଧି କରିଦେଇଥିଲେ। ସର୍ବାଧିକ ଟିକସ ଲଗା ଯାଇଥିବା ଉତ୍ପାଦ ମଧ୍ୟରେ ଭାରତୀୟ ସାମଗ୍ରୀ ସାମିଲ ରହିଛି। ଜିଟିଆରଆଇର ରିପୋର୍ଟ ଅନୁଯାୟୀ, ଆମେରିକା ଚୀନ୍ ଉପରେ ୩୦ ପ୍ରତିଶତ ଏବଂ ଜାପାନ ସାମଗ୍ରୀରେ ୧୫ ପ୍ରତିଶତ ଶୁଳ୍କ ଲଗାଇଛି।

ଏହି ଅବଧିରେ ଭାରତରୁ ଆମେରିକାକୁ ହେଉଥିବା ରପ୍ତାନୀକୁ ଜିଟିଆରଆଇ ତିନୋଟି ଶୁଳ୍କ ଶ୍ରେଣୀରେ ରଖିଛି। ପ୍ରଥମ ଶ୍ରେଣୀରେ ସ୍ମାର୍ଟଫୋନ, ଔଷଧ ଏବଂ ପେଟ୍ରୋଲିୟମ ଭଳି କୌଣସି ଶୁଳ୍କ ଲଗା ଯାଇ ନ ଥିବା ଉତ୍ପାଦ ସାମିଲ ରହିଛି। ଅକ୍ଟୋବରରେ ହୋଇଥିବା ରପ୍ତାନୀରେ ଏହାର ଅଂଶ ୪୦.୩ ପ୍ରତିଶତ ଥିଲା। ଏହା ସତ୍ତ୍ୱେ ରପ୍ତାନୀ ୨୫.୮ ପ୍ରତିଶତ କମିଛି। ମେ'ରେ ଏହା ୩.୪୨ ବିଲିୟନ ଡଲାର ଥିବାବେଳେ ଅକ୍ଟୋବରରେ ୨.୫୪ ବିଲିୟନ ଡଲାରକୁ ଖସି ଆସିଥିଲା। ଅର୍ଥାତ୍ ୮୮.୧ କୋଟି ଡଲାରର କ୍ଷତି ହୋଇଥିଲା। ଦ୍ୱିତୀୟ ଶ୍ରେଣୀରେ ସାରା ବିଶ୍ୱରେ ସମାନ ଶୁଳ୍କ ଲଗା ଯାଇଥିବା ଦ୍ରବ୍ୟ ସାମିଲ ରହିଛି। ଏଗୁଡିକ ମଧ୍ୟରେ ଲୁହା, ତମ୍ବା, ଆଲୁମିନିୟମ, ଷ୍ଟିଲ ଏବଂ ଅଟୋ ପାର୍ଟ୍ସ ସାମିଲ ରହିଛି। ଅକ୍ଟୋବର ରପ୍ତାନୀରେ ଏହାର ଭାଗ ୭.୬ ପ୍ରତିଶତ ଥିଲା। ମେ'ରେ ଏହା ୬୨.୯ କୋଟି ଡଲାର ଥିବାବେଳେ ଅକ୍ଟୋବରରେ ୪୮ କୋଟିକୁ ଖସି ଆସିଥିଲା। ଏହା ଦ୍ୱାରା

**ଶୁଳ୍କ ଲାଗି ନ ଥିବା ସାମଗ୍ରୀର ବି ସ୍ଥିତି ଖରାପ**

୧୪.୯ କୋଟି ଡଲାର କ୍ଷତି ହୋଇଛି। ସେହିପରି ରତ୍ନ, ଅଳଙ୍କାର, ସୋଲାର ପ୍ୟାନେଲ, ବୟନ ଶିଳ୍ପ, ରାସାୟନିକ ଏବଂ ସାମୁଦ୍ରିକ ଖାଦ୍ୟପଦାର୍ଥ ରପ୍ତାନୀର ବଡ଼ ହ୍ରାସ ଦେଖା ଦେଇଛି। ଏହି ସବୁ ଉତ୍ପାଦରେ ୫୦ ପ୍ରତିଶତ ଶୁଳ୍କ ଲଗାଯାଇଛି। ଅକ୍ଟୋବର ରପ୍ତାନୀରେ ଏହାର ଅଂଶ ୫୨.୧ ପ୍ରତିଶତ ଥିଲା। ଏହା ସତ୍ତ୍ୱେ ରପ୍ତାନୀ ୩୧.୨ ପ୍ରତିଶତ ହ୍ରାସ ପାଇଛି। ମେ'ରେ ଏହା ୪.୭୮ ବିଲିୟନ ଡଲାର ଥିବାବେଳେ ଅକ୍ଟୋବରରେ ୩.୨୯ ବିଲିୟନ ଡଲାରକୁ ଖସି ଆସିଥିଲା। କେବଳ ୫ ମାସରେ ୧.୫ ବିଲିୟନ ଡଲାର କ୍ଷତି ହୋଇଛି।

---

■ **ଷ୍ଟେଟ ବ୍ୟାଙ୍କରୁ ଋଣ ଠକେଇ**

## ବିଏମ୍‌ଡବ୍ଲ୍ୟୁ, ମର୍ସିଡିଜ୍, ଲ୍ୟାଣ୍ଡ ରୋଭର୍ ଜବତ

ନୂଆଦିଲ୍ଲୀ, ୨୯।୧୧ (ଏଜେନ୍ସି): ଷ୍ଟେଟ ବ୍ୟାଙ୍କ ଅଫ ଇଣ୍ଡିଆ (ଏସବିଆଇ)ରୁ ଗାଡ଼ି ଋଣ ଠକେଇ ମାମଲାରେ ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି) ବଡ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିଛି। ପୁନେ ସ୍ଥିତ କାର୍ ଡିଲର ଏବଂ ଋଣ ଗ୍ରହୀତାଙ୍କ ୧୨ଟି ଘର ଏବଂ ଅଫିସରେ ଚଢ଼ଉ କରି ଅନେକ ବିଳାଶପୂର୍ଣ୍ଣ କାର ଜବତ କରାଯାଇଛି। ଏଠାରୁ ଅପରାଧର ପର୍ଦ୍ଦାଫାସ କରୁଥିବା କାଗଜପତ୍ର ମଧ୍ୟ ମିଳିଛି। ତଦନ୍ତରୁ ଜଣାପଡ଼ିଛି ଯେ ଜାଲ କାଗଜପତ୍ର ଏବଂ ବ୍ୟାଙ୍କକୁ ଠକି ଅଭିଯୁକ୍ତମାନେ ବିଳାଶପୂର୍ଣ୍ଣ କାର୍ ପାଇଁ ଋଣ ଆଣୁଥିଲେ। ଏ ନେଇ ମୁମ୍ବଇର ଇଡି ଶାଖା ପକ୍ଷରୁ ଗତ ୨୫-୨୬ ତାରିଖରେ ମନି ଲଣ୍ଡରିଂ ନିରୋଧୀ ଆଇନ (ପିଏମଏଲଏ) ଅଧିନରେ ବିଭିନ୍ନ ସ୍ଥାନରେ ଚଢ଼ଉ କରାଯାଇଥିଲା।



ଏସ୍‌ବିଆଇର ପୂର୍ବତନ ଶାଖା ପରିଚାଳକ ଅମର କୁଲକର୍ଣ୍ଣୀଙ୍କ ଘରର ମଧ୍ୟ ତଲାସୀ ନିଆଯାଇଥିଲା। ଏହି ତଦନ୍ତରୁ ଋଣ ଗ୍ରହୀତା କିଣିଥିବା ଅସ୍ଥାବର ସମ୍ପତ୍ତିର ଅନେକ କାଗଜ ପତ୍ର ମଧ୍ୟ ମିଳିଥିଲା। ବିଏମଡବ୍ଲ୍ୟୁ, ମର୍ସିଡିଜ୍, ଲ୍ୟାଣ୍ଡ ରୋଭର, ଭଲ୍‌ଭୋ ଭଳି ମହଙ୍ଗା କାର୍ ଜବତ କରାଯାଇଥିଲା। ପ୍ରଥମେ ପୁନେର ଶିବାଜୀନଗର ଥାନା ପୁଲିସ ଏବଂ ଏସିବି ଋଣ ଠକେଇକୁ ନେଇ ଏତଲା ରୁଜୁ କରିଥିଲା। ପରେ ଏହାର ତଦନ୍ତ ଭାର ଇଡି ନେଇଥିଲା। ୨୦୧୭-୧୯ ମଧ୍ୟରେ କୁଲକର୍ଣ୍ଣୀ ପୁନେର ୟୁନିଭର୍ସିଟି ରୋଡ ବ୍ରାଞ୍ଚର ମୁଖ୍ୟ ପରିଚାଳକ ଥିଲେ। ସେ ନିଜ ପଦର ଅପବ୍ୟବହାର କରି ଏସ୍‌ବିଆଇର ଅଟୋ ଲୋନ କାଉନସିଲର ଆଦିତ୍ୟ ସେଥିଆ ସହ ମିଶି ଆପରାଧିକ ଷଡ଼ଯନ୍ତ୍ର କରିଥିଲେ। ମହଙ୍ଗା ଋଣ ପାଇଁ ଅନୁମୋଦନ ଦେଇ ଏସ୍‌ବିଆଇକୁ ଠକି ଥିଲେ। ନିୟମ ଉଲ୍ଲଙ୍ଘନ କରି କୁଲକର୍ଣ୍ଣୀ ଜାଲ କାଗଜପତ୍ରରେ ବିନା ଯାଞ୍ଚରେ ଋଣ ପ୍ରଦାନ କରିଥିଲେ। ଅନେକ ଋଣରେ କାର୍ ମୂଲ୍ୟକୁ ବଢ଼ାଇ ଚଢ଼ାଇ ଦର୍ଶାଇବା ପାଇଁ ଜାଲିଆତି କରାଯାଇଥିଲା। ଏହି ଅପରାଧରେ ଋଣ ଏଜେଣ୍ଟଙ୍କଠାରୁ ମ୍ୟାନେଜରଙ୍କ ପର୍ଯ୍ୟନ୍ତ ସମସ୍ତେ ସାମିଲ ଥିଲେ ବୋଲି ଇଡି ପକ୍ଷରୁ କୁହାଯାଇଛି।

---

## ୩୦୦୦ ରୁ ଅଧିକ ବ୍ୟକ୍ତିଙ୍କୁ ଶୀତକାଳୀନ ସହାୟତା ଦେଲା ବେଦାନ୍ତ ଆଲୁମିନିୟମ

ସୁନ୍ଦରଗଡ଼, ୨୯।୧୧ (ଏଜେନ୍ସି): ଭାରତର ସର୍ବବୃହତ ଆଲୁମିନିୟମ ଉତ୍ପାଦନକାରୀ ବେଦାନ୍ତ ଆଲୁମିନିୟମ ସୁନ୍ଦରଗଡ ଏବଂ ଝାରସୁଗୁଡ଼ା ଜିଲ୍ଲାରେ ଶୀତ ପ୍ରକୋପରୁ ରକ୍ଷା ପାଇଁ ଲୋକଙ୍କୁ କମ୍ବଳ ବଣ୍ଟନ କରିଛି। ଜାମଖାନୀ, ଘୋଘରପଲ୍ଲୀ ଏବଂ କୁରାଲୋଇ ଗାଁର ୩୦୦୦ରୁ ଅଧିକ ଲୋକଙ୍କୁ ସହାୟତା ପ୍ରଦାନ କରାଯାଇଛି। ଏମାନଙ୍କ ମଧ୍ୟରେ ବୟସ୍କ ବ୍ୟକ୍ତି, ଗର୍ଭବତୀ ଏବଂ ସ୍ତନ୍ୟପାନ କରାଉଥିବା ମହିଳା, ଏସଏଚଜି ସଦସ୍ୟ, ମହିଳାଙ୍କ ନେତୃତ୍ୱାଧୀନ ପରିବାର ଏବଂ ଭିନ୍ନକ୍ଷମ ବ୍ୟକ୍ତି ଅନ୍ତର୍ଭୁକ୍ତ ଥିଲେ। ଏହି କାର୍ଯ୍ୟକ୍ରମକୁ କୁରାଲୋଇ ଗ୍ରାମ ପଞ୍ଚାୟତ ସରପଞ୍ଚ ସନାତନ ନାୟକ, ପିପିଲିମାଲ ପଞ୍ଚାୟତ ସରପଞ୍ଚ ରଙ୍ଗାଧର ଦିଲ୍ଲା ଏବଂ ଘୋଘରପାଲି ପଞ୍ଚାୟତ ସମିତି ସଦସ୍ୟ ମାଧବ ବାରିକ ଉଦଘାଟନ କରିଥିଲେ।



ବେଦାନ୍ତ ଆଲୁମିନିୟମର ସିଇଓ ରାଜୀବ କୁମାର କହିଛନ୍ତି, 'ଛୋଟ ଛୋଟ ପିଲା, ପରିବାର ଏବଂ ସମ୍ପ୍ରଦାୟ ଆମର ସାମାଜିକ ପ୍ରଭାବ ଦୃଷ୍ଟିକୋଣର କେନ୍ଦ୍ରରେ ଅଛନ୍ତି। କମ୍ପାନୀ ସମ୍ପ୍ରଦାୟର ଆବଶ୍ୟକତା ପୂରଣ କରିଥାଏ। ଏହି ଶୀତକାଳୀନ ପ୍ରସ୍ତୁତି ଅଭିଯାନ ସେହି ପ୍ରତିବଦ୍ଧତାକୁ ଦର୍ଶାଉଛି। ବେଦାନ୍ତ ଆଲୁମିନିୟମର ଏହି ପ୍ରୟାସକୁ ସରପଞ୍ଚ ସନାତନ ନାୟକ, ମାଧବ ବାରିକ ଖୁବ ପ୍ରଶଂସା କରିଛନ୍ତି। ବେଦାନ୍ତ ଆଲୁମିନିୟମ ଶିକ୍ଷା, ସ୍ୱାସ୍ଥ୍ୟସେବା, ସ୍ଥାୟୀ ଜୀବିକା, ଗ୍ରାମୀଣ ଭିତ୍ତିଭୂମି ଏବଂ ତୃଣମୂଳ ସ୍ତରର କ୍ରୀଡା ଏବଂ ସଂସ୍କୃତି ମାଧ୍ୟମରେ ସାମାଜିକ ପ୍ରଭାବ ପଦକ୍ଷେପ ମାଧ୍ୟମରେ ଓଡ଼ିଶାରେ ପରିବର୍ତ୍ତନ ଆଣିବା ପାଇଁ ପ୍ରତିଶ୍ରୁତିବଦ୍ଧ।

## ଜାଲ୍ ଜିଏସଟି ଇନଭଏସିଂ ନେଟୱର୍କ; ୨ ଗିରଫ

ଭୁବନେଶ୍ୱର, ୨୯।୧୧ (ସମିସ): ଓଡ଼ିଶା ଏବଂ ଛତିଶଗଡ଼ ମଧ୍ୟରେ ଚାଲିଥିବା ଅନ୍ତଃରାଜ୍ୟ ଜାଲ୍ ଜିଏସଟି ଇନଭଏସିଂ ନେଟୱର୍କ ବିରୋଧରେ କଡ଼ା କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଛି। ଜିଏସ୍‌ଟି ଗୁଇନ୍ଦା ମହାନିର୍ଦ୍ଦେଶାଳୟର ରାଉରକେଲା ଶାଖା ପକ୍ଷରୁ ଏଥିରେ ସମ୍ପୃକ୍ତ ୨ ଜଣ ବ୍ୟକ୍ତିଙ୍କୁ ଗିରଫ କରାଯାଇଛି। ଏହି ଦୁଇଜଣ କୌଣସି ସାମଗ୍ରୀ ଯୋଗାଣ ବିନା ଠକେଇ କରି ଅସ୍ତିତ୍ୱହୀନ ସେଲ୍ ଫାର୍ମଗୁଡ଼ିକର ଏକ ଶୃଙ୍ଖଳା ବନାଇ ୯୦ କୋଟିରୁ ଅଧିକ ଇନପୁଟ୍ ଟ୍ୟାକ୍ସ କ୍ରେଡିଟ୍ (ଆଇଟିସି) ହାସଲ କରିଥିଲେ। ଏହି ମାମଲାରେ ରାଇଗଡ଼, ବରମକେଲା ଏବଂ ଅନ୍ୟ ଠିକଣାରେ ଚଢ଼ଉ କରି ଡିଜିଟାଲ ରେକର୍ଡ ଓ ଜାଲ୍ କାଗଜପତ୍ର ଜବତ କରାଯାଇଛି।

## ମାଲାବାର ଗୋଲ୍ଡ ଆଣ୍ଡ ଡାଏମଣ୍ଡର 'ରୟାଲ ପୋଲ୍‌କି ଜୁଏଲାରୀ ଶୋ'

ଭୁବନେଶ୍ୱର, ୨୯।୧୧ (ଏଜେନ୍ସି): ଦେଶର ପ୍ରମୁଖ ସୁନା ଏବଂ ହୀରା ରିଟେଲ ଚେନ୍ 'ମାଲାବାର ଗୋଲ୍ଡ ଆଣ୍ଡ ଡାଏମଣ୍ଡ' ପକ୍ଷରୁ ଚନ୍ଦ୍ରଶେଖରପୁର ସ୍ଥିତ ଶୋ'ରୁମ୍‌ରେ 'ରୟାଲ ପୋଲ୍‌କି ଶୋ' ଆରମ୍ଭ କରାଯାଇଛି। ମାଲାବାର ସମସ୍ତ ପରିଚାଳନା କର୍ମଚାରୀଙ୍କ ଉପସ୍ଥିତିରେ ଓଲିଉଡ ଅଭିନେତ୍ରୀ ସୁଶ୍ରୀ ସଙ୍ଗୀତା ପଲେଇ ଶନିବାର ଏହାର ଶୁଭାରମ୍ଭ କରିଛନ୍ତି। ଏହା ଆସନ୍ତା ୭ ତାରିଖ ପର୍ଯ୍ୟନ୍ତ ଚାଲିବ। ଏହି ସ୍ୱତନ୍ତ୍ର ପ୍ରଦର୍ଶନୀରେ ପାରମ୍ପରିକ ଏବଂ ସମସାମୟିକ ଅଳଙ୍କାରର ବିସ୍ତୃତ ସମ୍ଭାରକୁ ସ୍ଥାନିତ କରାଯାଇଛି। ପ୍ରତ୍ୟେକ ଅଳଙ୍କାର ଭାରତୀୟ କଳାର ଅପୂର୍ବ ସୌନ୍ଦର୍ଯ୍ୟତାକୁ ପରିସ୍ଫୁଟ କରୁଛି। ଅତ୍ୟନ୍ତ ନିଖୁଣତାର ସହ ଏହାକୁ ପ୍ରସ୍ତୁତ କରାଯାଇଛି। ଏଠାରେ ମାଲାବାର ଏବଂ ଭିରାଜ ରୟାଲ ପୋଲକୀ ଜୁଏଲାରୀର ସ୍ୱତନ୍ତ୍ର ଅଳଙ୍କାର ଗୁଡିକୁ ଦର୍ଶକଙ୍କ ପାଇଁ ରଖାଯାଇଛି। ଏହି ଅବସରରେ ସୁନା, ଅନ୍‌କଟ ଏବଂ ଜେମ୍‌ଷ୍ଟୋନ ଜୁଏଲାରୀର ଗଢ଼ା ମଜୁରୀ ଉପରେ ୩୦ ପ୍ରତିଶତ ପର୍ଯ୍ୟନ୍ତ ରିଆତି ପ୍ରଦାନ କରାଯାଉଛି। ସେହିପରି ହୀରା ଅଳଙ୍କାରର ହୀରା ମୂଲ୍ୟ ଉପରେ ୩୦ ପ୍ରତିଶତ ଯାଏଁ ରିଆତି ଦିଆଯାଉଛି।



ମାଲାବାର ଗ୍ରୁପର ଅଧ୍ୟକ୍ଷ ଏମପି ଅହମ୍ମଦ କହିଛନ୍ତି ଯେ ଚନ୍ଦ୍ରଶେଖରପୁରରେ ଏହି ଶୋ' ଆରମ୍ଭ କରି ଏବଂ କାରିଗରୀର ସ୍ୱତନ୍ତ୍ରତାକୁ ପ୍ରଦର୍ଶନ କରୁଥିବା ଡିଜାଇନକୁ ସାମିଲ କରି ଆମେ ଉତ୍ସାହିତ। ସର୍ବୋଚ୍ଚ ଗୁଣବତ୍ତା, ଶୁଦ୍ଧତା ଏବଂ ଉଚିତ ମୂଲ୍ୟରେ ଗ୍ରାହକ ଏଠାରୁ ଅଳଙ୍କାର କ୍ରୟ କରି ପାରିବେ। ସେହିପରି ମାଲାବାର 'ୱାନ ଇଣ୍ଡିଆ ଗୋଲ୍ଡ ରେଟ ସ୍କିମ' ଏବଂ ସବୁ ଷ୍ଟୋରରେ ସମାନ ମୂଲ୍ୟର ସୁବିଧା ପ୍ରଦାନ କରୁଛି।

---

**ଆଇନଜୀବୀ ପୀତବାସ ହତ୍ୟା ମାମଲା**

## ବିପିନଙ୍କୁ ୨ଦିନିଆ ରିମାଣ୍ଡରେ ନେଲା ପୁଲିସ

ବ୍ରହ୍ମପୁର,୨୯।୧୧(ସମିସ): ଆଇନଜୀବୀ ପୀତବାସ ହତ୍ୟା ମାମଲାର ଅନ୍ୟତମ ଅଭିଯୁକ୍ତ ବିପିନ ସ୍ୱାଇଁଙ୍କୁ ପୁଲିସ ଦୁଇଦିନିଆ ରିମାଣ୍ଡରେ ନେଇ ବୈଦ୍ୟନାଥପୁର ଥାନାରେ ଜେରା କରୁଥିବା ସୂଚନା ମିଳିଛି। ଶନିବାର ରାତିରେ ତଦନ୍ତ ଅଧିକାରୀ ତଥା ଟାଉନ୍ ଏସ୍‌ଡିପିଓ ପ୍ରିୟସ ରଞ୍ଜନ ଛୋଟରାୟ ଓ ଅତିରିକ୍ତ ଏସ୍‌ପି ଆଲୋକ ଜେନା ବୈଦ୍ୟନାଥପୁର ଥାନାରେ ପହଞ୍ଚି ଅଭିଯୁକ୍ତ ବିପିନଙ୍କୁ ଜେରା କରିଛନ୍ତି।

ପୁଲିସ ସୂଚନାନୁସାରେ, ପୀତବାସଙ୍କୁ ହତ୍ୟା ପାଇଁ ବହୁ ପୂର୍ବରୁ ଷଡ଼ଯନ୍ତ୍ର ହୋଇଥିଲା। ଏଥିପାଇଁ ଅଭିଯୁକ୍ତ ଉମା ବିଷୋୟୀ ସୁପାରି କିଲର ଯୋଗାଡ଼ କରିଥିଲା। ପୀତବାସଙ୍କୁ ହତ୍ୟା ପାଇଁ ପ୍ରଥମେ ବିହାରରୁ ୨ ସୁଟର ଆସିଥିଲେ ବି ଯୋଜନା ସଫଳ ନହେବାରୁ ହତ୍ୟାକାଣ୍ଡର ପ୍ଲଟ ବଦଳାଇବାକୁ ବାଧ୍ୟ ହୋଇଥିଲା ଉମା। ନିଜ ଗାଁ ବନ୍ଥପଲ୍ଲୀରୁ କୁରୁପତି ଭୂୟାଁ ଓ ଚିଣ୍ଟୁ ପ୍ରଧାନଙ୍କୁ ଏଥିପାଇଁ ଡାକିଥିଲା। ସେମାନେ ପୁନର୍ବାର ରେକି କରିବା ସହ ଅକ୍ଟୋବର

**ସରିଲା ରିମାଣ୍ଡ; ଜେଲ୍ ଫେରିଲେ ଶୂନ୍ୟ ଓ ସୁନିଲ**



୬ତାରିଖ ରାତି ପ୍ରାୟ ୧୦ଟାରେ ପୀତବାସଙ୍କୁ ଗୁଳି କରି ହତ୍ୟା କରିଥିଲେ। ଘଟଣା ସମୟରେ ଚିଣ୍ଟୁ ବାଇକ୍ ଚଳାଉଥିବା ବେଳେ କୁରୁପତି ବନ୍ଧୁକରୁ ଗୁଳି ଫୁଟାଇ ପୀତବାସଙ୍କୁ ହତ୍ୟା କରିଥିବା ନେଇ ଏସ୍‌ପି ସାମ୍ବାଦିକ ସମ୍ମିଳନୀରେ ସୂଚନା ଦେଇଥିଲେ। ସେପଟେ ପୁଲିସ ଅଭିଯୁକ୍ତ ଶୂନ୍ୟଚନ୍ଦ୍ର ଦାସ ଓ ସୁନୀଲ ହୋତାଙ୍କୁ ଦୁଇଦିନିଆ ରିମାଣ୍ଡରେ ନେଇ ଜେରା କରିଥିଲା। ରିମାଣ୍ଡ ଅବଧି ଶେଷ ପରେ ଶନିବାର ଅପରାହ୍ନରେ ଶୂନ୍ୟ ଓ ସୁନିଲଙ୍କୁ ପୁଲିସ କୋର୍ଟରେ ହାଜର କରିଥିଲା। କୋର୍ଟରେ ହାଜର ପରେ ଜେଲକୁ ଫେରିଥିଲେ ଶୂନ୍ୟ ଓ ସୁନୀଲ। ଏପଟେ ବିପିନ ସ୍ୱାଇଁଙ୍କୁ ରିମାଣ୍ଡରେ ନେବାକୁ ପୁଲିସ ପକ୍ଷରୁ କୋର୍ଟରେ ରିମାଣ୍ଡ ଆବେଦନ ହୋଇଥିଲା। ଆବେଦନକୁ କୋର୍ଟ ଗ୍ରହଣ କରି ୨ଦିନ ରିମାଣ୍ଡ ମଞ୍ଜୁର କରିଥିବା ଜଣାପଡ଼ିଛି। ସୋମବାର ଅପରାହ୍ନରେ ବିପିନଙ୍କୁ କୋର୍ଟରେ ହାଜର କରିବାକୁ ନିର୍ଦ୍ଦେଶ ରହିଛି। ଏଯାବତ ପୁଲିସ ୮ଜଣ ଅଭିଯୁକ୍ତ ଯଥା ସୁନୀଲ ହୋତା, ଶୂନ୍ୟ ଦାସ, ମଦନ ଦଳାଇ, ମଳୟ ବିଷୋୟୀ, ଉମା ବିଷୋୟୀ, ଚିଣ୍ଟୁ ପ୍ରଧାନ, କୁରୁପତି ଭୂୟାଁ ଓ ଯୋଗୀ ରାଉତଙ୍କୁ ରିମାଣ୍ଡରେ ନେଇ ଜେରା କରିଥିବା ବେଳେ ୨ଥର ପାଇଁ କୁରୁପତି ଭୂୟାଁ, ଚିଣ୍ଟୁ ପ୍ରଧାନ, ଉମା ବିଷୋୟୀ ଓ ଯୋଗୀ ରାଉତଙ୍କୁ ପୁଲିସ ରିମାଣ୍ଡରେ ନେଇ ଜେରା କରିଥିଲା। ଏହି ମାମଲାରେ ପୁଲିସ ଆବଶ୍ୟକ ପ୍ରମାଣ ଯୋଗାଡ଼ କରିବା ପାଇଁ ଅଧିକ ତଦନ୍ତ ଜାରି ରଖିବା ବେଳେ ଗିରଫ ଅଭିଯୁକ୍ତଙ୍କ ମଧ୍ୟରୁ ଏକାଧିକଙ୍କୁ ପର୍ଯ୍ୟାୟ କ୍ରମେ ରିମାଣ୍ଡରେ ଆଣି ବୟାନ ରେକର୍ଡ କରିବା ସହ ନୂଆ ତଥ୍ୟ ସଂଗ୍ରହ କରିବାକୁ ଉଦ୍ୟମ ଜାରି ରଖିଛି।

■ **ବିଡିଓଙ୍କ ମନମୁଖୀ କାର୍ଯ୍ୟ; ରଣପୁର ବ୍ଲକ୍‌ରେ ଅଚଳାବସ୍ଥା**

## ବିଜେପି ସମର୍ଥିତ ଅଧ୍ୟକ୍ଷାଙ୍କ ଧାରଣା



ନୟାଗଡ଼, ୨୯।୧୧(ସମିସ): ନୟାଗଡ଼ ଜିଲ୍ଲା ରଣପୁର ପଞ୍ଚାୟତ ସମିତି ବିଜେପି ସମର୍ଥିତ ଅଧ୍ୟକ୍ଷା ନିର୍ମଳା ବେହେରା ଧାରଣା ଦେଇଛନ୍ତି। ବ୍ଲକ୍‌ରେ ସୃଷ୍ଟି ହୋଇଥିବା ଅଚଳାବସ୍ଥା, ବିଡିଓଙ୍କ ମନମୁଖୀ କାର୍ଯ୍ୟ ଓ ଫଲ୍ସ ବିଲ୍ ଅଭିଯୋଗ କରି ଅଧ୍ୟକ୍ଷାଙ୍କ ସମେତ ଅନେକ ଜନପ୍ରତିନିଧି ଧାରଣାରେ ବସିଛନ୍ତି। ଅଧ୍ୟକ୍ଷା ନିର୍ମଳା ବେହେରା ବିଜେପି ସମର୍ଥିତ। ସେ ବିଜେପି ଜିଲ୍ଲା ସଭାପତି ତାପସ କୁମାର ମାର୍ଥାଙ୍କ ପତ୍ନୀ। ବିଜେପି ସଂଗଠନରେ ଦବ୍‌ଦବା ରଖିଥିବା ଉଭୟ ପତି ଓ ପତ୍ନୀ ଧାରଣା ଦେବା ସରକାରଙ୍କ ଅପାରଗତାକୁ ପଦାକୁ ଆଣିଛି। ରଣପୁର ବ୍ଲକ୍‌ରେ ଭତ୍ତା ବଣ୍ଟନରେ ବ୍ୟାପକ ଅନିୟମିତତା କରାଯାଇଛି। ଏହାସହ ଅଯୋଗ୍ୟଙ୍କୁ ଅନ୍ତ୍ୟୋଦୟ ଗୃହ ଯୋଜନାରେ ସାମିଲ୍ କରାଯାଇଛି। ଅଧ୍ୟକ୍ଷାଙ୍କ ଅଗୋଚରରେ ଅନେକ ଉନ୍ନୟନମୂଳକ କାର୍ଯ୍ୟର ଫଲ୍ସ ବିଲ୍ ମଧ୍ୟ କରାଯାଇଛି। ନିକଟରେ କିଛି ଫର୍ଣ୍ଣିଚର୍ ନକିଣି ବିଲ୍ ମଧ୍ୟ କରାଯାଇଛି। ଏହି ଫର୍ଣ୍ଣିଚର୍ ବାବଦ ଅର୍ଥକୁ ହରିଲୁଟ୍ କରାଯାଇଥିବା ଅଭିଯୋଗ ହୋଇଛି। ବ୍ଲକ୍‌ର କୌଣସି ଫାଇଲ୍ ଅଧ୍ୟକ୍ଷାଙ୍କୁ ଦେଖାଯାଉ ନଥିବା ବେଳେ ବିଡିଓ ସ୍ଥାନୀୟ ବିଧାୟିକାଙ୍କ ସହ ସାଲିସ୍ କରି ଏଭଳି ଷଡ଼ଯନ୍ତ୍ର ଓ କେଳେଙ୍କାରୀ କରୁଥିବା ଜନପ୍ରତିନିଧିମାନେ ଅଭିଯୋଗ କରିଛନ୍ତି। ନୟାଗଡ଼ ଜିଲ୍ଲାରେ ପ୍ରଶାସନିକ ଅଧିକାରୀମାନଙ୍କ ମନମୁଖୀ କାର୍ଯ୍ୟ ଦିନକୁ ଦିନ ବୃଦ୍ଧି ପାଉଛି। ନିକଟରେ ଭାପୁର ବ୍ଲକ୍‌ରେ ଜନପ୍ରତିନିଧିମାନେ ବ୍ଲକ୍ କାର୍ଯ୍ୟାଳୟରେ ତାଲା ପକାଇଥିଲେ। ଶନିବାର ସମାନ ସ୍ଥିତି ରଣପୁର ପଞ୍ଚାୟତ ସମିତିରେ ଦେଖିବାକୁ ମିଳିଛି। ସରକାରୀ ଦଳର ଜଣେ ଅଧ୍ୟକ୍ଷା ଧାରଣା ଦେବା ଘଟଣା ଅତ୍ୟନ୍ତ ସମ୍ବେଦନଶୀଳ ବୋଲି ଆଲୋଚନା ହେଉଛି। ଖବର ପାଇ ବିଡିଓ ମନୋଜ କୁମାର ନାୟକ ଆଲୋଚନା କରିଥିବା ସୂଚନା ମିଳିଛି।

---

### ଆଦର୍ଶ ବିଦ୍ୟାଳୟ ପିଲାଙ୍କୁ ବୃତ୍ତି ପ୍ରଦାନରୁ ବାଦ୍ ଦେବା ପ୍ରସଙ୍ଗ

## ଗାନ୍ଧୀ ମାର୍ଗରେ ଗର୍ଜିଲା ଏଆଇଏସ୍‌ଏଫ୍

ଭୁବନେଶ୍ୱର, ୨୯ ।୧୧(ସମିସ): ଓଡ଼ିଶା ଆଦର୍ଶ ବିଦ୍ୟାଳୟ (ଓଏଭି) ଛାତ୍ରଛାତ୍ରୀଙ୍କୁ କେନ୍ଦ୍ରୀୟ ଛାତ୍ରବୃତ୍ତି ଏନ୍‌ଏମ୍‌ଏମ୍‌ଏସ୍‌ରୁ ବାଦ୍ ଦେବା ପରେ ଅଖିଳ ଭାରତ ଛାତ୍ର ସଂଘ (ଏଆଇଏସ୍‌ଏଫ୍) ରାସ୍ତାକୁ ଓହ୍ଲାଇଛି। ସଂଘର ରାଜ୍ୟ ସଭାନେତ୍ରୀ ସଂଘମିତ୍ରା ଜେନାଙ୍କ ନେତୃତ୍ୱରେ ବିଧାନସଭା ସମ୍ମୁଖରେ ଧାରଣା ଦେଇଛନ୍ତି। ପୂର୍ବ ସୂଚନା ବ୍ୟତୀତ ଛାତ୍ରଛାତ୍ରୀଙ୍କୁ ବୃତ୍ତିରାଶିରୁ ବାଦ୍ ଦିଆଯାଇଥିବାରୁ ବହୁ ଗରିବ ମେଧାବୀ ପିଲାଙ୍କ ଭାଗ୍ୟ ଭବିଷ୍ୟ ଅନ୍ଧାରକୁ ଠେଲି ହୋଇ ଯାଇଥିବା ଅଭିଯୋଗ ହୋଇଛି।



ଉଭୟ ରାଜ୍ୟ ଓ କେନ୍ଦ୍ରରେ ଡବଲ ଇଞ୍ଜିନ୍ ସରକାର ଅଛି। ହେଲେ ଓଏଭିରେ ସିବିଏସ୍‌ଇ ପାଠ୍ୟକ୍ରମ ପଢୁଥିବା ରାଜ୍ୟର ଗରିବ ମେଧାବୀ ପିଲାଙ୍କ ବୃତ୍ତିରାଶି ଦ୍ୱିଗୁଣିତ ହେବା ପରିବର୍ତ୍ତେ ଶୂନ କରିଦେବା ଦୁର୍ଭାଗ୍ୟଜନକ। ଏହା ସରକାରଙ୍କ ଛାତ୍ର ବିରୋଧି ନୀତିକୁ ପଦାରେ ପକାଇଥିବା ରାଜ୍ୟ ସଭାନେତ୍ରୀ ଶ୍ରୀମତୀ ଜେନା ଅଭିଯୋଗ କରିଛନ୍ତି। ସେ ଆହୁରି କହିଛନ୍ତି ଯେ, ଛାତ୍ରବୃତ୍ତି ପ୍ରସଙ୍ଗରେ ସରକାର ସ୍ପଷ୍ଟିକରଣ ଦିଅନ୍ତୁ। କାରଣ ଦେଶର ସମସ୍ତ ସିବିଏସ୍‌ଇ ବିଦ୍ୟାଳୟର ଛାତ୍ରଛାତ୍ରୀମାନେ ଏହି ବୃତ୍ତି ପାଇଁ ଆବେଦନ କରୁଥିବାବେଳେ ଆଦର୍ଶ ବିଦ୍ୟାଳୟରେ ପଢୁଥିବା ଛାତ୍ରଛାତ୍ରୀ ଏଥିରୁ ବଞ୍ଚିତ ହୋଇଛନ୍ତି। ଏହା ଉଦ୍ଦେଶ୍ୟମୂଳକ। ପ୍ରାଥମିକ ଭାବେ ବୃତ୍ତି ଆବେଦନରୁ ବାଦ୍ ଦିଆଯାଇଥିବାବେଳେ ପର୍ଯ୍ୟାୟକ୍ରମେ ଓଏଭିକୁ ସମ୍ପୂର୍ଣ୍ଣ ବନ୍ଦ କରିବାକୁ ଏହା ସୁଚିନ୍ତିତ ଷଡଯନ୍ତ୍ର।

ଚଳିତ ଶିକ୍ଷାବର୍ଷରୁ ହିଁ ଛାତ୍ରଛାତ୍ରୀଙ୍କୁ ଆବେଦନ ପାଇଁ ସୁଯୋଗଦେବାକୁ ଦାବି କରିବା ସହ ଖାରଜର କାରଣ ସମ୍ପର୍କରେ ମଧ୍ୟ ସ୍ପଷ୍ଟିକରଣ ରଖିବାକୁ ସଂଗଠନ ପକ୍ଷରୁ ଦାବି କରାଯାଇଛି। ଏକ ୫ ଜଣିଆ ପ୍ରତିନିଧି ଦଳ ବିଭାଗୀୟ ସ୍ୱତନ୍ତ୍ର ସଚିବଙ୍କୁ ଭେଟି ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଦାବିପତ୍ର ପ୍ରଦାନ କରିଛନ୍ତି। ଏଥିପ୍ରତି ତ୍ୱରିତ ପଦକ୍ଷେପ ନିଆ ନ ଗଲେ ରାଜ୍ୟରେ ଛାତ୍ର ଆନ୍ଦୋଳନକୁ ବ୍ୟାପକ କରାଯିବ ବୋଲି ଚେତାବନୀ ଦିଆଯାଇଛି। ଏହି ଧାରଣାରେ ଛାତ୍ର ନେତା ପପୁ ରାଉତଙ୍କ ସମେତ ଏକତା ଚୌଧୁରୀ, ଲିଲି ସାମଲ, ସାଗର ପ୍ରଧାନ ଓ ଅମିତ ସାମନ୍ତରାୟଙ୍କ ସହ ବହୁ ଛାତ୍ରଛାତ୍ରୀ ସାମିଲ ଥିଲେ।

## ବନ୍ତ ପଞ୍ଚାୟତ ସମିତି ଅଧ୍ୟକ୍ଷ ଦଳରୁ ନିଲମ୍ବିତ

ଭୁବନେଶ୍ୱର, ୨୯।୧୧(ସମିସ): ଭଦ୍ରକ ଜିଲ୍ଲା ବନ୍ତ ପଞ୍ଚାୟତ ସମିତି ଅଧ୍ୟକ୍ଷ ମନୋରଞ୍ଜନ ଘଡ଼େଇ ବିଜେଡିରୁ ନିଲମ୍ବିତ ହୋଇଛନ୍ତି। ଦଳ ବିରୋଧୀ କାର୍ଯ୍ୟରେ ଲିପ୍ତ ଥିବା କାରଣରୁ ଶ୍ରୀ ଘଡ଼େଇଙ୍କ ବିରୋଧରେ ଉପରୋକ୍ତ କାର୍ଯ୍ୟାନୁଷ୍ଠାନ ନିଆଯାଇଛି। ବିଜେଡି ମୁଖ୍ୟାଳୟ ଶଙ୍ଖ ଭବନରୁ ଏନେଇ ନିର୍ଦ୍ଦେଶନାମା ଜାରି କରାଯାଇଛି।

**ହଟିଲା ସାମାଜିକ ବାସନ୍ଦ**

## ଅତିରିକ୍ତ ତହସିଲଦାରଙ୍କ ପରିବାର କୁଳରେ ସାମିଲ

ଛତ୍ରପୁର,୨୯ ।୧୧(ସମିସ): ସବୁ ବାଦବିବାଦ ପରେ ଶେଷରେ କୈବର୍ତ୍ତ କୁଳ ସମାଜ ମୁଣ୍ଡ ନୁଆଁଇଛି। ବାସନ୍ଦ ଆସିକା ଅତିରିକ୍ତ ତହସିଲଦାର ସୌଦାଗର ବେହେରାଙ୍କ ପରିବାରକୁ କୁଳରେ ସାମିଲ ହେବା ନିମନ୍ତେ କୁଳ ସମାଜର କର୍ମକର୍ତ୍ତା ରାଜି ହୋଇଛନ୍ତି। ଶନିବାର ଛତ୍ରପୁର ଥାନାରେ ପୁଲିସ, କୁଳ ସମାଜର କର୍ମକର୍ତ୍ତା ଓ ତହସିଲଦାରଙ୍କ ପରିବାରଙ୍କ ମଧ୍ୟରେ ଏକ ତ୍ରିପାକ୍ଷିକ ବୈଠକ ବସି ସମାଧାନ ହୋଇଛି। ବୈଠକର ନିଷ୍ପତ୍ତି ପ୍ରକାରେ କୈବର୍ତ୍ତ କୁଳ ସମାଜ ସହ ଅତିରିକ୍ତ ତହସିଲଦାରଙ୍କ ପରିବାର ମିଳିମିଶି ଚଳିବେ। ଏଥିରେ କୌଣସି ବାଧାବିଘ୍ନ ଆଉ ରହିବ ନାହିଁ। ଏନେଇ ଛତ୍ରପୁର ଥାନା ଅଧିକାରୀଙ୍କ ଉପସ୍ଥିତିରେ କୁଳ ସମାଜର କର୍ମକର୍ତ୍ତା ଲିଖିତ ଭାବେ ଜଣାଇଥିଲେ। ଆଗକୁ କୌଣସି ପରିବାରକୁ ମଧ୍ୟ ଏଭଳି ହଇରାଣ କରାଯିବ ନାହିଁ ବୋଲି କୁଳ ସମାଜ ପକ୍ଷରୁ କୁହାଯାଇଥିଲା। ଏହାସହ ଗୁରୁବାର କୁଳ ସମାଜର ୯ଜଣଙ୍କ ବିରୋଧ ରୁଜୁ ହୋଇଥିବା ମାମଲାକୁ ଥାନା ପକ୍ଷରୁ ରଦ୍ଦ କରାଯାଇଛି।

ଅନ୍ୟପକ୍ଷରେ, ଛତ୍ରପୁର ବ୍ଲକ ମୁନିଷିପେଣ୍ଠ ଗ୍ରାମର ଅର୍ଜୁନ ବେହେରା କହିଛନ୍ତି, ଅଢ଼େଇ ବର୍ଷ ହେଲା ତାଙ୍କ ପରିବାରକୁ ମଧ୍ୟ ବାସନ୍ଦ କରାଯାଇଛି। ଆଜି ଜଣେ ଓଆର୍‌ଏସ୍ ଅଧିକାରୀଙ୍କ ପରିବାରକୁ କୁଳରୁ ବାସନ୍ଦ କରାଗଲା ବୋଲି ପ୍ରଶାସନ ତଥା ପୁଲିସ ପକ୍ଷରୁ ତ୍ୱରିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଛି। କିନ୍ତୁ ମୋର ପୁଅ ପ୍ରଦୀପ କୁମାର ବେହେରା ଜଣେ କେନ୍ଦ୍ର ସରକାରଙ୍କ ଦ୍ୱାରା ପରିଚାଳିତ ଏକ କମ୍ପାନୀର ନିର୍ବାହୀ ଯନ୍ତ୍ରୀ ହୋଇଥିବା ବେଳେ ମୋର ବୋହୂ ସାଧାରଣ ପ୍ରଶାସନିକ ବିଭାଗର ସେକ୍ସନ୍ ଅଫିସର ଭାବେ କାର୍ଯ୍ୟ କରୁଛନ୍ତି। ମୋର ପୁଅ ତାଙ୍କୁ ଅଢ଼େଇ ବର୍ଷ ତଳେ ବିବାହ କରିଥିଲେ। ମୋ ବୋହୂ ଆମ ଜାତିର ନଥିଲେ ବୋଲି କୈବର୍ତ୍ତ କୁଳ ସମାଜ ଆମ ପରିବାରକୁ ବାସନ୍ଦ କରିଥିଲେ। ସେତେବେଳେ ମୁଁ ବହୁତ ଅନୁରୋଧ କରିଥିଲି ଯେ, ମୋତେ କୁଳରେ ସାମିଲ କରାଯାଉ। କିନ୍ତୁ ପ୍ରଶାସନ ପକ୍ଷରୁ କୌଣସି କାର୍ଯ୍ୟାନୁଷ୍ଠାନ ନିଆଯାଇନଥିଲା। ଏଣୁ ଉପରୋକ୍ତ ବିଚାର ଅନୁସାରେ ଆମ ପରିବାରକୁ ମଧ୍ୟ କୁଳ ସମାଜରେ ସାମିଲ କରିବାକୁ ସମ୍ପୃକ୍ତ ଯନ୍ତ୍ରୀଙ୍କ ବାପା ଅର୍ଜୁନ ବେହେରା ଦାବି କରିଛନ୍ତି।






# ସେନ୍‌ସର ପ୍ରତୀକ୍ଷାରେ 'ଅପେକ୍ଷା'

## ଆକର୍ଷିତ କରିବ ହ୍ୟୁମାନଙ୍କ ଗୀତ

ନୂଆ ଓଡ଼ିଆ ଚଳଚ୍ଚିତ୍ର 'ଅପେକ୍ଷା'ର ପ୍ରଯୋଜକ ଡ. କେ. ତମନ୍ନା. ସେନ୍‌ସର ଅପେକ୍ଷାରେ ଅଛନ୍ତି। ନୂଆପିଢ଼ିର ନାୟକ ସାର୍ଥକ ଏବଂ ନାୟିକା ଶୁଭାଙ୍ଗୀଙ୍କୁ ଏଥିରେ ଦେଖିବାକୁ ମିଳିବ। ପୂର୍ବରୁ ଡ. କେ ତମନ୍ନା ଅନେକ ତେଲୁଗୁ ଚଳଚ୍ଚିତ୍ର କରିସାରିଛନ୍ତି। ଓଡ଼ିଆରେ 'କଟକ ୱେଡ୍ସ ସମ୍ବଲପୁର' ଏବଂ 'ମହାବାହୁ' ପରି ଚଳଚ୍ଚିତ୍ର ଯୁଗ୍ମ ପ୍ରଯୋଜକ ଭାବେ ନିର୍ମାଣ କରିଥିଲେ। ଏବେ ନିଜସ୍ୱ ବ୍ୟାନର Studio 3Sixty5 ରେ ପ୍ରଯୋଜିତ 'ଅପେକ୍ଷା'ର ସେନ୍‌ସର ପାଇଁ ଅପେକ୍ଷା କରିଛନ୍ତି। ସମସ୍ତ କଳାକାର ଓ ନିର୍ଦ୍ଦେଶକ ଏ ଫିଲ୍ମ ପାଇଁ ଢେର୍ ପରିଶ୍ରମ ମଧ୍ୟ କରିଛନ୍ତି। ତେବେ ଫିଲ୍ମଟି ରିଲିଜ୍ ହେଲେ ଓଡ଼ିଆ ଚଳଚ୍ଚିତ୍ର ଜଗତରେ ନୂଆ କଳାକାର, ନିର୍ଦ୍ଦେଶକଙ୍କ ପରିଚୟ ଓ ପ୍ରତିଷ୍ଠା ନିଶ୍ଚୟ ବଢ଼ିବ। ଏହି ସିନେମାରେ ଚୌଧୁରୀ ବିକାଶ ଦାସ, ପ୍ରଦୀପ ଦେବତା, ପୁଷ୍ପା ପଣ୍ଡା, ଶକ୍ତି ବରାଳ, ଗୁଡୁ ପ୍ରମୁଖ ଅଭିନୟ କରିଛନ୍ତି। ନିର୍ଦ୍ଦେଶନା ଦେଇଛନ୍ତି ଆନନ୍ଦ କୁମାର, ସଂଗୀତ ନିର୍ଦ୍ଦେଶନାରେ ଅଛନ୍ତି ବୈଦ୍ୟନାଥ ଦାଶ। କାହାଣୀ ଓ ସଂଳାପ ଆଶୁତୋଷ ବାରିକ ଲେଖିଥିବାବେଳେ ନିର୍ମଳ ନାୟକ ଏବଂ ଅରୁଣ ମନ୍ତ୍ରୀ ଗୀତ ରଚନା କରିଛନ୍ତି। ଗୀତଗୁଡ଼ିକରେ କଣ୍ଠଦାନ କରିଛନ୍ତି ହ୍ୟୁମାନ ସାଗର, ଅସୀମା ପଣ୍ଡା, ଚିରାଗ, ଇପ୍‌ସିତା ସାହୁ ଓ ଉମାକାନ୍ତ ବାରିକ। ସିନେମାର ରୋମାଣ୍ଟିକ୍ ଦୃଶ୍ୟ ସହିତ ପ୍ରେତାତ୍ମାର ଦୌରାତ୍ମ୍ୟ ଓ ହ୍ୟୁମାନ ସାଗରଙ୍କ ଗୀତଗୁଡ଼ିକ ଦର୍ଶକଙ୍କୁ ଆକର୍ଷିତ କରିବ ବୋଲି ଆଶା କରାଯାଏ। ■

# 'ଲଢ଼େଇ'କୁ 'ଏ' ସାର୍ଟିଫିକେଟ୍



ସେନ୍‌ସର ସାର୍ଟିଫିକେଟ ନ ମିଳିବା କାରଣରୁ ନିର୍ଦ୍ଧାରିତ ତାରିଖରେ ଓଡ଼ିଆ ସିନେମା 'ଲଢ଼େଇ' ମୁକ୍ତିଲାଭ କରିପାରି ନଥିଲା। ତେବେ ଏହାକୁ 'ଏ' ସାର୍ଟିଫିକେଟ ମିଳିବା ସହ ଡିସେମ୍ବର ୩୧ ତାରିଖରେ ଏହା ମୁକ୍ତିଲାଭ କରିବ ବୋଲି ପ୍ରଯୋଜନା ସଂସ୍ଥା ଡିଆର୍‌ଏସ୍ ଏଣ୍ଟରପ୍ରାଇଜେସ୍ ପକ୍ଷରୁ ପୁନର୍ବାର ଘୋଷଣା କରାଯାଇଛି। ଏହି ଚଳଚ୍ଚିତ୍ର ଜରିଆରେ ନବାଗତ ନାୟକ ଲୋହିତାକ୍ଷ ଚଳଚ୍ଚିତ୍ର ଜଗତରେ ପଦାର୍ପଣ କରୁଛନ୍ତି। ଜବରଦସ୍ତ ଲୁକ୍ ଓ ଷ୍ଟାଇଲ୍ ଷ୍ଟେଟମେଣ୍ଟ ସହିତ ଫିଲ୍ମରେ ନଜର ଆସିବେ ଲୋହିତାକ୍ଷ। ଅଶୋକ ପତିଙ୍କ ନିର୍ଦ୍ଦେଶିତ ତଥା ଦେବାଶିଷ ପଟ୍ଟନାୟକଙ୍କ ପ୍ରଯୋଜିତ 'ଲଢ଼େଇ'ରେ ତାଙ୍କ ବିପକ୍ଷରେ ନାୟିକା ସାଜୁଛନ୍ତି ନବାଗତା ଅଭିଲିପ୍ସା। 'ଲଢ଼େଇ' ଏକ ବଳିଷ୍ଠ, ମୌଳିକ ଓ ଭିନ୍ନ ଧରଣର କଥାବସ୍ତୁ ଉପରେ ପର୍ଯ୍ୟବସିତ। ଏହାର କାହାଣୀ, ଚିତ୍ରନାଟ୍ୟ ଓ ସଂଳାପ ରଚନା କରିଛନ୍ତି ଭରଦ୍ୱାଜ ପଣ୍ଡା। ଲୋହିତାକ୍ଷ ଓ ଅଭିଲିପ୍ସାଙ୍କ ବ୍ୟତୀତ ଅନ୍ୟାନ୍ୟ ଚରିତ୍ରରେ ପ୍ରୀତିରଞ୍ଜନ, କେକେ, ବିଭାସ, ଉଦିତ ଗୁରୁ, ସୋମେଶ, ମଧୁ, ସ୍ମିତା ଚୌଧୁରୀ, ମନୋଜ ଦଣ୍ଡପାଟ, ରାଜଲକ୍ଷ୍ମୀ ଡାକୁଆ, ରବି ନାରାୟଣ ବେହେରା, ସୁଶାନ୍ତ, ରାଜଲକ୍ଷ୍ମୀ ମହାପାତ୍ର ଓ ଅଶୋକ ପଟ୍ଟନାୟକଙ୍କୁ ଦେଖିବାକୁ ମିଳିବ। ଏହାର ସଙ୍ଗୀତ ଦେଇଛନ୍ତି ଗୌରବ ଆନନ୍ଦ ଓ ସୋମେଶ ଶତପଥି। ଡ. ନିର୍ମଳ ନାୟକ, ବାପୁ ଗୋସ୍ୱାମୀ ଓ ଜେ. ପି ୱାର୍ଡସ୍ମିଥଙ୍କ ଦ୍ୱାରା ରଚିତ ଗୀତଗୁଡ଼ିକରେ କଣ୍ଠ ଦାନ କରିଛନ୍ତି କୁଳଦୀପ ପଟ୍ଟନାୟକ, ଅସୀମା ପଣ୍ଡା, ଅନ୍ତରା ଚକ୍ରବର୍ତ୍ତୀ, ସ୍ୱୟଂ ପ୍ରଭାସ ପାଢ଼ୀ, ଅନନ୍ୟା ଶ୍ରୀତମ ନନ୍ଦ, ସୌରଭ ଭରଦ୍ୱାଜ, ଗୌରବ ଆନନ୍ଦ ଓ ସୋମେଶ ଶତପଥୀ ପ୍ରମୁଖ ସମସ୍ତ ଆଗଧାଡ଼ିର କଣ୍ଠଶିଳ୍ପୀ। ରାପର ଆଡିକ୍ସନଙ୍କ ଦ୍ୱାରା ଶୀର୍ଷକ ଗୀତରେ ଏକ ଚମତ୍କାର ରାପ୍ ମଧ୍ୟ ସଂଯୋଜିତ ହୋଇଛି। ଚଳଚ୍ଚିତ୍ରରେ ସମୁଦାୟ ୪ଟି ଗୀତ ସ୍ଥାନିତ ହୋଇଛି। ନୃତ୍ୟ ନିର୍ଦ୍ଦେଶନା ଦେଇଛନ୍ତି ଅମିତ। 'ଲଢ଼େଇ' ସାରା ଓଡ଼ିଶାରେ ପାଖାପାଖି ୫୦ଟି ପ୍ରେକ୍ଷାଳୟରେ ମୁକ୍ତିଲାଭ କରୁଥିବା ବେଳେ ରାଜ୍ୟ ବାହାରେ ମୁମ୍ବାଇ, ଗୋଆ, ପୁନେ, ହାଇଦ୍ରାବାଦ ଓ ବେଙ୍ଗାଲୁରୁରେ ମଧ୍ୟ ମୁକ୍ତିଲାଭ କରିବାର ଯୋଜନା ରହିଛି। ■

# ଆଇଟମ୍ ଗୀତରେ ସୂର୍ଯ୍ୟମୟୀ



ନାୟିକାମାନେ ଆଇଟମ୍ ଗୀତରେ ଅଭିନୟ କରିବା କିଛି ନୂଆ କଥା ନୁହେଁ। କିନ୍ତୁ ଅଭିନେତ୍ରୀ ସୂର୍ଯ୍ୟମୟୀ ଏକ ଆଇଟମ୍ ଗୀତରେ ଅଭିନୟ କରିଛନ୍ତି। ଯାହାକୁ ନେଇ ଏବେ ଖୁବ୍ ଚର୍ଚ୍ଚା ହେଉଛି। ଫିଲ୍ମ 'ରକ୍ତ ଗୋଲାପ'ରେ ରହିଛି ଏହି ଚର୍ଚ୍ଚିତ ଆଇଟମ୍ ଗୀତ। ସମ୍ବଲପୁରୀ ଫ୍ଲେବର୍ ସାଙ୍ଗକୁ ସୂର୍ଯ୍ୟମୟୀଙ୍କ ଠୁମକା ଦର୍ଶକଙ୍କ ମନ କିଣି ନେବ ନିଶ୍ଚୟ। 'ପାତଳ ଘଣ୍ଟା...' ଶୀର୍ଷକ ଏ ଗୀତଟିକୁ ରଚନା କରିଛନ୍ତି ରଞ୍ଜନ ନାୟକ। ସଙ୍ଗୀତ ଦେଇଛନ୍ତି ଆଶିଷ ପ୍ରଧାନ। ଅସୀମା ପଣ୍ଡା କଣ୍ଠଦାନ କରିଛନ୍ତି। ନୃତ୍ୟ ନିର୍ଦ୍ଦେଶନା ଦେଇଛନ୍ତି ଅମିତ। ଏହି ଗୀତ ଏବଂ ଏଥିରେ ସୂର୍ଯ୍ୟମୟୀଙ୍କ ଉପସ୍ଥିତି ଚଳଚ୍ଚିତ୍ର ପାଇଁ ୟୁଏସ୍‌ଏସ୍‌ପି ସାଜିବ ବୋଲି କୁହାଯାଉଛି। ■

ଟେଲିଭିଜନ ପ୍ରିମିୟର

# 'ବୋହୂ ୪୨୦'

ନଭେମ୍ବର ୩୦ ତାରିଖ ସନ୍ଧ୍ୟା ୬ଟା ୩୦ରେ ଜୀ ସାର୍ଥକରେ ଟେଲିଭିଜନ ପ୍ରିମିୟର୍ ହେବ 'ବୋହୂ ୪୨୦'। 'ଆଦି ଲକ୍ଷ୍ମୀ ଏଣ୍ଟରଟେନମେଣ୍ଟ' ପ୍ରସ୍ତୁତ ତଥା ଅର୍ଦ୍ଧେନ୍ଦୁ ସୁନ୍ଦର ସାହୁଙ୍କ ଦ୍ୱାରା ନିର୍ମିତ ଏବଂ ରାଶେସ ମହାନ୍ତିଙ୍କ ନିର୍ଦ୍ଦେଶିତ ଏହି ଫିଲ୍ମଟିରେ ସସପେନ୍ସ, ଥ୍ରୀଲର ସହ ସାମାଜିକ ପ୍ରାସଙ୍ଗିକତାର ଏକ ଆକର୍ଷଣୀୟ ମିଶ୍ରଣ ରହିଛି। 'ବୋହୂ ୪୨୦' ହେଉଛି କସ୍ତୁରୀ ନାମକ ଜଣେ ଝିଅର ରୋମାଞ୍ଚକର ଜୀବନ ଯାତ୍ରାକୁ ନେଇ ଏକ ସୁନ୍ଦର କାହାଣୀ। ଫିଲ୍ମରେ ନିକିତା ମିଶ୍ର ଏବଂ ଜ୍ୟୋତି ପ୍ରକାଶ ପଣ୍ଡା ମୁଖ୍ୟ ଭୂମିକାରେ ଅଭିନୟ କରିଛନ୍ତି। ପୁଷ୍ପା ପରିଡ଼ା, ସତ୍ୟ ରଂଜନ ବଳ ଏବଂ ଉମାକାନ୍ତ ନାୟକଙ୍କ ଲିଖିତ ଗୀତ ଗୁଡ଼ିକକୁ ସଙ୍ଗୀତରେ ସଜାଇଛନ୍ତି ଶାନ୍ତନୁ ନାୟକ ଓ କଣ୍ଠ ଦାନ କରିଛନ୍ତି ଚିରାଗ ଦୀପ, ଅଭିଜିତ୍, ଗୀତିଶ୍ରୀ, ପ୍ରିୟମ୍ବଦା ଓ ଅରୁତୋଷ। କାହାଣୀ ଲେଖିଛନ୍ତି ପ୍ରିୟବ୍ରତ ପଣ୍ଡା। ■



# 'ଡ୍ୟାନ୍ସ ଓଡ଼ିଶା ଡ୍ୟାନ୍ସ'ର ନୂଆ ସିଜିନ୍ ପ୍ରସାରଣ

ଜୀ ସାର୍ଥକରେ ନଭେମ୍ବର ୨୯ ତାରିଖରେ ଓଡ଼ିଶାର ସବୁଠୁ ବଡ଼ ଡାନ୍ସ ରିଆଲିଟି ଶୋ' 'ଡ୍ୟାନ୍ସ ଓଡ଼ିଶା ଡ୍ୟାନ୍ସ'ର ଏକ ନୂଆ ସିଜିନ୍ ପ୍ରସାରଣ ଆରମ୍ଭ ହୋଇଛି। ଏହାକୁ ଏବେ 'ଡ୍ୟାନ୍ସ ଓଡ଼ିଶା ଡ୍ୟାନ୍ସ – ସେଲିବ୍ରିଟି ୱିଥ୍ ଲିଟିଲ୍ ମାଷ୍ଟର୍ସ' ଭାବରେ ପୁନଃକଳ୍ପିତ କରାଯାଇଛି। ଏହି ସିଜିନ୍ ରୋମାଞ୍ଚକର ହୋଇଛି। କାରଣ ପ୍ରଥମଥର ପାଇଁ ଲୋକପ୍ରିୟ ଓଡ଼ିଆ ସେଲିବ୍ରିଟିମାନଙ୍କୁ ଅସାଧାରଣ ପ୍ରତିଭାଶାଳୀ ଶିଶୁ ପ୍ରତିଯୋଗୀମାନଙ୍କ ସହ ଯୋଡ଼ିବାର ପ୍ରୟାସ କରାଯାଇଛି ଏହି ଡ୍ୟାନ୍ସ ରିଆଲିଟି ଶୋ'। ଏହି ଶୋ' ପ୍ରତି ଶନିବାର ଓ ରବିବାର ସନ୍ଧ୍ୟା ୯:୩୦ରେ ପ୍ରସାରିତ ହେବ। ଏଥର ୧୦ ଜଣ ସେଲିବ୍ରିଟି ଏବଂ ୧୦ ଜଣ ଲିଟିଲ୍ ମାଷ୍ଟର୍ସ ରଙ୍ଗବତୀ ୨.୦ ଏବଂ ଲଚକମଣି ୨.୦ ନାଁରେ ଦୁଇଟି ଦଳ ଗଠନ କରାଯାଇଛି। ସେଲିବ୍ରିଟି ନିକିତା, ଦେବସ୍ମିତା, ଅନନ୍ୟା, ରୋମ୍ୟାଞ୍ଜଳି, ସୁଶ୍ରୀ, ପିହୁ, ଲଭରିନ, ସୁଲଗ୍ନା, ହିତୈସା, ମାନସୀ ପ୍ରମୁଖ ପ୍ରତ୍ୟେକ ଏପିସୋଡ଼୍‌ରେ ନୃତ୍ୟର ବିଭିନ୍ନ ଶୈଳୀ ମାଧ୍ୟମରେ ଲିଟିଲ୍ ମାଷ୍ଟର୍ସ ଯୋଡ଼ିମାନଙ୍କ ସହ ନିଜର ନୃତ୍ୟକଳା ଦ୍ୱାରା ଓଡ଼ିଶାର ଦର୍ଶକଙ୍କ ପାଇଁ ଏକ ନୂତନ ଅନୁଭୂତି ଆଣିବେ। ଏହି ଶୋ'କୁ ସୁଜିତ ପାଇକରାୟ ହୋଷ୍ଟ କରିଛନ୍ତି। ବିଚାରକ ପ୍ୟାନେଲରେ ଦେବାଶିଷ ପାତ୍ର, ହରିହର ଦାସ, ଅମିତ ନାୟକ ଏବଂ ସୂର୍ଯ୍ୟମୟୀ ମହାପାତ୍ର ଅଛନ୍ତି। ଅନ୍ୟପଟେ ଏହି ଶୋ'ରେ ଏକ ସ୍ୱତନ୍ତ୍ର ସ୍ୱାଦ ଯୋଡ଼ିବେ ୟୁଟ୍ୟୁବ୍ କମେଡି ସେନସେସନ୍ ରାଜୁ ଦାସ (ସାହୁ ବାବୁ ଫେମ) ଏବଂ ଏହି ମଞ୍ଚରେ ସାହୁ ଭେରାଇଟି ଷ୍ଟୋର୍ ଏକ ମନୋରଞ୍ଜନକାରୀ ଖୋରାକ ଯୋଗାଇବା ସହ ସାହୁ ବାବୁ ଭରିଛନ୍ତି କମେଡିର ତଡ଼କା। ■



# "ସିନେମାରେ ଅଭିନୟ କରିବାର ଲକ୍ଷ୍ୟ ରହିଛି"

ରୋମ୍ୟାଞ୍ଜଳି, ଅଭିନେତ୍ରୀ

ଆଳାପ



**ଭାରତୀୟ ସେନାରେ ଯୋଗ ଦେବାକୁ ସେ ସ୍ୱପ୍ନ ଦେଖିଥିଲେ। ଏନ୍‌ସିସିରେ ଭାଗ ନେଉଥିଲେ। ଫାଙ୍କା ସମୟ ଦେଖି ଟିକ୍‌ଟକ୍‌ରେ ଭିଡିଓ ତିଆରି କରିବା ଆରମ୍ଭ କଲେ। ଟିକ୍‌ଟକ୍‌ରେ ତାଙ୍କର ପ୍ରଶଂସକଙ୍କ ସଂଖ୍ୟା ଅଧିକ ଥିଲା। ସୌଭାଗ୍ୟବଶତଃ ଟିକ୍‌ଟକ୍ ଯୋଗୁଁ ତାଙ୍କୁ ମ୍ୟୁଜିକ୍ ଭିଡ଼ିଓରେ କାମ କରିବାକୁ ସୁଯୋଗ ମିଳିଥିଲା। ବର୍ତ୍ତମାନ ଆଲବମ୍ ଜଗତର ଜଣେ ଜଣାଶୁଣା ନାୟିକା ହେଉଛନ୍ତି ଢେଙ୍କାନାଳ ଜିଲ୍ଲାର ଭୁବନର ରୋମ୍ୟାଞ୍ଜଳି। ସେ ପ୍ରାୟ ୧୫୦ରୁ ଊର୍ଦ୍ଧ୍ୱ ମ୍ୟୁଜିକ୍ ଭିଡ଼ିଓରେ କାମ କରିଛନ୍ତି। ତାଙ୍କ ଅଭିନୀତ 'ରସ ଜାମୁଡ଼ାଳି', 'ସେଦିନୁ ମୁଁ ହୁନୁ ହୁନୁ', 'ଧାକୁଲୁ ଧାକୁଲୁ ହାର୍ଟ', 'ରଙ୍ଗବତୀ ନାଚ', 'ପରଦେଶୀୟା ରାଜା', 'ମତେ ବୁଲେଇ ନେବୁ କି ସମ୍ବଲପୁର' ଆଦି ମ୍ୟୁଜିକ୍ ଭିଡ଼ିଓ ଦର୍ଶକଙ୍କ ହୃଦୟକୁ ଅଧିକ ଛୁଇଁଥିଲା। ରୋମ୍ୟାଞ୍ଜଳିଙ୍କ ନୃତ୍ୟ ଓ ଅଭିନୟ ଯାତ୍ରା ସଂପର୍କରେ ଜାଣିବା ତାଙ୍କରି ମୁହଁରୁ।**

**କଳା ଦୁନିଆକୁ କାହିଁକି ବାଛିଲେ?**

ଛୋଟ ବେଳୁ ମୋର ଇଚ୍ଛା ଥିଲା ମୁଁ ଭାରତୀୟ ସେନାରେ ଯୋଗ ଦେବି। ସ୍କୁଲରୁ କଲେଜ ଏନ୍‌ସିସିରେ ଭାଗ ନେଉଥିଲି। ପ୍ରତିଯୋଗିତାମୂଳକ ପରୀକ୍ଷା ପାଇଁ ବି ପଢ଼ା ଚାଲିଥିଲା। ୨୦୨୦ ମସିହାରେ ଟିକ୍‌ଟକ୍‌ରେ ଭିଡିଓ ବନାଇବା ଆରମ୍ଭ କରିଲି। ମୋ ଭିଡିଓ ଅନେକଙ୍କୁ ପସନ୍ଦ ଆସିଲା। ଏହା ପରେ ଯେତେବେଳେ ଟିକ୍‌ଟକ୍ ବ୍ୟାନ୍ ହୋଇଗଲା ସେତେବେଳକୁ ପ୍ରେମ ଦର୍ଶନ ପକ୍ଷରୁ ମୋତେ ମ୍ୟୁଜିକ୍ ଆଲବମ୍ କରିବାକୁ ସୁଯୋଗ ମିଳିଲା। 'ଦେଖିଛୁ ତ ପ୍ରେମ ମୋର ଏବେ ଘୃଣା ଦେଖିବୁ' ମୋର ପ୍ରଥମ ମ୍ୟୁଜିକ୍ ଭିଡିଓ। ପ୍ରଥମ ଥର କ୍ୟାମେରାକୁ ସାମ୍ନା କରିବା ସମୟରେ ଟିକେ ନର୍ଭସ ଥିଲି। ଏହି ମ୍ୟୁଜିକ୍ ଭିଡିଓ ମୋ କ୍ୟାରିୟରର ଟର୍ଣ୍ଣିଂ ପଏଣ୍ଟ। ୧୫୦ରୁ ଊର୍ଦ୍ଧ୍ୱ ମ୍ୟୁଜିକ୍ ଭିଡ଼ିଓରେ କାମ କରିଛି।

**ରିଆଲିଟି ଶୋ'ରେ ନଜର ଆସୁଛନ୍ତି, ଏହାର କାରଣ କ'ଣ?**

ଅନେକ ମ୍ୟୁଜିକ୍ ଭିଡିଓରେ କାମ କଲା ପରେ ଦର୍ଶକଙ୍କ ସହିତ ସିଧାସଳଖ ଯୋଡ଼ି ରହିବାକୁ ରିଆଲିଟି ଶୋ'ରେ ଭାଗ ନେଉଛି। ତରଙ୍ଗ ଏବଂ ଜୀ ସାର୍ଥକ ଚ୍ୟାନେଲର 'ଡ୍ୟାନ୍ସ ଓଡ଼ିଶା ଡ୍ୟାନ୍ସ' ଏବଂ 'କିଚେନ୍ ହଙ୍ଗାମା'ରେ ଭାଗ ନେଇ ମୁଁ ମୋର ଅନ୍ତର୍ନିହିତ କଳା ଦେଖାଇବାକୁ ପ୍ରୟାସ କରୁଛି। ମୋ ପରି ଅନେକ ତାରକା ଏଥିରେ ଭାଗ ନେଇ ନୃତ୍ୟ, ଭାବଭଙ୍ଗୀ, ଗୋଟେ ଚରିତ୍ର ଭିତରେ କେମିତି ପଶି ହେବ ସେ ସବୁକୁ ଶିଖିପାରୁଛୁ।

**ସଫଳତାର ଶ୍ରେୟ କାହାକୁ ଦେବେ?**

ମୋ ପରିବାର ଆଉ ପ୍ରେମ ଦର୍ଶନକୁ। ମୁଁ ସବୁବେଳେ କାମର ପାର୍ଟନକୁ ଦେଖେ। ଗୁରୁଜନଙ୍କ କଥାକୁ ଗ୍ରହଣ କରେ। ଭଲ ମନ୍ଦ କ'ଣ ତାହାକୁ ଗଭୀର ଭାବେ ଚିନ୍ତା କରେ। ଦର୍ପଣ ସାମ୍ନାରେ ଅଭ୍ୟାସ କରେ। ଗୋଟେ କଥା କହିବି ଏହି ଲାଇନ୍ କାମ କରିବାରେ ମୋତେ ଗୋଟେ ପ୍ରକାର ଖୁସି ମିଳେ।

**ସୁଟିଂ ନ ଥିଲେ କ'ଣ କରନ୍ତି?**

ଘରେ ଆରାମ କରେ। ପଢ଼ାପଢ଼ି କରିବାକୁ ଭଲ ପାଏ। ନାଚେ। ସ୍ୱାଦିଷ୍ଟ ଖାଦ୍ୟ ବନାଏ ଆଉ ଖୁଆଏ।

**ବଡ଼ ପରଦାରେ କାମ କରିବାକୁ ଆଗ୍ରହ ରହିଛି କି?**

ପ୍ରତ୍ୟେକ କଳାକାରଙ୍କ ପରି ମୁଁ ମଧ୍ୟ ଗୋଟିଏ ପାହାଚରୁ ଆଉ ଗୋଟିଏ ପାହାଚକୁ ଅତିକ୍ରମ କରିବାକୁ ଇଚ୍ଛା ରଖିଛି। ଆଗକୁ ଧାରାବାହିକ କିମ୍ବା ବଡ଼ ପରଦାରେ ନିଜକୁ ଦେଖିବାକୁ ଲକ୍ଷ୍ୟ ରଖିଛି।

**ରୋମ୍ୟାଞ୍ଜଳିଙ୍କ ଡ୍ରିମ ରୋଲ୍?**

ଆଶା କରିବି ମୋତେ ଯାହା ବି ଚରିତ୍ର ମିଳିବ ସେ ସବୁଥିରେ ଭଲ କରିପାରିବି। ଆଉ ଦର୍ଶକଙ୍କ ମନୋରଞ୍ଜନ କରିବି। କିନ୍ତୁ ହଁ ଭବିଷ୍ୟତରେ ନାରୀ କୈନ୍ଦ୍ରିକ ଏବଂ ଗ୍ରାମାଞ୍ଚଳର କାହାଣୀକୁ ନେଇ ସିନେମାରେ କାମ କରିବାକୁ ଆଶା ରହିଛି। ■

ପରଦା ପଛର କାହାଣୀ

# ସୁଟିଂ ସମୟରେ ଅଭିନେତା ଗିରଫ



୧୯୯୨ ମସିହାରେ ମୁକ୍ତିଲାଭ କରିଥିଲା ଫିଲ୍ମ 'ବିଶ୍ୱାତ୍ମା'। ସନି ଦେଓଲ୍ ଓ ଦିବ୍ୟାଭାରତୀଙ୍କ ଅଭିନୀତ ଏହି ଫିଲ୍ମ ବକ୍ସ ଅଫିସ୍‌ରେ ସୁପରହିଟ୍ ହୋଇଥିଲା। ଫିଲ୍ମର ଅଧିକାଂଶ ଦୃଶ୍ୟ କେନ୍ୟାରେ ସୁଟିଂ ହୋଇଥିଲା। ନିକଟରେ ଫିଲ୍ମ ନିର୍ଦ୍ଦେଶକ ରାଜୀବ ରାୟ ଫିଲ୍ମକୁ ନେଇ ରୋଚକୀୟ କଥା ଖୁଲାସା କରିଛନ୍ତି। କେନ୍ୟାରେ ଏହି ଫିଲ୍ମ ସୁଟିଂ ସମୟରେ ଦୁଇଜଣ ଅଭିନେତାଙ୍କୁ ଗିରଫ କରାଯାଇଥିଲା। ଅବଶ୍ୟ ଏ ସଂପର୍କରେ ଅନେକ ଜାଣି ନଥିଲେ। ବହୁବର୍ଷ ପରେ ସେ ଏହାର ଖୁଲାସ କରିଛନ୍ତି। ରାଜୀବ ଓ ଫିଲ୍ମର କଳାକାରମାନେ ନାଇରୋବି ଏବଂ ମୋମ୍ବାସାରେ ସୁଟିଂ କରୁଥିଲେ। ଏଥିପାଇଁ ତାଙ୍କୁ ବହୁ ସମସ୍ୟାର ସାମ୍ନା କରିବାକୁ ପଡ଼ିଥିଲା। ରାଜୀବଙ୍କ କହିବାନୁଯାୟୀ, ବିଦେଶରେ ସୁଟିଂ କରିବା ପଛରେ କୌଣସି ଖାସ୍ କାରଣ ନ ଥିଲା। ଫିଲ୍ମର କାହାଣୀ ଅନୁଯାୟୀ, ଖଳନାୟକ ଫେରାର ହୋଇଯାଇଥିଲା। ସୁଟିଂ ପାଇଁ ତାଙ୍କ ହିସାବରେ ଆଫ୍ରିକା ଏକ ଶସ୍ତା ଦେଶ ଥିଲା। ତେଣୁ ସେ ସେଠାରେ ସୁଟିଂ ପାଇଁ ସ୍ଥିର କରିଥିଲେ। ସେ ପୂର୍ବରୁ ସେଠାରେ କାର୍ଯ୍ୟ କରିଥିବାରୁ ତାଙ୍କର କିଛି ପରିଚିତ ବନ୍ଧୁ ଥିଲେ। ସେମାନେ ସୁଟିଂ ପାଇଁ ସହଯୋଗ କରିଥିଲେ। କିନ୍ତୁ ନାଇରୋବିରେ ଫିଲ୍ମ ସୁଟିଂକୁ ନେଇ କିଛି ନିୟମ କାନୁନ ରହିଛି। ଏଠାରେ ରାତ୍ରି ସମୟରେ ମନଇଚ୍ଛା ବୁଲିବା ନିଷେଧ। ଏଥିସହ ସାଥିରେ ଡଲାର୍ ନେଇ ଯିବା ପାଇଁ ମଧ୍ୟ ଅନୁମତି ନ ଥାଏ। ବିଦେଶରେ ଥିବାରୁ ଅଭିନେତାଙ୍କ ପାଖରେ କିଣାକିଣି ପାଇଁ ୧୦-୧୫ ଡଲାର ଥିଲା। ନିୟମ ଅନୁସାରେ ଡଲାର ରଖି ଧରାପଡ଼ିଲେ ଗୁଳିମାଡ଼ ଖାଇବାର ମଧ୍ୟ ସମ୍ଭାବନା ରହିଛି। ଏହା କଡ଼ା ନିୟମ ପାଳନ କରୁଥିବା ଦେଶ। 'ବିଶ୍ୱାତ୍ମା' ସୁଟିଂ ସମୟରେ ଅଭିନେତା ଦୁଇଜଣ ରାତିରେ ବୁଲିବା ପାଇଁ ବାହାରିଥିଲେ। ସେମାନେ ସଡ଼କରେ ବୁଲୁଥିବା ସମୟରେ ତାଙ୍କୁ ଦେଖି ଗିରଫ କରାଯାଇଥିଲା। ଏହାପରେ ଦୁଇଜଣଙ୍କୁ ଜେଲ୍‌ରେ ଭର୍ତ୍ତି କରାଯାଇଥିଲା। ଜେଲ୍‌ରେ ବନ୍ଦୀ ହେବା ପରେ ଏହି ଘଟଣା ରାଜୀବଙ୍କ ପାଖରେ ପହଞ୍ଚିଥିଲା। ଏହାପରେ ସ୍ଥାନୀୟ ଲୋକଙ୍କ ସହଯୋଗରେ ସେ ଅଭିନେତାଙ୍କୁ ଜେଲ୍‌ରୁ ବାହାର କରିଥିଲେ। ରାଜୀବ ଏବଂ ଫିଲ୍ମ ପ୍ରଡ୍ୟୁସରଙ୍କ ସ୍ଥାନୀୟ ଲୋକଙ୍କ ସହ ସମ୍ପର୍କ ଭଲ ଥିବାରୁ ତାଙ୍କୁ ଜେଲ୍‌ରୁ ବାହାର କରିବା ସହଜ ହୋଇଥିଲା। ■



# କ୍ରୀଡ଼ା


ସକାଳ THE SAKALA
www.sakalaepaper.com


### ପୁରୁଷ ଜୁନିଅର ହକି ବିଶ୍ୱକପ୍

## ଓମାନକୁ ୧୭-୦ରେ ହରାଇଲା ଭାରତ

ଚେନ୍ନଇ,୨୯।୧୧(ଏଜେନ୍ସି): ଆୟୋଜକ ଭାରତ ଏଠାରେ ଚାଲିଥିବା ପୁରୁଷ ଜୁନିଅର ବିଶ୍ୱକପ୍ ହକିରେ କ୍ରମାଗତ ଦ୍ୱିତୀୟ ବିଜୟ ହାସଲ କରିଛି। ପୁଲ-ବି'ରେ ସ୍ଥାନ ପାଇଥିବା ଭାରତ ଆଜିର ଖେଳରେ ଓମାନକୁ ୧୭-୦ ଗୋଲରେ ପରାସ୍ତ କରିଛି। ଗତକାଲି ଚିଲିକୁ ୭-୦ ଗୋଲରେ ହରାଇଥିବା ଭାରତ ପୂରା ପଏଣ୍ଟ ପାଇଛି। ଅନ୍ୟ ପକ୍ଷରେ ଏହି ଗ୍ରୁପ୍‌ରେ ସ୍ଥାନ ପାଇଥିବା ସ୍ୱିଜରଲାଣ୍ଡ ପ୍ରଥମ ମ୍ୟାଚ୍‌ରେ ଓମାନକୁ ୪-୦ ଓ ଦ୍ୱିତୀୟ ମ୍ୟାଚ୍‌ରେ ଚିଲିକୁ ୩-୨ ଗୋଲରେ ହରାଇ କ୍ରମାଗତ ବିଜୟ ହାସଲ କରିଛି। ଗ୍ରୁପ୍-ବି'ରେ ଉଭୟ ଭାରତ ଓ ସ୍ୱିଜରଲାଣ୍ଡ ସମାନ ପଏଣ୍ଟ ପାଇଛନ୍ତି। ଡିସେମ୍ବର ୨ରେ ଏହି ଗ୍ରୁପ୍‌ର ଶେଷ ପର୍ଯ୍ୟାୟ ଲିଗ୍ ମ୍ୟାଚ୍ ଖେଳାଯିବ। ଏଥିରେ ଭାରତ ଓ ସ୍ୱିଜରଲାଣ୍ଡ ପରସ୍ପରକୁ ଭେଟିବେ। ଏହି ମ୍ୟାଚ୍‌ର ଫଳାଫଳ ପରେ ଗ୍ରୁପ-ବି'ରେ କେଉଁ ଦଳ ବିଜୟୀ ହେବ ତାହା ପରେ ଜଣାପଡ଼ିବ। ଏହି ମୁକାବିଲାରେ ଭାରତ ପକ୍ଷରୁ ମନ୍‌ମିତ ସିଂହ, ଦିଲରାଜ ସିଂହ ଓ ଅର୍ଶଦୀପ ସିଂହ ହ୍ୟାଟ୍ରିକ ସହ ୩ଟି ଲେଖାଏଁ, ଗୁରଜୋତ ସିଂହ, ଲୁଆଙ୍ଗ୍ ଓ ଅଜିତ ଯାଦବ ୨ଟି ଲେଖାଏଁ ଗୋଲ ସ୍କୋର କରିଥିଲେ। ଓଡ଼ିଆଙ୍କ ମଧ୍ୟରେ ଅନ୍‌ମୋଲ ଏକ୍କା ଓ ଶାରଦାନନ୍ଦ ତିୱାରୀ ଗୋଟିଏ ଲେଖାଏଁ ଗୋଲ ସ୍କୋର କରିଥିଲେ।

ଆଜି ଅନୁଷ୍ଠିତ ଅନ୍ୟ ଗ୍ରୁପ୍ ମ୍ୟାଚ୍ ମଧ୍ୟରୁ ଗ୍ରୁପ୍-ଏ'ରେ ଜର୍ମାନୀ ୭-୦ରେ କାନାଡାକୁ ଓ ଦକ୍ଷିଣ ଆଫ୍ରିକା ୨-୧ରେ ଆୟର୍ଲାଣ୍ଡକୁ, ଗ୍ରୁପ୍-ଡି'ରେ ନେଦରଲାଣ୍ଡସ ପ୍ରଥମ ମୁକାବିଲାରେ ଇଂଲଣ୍ଡକୁ ୫-୩ ଓ ମାଲେସିଆ ୫-୧ରେ ଅଷ୍ଟ୍ରିଆକୁ ପରାସ୍ତ କରିଛି।

### ଏସୀୟ ଯୁବ ଚେସ୍

## ଓଡ଼ିଶାର ସାତ୍ତ୍ୱିକ ସ୍ୱାଇଁଙ୍କୁ ଟିମ୍ ବ୍ରୋଞ୍ଜ୍

ଭୁବନେଶ୍ୱର,୨୯।୧୧(ସମିସ): ଓଡ଼ିଶାର ସାତ୍ତ୍ୱିକ ସ୍ୱାଇଁ ଏସୀୟ ଯୁବ ଚେସ୍ ଚାମ୍ପିଅନସିପ୍‌ରେ ଭାରତ ଲାଗି ୧୦ ବର୍ଷରୁ କମ୍ ବିଭାଗରେ ଟିମ ବ୍ରୋଞ୍ଜ ପଦକ ଜିତିବାରେ ସମର୍ଥ ହୋଇଛନ୍ତି। ଥାଇଲାଣ୍ଡର ବ୍ୟାଙ୍କକ୍‌ରେ ଆଜି ଶେଷ ହୋଇଥିବା ଏହି ପ୍ରତିଯୋଗିତାରେ ସାତ୍ତ୍ୱିକ, ସିଏମ୍ ମଣି ସର୍ବାଥୋ ଓ ଓଇସିକ୍ ମଣ୍ଡଳ ୧୭ ପଏଣ୍ଟ ପାଇ ତୃତୀୟ ସ୍ଥାନରେ ରହିଥିଲେ। ଭିଏତନାମ ୨୦.୫ ପଏଣ୍ଟ ପାଇ ସ୍ୱର୍ଣ୍ଣ ଓ କାଜାଖସ୍ଥାନ ୧୯ ପଏଣ୍ଟ ପାଇ ରୌପ୍ୟ ପଦକ ଜିତିବାରେ ସମର୍ଥ ହୋଇଛନ୍ତି। ୮ ବର୍ଷରୁ କମ୍ ବିଭାଗରେ ଗତବର୍ଷ ପଦକ ଜିତିଥିବା ସାତ୍ତ୍ୱିକ ଏଥର ଅଳ୍ପକେ ପଦକ ଲାଭରୁ ବଞ୍ଚିତ ହୋଇଛନ୍ତି। କିନ୍ତୁ ଟିମ୍ ଇଭେଣ୍ଟରେ ବ୍ରୋଞ୍ଜ ପଦକ ଜିତି ଓଡ଼ିଶାକୁ ଗର୍ବିତ କରିଛନ୍ତି।


ସାତ୍ତ୍ୱିକ ସ୍ୱାଇଁ (ବାମରୁ ପ୍ରଥମ)

ଏହି ସଫଳତା ଲାଗି କିଙ୍ଗ ଚେସ୍ ସେଣ୍ଟରର ପ୍ରତିଷ୍ଠାତା ବିଶ୍ୱଜିତ ରାୟ, ପ୍ରୋଚେଷ୍ଟାର ପ୍ରଶାସକ ସ୍ୱଝଂଶୁ ସତ୍ୟପ୍ରାଜ୍ଞ, ଟ୍ରିପଲ-ସି ଚେସ୍ କ୍ଲବ୍‌ର ସମ୍ପାଦକ ବିରଞ୍ଚି ନାରାୟଣ ସାହୁ, ଏଓସିଏ ସମ୍ପାଦକ ଦେବବ୍ରତ ଭଞ୍ଜ ପ୍ରମୁଖ ଅଭିନନ୍ଦନ ଜଣାଇଛନ୍ତି।

### ଆଜିଠାରୁ ଭାରତ-ଦକ୍ଷିଣ ଆଫ୍ରିକା ଦିନିକିଆ ସିରିଜ୍

# ସମ୍ମାନ ରକ୍ଷା ଲାଗି ରୋହିତ-କୋହଲି ଭରସା

ରାଞ୍ଚି,୨୯।୧୧(ଏଜେନ୍ସି):

ଦକ୍ଷିଣ ଆଫ୍ରିକା ଓ ଭାରତ ମଧ୍ୟରେ ଆସନ୍ତାକାଲିଠାରୁ ରାଞ୍ଚିରେ ୩ ମ୍ୟାଚ୍ ବିଶିଷ୍ଟ ଦିନିକିଆ ସିରିଜ୍ ଆରମ୍ଭ ହେବ। ଭ୍ରମଣକାରୀ ଦଳଠାରୁ ୨-୦ରେ ଟେଷ୍ଟ ସିରିଜ୍ ହାରିବା ପରେ ଘରୋଇ ଭାରତୀୟ ଦଳ ଦିନିକିଆ ସିରିଜ୍‌ରେ ହିସାବ ନିକାଶ କରିବାକୁ ଅପେକ୍ଷା କରିଛି। ଐତିହାସିକ ଟେଷ୍ଟ ସିରିଜ୍ ଜିତିବା ପରେ ଦକ୍ଷିଣ ଆଫ୍ରିକା ଖେଳାଳିଙ୍କ ମନୋବଳ ବହୁପରିମାଣରେ ବଢ଼ିଯାଇଛି। ଟେଷ୍ଟଠାରୁ ଦିନିକିଆ ଫର୍ମାଟ ଅଲଗା ହୋଇଥିଲେ ମଧ୍ୟ ସେମାନେ ଯେଉଁ ମନୋବଳ ହାସଲ କରିଛନ୍ତି ତାହା ଏହି ଫର୍ମାଟରେ ଖୁବ୍ ସୁହାଇବ। ପାକିସ୍ତାନଠାରୁ ଦିନିକିଆ ସିରିଜ୍ ହାରିଥିବା ଦଳକୁ ଅଧିନାୟକ ଟେମ୍ବା ବଭୁମା, ଆଇଡେନ୍ ମାର୍କରାମ ଓ ଅବସରରୁ ଆସିଥିବା କ୍ୱିଣ୍ଟନ ଡି କକ୍ ସାମିଲ ହେବା ପରେ ଦକ୍ଷିଣ ଆଫ୍ରିକାର ଶକ୍ତି ବୃଦ୍ଧି ପାଇଛି।

ଭାରତୀୟ ପିଚ୍‌ରେ ସ୍ପିନ୍ ବୋଲିଂକୁ ନିୟନ୍ତ୍ରଣ କରିବା ଲାଗି ମଧ୍ୟ କେଶବ ମହାରାଜ ଫେରିଛନ୍ତି। ଅନ୍ୟ ପକ୍ଷରେ ଦିନିକିଆରେ ଭାରତ ଏକ ସନ୍ତୁଳିତ ଦଳ ଥିଲା। କିନ୍ତୁ ଆଘାତ ଓ ୱାର୍କଲୋଡ ସମସ୍ୟା ଦଳର ସନ୍ତୁଳନକୁ ବିଗାଡି ଦେଇଛି। ଅଧିନାୟକ ଶୁବମନ ଗିଲ୍, ଉପଅଧିନାୟକ ଶ୍ରେୟସ ଆୟର ଆହତ ହୋଇ ଏହି ସିରିଜ୍ ଖେଳୁନାହାନ୍ତି। ସେମାନଙ୍କ ସ୍ଥାନ ପୂରଣ କରିବା ଲାଗି ଦୁଇ ପ୍ରତିଭାବାନ ଖେଳାଳି ଯଶସ୍ୱୀ ଜୟସ୍ୱାଲ ଓ ଋତୁରାଜ ଗାଏକ୍ୱାଡ୍ ଦଳରେ ରହିଛନ୍ତି। ଏତେ ଦକ୍ଷତା ସତ୍ତ୍ୱେ ଟେଷ୍ଟ ସିରିଜ୍‌ରେ ହରାଇଥିବା ସମ୍ମାନ ଫେରିପାଇବା ଲାଗି ଭାରତକୁ ଦିନିକିଆ ସିରିଜ୍ ଜିତିବାକୁ ହେବ। ଏଥିଲାଗି ଦଳ ଦୁଇ ସୁପରଷ୍ଟାର ରୋ-କୋ (ରୋହିତ ଶର୍ମା ଓ ବିରାଟ କୋହଲି)ଙ୍କ ଉପରେ ନିର୍ଭର କରୁଛି। ବିଶେଷ କରି ଗିଲ-ଆୟର-ପାଣ୍ଡ୍ୟାଙ୍କ ଅନୁପସ୍ଥିତିରେ କେବଳ ରୋ-କୋ' ହିଁ ଭାରତକୁ ସମ୍ମାନ ଓ ସମର୍ଥକଙ୍କ ମନରେ ବିଶ୍ୱାସ ଫେରାଇବାକୁ ସମର୍ଥ ହେବେ।




### ଦ୍ୱନ୍ଦ୍ୱ: ୩ ସ୍ପିନର ନା ୪ ପେସର

ରାଞ୍ଚି ପିଚ୍‌ରେ ବଡ଼ ସ୍କୋର ହେବାର ନଜର ନାହିଁ। ଏହି ମ୍ୟାଚ୍‌ରେ କେଉଁ ଖେଳାଳିଙ୍କୁ ଚୂଡାନ୍ତ ଏକାଦଶରେ ସାମିଲ କରାଯିବ ତାହାକୁ ନେଇ ଭାରତର ଦ୍ୱନ୍ଦ୍ୱ ବଢ଼ିଛି। ଓପନିଂରେ ରୋହିତଙ୍କ ସହ ଜୟସ୍ୱାଲଙ୍କ ଖେଳିବା ସମ୍ଭାବନା ଅଧିକ। ଏମାନଙ୍କ ପଛକୁ କୋହଲି, ନଂ-୪ରେ ଗାଏକ୍ୱାଡ କିମ୍ବା ୱିକେଟରକ୍ଷକ ଋଷଭ ପନ୍ତ୍ ଖେଳିବେ। କିମ୍ବା ଉଭୟଙ୍କୁ ସ୍ଥାନ ମିଳିବ। ନଂ-୫ କିମ୍ବା ୬ରେ ଲୋକେଶ ରାହୁଲ ରହିବେ। ଅନ୍ୟ ପକ୍ଷରେ ଦଳ ୩ଜଣ କିମ୍ବା ଅତିକମରେ ୨ ଜଣ ଅଲରାଉଣ୍ଡରଙ୍କୁ ଖେଳାଇବ। ଦଳ ଯଦି ଦୁଇ ଜଣ ଫାଷ୍ଟ ବୋଲର ଅର୍ଶଦୀପ ସିଂହ ଓ ହର୍ଷିତ ରାଣାଙ୍କୁ ଦଳରେ ସାମିଲ କରେ ତେବେ ନୀତୀଶ ରେଡ୍ଡୀଙ୍କ ଖେଳିବା ନିଶ୍ଚିତ। କୁଲଦୀପ ଯାଦବଙ୍କୁ ଖେଳାଇଲେ ଗାଏକ୍ୱାଡଙ୍କ ଖେଳିବା ସମ୍ଭାବନା କମ୍। ଏହି ଦ୍ୱନ୍ଦ୍ୱ ଭିତରେ ଭାରତର ଚୂଡାନ୍ତ ଏକାଦଶ ଅଟକିଛି।

### ନଜରରେ ମାଥ୍ୟୁ ବ୍ରିଜ୍‌କେ

ବିଶ୍ୱର ପ୍ରଥମ ବ୍ୟାଟରଭାବେ ପ୍ରଥମ ୫ଟି ଦିନିକିଆରେ ଅର୍ଦ୍ଧଶତକ ହାସଲ କରିବା ଓ ମିଡିଲ ଅର୍ଡରରେ ବ୍ୟାଟିଂ କରି ୬୭.୭୫ ହାରରେ ରନ୍ ସଂଗ୍ରହ କରିବା ଆଜିଯାଏ କେହି କରିନାହାଁନ୍ତି। ଏଭଳି ସଫଳତା ପାଇଥିବା ଜଣେ ବ୍ୟାଟରଙ୍କ ସହ ବଭୁମା, ମାରକ୍ରମ ଓ ଡି କକ୍‌ଙ୍କ ଉପସ୍ଥିତି ଦଳକୁ ଅଧିକ ବଳ ଯୋଗାଇଛି। ଦୁର୍ବଳ ଭାରତୀୟ ବୋଲିଂରୁ ଏମାନେ ନିଶ୍ଚିତ ଫାଇଦା ଉଠାଇବେ।

### ରେକର୍ଡ ଅପେକ୍ଷାରେ

**ରୋହିତ ଶର୍ମା:** ହିଟ୍‌ମ୍ୟାନ୍ ରୋହିତ ଶର୍ମା ଆଉ ୩ଟି ଛକା ମାରିଲେ ବିଶ୍ୱରେ ସର୍ବାଧିକ ଦିନିକିଆ ଛକାରେ ପାକିସ୍ତାନର ସାହିଦ୍ ଆଫ୍ରିଦୀଙ୍କ ରେକର୍ଡ ଭାଙ୍ଗିବେ। ସେ ଯଦି ଆଉ ୯୮ ରନ୍ କରନ୍ତି, ତେବେ ଭାରତର ଚତୁର୍ଥ ଖେଳାଳି ଭାବେ ଅନ୍ତର୍ଜାତୀୟ କ୍ରିକେଟରେ ୨୦,୦୦୦ ରନ୍ ପୂରଣ କରିବେ।

**ଭାରତ:** ୨୦୧୯ ଦିନିକିଆ ବିଶ୍ୱକପ୍ ପରେ ଘରୋଇ ମାଟିରେ ୧୦ଟି ଦିନିକିଆ ସିରିଜ୍ ଖେଳି ୯ଟିରେ ବିଜୟୀ ହୋଇଛି। କେବଳ ୨୦୨୩ରେ ଘରୋଇ ଦଳ ଅଷ୍ଟ୍ରେଲିଆ ନିକଟରୁ ସିରିଜ୍ ହାରିଛି। ସୂଚନାଯୋଗ୍ୟ ଟେଷ୍ଟ କ୍ରିକେଟରେ ଭାରତ ଗତ ୧୨ ବର୍ଷରେ ଗୋଟିଏ ହେଲେ ସିରିଜ୍ ହାରି ନ ଥିଲା। କିନ୍ତୁ ଗତ ୩ ବର୍ଷ ମଧ୍ୟରେ ୨ଟି ଟେଷ୍ଟ ସିରିଜ୍‌ରେ ପରାଜିତ ହୋଇଛି।

**ଡି କକ୍:** କ୍ୱିଣ୍ଟନ ଡି କକ୍ ଭାରତ ବିପକ୍ଷରେ ୬ଟି ଶତକ ଓ ଗୋଟିଏ ଅର୍ଦ୍ଧଶତକ ହାସଲ କରିଛନ୍ତି। ଦଳର ଅନ୍ୟତମ ନବାଗତ ଖେଳାଳି ମାଥ୍ୟୁ ବ୍ରିଜ୍‌କେ ତାଙ୍କ ପ୍ରଥମ ୫ଟି ଦିନିକିଆରେ ଅର୍ଦ୍ଧଶତକ ସହ ୬୭.୭୫ ହାରରେ ରନ୍ ସଂଗ୍ରହ କରି ପ୍ରତିପକ୍ଷଙ୍କ ମୁଣ୍ଡବିନ୍ଧାର କାରଣ ବନିଛନ୍ତି।

### ଖେଳାଳି ଦଳ

**ଭାରତ:** ରୋହିତ ଶର୍ମା, ଯଶସ୍ୱୀ ଜୟସ୍ୱାଲ, ବିରାଟ କୋହଲି, ଋତୁରାଜ ଗାଏକ୍ୱାଡ୍, ଋଷଭ ପନ୍ତ୍ (ୱିକେଟରକ୍ଷକ), ଲୋକେଶ ରାହୁଲ (ଅଧିନାୟକ), ରବୀନ୍ଦ୍ର ଜାଡେଜା, ୱାଶିଂଟନ ସୁନ୍ଦର, କୁଲଦୀପ ଯାଦବ, ନୀତୀଶ କୁମାର ରେଡ୍ଡୀ, ଅର୍ଶଦୀପ ସିଂହ, ହର୍ଷିତ ରାଣା, ପ୍ରସିଦ୍ଧ କ୍ରିଷ୍ଣା, ତିଲକ ବର୍ମା, ଧ୍ରୁବ ଜୁରେଲ।

**ଦକ୍ଷିଣ ଆଫ୍ରିକା:** କ୍ୱିଣ୍ଟନ ଡି କକ୍, ଆଇଡେନ୍ ମାରକ୍ରମ, ଟେମ୍ବା ବଭୁମା (ଅଧିନାୟକ), ମାଥ୍ୟୁ ବ୍ରିଜ୍‌କେ, ଡିୱାଲ୍ଡ ବ୍ରେଭିସ, ରୁବିନ ହର୍ମାନ୍, ମାର୍କୋ ଜାନ୍‌ସେନ, କୋର୍ବିନ ବୋଶ୍, କେଶବ ମହାରାଜ, ନାନ୍ଦ୍ରେ ବର୍ଜର, ଲୁଙ୍ଗି ଏନ୍‌ଗିଡି, ଓଟ୍ଟନେଲ ବାର୍ଟମ୍ୟାନ୍, ଟୋନି ଡି ଜୋର୍ଜି, ରିୟାନ ରିକେଲଟନ, ପ୍ରେନ୍‌ଲାନ୍ ସୁବ୍ରାୟେନ୍।






### ଖେଲୋ ଇଣ୍ଡିଆ ବିଶ୍ୱବିଦ୍ୟାଳୟ କ୍ରୀଡ଼ା

## କିଟ୍‌ର ରେଜିଆଙ୍କୁ ସ୍ୱର୍ଣ୍ଣ ପଦକ

ଭୁବନେଶ୍ୱର, ୨୯।୧୧ (ସମିସ): ରାଜସ୍ଥାନରେ ଚାଲିଥିବା ଖେଲୋ ଇଣ୍ଡିଆ ବିଶ୍ୱବିଦ୍ୟାଳୟ କ୍ରୀଡ଼ାରେ କିଟ୍ ୫ମ ସ୍ୱର୍ଣ୍ଣ ପଦକ ଜିତିଛି। ଶନିବାର ଟ୍ରାକ୍ ସାଇକ୍ଲିଂର ମହିଳା ବ୍ୟକ୍ତିଗତ ପୁର୍‌ସିଟ୍ ଇଭେଣ୍ଟରେ କିଟ୍ ବିଶ୍ୱବିଦ୍ୟାଳୟର ଛାତ୍ରୀ ଖଇରମ ରେଜିଆ ଦେବୀ ପ୍ରଥମ ସ୍ଥାନରେ ରହି ସ୍ୱର୍ଣ୍ଣ ପଦକ ବିଜୟୀ ହୋଇଛନ୍ତି। ସେହିଭଳି ମହିଳା ହକିରେ କିସ୍ ଦଳ ମଧ୍ୟ ସେମିଫାଇନାଲରେ ସ୍ଥାନ ପକ୍କା କରିଛି। ଶନିବାର ଫାଇନାଲ ଲିଗ୍ ମ୍ୟାଚରେ କିସ୍ ୨-୦ ଗୋଲରେ ବିଜୟୀ ହୋଇଥିଲା। ସୋମବାର କିସ୍ ଓ ଗୁରୁନାନକ ଦେବ ବିଶ୍ୱବିଦ୍ୟାଳୟ ମଧ୍ୟରେ ପ୍ରଥମ ସେମିଫାଇନାଲ ମ୍ୟାଚ୍ ଅନୁଷ୍ଠିତ ହେବ। ଅପରପକ୍ଷରେ କିଟ୍‌ର ଉଭୟ ପୁରୁଷ ଓ ମହିଳା ଟେନିସ ଦଳ ମଧ୍ୟ ସେମିଫାଇନାଲକୁ ଯୋଗ୍ୟତା ଅର୍ଜନ କରିଛନ୍ତି। ଏହି ସଫଳତା ଲାଗି କିଟ୍ ଓ କିସ୍‌ର ପ୍ରତିଷ୍ଠାତା ପ୍ରଫେସର ଅଚ୍ୟୁତ ସାମନ୍ତ ସମସ୍ତ କ୍ରୀଡ଼ାବିତ୍‌ଙ୍କୁ ଅଭିନନ୍ଦନ ଜଣାଇଛନ୍ତି।





## ଓଡ଼ିଶାର ୩ୟ ବିଜୟ

ଭୁବନେଶ୍ୱର, ୨୯ ।୧୧ (ସମିସ): ବିସିସିଆଇ ଆନୁକୂଲ୍ୟରେ କେରଳରେ ଚାଲିଥିବା ୨୩ ବର୍ଷରୁ କମ୍ ମହିଳା ଟି-୨୦ ଟୁର୍ଣ୍ଣାମେଣ୍ଟରେ ଓଡ଼ିଶା ୩ୟ ବିଜୟ ହାସଲ କରିଛି। ଶନିବାର ଅନୁଷ୍ଠିତ ଏକ ମ୍ୟାଚରେ ଓଡ଼ିଶା ୨୭ ରନରେ ବରୋଦାକୁ ପରାସ୍ତ କରିଥିଲା। ଏହି ଲୋ-ସ୍କୋରିଂ ମ୍ୟାଚରେ ଟସ୍ ହାରି ବ୍ୟାଟିଂ ଆମନ୍ତ୍ରଣ ପାଇଥିବା ଓଡ଼ିଶା ୨୦ ଓଭରରେ ୯ ୱିକେଟ୍ ହରାଇ ୯୪ ରନ କରିଥିଲା। ଓପନର୍ ତନ୍ମୟୀ ବେହେରା (୪୦ ରନ), ଶୁଭ୍ର ନିର୍ଝରିଣୀ ସ୍ୱାଇଁ (୨୩ ରନ) ଓ ଅଧିନାୟିକା ଅଲିପ୍ସା ବିଶ୍ୱାଳ (୧୦ ରନ) କେବଳ ଦୁଇଅଙ୍କ ବିଶିଷ୍ଟ ସ୍କୋର କରିଥିଲେ। ବରୋଦାର ତ୍ରିସାଙ୍କୁ ୪ଟି ୱିକେଟ୍ ମିଳିଥିଲା। ଜବାବରେ ବରୋଦା ତ୍ରିସାଙ୍କ ୩୭ ରନ ସତ୍ତ୍ୱେ ୧୬.୨ ଓଭରରେ ୬୭ ରନ କରି ଅଲ୍‌ଆଉଟ୍ ହୋଇଯାଇଥିଲା। ଓଡ଼ିଶାର ଅନନ୍ୟା ମିଶ୍ର (୪-୧-୬-୪) ସୁନ୍ଦର ବୋଲିଂ କରି ଦଳକୁ ଜିତାଇବାରେ ପ୍ରମୁଖ ଭୂମିକା ଗ୍ରହଣ କରିଥିଲେ।


ଅନନ୍ୟା ମିଶ୍ର

### ଉତ୍ତର-ପୂର୍ବ ଅସ୍ମିତା ଭାରୋତ୍ତୋଳନ

## ପ୍ରତିଭା, ମୌସୁମୀଙ୍କୁ ସ୍ୱର୍ଣ୍ଣ ପଦକ



ଭୁବନେଶ୍ୱର, ୨୯।୧୧ (ସମିସ): କୋଲକାତାରେ ଚାଲିଥିବା ଉତ୍ତର-ପୂର୍ବ ଅସ୍ମିତା ଭାରୋତ୍ତୋଳନର ତୃତୀୟ ଦିନରେ ଓଡ଼ିଶାର ପ୍ରତିଯୋଗୀଙ୍କୁ ୩ଟି ସ୍ୱର୍ଣ୍ଣ ପଦକ ମିଳିଛି। ସେମାନଙ୍କ ମଧ୍ୟରୁ ପ୍ରତିଭାରାଣୀ ପାତ୍ର ଗୋଟିଏ ଓ ମୌସୁମି ଦାସ ୨ଟି ସ୍ୱର୍ଣ୍ଣ ପଦକ ହାସଲ କରିଛନ୍ତି। ଏହି ସଫଳତା ଫଳରେ ଓଡ଼ିଶା ମୋଟ ୬ ସ୍ୱର୍ଣ୍ଣ, ୭ ରୌପ୍ୟ ଓ ୭ କାଂସ୍ୟ ସହ ୧୭ଟି ପଦକ ଜିତିବାରେ ସମର୍ଥ ହୋଇଛି। ଗତକାଲି କେବଳ ପ୍ରତିଯୋଗୀମାନେ ୧୨ଟି ପଦକ ଜିତିଥିଲେ।

ପୂର୍ବପରି ଆଜି ମଧ୍ୟ ଯୁବ ବର୍ଗରେ ଓଡ଼ିଶାର ପ୍ରତିଯୋଗୀମାନେ ପଦକ ଜିତିବାରେ ସଫଳ ହୋଇଛନ୍ତି। ଉଭୟ ପଦକ ବିଜେତା କଳିଙ୍ଗ ଷ୍ଟାଡିୟମ୍‌ର ହାଇ ପରଫର୍ମାନ୍ସ ସେଣ୍ଟରରେ ପ୍ରଶିକ୍ଷଣ ନେଉଛନ୍ତି। ରାଜ୍ୟ କ୍ରୀଡ଼ାଛାତ୍ରାବାସର ପ୍ରତିଭାରାଣୀ ୭୭ କେଜି କାଟାଗୋରୀରେ ମୋଟ ୧୫୪ କେଜି ଓଜନ ଉଠାଇ ସ୍ୱର୍ଣ୍ଣପଦକ ହାସଲ କରିଛନ୍ତି। ସେହିପରି ଏଚ୍‌ପିସିରେ ପ୍ରଶିକ୍ଷଣ ନେଉଥିବା ମୌସୁମି ଯୁବ ବିଭାଗର ୭୭ କେଜିରୁ ଉଦ୍ଧ୍ୱର୍ ଓ ବରିଷ୍ଠ ବିଭାଗର ୮୬ କେଜି କାଟାଗୋରୀରେ ୨ଟି ସ୍ୱର୍ଣ୍ଣ ପଦକ ପାଇଛନ୍ତି। ସେ ସ୍ନାଚ୍‌ରେ ୭୧କେଜି, ଜର୍କରେ ୮୯ ଓ ମୋଟରେ ୧୫୯ କେଜି ଓଜନ ଉଠାଇଥିଲେ। ପ୍ରଥମ ଦିନରେ ବନିତା ନାଏକ, ଦ୍ୱିତୀୟ ଦିନରେ ଅଙ୍କିତା ପ୍ରଧାନ ଓ ପ୍ରୀତିମୟୀ ମହାନ୍ତି ସ୍ୱର୍ଣ୍ଣ ପଦକ ବିଜୟୀ ହୋଇଥିଲେ।


PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS